

ଆଲିଆ ନେଇଛନ୍ତି ୨୫ କୋଟି

▶ପୃଷ୍ଠା ୧୧ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 44 ♦ISSUE-09 ♦FRIDAY ♦03 JULY 2026 ♦PAGE-12 ♦₹ 7.00

PANIKOILI

♦ବର୍ଷ-୪୪ ♦ସଂଖ୍ୟା-୦୯ ♦ଶୁକ୍ରବାର ♦୦୩ ଜୁଲାଇ ୨୦୨୬ ♦ପୃଷ୍ଠା-୧୨ ♦ଟ.୭.୦୦


## 'ମିଶନ ଆଗମନ'ର ମହାକାଶ ଯାତ୍ରାରେ 'ବିକ୍ରମ-୧'



■ ଶ୍ରୀହରିକୋଟା, ୨।୭ (ଏଜେନ୍ସି): ଭାରତର ମହାକାଶ ବିଜ୍ଞାନ କ୍ଷେତ୍ରରେ ଏକ ନୂଆ ଇତିହାସ ରଚିବାକୁ ଯାଉଛି। ଦେଶର ପ୍ରଥମ ସମ୍ପୂର୍ଣ୍ଣ ଘରୋଇ ଜ୍ଞାନକୌଶଳରେ ନିର୍ମିତ କକ୍ଷପଥ ରକେଟ୍ 'ବିକ୍ରମ-୧' ନିଜର ପ୍ରଥମ ପରୀକ୍ଷାମୂଳକ ଉଡ଼ାଣ ପାଇଁ ପ୍ରସ୍ତୁତ ହୋଇଛି। ହାଇଦ୍ରାବାଦର ମହାକାଶ ଷ୍ଟାର୍ଟଅପ୍ କମ୍ପାନୀ 'ସ୍କାଏରୁଟ୍ ଏରୋସ୍ପେସ୍' ଦ୍ୱାରା ନିର୍ମିତ ଏହି ରକେଟ୍ ଜୁଲାଇ ୧୨ ରୁ ଅଗଷ୍ଟ ୪ ମଧ୍ୟରେ ଆନ୍ଧ୍ରପ୍ରଦେଶର ଶ୍ରୀହରିକୋଟାସ୍ଥିତ ସତୀଶ ଧୱନ ମହାକାଶ କେନ୍ଦ୍ରରୁ ଉତ୍କ୍ଷେପଣ କରାଯିବ। ଏହି ଅଭିଯାନର ନାମ 'ମିଶନ ଆଗମନ' ରଖାଯାଇଛି। ଏହି ରକେଟ୍‌ଟି ସମ୍ପୂର୍ଣ୍ଣ ଭାବେ ଭାରତରେ ପ୍ରସ୍ତୁତ କରାଯାଇଛି। ଏହାର ବାହ୍ୟ ଗଠନ କାର୍ବନ କମ୍ପୋଜିଟ୍‌ରେ ତିଆରି ହୋଇଥିବା ବେଳେ ଏଥିରେ ସଲିଡ୍ ଫ୍ୟୁଏଲ୍ ବୁଷ୍ଟର ଏବଂ ୩ଡି-ପ୍ରିଣ୍ଟେଡ୍ ତରଳ ଇନ୍ଧନ ଇଞ୍ଜିନର ବ୍ୟବହାର କରାଯାଇଛି। ବିଶେଷ କରି ଛୋଟ ଛୋଟ ଉପଗ୍ରହଗୁଡ଼ିକୁ ମହାକାଶକୁ ପଠାଇବା ପାଇଁ ଏହାକୁ ଡିଜାଇନ୍ କରାଯାଇଛି। ଏହା ପୃଥିବୀର ନିମ୍ନ କକ୍ଷପଥ (ଏଲ୍‌ଇଓ) କୁ ୩୫୦ କିଲୋଗ୍ରାମ ଏବଂ ସୂର୍ଯ୍ୟ-ସମକାଳୀନ କକ୍ଷପଥ (ଏସ୍‌ଏସ୍‌ଓ) କୁ ୨୦ କିଲୋଗ୍ରାମ ପର୍ଯ୍ୟନ୍ତ ଓଜନର ଉପଗ୍ରହ ନେଇ ଯାଇପାରିବ। ଏହି ରକେଟ୍‌କୁ ଚଳାଇବା ପାଇଁ କୌଣସି ▶ପୃଷ୍ଠା-୭

## ଡ. ଜଗନ୍ନାଥ ନାୟକ ମିସାଇଲ୍ସ ଓ ଷ୍ଟ୍ରାଟେଜିକ୍ ସିଷ୍ଟମ୍‌ସ ମହାନିର୍ଦ୍ଦେଶକ



ଡିଆର୍‌ଡିଓର ପ୍ରମୁଖ ପଦବୀରେ ଓଡ଼ିଆ

■ ଭୁବନେଶ୍ୱର, ୨।୭(ସମିସ): ଓଡ଼ିଶା ପାଇଁ ଆଉ ଏକ ଗୌରବର ମୁହୂର୍ତ୍ତ। ଜଗତସିଂହପୁର ଜିଲ୍ଲା ଅରଖକୁଦ ଗ୍ରାମରେ ଜନ୍ମିତ ବିଶିଷ୍ଟ ବୈଜ୍ଞାନିକ ଡ. ଜଗନ୍ନାଥ ନାୟକ ପ୍ରତିରକ୍ଷା ଗବେଷଣା ଓ ବିକାଶ ସଂଗଠନ (ଡିଆର୍‌ଡିଓ) ରେ ମିସାଇଲ୍ସ ଓ ଷ୍ଟ୍ରାଟେଜିକ୍ ସିଷ୍ଟମ୍‌ସର ମହାନିର୍ଦ୍ଦେଶକ (ଡିଜି) ପଦରେ ଯୋଗ ଦେଇଛନ୍ତି। ଏହାପୂର୍ବରୁ ଡ. ନାୟକ ହାଇଦ୍ରାବାଦସ୍ଥିତ 'ସେଣ୍ଟର ଫର୍ ହାଇ ଏନର୍ଜି ସିଷ୍ଟମ୍ସ ଆଣ୍ଡ ସାଇନ୍ସ (ସିଏଚ୍‌ଇଏସ୍‌ଏସ୍)' ର ନିର୍ଦ୍ଦେଶକ ଥିଲେ। ଡିଆର୍‌ଡିଓରେ ତାଙ୍କର ୩୫ ବର୍ଷର ଅଭିଜ୍ଞତା ରହିଥିବାବେଳେ ପ୍ରତିରକ୍ଷା ଓ ଏରୋସ୍ପେସ୍ କ୍ଷେତ୍ରରେ ସ୍ୱଦେଶୀ ଏଭିଓନିକ୍ସ ପ୍ରଯୁକ୍ତିର ବିକାଶରେ ସେ ଉଲ୍ଲେଖନୀୟ ଅବଦାନ ରଖିଛନ୍ତି। ସିଏଚ୍‌ଇଏସ୍‌ଏସ୍‌ର ନିର୍ଦ୍ଦେଶକ ଥିବା ସମୟରେ ତାଙ୍କ ନେତୃତ୍ୱରେ ଭାରତର ପ୍ରଥମ ଡାଇରେକ୍ଟେଡ୍ ଏନର୍ଜି ୱେପନ୍ (ଡିଇଡବ୍ଲ୍ୟୁ) ପ୍ରଣାଳୀର ବିକାଶ ଓ ପରୀକ୍ଷଣ ସଫଳତାର ସହ ସମ୍ପନ୍ନ ହୋଇଥିଲା। ସେହିପରି ରିସର୍ଚ୍ଚ ସେଣ୍ଟର ଇମାରତ୍ (ଆର୍‌ସିଆଇ)ରେ କାର୍ଯ୍ୟରତ ଥିବାବେଳେ ଆକାଶ କ୍ଷେପଣାସ୍ତ୍ର ପାଇଁ ସ୍ୱଦେଶୀ ଫାଇବର୍ ଅପ୍ଟିକ୍ ଜାଇରୋସ୍କୋପ୍ (ଏଫ୍‌ଓଜି) ଆଧାରିତ ଗାଇଡେନ୍ସ ସିଷ୍ଟମ୍ ଏବଂ ଆଣ୍ଟି-ଡ୍ରୋନ୍ ପ୍ରଯୁକ୍ତି ବିକାଶରେ ସେ ନେତୃତ୍ୱ ନେଇଥିଲେ। ଡ. ନାୟକଙ୍କ ୧୨୫ରୁ ଅଧିକ ଗବେଷଣା ପ୍ରବନ୍ଧ ବିଭିନ୍ନ ଜାତୀୟ ଓ ଅନ୍ତର୍ଜାତୀୟ ପତ୍ରିକାରେ ▶ପୃଷ୍ଠା-୭

### ଆଦାନୀ-ଆଇଏଚ୍‌ସି ନିବେଶ କରିବେ ୧.୧ଲକ୍ଷ କୋଟି

## ଦେଶର ଆଲୁମିନିୟମ ପେଣ୍ଠ ହେବ ଓଡ଼ିଶା



ଶିଳ୍ପାୟନର ଧାରାକୁ ସୁଦୃଢ଼ କରିବ ଏହି ପ୍ରକଳ୍ପ: ମୁଖ୍ୟମନ୍ତ୍ରୀ

■ ଭୁବନେଶ୍ୱର, ୨।୭ (ସମିସ): ଓଡ଼ିଶା ହେବ ଦେଶର ଆଲୁମିନିୟମ ପେଣ୍ଠ। ଆଦାନୀ-ଆଇଏଚ୍‌ସି ଯୌଥ ଉଦ୍ୟୋଗ ଓଡ଼ିଶାରେ ୧.୧ ଲକ୍ଷ କୋଟି ଟଙ୍କା ନିବେଶ କରିବ। ଗୁରୁବାର ସ୍ଥାନୀୟ ଲୋକସେବା ଭବନରେ ଏଥିନେଇ 'ଇପିକଲ୍' ଓ ୟୁଏଇର ଇଣ୍ଟରନ୍ୟାସନାଲ୍ ହୋଲ୍ଡିଂ କମ୍ପାନୀ (ଆଇଏଚସି ଗ୍ରୁପ୍) ମଧ୍ୟରେ ସ୍ୱାକ୍ଷରିତ ହୋଇଛି ଚୁକ୍ତିନାମା। ଏହି ମେଗା ପ୍ରକଳ୍ପ ଦ୍ୱାରା ନିର୍ମାଣ ପର୍ଯ୍ୟାୟରେ ପ୍ରାୟ ୩୫,୦୦୦ ଏବଂ ପ୍ରକଳ୍ପ କାର୍ଯ୍ୟକ୍ଷମ ହେବା ପରେ ପ୍ରାୟ ୧୮,୫୦୦ ଲୋକଙ୍କ ନିମନ୍ତେ ଉଭୟ ପ୍ରତ୍ୟକ୍ଷ ଓ ପରୋକ୍ଷ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି ଯେ ୨୦୩୬ ସୁଦ୍ଧା ଏକ ସମୃଦ୍ଧ, ଆଧୁନିକ ଓ ସମାବେଶୀ ଓଡ଼ିଶା ଗଠନ କରିବା ପାଇଁ ଆମର ଉଦ୍ୟମ ସଫଳତାର ସହ ଜାରି ରହିଛି। ଓଡ଼ିଶାର ସମ୍ବଳ ଓ ପ୍ରତିଭା ସହ ମଧ୍ୟ-ପ୍ରାଚ୍ୟର ପୁଞ୍ଜି ଓ ପ୍ରଯୁକ୍ତି ବିଦ୍ୟାର ସମନ୍ୱୟରେ ଏକ ସମୃଦ୍ଧ ପାର୍ଟନରସିପ୍ ଗଠନ ହେବ ବୋଲି ସେ ଦୃଢ଼ ଆଶା ପ୍ରକଟ କରିଛନ୍ତି। ଏହି ପ୍ରକଳ୍ପ ମାଧ୍ୟମରେ ଓଡ଼ିଶାରେ ବକ୍ସାଇଟ୍ ଖଣି କାର୍ଯ୍ୟ, ଆଲୁମିନା ରିଫାଇନିଂ, ଆଲୁମିନିୟମ୍ ସ୍ମେଲଟିଂ, କ୍ୟାପ୍ଟିଭ୍ ପାୱାର୍ ପ୍ଲାଣ୍ଟ ସମେତ ଡାଉନ୍‌ଷ୍ଟ୍ରିମ୍ ଆଲୁମିନିୟମ୍ ଉତ୍ପାଦନ ଓ ଭିତ୍ତିଭୂମିର ବିକାଶ କରାଯିବ। ରାଜ୍ୟର ଖଣିଜ ସମ୍ବଳରୁ କେବଳ ରପ୍ତାନି ନୁହେଁ, ବରଂ ବ୍ୟାପକ ମୂଲ୍ୟ ସଂଯୋଜନ ମାଧ୍ୟମରେ ଶିଳ୍ପାୟନ ଏବଂ ଯୁବପିଢ଼ିଙ୍କ ପାଇଁ ନିଯୁକ୍ତି ସୃଷ୍ଟି କରିବା ଆମ ସରକାରଙ୍କ ମୂଳ ଲକ୍ଷ୍ୟ ବୋଲି ମୁଖ୍ୟମନ୍ତ୍ରୀ ପ୍ରକାଶ କରିଛନ୍ତି। ବିଶ୍ୱସ୍ତରରେ ବର୍ତ୍ତମାନ 'ଗ୍ରୀନ୍ ମେଟାଲ୍ସ' ଓ ପରିବେଶ ଉପଯୋଗୀ ଶିଳ୍ପାୟନର ଧାରା ସୃଷ୍ଟି ହୋଇଛି। ଏ ଦିଗରେ ଓଡ଼ିଶା ବର୍ତ୍ତମାନ ଏକ ଅଗ୍ରଣୀ ଭୂମିକା ନେବା ପାଇଁ ଉଦ୍ୟମ ଆରମ୍ଭ କରିଛି। ଏହି ପ୍ରକଳ୍ପ ଆମର ଏ ଲକ୍ଷ୍ୟ ପୂରଣ କରିବା ଦିଗରେ ସହାୟକ ହେବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ପ୍ରକଳ୍ପର ସଫଳତା ପାଇଁ ଜମି, ଜଳ, ବିଦ୍ୟୁତ, ଲଜିଷ୍ଟିକ୍ସ ଏବଂ ସରକାରୀ ମଞ୍ଜୁରୀ ଭଳି ସମସ୍ତ ଆନୁଷଙ୍ଗିକ ସୁବିଧା ଓଡ଼ିଶା ସରକାରଙ୍କ ପକ୍ଷରୁ ଏକ ସମନ୍ୱିତ ଏବଂ ସମୟବଦ୍ଧ ଭାବରେ ଯୋଗାଇ ଦିଆଯିବ ବୋଲି ସେ ଆଶ୍ୱାସନା ଦେଇଛନ୍ତି।

କାର୍ଯ୍ୟକ୍ରମରେ ଆଇଏଚସିର ଚିଫ୍ ଷ୍ଟ୍ରାଟେଜିକ୍ ଅଫିସର ପିଟର ଆବ୍ରାମ କହିଥିଲେ ଯେ ଏହା ଭାରତ ଏବଂ ୟୁଏଇ ମଧ୍ୟରେ ଏକ ସୁଦୃଢ଼ ସମ୍ପର୍କର ନୂତନ ଅଧ୍ୟାୟ ସୃଷ୍ଟି କରିବ। ଏହି ଚୁକ୍ତି କେବଳ ଏକ ବ୍ୟବସାୟିକ ନିବେଶ ନୁହେଁ, ବରଂ ଓଡ଼ିଶାର ସ୍ଥାୟୀ ବିକାଶ ପାଇଁ ଏକ ଦୀର୍ଘକାଳୀନ ଭାଗିଦାରୀ। ଆସ୍ଥା, ସମାନ ଚିନ୍ତାଧାରା ଓ ମିଳିତ ଲକ୍ଷ୍ୟ ଆଧାରରେ ଗଠିତ ଏହି ସମ୍ପର୍କ ଆଗାମୀ ଦିନରେ ପ୍ରଯୁକ୍ତିବିଦ୍ୟା, ଭିତ୍ତିଭୂମି, ଆର୍ଥିକ ସେବା ଏବଂ ଗ୍ରାହକ ସେବା କ୍ଷେତ୍ରରେ ବ୍ୟାପକ ସଫଳତା ଆଣିଦେବ। ଏହି ଅବସରରେ ଆଦାନୀ ପୋର୍ଟସ୍ ଆଣ୍ଡ ଏସଇଜେଡ୍ ଲିମିଟେଡ୍ ମ୍ୟାନେଜିଂ ଡାଇରେକ୍ଟର କରନ୍ ଆଦାନୀ ଓଡ଼ିଶାର ସମୃଦ୍ଧ ସଂସ୍କୃତି, ପ୍ରଚୁର ଖଣିଜ ▶ପୃଷ୍ଠା-୭

### ସୁପ୍ରିମ୍‌କୋର୍ଟଙ୍କ ଚେତାବନୀ

## ନ୍ୟାୟିକ ପ୍ରକ୍ରିୟାରେ ଏଆଇ 'ଅଦୃଶ୍ୟ ଏବଂ ଭୟଙ୍କର'

■ ନୂଆଦିଲ୍ଲୀ, ୨।୭ (ଏଜେନ୍ସି): ନ୍ୟାୟ ପ୍ରଦାନ ପ୍ରକ୍ରିୟାରେ କୃତ୍ରିମ ବୁଦ୍ଧିମତ୍ତା (ଏଆଇ)ର ଅନିୟନ୍ତ୍ରିତ ବ୍ୟବହାରକୁ ନେଇ ସୁପ୍ରିମକୋର୍ଟ ଗଭୀର ଚିନ୍ତା ପ୍ରକଟ କରିଛନ୍ତି। ଏକ ମାମଲାରେ ଏଆଇ ଦ୍ୱାରା ପ୍ରସ୍ତୁତ ନକଲି ଓ କାଳ୍ପନିକ ପୂର୍ବ ନଜିର (ପ୍ରେସିଡେଣ୍ଟ) ଉପରେ ଭରସା କରି ଜାତୀୟ କମ୍ପାନୀ ଆଇନ ଟ୍ରିବ୍ୟୁନାଲ୍ ଦେଇଥିବା ଏକ ରାୟକୁ ସୁପ୍ରିମକୋର୍ଟ ରଦ୍ଦ କରିଦେଇଛନ୍ତି। 'ଏସେଲ୍ ଇନଫ୍ରାପ୍ରୋଜେକ୍ଟସ'ର ଦେବାଳିଆ ମାମଲାରେ ଏନସିଏଲଟି'ର ମୁମ୍ବାଇ ବେଞ୍ଚ ଏଭଳି କେତେକ ଆଇନଗତ ନଜିର ଉପରେ ନିର୍ଭର କରିଥିଲା, ଯାହାର ବାସ୍ତବରେ କୌଣସି ଅସ୍ତିତ୍ୱ ହିଁ ନାହିଁ। ଏହିସବୁ ଭ୍ରମାତ୍ମକ ତଥ୍ୟ ଏଆଇ ଟୁଲ୍ ଦ୍ୱାରା ପ୍ରସ୍ତୁତ ହୋଇଥିଲା। ଜଷ୍ଟିସ ପି.ଏସ. ନରସିଂହ ଏବଂ ଜଷ୍ଟିସ ଆଲୋକ ଆରାଧେଙ୍କ ଖଣ୍ଡପୀଠ ଏହି ପ୍ରକ୍ରିୟାକୁ କଡ଼ା ସମାଲୋଚନା କରି କହିଛନ୍ତି ଯେ, "ଆଇନ ଜଗତରେ ଏଆଇ ଦ୍ୱାରା ପ୍ରସ୍ତୁତ ନକଲି ଓ କାଳ୍ପନିକ ତଥ୍ୟର ବ୍ୟବହାର ହେଉଛି ମିଥାଇଲ୍ ଆଇସୋସାଇନେଟ୍ ଗ୍ୟାସ ନିର୍ଗତ ହେବା ପରି। ଏହା ଅଦୃଶ୍ୟ, କପଟପୂର୍ଣ୍ଣ ଏବଂ ବିପଜ୍ଜନକ। ଏହା ଉପରେ ନଜର ପଡ଼ିବା ବେଳକୁ ଏହା କେବଳ ବ୍ୟବସ୍ଥାକୁ ପ୍ରଦୂଷିତ କରିନଥାଏ, ବରଂ ନ୍ୟାୟିକ ନିଷ୍ପତ୍ତିର ମୂଳଦୁଆକୁ ଉଜାଡ଼ି ଦେଇଥାଏ।' କୋର୍ଟ ସ୍ପଷ୍ଟ କରିଛନ୍ତି ଯେ ନ୍ୟାୟିକ ପ୍ରକ୍ରିୟାକୁ ସହଜ କରିବା ପାଇଁ ପ୍ରଯୁକ୍ତିବିଦ୍ୟାର ବ୍ୟବହାର କରାଯାଇପାରେ, କିନ୍ତୁ ପ୍ରତ୍ୟେକ ସ୍ତରରେ ମଣିଷର ସମ୍ପୂର୍ଣ୍ଣ ଓ ଚୂଡ଼ାନ୍ତ ନିୟନ୍ତ୍ରଣ ରହିବା ଆବଶ୍ୟକ। ଏଆଇ ଉପରେ ଅତ୍ୟଧିକ ନିର୍ଭରଶୀଳତା ମଣିଷର ଚିନ୍ତାଧାରା ଓ ବିଚାର ଶକ୍ତିକୁ କ୍ଷତି ପହଞ୍ଚାଉଛି। ଜାମ୍ମୁ ଆଣ୍ଡ କାଶ୍ମୀର ବ୍ୟାଙ୍କ ଲିମିଟେଡ୍ ଦ୍ୱାରା ଦାୟର ▶ପୃଷ୍ଠା-୭



### ବଙ୍ଗୋପସାଗରରେ ଲଘୁଚାପ

## ମୌସୁମୀ ସକ୍ରିୟ; ବଢ଼ିଲା ବର୍ଷା

■ ଭୁବନେଶ୍ୱର, ୨।୭ (ସମିସ): ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ଓଡ଼ିଶା ଛୁଇଁବା ପରେ ବଙ୍ଗୋପସାଗରରେ ସୃଷ୍ଟି ହୋଇଛି ପ୍ରଥମ ଲଘୁଚାପ। ଗତକାଲିର ଘୂର୍ଣ୍ଣିବଳୟ ପ୍ରଭାବରେ ଗୁରୁବାର ଉତ୍ତର-ପଶ୍ଚିମ ବଙ୍ଗୋପସାଗର ପାର୍ଶ୍ୱବର୍ତ୍ତୀ ଉତ୍ତର ଓଡିଶା-ପଶ୍ଚିମବଙ୍ଗ ଉପକୂଳରେ ଏହି ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ଏହା ସହ ଜଡ଼ିତ ଘୂର୍ଣ୍ଣିବଳୟ ବାୟୁମଣ୍ଡଳର ୭.୬ କିମି ଉଚ୍ଚତା ଯାଏଁ ବ୍ୟାପିଥିବା ବେଳେ ଏହା ଆଗାମୀ ୨-୩ ଦିନ ମଧ୍ୟରେ ଆହୁରି ଘନୀଭୂତ ହେବାର ସମ୍ଭାବନା ରହିଛି। ଲଘୁଚାପ ପ୍ରଭାବରେ ଚଳିତ ବର୍ଷ ପ୍ରଥମ ଥର ପାଇଁ ଲଗାଣ ବର୍ଷା ଆରମ୍ଭ ହୋଇଛି। ମୁଖ୍ୟତଃ ଲଘୁଚାପ ଯୋଗୁଁ ମୌସୁମୀ ସକ୍ରିୟ ହେବା ସହ ବର୍ଷା ପାଇଁ ପାଗ ଅନୁକୂଳ ହୋଇଛି। ଏହି କ୍ରମରେ ବୁଧବାରଠାରୁ ରାଜ୍ୟର ଅଧିକାଂଶ ଅଞ୍ଚଳରେ ଭଲ ବର୍ଷା ହୋଇଛି।

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତା ୪ ଦିନ ପର୍ଯ୍ୟନ୍ତ ଏଭଳି ପାଗ ଲାଗି ରହିବ। ଏହି ସମୟରେ କେତେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ସାଙ୍ଗକୁ ଅନେକ ସ୍ଥାନରେ ପ୍ରବଳ ବର୍ଷା ଅନୁଭୂତ ହେବ। ଶୁକ୍ରବାର ଦିନ କୋରାପୁଟ ଓ ମାଲକାନଗିରିରେ ସର୍ବାଧିକ ବର୍ଷା ଆଶଙ୍କା ରହିଥିବା ବେଳେ ଏଠାରେ ପ୍ରବଳରୁ ଅତି ପ୍ରବଳ ଓ ସ୍ଥାନେ ସ୍ଥାନେ ଅତ୍ୟନ୍ତ ପ୍ରବଳ ବର୍ଷା ଆଶଙ୍କା ରହିଛି। ଏହାକୁ ଦୃଷ୍ଟିରେ ରଖି ପାଣିପାଗ କେନ୍ଦ୍ର ଏହି ଜିଲ୍ଲାଗୁଡ଼ିକ ପାଇଁ ରେଡ୍ ଆଲର୍ଟ ଜାରି କରିଛି। ସେହିପରି କଳାହାଣ୍ଡି, ନବରଙ୍ଗପୁର, ରାୟଗଡ଼ା, ଗଜପତି ଜିଲ୍ଲାରେ ମଧ୍ୟ ପ୍ରବଳରୁ ଅତି ପ୍ରବଳ ବର୍ଷା ଆଶଙ୍କା କରି ପାଣିପାଗ କେନ୍ଦ୍ର ଏହି ଜିଲ୍ଲାଗୁଡ଼ିକ ପାଇଁ ଅରେଞ୍ଜ ଆଲର୍ଟ ଜାରି କରିଛି। ଏହା ବ୍ୟତୀତ ବାଲେଶ୍ୱର, ▶ପୃଷ୍ଠା-୭



୪ ଦିନ ପର୍ଯ୍ୟନ୍ତ ବିଭିନ୍ନ ଜିଲ୍ଲାକୁ ପ୍ରବଳ ବର୍ଷା ଚେତାବନୀ

### ରାମ ମନ୍ଦିର ପାଣ୍ଠି ଚୋରି ମାମଲା

## ଅଭିଯୁକ୍ତଙ୍କ ଘର ଉପରେ ବୁଲିବ ବୁଲ୍‌ଡୋଜର



■ ଅଯୋଧ୍ୟା,୨।୭ (ଏଜେନ୍ସି): ଅଯୋଧ୍ୟା ରାମ ମନ୍ଦିର ଦାନ ପାଣ୍ଠି ଚୋରି ମାମଲାର ମୁଖ୍ୟ ଅଭିଯୁକ୍ତ ଲବକୁଶ ମିଶ୍ରଙ୍କ ସମ୍ପତ୍ତି ଉପରେ ବର୍ତ୍ତମାନ ଯୋଗୀ ସରକାରଙ୍କ ବୁଲଡୋଜର କାର୍ଯ୍ୟାନୁଷ୍ଠାନର ଭୟ ଘନେଇଛି। ଅଯୋଧ୍ୟାର ଶାହାଦତ ଗଞ୍ଜ ଅଞ୍ଚଳରେ ଲବକୁଶଙ୍କ ପତ୍ନୀ ସୁପ୍ରିୟାଙ୍କ ନାମରେ ନିର୍ମାଣାଧୀନ ଥିବା ଏକ ୩ ମହଲା ବିଶିଷ୍ଟ ଆଲିଶାନ କୋଠାକୁ ନେଇ ଅଯୋଧ୍ୟା ବିକାଶ ପ୍ରାଧିକରଣ (ଏଡିଏ) ପକ୍ଷରୁ ଏକ ନୋଟିସ ଜାରି କରାଯାଇଛି। ସାତ ଦିନ ମଧ୍ୟରେ ଉପଯୁକ୍ତ କାଗଜପତ୍ର ସହ ଜବାବ ନରଖିଲେ ଏହି ବେଆଇନ କୋଠାକୁ ଭାଙ୍ଗି ଦିଆଯିବ ବୋଲି ପ୍ରଶାସନ ଚେତାବନୀ ଦେଇଛି। ମାତ୍ର ୨୦,୦୦୦ ଟଙ୍କା ମାସିକ ଦରମା ପାଉଥିବା ଲବକୁଶ ଅକ୍ଟୋବର ୨୦୨୫ ରେ ପ୍ରାୟ ୨୫ ଲକ୍ଷ ଟଙ୍କାରେ ଏହି ଜମି କିଣିଥିଲେ ଏବଂ ଏହା ଉପରେ ପ୍ରାୟ ୯୦ ଲକ୍ଷ ଟଙ୍କା ଖର୍ଚ୍ଚ କରି ଲିଫ୍ଟ ସୁବିଧା ଥିବା କୋଠା ତିଆରି କରୁଥିଲେ। ଜମି ଓ ନିର୍ମାଣ ମିଶାଇ ଏହି ସମ୍ପତ୍ତିର ମୂଲ୍ୟ ପ୍ରାୟ ୧.୫ କୋଟି ଟଙ୍କା ହେବ ବୋଲି ଆକଳନ କରାଯାଇଛି। ପୂର୍ବରୁ ଲବକୁଶଙ୍କ ଘରୁ ତଦନ୍ତ ବେଳେ ୧୪.୨୫ ଲକ୍ଷ ଟଙ୍କା ନଗଦ ଜବତ ହୋଇଥିଲା। ଏହି ମାମଲାରେ ରାମ ଜନ୍ମଭୂମି ତୀର୍ଥ କ୍ଷେତ୍ର ଟ୍ରଷ୍ଟର ସଦସ୍ୟ ଅନିଲ ମିଶ୍ର (ଲବକୁଶଙ୍କ ସମ୍ପର୍କୀୟ) ନିଜ ପଦରୁ ଇସ୍ତଫା ଦେଇସାରିଥିବା ବେଳେ ଲବକୁଶଙ୍କ ଶ୍ୱଶୁର ଓ ଶାଳକ ମଧ୍ୟ ଗିରଫ ହୋଇଛନ୍ତି। ଆୟ ବହିର୍ଭୂତ ସମ୍ପତ୍ତି ଏବଂ ମନ୍ଦିର ପାଣ୍ଠି ହେରଫେର ଟଙ୍କାରେ ଏହି କୋଠା ନିର୍ମାଣ ହେଉଥିବା ସନ୍ଦେହରେ ପୋଲିସ ଓ ନଗର ନିଗମ ମିଳିତ ଭାବେ ଏହି ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଛନ୍ତି।

ତେଣେ ଦାନ ବାକ୍ସରୁ ଅର୍ଥ ହେରଫେର ମାମଲା ଏବେ ଏକ ନୂଆ ମୋଡ଼ ନେଇଛି। ଗିରଫ ହୋଇଥିବା ଅଭିଯୁକ୍ତ ରାମଶଙ୍କର ଯାଦବ ଓରଫ ଟିନ୍ନୁ ଯାଦବଙ୍କ ଭାଇ ଦିନେଶ ଯାଦବ ଏକ ବିସ୍ଫୋରକ ବୟାନ ଦେଇଛନ୍ତି। ସେ ଅଭିଯୋଗ କରିଛନ୍ତି ଯେ, ଏହି ବଡ଼ ଦୁର୍ନୀତିରେ ସାମିଲ ଥିବା "ବଡ଼ ମାଛ' ମାନଙ୍କୁ ସୁରକ୍ଷା ଦିଆଯାଉଛି ଏବଂ ତାଙ୍କ ଭାଇଙ୍କୁ କେବଳ ବଳିର ବୋଦା କରାଯାଉଛି। ଏଥିପାଇଁ ସେ ଶ୍ରୀରାମ ଜନ୍ମଭୂମି ତୀର୍ଥ କ୍ଷେତ୍ର ଟ୍ରଷ୍ଟର ପ୍ରମୁଖ ସଦସ୍ୟ ଚମ୍ପତ ରାୟ ଏବଂ ଅନିଲ ମିଶ୍ରଙ୍କୁ ସିଧାସଳଖ ଦାୟୀ କରିଛନ୍ତି। ▶ପୃଷ୍ଠା-୭

### ରାଜ୍ୟ ବିଜେପିରେ ହଲଚଲ୍

## ଶାହାଙ୍କ ଗସ୍ତ ସ୍ଥଗିତ; ଦିଲ୍ଲୀ ଗଲେ ମୋହନ

■ ଭୁବନେଶ୍ୱର, ୨।୭ (ସମିସ): ରାଜ୍ୟ ବିଜେପିରେ ଅକସ୍ମାତ ଆରମ୍ଭ ହୋଇଛି ହଲଚଲ୍। ଗତ ତିନି ଚାରିଦିନର ଘଟଣାକ୍ରମକୁ ଦେଖିଲେ ବିଜେପିରେ କିଛି ଗୋଟାଏ ହେବାକୁ ଯାଉଛି। ନିଗମ ଓ ବୋଡର୍ ନିଯୁକ୍ତି, ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣକୁ ନେଇ ମଝିରେ ମଝିରେ ଚର୍ଚ୍ଚା ହୋଇହୋଇ ଏହି ପ୍ରସଙ୍ଗ ଗୁରୁତ୍ୱ ହରାଇ ସାରିଲାଣି। ଆଶାୟୀଙ୍କ ଆଖିରୁ ପାଣି ମଲାଣି, ଅନେକ ନେତା ନିରାଶ ହୋଇ ନିରବ ହୋଇ ଗଲେଣି; ମାତ୍ର ଏହି ସମୟରେ କେନ୍ଦ୍ର ଗୃହମନ୍ତ୍ରୀ ତଥା ବିଜେପିର ଅନ୍ୟତମ ଶୀର୍ଷ ନେତା ଅମିତ୍ ଶାହାଙ୍କ ୪ ତାରିଖରେ ପ୍ରସ୍ତାବିତ ଓଡ଼ିଶା ଗସ୍ତ ବାତିଲ, ମୁଖ୍ୟମନ୍ତ୍ରୀ ମୋହନ ମାଝୀଙ୍କ ଅକସ୍ମାତ ଦିଲ୍ଲୀ ଗସ୍ତ ଘଟିବାକୁ ଥିବା ଅନେକ କିଛି ଘଟଣାକୁ ଇଙ୍ଗିତ କରିଛି। ପୁଣି ନିକଟରେ ଦିଲ୍ଲୀରୁ ଫେରିଥିବା ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କୁ ପୁନର୍ବାର ଦିଲ୍ଲୀ ଡ଼କରା ରାଜ୍ୟରେ ସୃଷ୍ଟି କରିଥିବା କଳ୍ପନାଜଳ୍ପନାକୁ ଅଧିକ ବଳ ଦେଇଛି। ▶ପୃଷ୍ଠା-୭

**ମନମୋହନଙ୍କୁ ଦିଲ୍ଲୀ ଡକରା, ଚର୍ଚ୍ଚା ବଢ଼ାଇଲା ସୁରେଶଙ୍କ ମନ୍ତବ୍ୟ**

**ଦିଲ୍ଲୀରେ ଏସ୍‌ଆଇଆର୍ ଆଲୋଚନା, ମାସ ଶେଷରେ ନିଗମ ନିଯୁକ୍ତି**

### ଡାକ୍ତର ଆନ୍ଦୋଳନର ଦାରୁଣ ଚିତ୍ର

## ଚିକିତ୍ସା ଅଭାବରୁ ଗଲା ଯୁବକଙ୍କ ଜୀବନ

■ କପ୍ତିପଦା/ଉଦଳା, ୨।୭ (ସମିସ): ରାଜ୍ୟବ୍ୟାପୀ ଚାଲିଥିବା ଡାକ୍ତରଙ୍କ ଆନ୍ଦୋଳନ ସାଧାରଣ ରୋଗୀଙ୍କ ପାଇଁ କାଳ ସାଜିଛି। ମୟୂରଭଞ୍ଜ ଜିଲ୍ଲା କପ୍ତିପଦା ଉପଖଣ୍ଡ ଉଦଳାରେ ଚିକିତ୍ସାଳୟରେ ଡାକ୍ତରଙ୍କ ଅନୁପସ୍ଥିତି ଯୋଗୁଁ ଚିକିତ୍ସା ନ ପାଇ ଦୁଇଜଣଙ୍କ ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି। ଏତିକିରେ ଦୁଃଖ ସରିନାହିଁ, ମୃତ୍ୟୁ ପରେ ଶବ ବ୍ୟବଚ୍ଛେଦ ପାଇଁ ମଧ୍ୟ ପରିବାର ଲୋକେ ନାହିଁ ନ ଥିବା ସମସ୍ୟା ଭୋଗୁଛନ୍ତି।

କପ୍ତିପଦା ଥାନା ବଡାମପଦା ଗ୍ରାମର ଭବେଶ ବିନ୍ଧାଣୀ ପ୍ରେମିକା ସହ ଝଗଡ଼ା ପରେ ବିଷପାନ କରିଥିଲେ। ତାଙ୍କୁ ଉଦଳା ମେଡିକାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ନ ଥିବାରୁ ଚିକିତ୍ସା ମିଳି ନ ଥିଲା ଓ ବିଳମ୍ବିତ ରାତିରେ ତାଙ୍କର ମୃତ୍ୟୁ ହୋଇଥିଲା। ସେହିପରି ରାଜବରହମପୁର ଅଞ୍ଚଳର ଜଣେ ନାବାଳିକା ମୋବାଇଲକୁ ନେଇ ବିଷପିଇ ଦେବାରୁ ତାଙ୍କର ମୃତ୍ୟୁ ହୋଇଥିଲା। ପୁଲିସ ୨ଟି ମୃତଦେହ ଜବତ କରି ଉଦଳା ମେଡିକାଲ ଶବଗୃହକୁ ନେଇଥିଲା। ତେବେ ଡାକ୍ତରୀ ଆନ୍ଦୋଳନ ଯୋଗୁଁ ଏଠାରେ ବ୍ୟବଚ୍ଛେଦ ହୋଇପାରିବନାହିଁ ବୋଲି କୁହାଯାଇଛି। ଫଳରେ ଗତ ୯ ଘଣ୍ଟା ଧରି ମୃତଦେହ ଦୁଇଟି ଶବଗୃହରେ ପଡ଼ି ରହିଛି। ଡାକ୍ତରମାନେ ମୃତଦେହକୁ ବାରିପଦା ନେବାକୁ ପରାମର୍ଶ ଦେଇଥିବାବେଳେ ମୃତକଙ୍କ ପରିବାରବର୍ଗ ଏତେ ବାଟ ଶବ ନେବାକୁ ନେଇ ଅସହାୟତା ପ୍ରକାଶ କରିଛନ୍ତି। ଡାକ୍ତରଙ୍କ ଏଭଳି ଆନ୍ଦୋଳନ ଓ ଚିକିତ୍ସା ସେବାରେ ଅବହେଳା ପାଇଁ ଦାୟୀ କିଏ? କେବେ ସରିବ ଏହି ଆନ୍ଦୋଳନ ଓ ସାଧାରଣ ରୋଗୀଙ୍କୁ କେବେ ମିଳିବ ଉପଯୁକ୍ତ ଚିକିତ୍ସା, ତାହା ବଡ଼ ପ୍ରଶ୍ନ ହୋଇ ଠିଆ ହୋଇଛି।

**ବ୍ୟବଚ୍ଛେଦ ହୋଇ ନ ପାରି ୯ ଘଣ୍ଟା ଧରି ଶବଗୃହରେ ପଡ଼ିରହିଛି ମୃତଦେହ**

### ୬ ସପ୍ତାହ ଧରି ହ୍ରାସ ପାଉଛି ଅଶୋଧିତ ତୈଳ

## ତେଲ ଦର କମାଇବାକୁ ସରକାର ଅରାଜି



- ଘରୋଇ କମ୍ପାନୀ ନାୟରା ଲିଟର ପିଛା ୫ ଟଙ୍କା କମାଇସାରିଛି
- ପେଟ୍ରୋଲ,ଡିଜେଲ ମୂଲ୍ୟ ୬ ଥର ହ୍ରାସ କଲାଣି ପାକିସ୍ତାନ
- ପାକିସ୍ତାନ, ନେପାଳ, ଶ୍ରୀଲଙ୍କାରେ କମିଲା ତେଲ ଦର
- ମୂଲ୍ୟ ବଢ଼ାଇନାହୁଁ; କମାଇବୁ କାହିଁକି: ପେଟ୍ରୋଲିୟମ୍ ମନ୍ତ୍ରୀ
- ବ୍ୟାରେଲ ୧୨୮ ରୁ ୭୦ ଡଲାରକୁ ଖସିବାର ତୁଳନା ନ ହେଉ

■ ନୂଆଦିଲ୍ଲୀ, ୨।୭ (ଏଜେନ୍ସି): ପଶ୍ଚିମ ଏସିଆରେ ପରିବର୍ତ୍ତିତ ସ୍ଥିତି ଯୋଗୁଁ ସମ୍ପ୍ରତି ଅନ୍ତରାଷ୍ଟ୍ରୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟରେ ଯଥେଷ୍ଟ ହ୍ରାସ ଘଟିଛି। ଯୁଦ୍ଧ ପୂର୍ବ ସ୍ଥିତିକୁ ଅଶୋଧିତ ତୈଳ ଦର ଫେରିଛି ଓ ବ୍ୟାରେଲ ପାଖାପାଖି ୭୦ ଡ଼ଲାରରେ ପହଞ୍ଚିଛି। ତୈଳ ଦର ହ୍ରାସ ପରେ ପାକିସ୍ତାନ, ଶ୍ରୀଲଙ୍କାରେ ତେଲ ଦର କମିଛି। ଆମେରିକା ରାଷ୍ଟ୍ରପତି ଡ଼ୋନାଲ୍ଡ଼ ଟ୍ରମ୍ପ ମଧ୍ୟ ବିଭିନ୍ନ ଦେଶକୁ ତୈଳ ଦର ହ୍ରାସ ପାଇଁ ଆହ୍ୱାନ ଜଣାଇଛନ୍ତି। କୌତୂହଳର କଥା ହେଉଛି ଭାରତରୁ ପେଟ୍ରୋଲ ଓ ଡ଼ିଜେଲ ଆମଦାନୀ କରୁଥିବା ନେପାଳରେ ତୈଳ ଦର ୧୭% କମି ସାରିଛି। ଦିନକ ତଳେ ଘରୋଇ ତୈଳ କମ୍ପାନୀ ନାୟରା ତେଲ ଦର ୩ ଟଙ୍କାରୁ ୫ ଟଙ୍କା କମାଇଛି। ମାତ୍ର ଦେଶରେ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀମାନେ ତେଲ ଦର କମାଉ ନାହାନ୍ତି କିମ୍ବା କେନ୍ଦ୍ର ସରକାର ଏ ସମ୍ପର୍କରେ ନିଜ ଆଭିମୁଖ୍ୟ ସ୍ପଷ୍ଟ କରୁନାହାନ୍ତି। ଯୁଦ୍ଧ ଆରମ୍ଭ ପରେ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀଗୁଡ଼ିକ ପେଟ୍ରୋଲ ଓ ଡ଼ିଜେଲରେ ଗତ ମେ ମାସରେ ୪ ପର୍ଯ୍ୟାୟରେ ଲିଟର ପିଛା ୧୦ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି କରିଛନ୍ତି। ମାତ୍ର ତେଲ ଦର କମିବା ପରେ ପେଟ୍ରୋଲ ଓ ଡ଼ିଜେଲ ମୂଲ୍ୟ କମାଇବାକୁ ସେମାନେ ରାଜି ନୁହନ୍ତି। ଏହି ସମୟରେ କେନ୍ଦ୍ର ପେଟ୍ରୋଲିୟମ ମନ୍ତ୍ରୀ ହରଦୀପ ପୁରୀଙ୍କ ଅଜବ ଯୁକ୍ତି ▶ପୃଷ୍ଠା-୭






### ବେଙ୍ଗାଲୁରୁରେ ଭୟାବହ ଅଘଟଣ

# ପାହାଡ଼ ଧସି ବିହାରର ୮ ଶ୍ରମିକଙ୍କ ମୃତ୍ୟୁ

ବେଙ୍ଗାଲୁରୁ, ୨।୭(ଏଜେନ୍ସି): କର୍ଣ୍ଣାଟକର ବେଙ୍ଗାଲୁରୁ ସାଉଥ୍ ତାଲୁକର ଏକ ଗ୍ରାନାଇଟ୍ ପଥର ଖାଦାନରେ ପାହାଡ଼ ଧସିଯିବା ଫଳରେ ୮ ଜଣ ଶ୍ରମିକଙ୍କ ଶୋଚନୀୟ ମୃତ୍ୟୁ ଘଟିଛି। ମୃତ ଶ୍ରମିକମାନେ ମୁଖ୍ୟତଃ ବିହାରର ବୋଲି ଜଣାପଡ଼ିଛି। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ କରିବା ସହ ବେଆଇନ ଖନନ ଉପରେ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଗୁରୁବାର ସକାଳେ ମାଦାପଟ୍ଟନା ସ୍ଥିତ ଏକ ପଥର କ୍ରସର ସାଇଟ୍‌ରେ ଶ୍ରମିକମାନେ କାମ କରୁଥିବା ସମୟରେ ପ୍ରାୟ ୪୦ ଫୁଟ ଉପରୁ ଏକ ବିଶାଳ ପଥର ଚଟାଣ ସେମାନଙ୍କ ଉପରକୁ ଖସି ପଡ଼ିଥିଲା। ଫଳରେ ସେଠାରେ ଥିବା ଗାଡ଼ିଗୁଡ଼ିକ ଚୂରମାର ହୋଇଯିବା ସହ ଶ୍ରମିକମାନେ ଚାପି ହୋଇଯାଇଥିଲେ। ସ୍ଥାନୀୟ ବିଧାୟକ ଏସଟି ସୋମଶେଖର ଅଭିଯୋଗ କରିଛନ୍ତି ଯେ, ଏଠାରେ ଦୀର୍ଘ ଦିନରୁ ବେଆଇନ ମାଫିଆ ସକ୍ରିୟ ଅଛନ୍ତି ଏବଂ ଏଥିରେ ପୁଲିସ ଓ ମାଇନିଂ ବିଭାଗର ଅଧିକାରୀମାନେ ସାମିଲ ଅଛନ୍ତି। ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାର ଏହି ଘଟଣାରେ ଗଭୀର ଦୁଃଖ ପ୍ରକାଶ କରିବା ସହ ନିୟମ ଉଲ୍ଲଂଘନକାରୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ଏହି ଦୁର୍ଘଟଣା ଖଣି ଶ୍ରମିକମାନଙ୍କ ସୁରକ୍ଷା ବ୍ୟବସ୍ଥାରେ ଥିବା ବଡ଼ ତ୍ରୁଟିକୁ ପଦାରେ ପକାଇଛି। ପ୍ରଶାସନ ପକ୍ଷରୁ ଉଦ୍ଧାର କାର୍ଯ୍ୟ ଶେଷ ହୋଇଥିବା ବେଳେ ବର୍ତ୍ତମାନ ଏହି ବେଆଇନ ଖାଦାନ ପଛରେ ଥିବା ପ୍ରଭାବଶାଳୀ ଲୋକଙ୍କ ବିରୋଧରେ ତଦନ୍ତ ପ୍ରକ୍ରିୟା ଆରମ୍ଭ ହୋଇଛି।

## ଆମେରିକା ମୋଟେଲରେ ଅଗ୍ନିକାଣ୍ଡ: ଗୁଜରାଟର ଗୋଟିଏ ପରିବାରର ୩ ମୃତ



ୱାସିଂଟନ, ୨।୭(ଏଜେନ୍ସି): ଆମେରିକାର ଓହିଓସ୍ଥିତ ଏକ ମୋଟେଲରେ ଭୟାବହ ଅଗ୍ନିକାଣ୍ଡ ଘଟି ଗୁଜରାଟର କେଡା ଜିଲ୍ଲା ନଦିଆଦ ଅଞ୍ଚଳର ଏକା ପରିବାରର ୩ ଜଣ ସଦସ୍ୟଙ୍କ ମୃତ୍ୟୁ ଘଟିଛି। ମୃତକମାନେ ହେଲେ ହିତେଶଭାଇ ସୁଥାର, ତାଙ୍କ ପତ୍ନୀ ହିନାବେନ ଏବଂ ତାଙ୍କ ୨୦ ବର୍ଷର ଝିଅ ଈଶାନୀ। ଏହି ପରିବାର ପ୍ରାୟ ଦୁଇ ବର୍ଷ ପୂର୍ବେ ଆମେରିକାର ଓହିଓ ଅନ୍ତର୍ଗତ ୱୁଷ୍ଟରରେ ବସବାସ କରିବା ସହ ସେଠାକାର 'ଇକୋନୋ ଲଜ୍' ମୋଟେଲରେ କାମ କରୁଥିଲେ। ରାତି ପ୍ରାୟ ୧ଟା ୩୦ ମିନିଟରେ ମୋଟେଲରେ ନିଆଁ ଲାଗିଯିବା ସମୟରେ ଏହି ପରିବାର ନିଜ ରୁମ୍ ଭିତରେ ଥିଲେ। ଚତୁର୍ଦ୍ଦିଗରେ ନିଆଁ ଓ ଧୂଆଁ ବ୍ୟାପିଯିବାରୁ ସେମାନେ ବାହାରକୁ ଆସିପାରି ନଥିଲେ ଏବଂ ସାହାଯ୍ୟ ପାଇଁ ହୋଟେଲର ସମ୍ମୁଖ ଡେସ୍କକୁ ଫୋନ୍ କରିଥିଲେ। ସୁରକ୍ଷା ଦୃଷ୍ଟିରୁ ସେମାନଙ୍କୁ ବାଥରୁମ୍ ଭିତରକୁ ଯାଇ ପାଣି ଟ୍ୟାପ୍ ଖୋଲି ରହିବାକୁ ପରାମର୍ଶ ଦିଆଯାଇଥିଲା। ପରିବାର ସଦସ୍ୟମାନେ ନିଜକୁ ବାଥରୁମ୍ ଭିତରେ ବନ୍ଦ କରି ଦେଇଥିଲେ ମଧ୍ୟ ନିଆଁର ପ୍ରକୋପ ଅତ୍ୟଧିକ ଥିବାରୁ ଉଦ୍ଧାର ପୂର୍ବରୁ ହିଁ ଶ୍ୱାସରୁଦ୍ଧ ହୋଇ ତିନିଜଣଙ୍କର ମୃତ୍ୟୁ ଘଟିଥିଲା। ପାଣିପାଗ ଏବଂ ଅଗ୍ନିଶମ ବାହିନୀର ବହୁ ଚେଷ୍ଟା ସତ୍ତ୍ୱେ ସେମାନଙ୍କୁ ବଞ୍ଚାଯାଇ ପାରିନଥିଲା। ଏହି ଦୁର୍ଘଟଣାରେ ଅନ୍ୟ କେହି ମୃତାହତ ହୋଇନଥିବା ବେଳେ ନିଆଁ ଲିଭାଇବା ସମୟରେ ଜଣେ ଅଗ୍ନିଶମ କର୍ମଚାରୀ ସାମାନ୍ୟ ଆହତ ହୋଇଛନ୍ତି। ବର୍ତ୍ତମାନ ସ୍ଥାନୀୟ ପ୍ରଶାସନ ଘଟଣାର ତଦନ୍ତ କରୁଛି।

## ବୋମା ବିସ୍ଫୋରଣରେ ୫ ମୃତ

ଦାମାସ୍କସ, ୨।୭(ଏଜେନ୍ସି): ସିରିଆର ରାଜଧାନୀ ଦାମାସ୍କସରେ ଗୁରୁବାର ଏକ ଶକ୍ତିଶାଳୀ ବୋମା ବିସ୍ଫୋରଣ ଘଟି ୫ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ ୧୦ରୁ ଅଧିକ ଲୋକ ଆହତ ହୋଇଛନ୍ତି। ସିରିଆ ସରକାରୀ ଗଣମାଧ୍ୟମର ସୂଚନା ଅନୁସାରେ, ଏହି ବିସ୍ଫୋରଣ ସ୍ଥାନୀୟ ଜଷ୍ଟିସ୍ ପ୍ୟାଲେସ୍ ନିକଟରେ ଥିବା ଏକ କାଫେ ମଧ୍ୟରେ ହୋଇଛି, ଯେଉଁଠାକୁ ସାଧାରଣତଃ ଆଇନଜୀବୀମାନେ ଯାତାୟାତ କରନ୍ତି। ବିସ୍ଫୋରଣ ପରେ ସୁରକ୍ଷା ବାହିନୀ ସମ୍ପୂର୍ଣ୍ଣ ଅଞ୍ଚଳକୁ କର୍ଡନ କରି ଘଟଣାର ତଦନ୍ତ ଆରମ୍ଭ କରିଛି। ଆଶ୍ଚର୍ଯ୍ୟଜନକ ଭାବେ, ଏହି ଆକ୍ରମଣ ସେହି ଦିନ ହିଁ ଘଟିଛି ଯେଉଁଦିନ ଦ୍ୱିପାକ୍ଷିକ ସମ୍ପର୍କକୁ ସୁଧାରିବା ପାଇଁ ଲେବାନନ ଏବଂ ସିରିଆ ମଧ୍ୟରେ ବେରୁଟ୍‌ଠାରେ ଏକ ଗୁରୁତ୍ୱପୂର୍ଣ୍ଣ ଚୁକ୍ତି ସ୍ୱାକ୍ଷରିତ ହୋଇଛି। ଲେବାନନ ପ୍ରଧାନମନ୍ତ୍ରୀ ନୱାଫ୍ ସଲାମ ଏବଂ ସିରିଆ ବୈଦେଶିକ ମନ୍ତ୍ରୀ ଅସାଦ ଅଲ୍-ଶାଇବାନୀଙ୍କ ମଧ୍ୟରେ ହୋଇଥିବା ଏହି ବୈଠକରେ ଉଭୟ ଦେଶ ପରସ୍ପରର ସାର୍ବଭୌମତ୍ୱକୁ ସମ୍ମାନ ଜଣାଇବା ସହ ସମ୍ପର୍କକୁ ଅଧିକ ମଜବୁତ କରିବାକୁ ସହମତି ପ୍ରକାଶ କରିଥିଲେ। ସମ୍ପର୍କ ସୁଧାରିବା ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯିବ ବୋଲି ବୈଦେଶିକ ମନ୍ତ୍ରୀ କହିବାର କିଛି ସମୟ ପରେ ହିଁ ଦାମାସ୍କସ ଏହି ବୋମା ବିସ୍ଫୋରଣରେ ଥରି ଉଠିଛି।

## ବ୍ରିଟିଶ ମହିଳାଙ୍କ ମସ୍ତିଷ୍କରୁ ମିଳିଲା ୩୮ ଟି ପରଜୀବୀ

ଲଣ୍ଡନ, ୨।୭(ଏଜେନ୍ସି): ୨୦୦୭ ମସିହାରେ ତିନି ମାସ ପାଇଁ ଭାରତ ଭ୍ରମଣରେ ଆସିଥିବା ବ୍ରିଟେନର ୪୨ ବର୍ଷୀୟା ମହିଳା ଲୋରି ଡେନମ୍ୟାନ୍‌ଙ୍କ ମସ୍ତିଷ୍କରୁ ୩୮ଟି ପରଜୀବୀ (କୃମି) ମିଳିବା ଘଟଣା ସାମ୍ନାକୁ ଆସିଛି। ଏହି ବିରଳ ତଥା ଗୁରୁତର ପରଜୀବୀ ସଂକ୍ରମଣକୁ ଚିକିତ୍ସା ବିଜ୍ଞାନ ଭାଷାରେ ନିଉରୋସିଷ୍ଟିସରକୋସିସ୍ କୁହାଯାଏ। ଭ୍ରମଣ ସମୟରେ ଖାଦ୍ୟ ସଂକ୍ରମଣରୁ ବଞ୍ଚିବା ପାଇଁ ଲୋରି ମାଂସ ଖାଇବାଠାରୁ ଦୂରେଇ ରହିଥିଲେ ମଧ୍ୟ ଅଜାଣତରେ



ଫିତାକୃମିର ଅଣୁବୀକ୍ଷଣ ଅଣ୍ଡା ଥିବା ଖାଦ୍ୟ ବା ଘରୋଇ ଗୁଣ୍ଡ ଶୁଖିଲା ମାଂସ (ଘୋଡ଼ା/ଘୁଷୁରି ମାଂସ ଜାତୀୟ) ଖାଇଦେଇଥିଲେ। ୨୦୧୦ ରେ ତାଙ୍କ ଶରୀରରୁ ପ୍ରଥମେ ଏକ ମିଟର ଲମ୍ବର ଫିତାକୃମି ବାହାରିଥିଲା ଏବଂ ୨୦୧୧ ରୁ ତାଙ୍କୁ ପ୍ରବଳ ମୁଣ୍ଡବିନ୍ଧା ଓ ବାତ ମାରିବା ଆରମ୍ଭ ହୋଇଥିଲା। ବ୍ରେନ୍ ସ୍କାନରୁ ଜଣାପଡ଼ିଥିଲା ଯେ ପରଜୀବୀଗୁଡ଼ିକ ତାଙ୍କ ମସ୍ତିଷ୍କରେ ବସା ବାନ୍ଧି ସାରିଛନ୍ତି। ଏଥିଯୋଗୁଁ ସେ ଦୀର୍ଘ ବର୍ଷ ଧରି ମାନସିକ ବିକୃତି ଏବଂ ପକ୍ଷାଘାତ ଭଳି ସମସ୍ୟା ଭୋଗିବା ପରେ ଚିକିତ୍ସା ଦ୍ୱାରା ୨୦୨୨ ରେ ସୁସ୍ଥ ହୋଇ କାମକୁ ଫେରିଛନ୍ତି। ଏହା 'ଟେନିଆ ସୋଲିୟମ୍' ନାମକ ଘୁଷୁରି ଫିତାକୃମିର ଲାର୍ଭା ଯୋଗୁଁ ହେଉଥିବା ଏକ ସଂକ୍ରମଣ। ଅଧା ସିଝା ଘୁଷୁରି ମାଂସ ଖାଇବା, ଦୂଷିତ ପାଣି ପିଇବା କିମ୍ବା ଅସ୍ୱାସ୍ଥ୍ୟକର ପରିବେଶରେ ଖାଦ୍ୟ ଖାଇବା ଦ୍ୱାରା ଏହାର ଅଣ୍ଡା ରକ୍ତ ମାଧ୍ୟମରେ ମସ୍ତିଷ୍କରେ ପହଞ୍ଚି ଜଳପୂର୍ଣ୍ଣ କୋଷ ତିଆରି କରନ୍ତି। ବାରମ୍ବାର ବାତ ମାରିବା, ପ୍ରବଳ ମୁଣ୍ଡବିନ୍ଧା, ମାନସିକ ସ୍ଥିତି ବିଗିଡ଼ିବା ଏବଂ ସ୍ମୃତିଶକ୍ତି ହ୍ରାସ ପାଇବା। ଆଣ୍ଟି-ପାରାସାଇଟିକ୍ ଔଷଧ, ଷ୍ଟେରଏଡ୍ କିମ୍ବା ଗୁରୁତର ସ୍ଥିତିରେ ଅସ୍ତ୍ରୋପଚାର ଦ୍ୱାରା ଏହାର ଚିକିତ୍ସା କରାଯାଏ। ଏହି ରୋଗ ବିଶ୍ୱରେ ବାତ ରୋଗର ଏକ ପ୍ରମୁଖ କାରଣ।

## ମ୍ୟାନ୍‌ହୋଲ୍‌ରେ ପଡ଼ି ବୃଦ୍ଧଙ୍କ ମୃତ୍ୟୁ

ମୁମ୍ବଇ, ୨।୭(ଏଜେନ୍ସି): ମୁମ୍ବଇରେ ଜାରି ରହିଥିବା ପ୍ରବଳ ବର୍ଷା ମଧ୍ୟରେ ଏକ ଅଭାବନୀୟ ଘଟଣା ଘଟିଛି। ଗୁରୁବାର ଦ୍ୱିପ୍ରହର ପ୍ରାୟ ୧୨:୩୦ ସମୟରେ ଖୈରାନୀ ରୋଡ୍‌ରେ ୫୫ ବର୍ଷୀୟ ଜଣେ ବ୍ୟକ୍ତି ମୋବାଇଲ୍‌ରେ କଥା ହୋଇ ଯାଉଥିବା ବେଳେ ଏକ ଖୋଲା ମ୍ୟାନହୋଲ୍ (ଡ୍ରେନ୍) ଭିତରେ ପଡ଼ି ଭାସିଯାଇଥିଲେ। ପ୍ରାୟ ୨ ଘଣ୍ଟାର ସର୍ଚ୍ଚ ଅପରେସନ ପରେ ତାଙ୍କ ମୃତଦେହ ଉଦ୍ଧାର କରାଯାଇଛି। ମୃତ ବ୍ୟକ୍ତି ଜଣକ ହେଉଛନ୍ତି ଅସଲମ ଇସାଫ୍ ଶେଖ୍। ଘଟଣାସ୍ଥଳରୁ ତାଙ୍କ ଛତା ଓ ଚପଲ ମିଳିବା ପରେ ଅଗ୍ନିଶମ ବାହିନୀ ଓ ପୁଲିସ ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲା। ଏକ ଘରୋଇ ସଂସ୍ଥା ଦ୍ୱାରା ଚାଲିଥିବା ମରାମତି କାମ ଯୋଗୁଁ ମ୍ୟାନହୋଲ୍‌ର ଢାଙ୍କୁଣୀ ଖୋଲା ରଖାଯାଇଥିଲା। ଏହି ଅବହେଳା ପାଇଁ ସମ୍ପୃକ୍ତ କଣ୍ଟ୍ରାକ୍ଟରଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ କରାଯିବ ବୋଲି ଡେପୁଟି ମେୟର ସଞ୍ଜୟ ଘାଡ଼ି କହିଛନ୍ତି। ସୂଚନାଯୋଗ୍ୟ, ଗତ ୨୪ ଘଣ୍ଟାରେ ମୁମ୍ବଇର କେତେକ ସ୍ଥାନରେ ୨୦୦ ମିମିରୁ ଅଧିକ ବର୍ଷା ରେକର୍ଡ କରାଯାଇଛି, ଯାହାଫଳରେ ଅନେକ ଅଞ୍ଚଳ ଜଳମଗ୍ନ ହୋଇଛି ଏବଂ ସ୍ଥାନୀୟ ଟ୍ରେନ୍ ସେବା ମଧ୍ୟ ବାଧାପ୍ରାପ୍ତ ହୋଇଛି। ମୁମ୍ବାଇରେ ବର୍ଷା ସମୟରେ ପ୍ରଶାସନିକ ଏବଂ କଣ୍ଟ୍ରାକ୍ଟରଙ୍କ ଏଭଳି ଦାୟିତ୍ୱହୀନତା ପୁଣି ଥରେ ଜଣେ ନିରୀହ ଲୋକଙ୍କ ଜୀବନ ନେଇଛି। ପାଣିପାଗ ବିଭାଗ ଆଗାମୀ କିଛି ଘଣ୍ଟା ପାଇଁ ପ୍ରବଳରୁ ଅତି ପ୍ରବଳ ବର୍ଷାର ସତର୍କ ସୂଚନା ଜାରି କରିଥିବାରୁ ସହରବାସୀଙ୍କୁ ସତର୍କ ରହିବାକୁ କୁହାଯାଇଛି।

# ଭାରତ-ଜାପାନ ମଧ୍ୟରେ ପ୍ରତିରକ୍ଷା ଚୁକ୍ତି ସ୍ୱାକ୍ଷରିତ

ନୂଆଦିଲ୍ଲୀ, ୨।୭(ଏଜେନ୍ସି): ଭାରତ ଏବଂ ଜାପାନ ମଧ୍ୟରେ ଅର୍ଥନୈତିକ ଏବଂ ପ୍ରତିରକ୍ଷା ସମ୍ପର୍କକୁ ଅଧିକ ମଜବୁତ କରିବା ଦିଗରେ ଏକ ନୂତନ ଅଧ୍ୟାୟ ସୃଷ୍ଟି ହୋଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ଭାରତ ଗସ୍ତରେ ଆସିଥିବା ଜାପାନର ପ୍ରଧାନମନ୍ତ୍ରୀ ସାନାଏ ତାକାଇଚିଙ୍କ ମଧ୍ୟରେ ନୂଆଦିଲ୍ଲୀର ରାଷ୍ଟ୍ରପତି ଭବନଠାରେ ୧୬ତମ ଭାରତ-ଜାପାନ ବାର୍ଷିକ ଶିଖର ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏହି ଦ୍ୱିପାକ୍ଷିକ ଆଲୋଚନା ପରେ ଉଭୟ ଦେଶ ମଧ୍ୟରେ ପ୍ରତିରକ୍ଷା, କୃତ୍ରିମ ବୁଦ୍ଧିମତ୍ତା (ଏଆଇ), ଶକ୍ତି, ଧାତୁ ଏବଂ ସ୍ୱାସ୍ଥ୍ୟ କ୍ଷେତ୍ରରେ କେତେକ ଗୁରୁତ୍ୱପୂର୍ଣ୍ଣ ଚୁକ୍ତିନାମା ସ୍ୱାକ୍ଷରିତ ହୋଇଛି। ଦୁଇ ଦେଶ ମଧ୍ୟରେ ପ୍ରତିରକ୍ଷା ପ୍ରଯୁକ୍ତିବିଦ୍ୟାର ମିଳିତ ବିକାଶ ପାଇଁ ଚୁକ୍ତି ହୋଇଛି। ଏହା ଅଧୀନରେ ନୌସେନା ରେଡିଓ ଆଣ୍ଟେନା 'ୟୁନିକର୍ଣ୍ଣ'ର ସହ-ବିକାଶ ପ୍ରକଳ୍ପ ଆରମ୍ଭ କରାଯିବ,



ଯାହା ସାମୁଦ୍ରିକ ସୁରକ୍ଷା ଏବଂ ଆଞ୍ଚଳିକ ଶାନ୍ତିକୁ ସୁଦୃଢ଼ କରିବ। ପ୍ରଧାନମନ୍ତ୍ରୀ ମୋଦୀ ଆଗାମୀ ୧୦ ବର୍ଷ ମଧ୍ୟରେ ଭାରତରେ ଜାପାନ ୧୦ ଟ୍ରିଲିୟନ ୟେନ୍ (ଜାପାନୀ ମୁଦ୍ରା) ନିବେଶ କରିବ ଏବଂ ଭାରତରେ କାର୍ଯ୍ୟ କରୁଥିବା ଜାପାନୀ କମ୍ପାନୀଗୁଡ଼ିକର ସଂଖ୍ୟା ଦ୍ୱିଗୁଣିତ ହେବ ବୋଲି ଘୋଷଣା କରିଛନ୍ତି। ଜାପାନର ସୂକ୍ଷ୍ମ ପ୍ରଯୁକ୍ତିବିଦ୍ୟା ଏବଂ ଭାରତର ସଫ୍ଟୱେର୍ କ୍ଷମତାର ମିଶ୍ରଣ

**ଜାପାନ ପ୍ରଧାନମନ୍ତ୍ରୀ ତାକାଇଚିଙ୍କୁ 'ସାନ ଭଉଣୀ' ସମ୍ବୋଧନ କଲେ ମୋଦୀ**

ବିଶ୍ୱସ୍ତରରେ ଏଆଇ ବିକାଶକୁ ଏକ ନୂଆ ଗତି ପ୍ରଦାନ କରିବ। ଔଷଧ, ଚିକିତ୍ସା ଉପକରଣ ଏବଂ ବାୟୋଟେକ୍ନୋଲୋଜି କ୍ଷେତ୍ରରେ ହୋଇଥିବା ଚୁକ୍ତିନାମା ବିଶ୍ୱ ସ୍ୱାସ୍ଥ୍ୟ ସୁରକ୍ଷାରେ ସହାୟକ ହେବ। ଭାରତର ବ୍ୟାପକତା ଏବଂ ଜାପାନର ଗୁଣବତ୍ତା ମିଶି ସମଗ୍ର ବିଶ୍ୱକୁ ଶସ୍ତା ତଥା ନିର୍ଭରଯୋଗ୍ୟ ସ୍ୱାସ୍ଥ୍ୟ ସେବା ଯୋଗାଇବ। ଜାପାନ ପ୍ରଧାନମନ୍ତ୍ରୀ ଭାବେ ପ୍ରଥମ ଭାରତ ଗସ୍ତରେ ଆସିଥିବା ସାନାଏ ତାକାଇଚିଙ୍କୁ ପ୍ରଧାନମନ୍ତ୍ରୀ ମୋଦୀ ସ୍ୱାଗତ ଜଣାଇ ଜଣେ 'ଦୂରଦର୍ଶୀ ଏବଂ ଜନପ୍ରିୟ ନେତ୍ରୀ' ଭାବେ ଅଭିହିତ କରିଛନ୍ତି। ତାଙ୍କୁ ନିଜର 'ସାନ ଭଉଣୀ' ବୋଲି ସମ୍ବୋଧନ କରିବା ସହ ତାଙ୍କ ଜନ୍ମସ୍ଥାନ ଜାପାନର ନାରା ପ୍ରଦେଶ ସହିତ ଭାରତର ବୌଦ୍ଧ ସମ୍ପର୍କ ରହିଥିବା କଥା ମୋଦୀ ମନେ ପକାଇ ଦେଇଛନ୍ତି। 'ଆଜିର ବୈଶ୍ୱିକ ଅଶାନ୍ତି ସମୟରେ ପାରସ୍ପରିକ ବିଶ୍ୱାସ ହିଁ ଆମର ସବୁଠାରୁ ବଡ଼ ରଣନୈତିକ ସମ୍ପତ୍ତି। ଭାରତ ଏବଂ ଜାପାନର ସହଭାଗିତା ଏହି କଷଟି ପଥରରେ ସମ୍ପୂର୍ଣ୍ଣ ସଫଳ ପ୍ରମାଣିତ ହୋଇଛି ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି।

## ଉଜ୍ଜୟିନୀରେ ଲଜ୍ଜା: ମହିଳାଙ୍କୁ ଚୁଟି କାଟି ଜୋତା ମାଳ ପିନ୍ଧାଇ ଗାଁରେ ବୁଲାଇଲେ

ଉଜ୍ଜୟିନୀ, ୨।୭(ଏଜେନ୍ସି): ମଧ୍ୟପ୍ରଦେଶର ଉଜ୍ଜୟିନୀ ଜିଲ୍ଲାର ଝାରଡ଼ା ଥାନା ଅଞ୍ଚଳରେ ଜଣେ ୩୦ ବର୍ଷୀୟା ମହିଳାଙ୍କୁ ଅମାନୁଷିକ ଭାବେ ନିର୍ଯାତନା ଦିଆଯିବା ସହ ସର୍ବସାଧାରଣରେ ଅପମାନିତ କରାଯାଇଥିବା ଏକ ସଂଗୀନ ମାମଲା ପ୍ରକାଶ ପାଇଛି। ମହିଳାଙ୍କ ଲିଭ୍-ଇନ୍ ପାର୍ଟନରଙ୍କ ପରିବାର ଲୋକ ଓ କିଛି ଗ୍ରାମବାସୀ ମିଶି ମହିଳାଙ୍କ ପୋଷାକ ଚିରିବା ସହ ତାଙ୍କ ମୁହଁରେ କଳା ବୋଳି, ଚୁଟି କାଟି ଏବଂ ଜୋତା ମାଳ ପିନ୍ଧାଇ ସାରା ଗାଁରେ ବୁଲାଇଛନ୍ତି। ପୁଲିସ ଅନୁଯାୟୀ, ମହିଳା ଜଣକ ବିବାହିତ ଥିଲେ ମଧ୍ୟ ଗତ ୩-୪ ବର୍ଷ ହେବ ନିଜ ସ୍ୱାମୀଙ୍କୁ ଛାଡ଼ି ଗାଁର ଜଣେ ଯୁବକଙ୍କ ସହ ରହୁଥିଲେ। ପରବର୍ତ୍ତୀ ସମୟରେ ସେ ସେହି ଯୁବକଙ୍କ ବିରୋଧରେ ଦୁଷ୍କର୍ମ ମାମଲା ଦାୟର କରିବାରୁ ଯୁବକ ଜଣକ ଜେଲ୍ ଯାଇଥିଲେ। ତେବେ ନିକଟରେ ସେ ଜେଲ୍‌ରୁ ମୁକୁଳିବା ପରେ ମହିଳା ଜଣକ ପୁଣି ତାଙ୍କ ସହ ରହିବା ଆରମ୍ଭ କରିଥିଲେ। ଏଥିରେ ଯୁବକଙ୍କ ପରିବାର ଲୋକ ଉତ୍‌କ୍ଷିପ୍ତ ହୋଇ ମହିଳାଙ୍କ ଉପରେ ଏଭଳି ବର୍ବରୋଚିତ ଆକ୍ରମଣ କରିଛନ୍ତି। ମହିଳାଙ୍କ ଅଭିଯୋଗ ଆଧାରରେ ପୁଲିସ ୧୧ ଜଣଙ୍କ ବିରୋଧରେ ମାମଲା ରୁଜୁ କରି ୩ ଜଣଙ୍କୁ ଗିରଫ କରିଛି ଏବଂ ବାକି ଅଭିଯୁକ୍ତଙ୍କୁ ଧରିବା ପାଇଁ ତଦନ୍ତ ଜାରି ରଖିଛି।

**ପାହାଡ଼ରୁ କେତନଙ୍କୁ ଠେଲିଲା କିଏ?**

## ସିୟାଙ୍କ ହେବ ପଲିଗ୍ରାଫ୍ ଟେଷ୍ଟ

ପୁନେ, ୨।୭(ଏଜେନ୍ସି): ଭାବି ସ୍ୱାମୀ କେତନ ଅଗ୍ରୱାଲଙ୍କୁ ପାହାଡ଼ ଉପରୁ ଠେଲି ହତ୍ୟା କରିବା ମାମଲାରେ ଏବେ ପୁନେ ପୁଲିସ ଏକ ବଡ଼ ପଦକ୍ଷେପ ନେଇଛି। ମୁଖ୍ୟ ଅଭିଯୁକ୍ତ ସିୟା ଗୋୟଲଙ୍କର ମିଛ ଧରା ପରୀକ୍ଷା (ପଲିଗ୍ରାଫ୍ ଟେଷ୍ଟ) କରିବା ପାଇଁ ପୁଲିସ ଗୁରୁବାର ଅଦାଲତଙ୍କ ଦ୍ୱାରସ୍ଥ ହୋଇଛି। ପୁଲିସ ଅଦାଲତଙ୍କୁ ଜଣାଇଛି ଯେ, କେତନଙ୍କୁ ପ୍ରକୃତରେ କିଏ ଗଭୀର ଖାତକୁ ଠେଲିଦେଲା, ସେ ନେଇ କୌଣସି ପ୍ରତ୍ୟକ୍ଷଦର୍ଶୀ ବା ଚୂଡ଼ାନ୍ତ ପ୍ରମାଣ ମିଳିପାରି ନାହିଁ। ତେଣୁ ତଦନ୍ତକୁ ଆଗକୁ ବଢ଼ାଇବା ପାଇଁ ଏହି ପରୀକ୍ଷା ନିହାତି ଜରୁରୀ। ଗତ ଜୁନ୍ ୧୮ରେ ପୁନେର ଜଣେ ଜମିବାଡ଼ି ବ୍ୟବସାୟୀ କେତନ ଅଗ୍ରୱାଲଙ୍କୁ ଲୋହଗଡ଼ ଦୁର୍ଗର ଏକ ପାହାଡ଼ ଉପରୁ ଠେଲି



ହତ୍ୟା କରାଯାଇଥିବା ଅଭିଯୋଗ ହୋଇଥିଲା। ଆସନ୍ତା ନଭେମ୍ବରରେ ସିୟାଙ୍କ ସହ କେତନଙ୍କ ବିବାହ ହେବାର ଥିଲା। ମାତ୍ର ସିୟା ନିଜ ପ୍ରେମିକ ଚେତନ ଚୌଧୁରୀଙ୍କ ସହ ମିଶି ଏହି ହତ୍ୟାକାଣ୍ଡର ଷଡ଼ଯନ୍ତ୍ର ରଚିଥିବା ପୁଲିସ କହିଛି। ବର୍ତ୍ତମାନ ଉଭୟ ଅଭିଯୁକ୍ତ ପୁଲିସ ହେପାଜତରେ ଅଛନ୍ତି। ପୁଲିସ କୋର୍ଟରେ ଯୁକ୍ତି ବାଢ଼ିଛି ଯେ, ସିୟା ଏବଂ ଚେତନଙ୍କ ବୟାନ ରେକର୍ଡ କରାଯାଇଥିଲେ ମଧ୍ୟ ସେମାନଙ୍କ କଥାରେ ଅନେକ ଅସଙ୍ଗତି ରହିଛି। ମିଛ ଧରା ପରୀକ୍ଷା ଦ୍ୱାରା ଘଟଣାର ଅନେକ ନୂଆ ଦିଗ ଏବଂ ସୂଚନା ସାମ୍ନାକୁ ଆସିପାରିବ। ଅନ୍ୟପଟେ ସିୟାଙ୍କ ଓକିଲ ବିପୁଲ ଦୁସିଂ କହିଛନ୍ତି ଯେ, ଏଭଳି ପରୀକ୍ଷା ପାଇଁ ଅନେକ ଆଇନଗତ ଏବଂ ବୈଷୟିକ ପ୍ରକ୍ରିୟା ଶେଷ କରିବାକୁ ପଡ଼ିବ ଏବଂ ଏଥିପାଇଁ ଅଭିଯୁକ୍ତଙ୍କ ସହମତି ମଧ୍ୟ ବାଧ୍ୟତାମୂଳକ। ସୂଚନାଯୋଗ୍ୟ, ହତ୍ୟା ପରେ କେତନଙ୍କ ମୋବାଇଲ୍ ଫୋନ୍ କିଛି ସମୟ ପାଇଁ ସିୟାଙ୍କ ପାଖରେ ଥିଲା। ସେ ସେଥିରୁ କୌଣସି ଗୁରୁତ୍ୱପୂର୍ଣ୍ଣ ତଥ୍ୟ ବା ପ୍ରମାଣ ଲିଭାଇ ଦେଇଛନ୍ତି କି ନାହିଁ, ସେ ନେଇ ପୁଲିସର ବୈଜ୍ଞାନିକ ଦଳ ଯାଞ୍ଚ କରୁଛନ୍ତି।

## ମମତା, ଋତବ୍ରତ ଗୋଷ୍ଠୀଙ୍କୁ ନିର୍ବାଚନ କମିସନଙ୍କ ନୋଟିସ୍

କୋଲକାତା, ୨।୭(ଏଜେନ୍ସି): ପଶ୍ଚିମବଙ୍ଗର ରାଜନୀତିରେ ତୃଣମୂଳ କଂଗ୍ରେସ (ଟିଏମ୍‌ସି)ରେ ଆଧିପତ୍ୟକୁ ନେଇ ମମତା ବାନାର୍ଜୀ ଏବଂ ଋତବ୍ରତ ବାନାର୍ଜୀଙ୍କ ନେତୃତ୍ୱାଧୀନ ଦୁଇଟି ଗୋଷ୍ଠୀ ମଧ୍ୟରେ ବିବାଦ ପରେ ଭାରତୀୟ ନିର୍ବାଚନ କମିଶନ (ଇସି) ଗୁରୁବାର ଉଭୟ ଗୋଷ୍ଠୀକୁ ନୋଟିସ୍ ଜାରି କରିଛନ୍ତି। ଏଥିରେ ପ୍ରକୃତ ଟିଏମ୍‌ସି କିଏ ଏବଂ ଦଳର ସାଂଗଠନିକ ନିୟନ୍ତ୍ରଣ, ଦଳୀୟ ଚିହ୍ନ, ବ୍ୟାଙ୍କ ଆକାଉଣ୍ଟ ତଥା ଅଧିକୃତ ସ୍ୱାକ୍ଷରକାରୀ କିଏ ରହିବେ, ସେ ନେଇ ଉଭୟ ପକ୍ଷକୁ ନିଜର ପକ୍ଷ ରଖିବାକୁ କୁହାଯାଇଛି। ଏଥିପାଇଁ ଜୁଲାଇ ୬ ସୁଦ୍ଧା ସବିଶେଷ ଜବାବ ଦାଖଲ କରିବାକୁ କମିଶନ ନିର୍ଦ୍ଦେଶ ଦେଇଛନ୍ତି। ପଶ୍ଚିମବଙ୍ଗର ବିଧାନସଭା ନିର୍ବାଚନରେ

**'ପ୍ରକୃତ' ଟିଏମ୍‌ସି ଲଢ଼େଇ**




ଟିଏମ୍‌ସି ପରାଜିତ ହେବା ପରେ ଋତବ୍ରତଙ୍କ ନେତୃତ୍ୱରେ ବିଦ୍ରୋହୀ ଗୋଷ୍ଠୀ ମମତା ଏବଂ ତାଙ୍କ ଭଣଜା ଅଭିଷେକ ବାନାର୍ଜୀଙ୍କ ନେତୃତ୍ୱକୁ ଚ୍ୟାଲେଞ୍ଜ କରିଛନ୍ତି। ବିଦ୍ରୋହୀଙ୍କ ଦାବି ଅନୁଯାୟୀ, ଦଳର ୮୦ ଜଣ ବିଧାୟକଙ୍କ ମଧ୍ୟରୁ ୬୫ ରୁ ଅଧିକ ବିଧାୟକଙ୍କ ସମର୍ଥନ ସେମାନଙ୍କ ପାଖରେ ରହିଛି। ବର୍ତ୍ତମାନ ଋତବ୍ରତ ପଶ୍ଚିମବଙ୍ଗ ବିଧାନସଭାରେ ବିରୋଧୀ ଦଳ ନେତା ଭାବେ କାର୍ଯ୍ୟ କରୁଛନ୍ତି। ଋତବ୍ରତଙ୍କ ଗୋଷ୍ଠୀ କିଛି ସପ୍ତାହ ପୂର୍ବରୁ ଏକ ସ୍ୱତନ୍ତ୍ର ବୈଠକ କରି ବରିଷ୍ଠ ବିଧାୟକ ଅରୂପ ରାୟଙ୍କୁ ଦଳର ଅଧ୍ୟକ୍ଷ ଭାବେ ନିଯୁକ୍ତ କରିଛନ୍ତି ଏବଂ ପ୍ରତିଷ୍ଠାତା ମମତାଙ୍କୁ ଏହି ପଦରୁ ହଟାଇ ଦେଇଛନ୍ତି। ଏଥିସହିତ ଅଭିଷେକଙ୍କୁ ମଧ୍ୟ ଦଳରୁ ନିଲମ୍ବିତ କରାଯାଇଥିବା ସେମାନେ ଘୋଷଣା କରିଛନ୍ତି। ଋତବ୍ରତ କହିଛନ୍ତି ଯେ, କେବଳ ବିଧାୟକ ନୁହଁନ୍ତି, ବରଂ କର୍ପୋରେଟର, ପୌର ପରିଷଦ ସଦସ୍ୟ ଏବଂ ଜିଲ୍ଲା ପରିଷଦ ସଦସ୍ୟମାନେ ମଧ୍ୟ ସେମାନଙ୍କ ସହ ଅଛନ୍ତି। ଅନ୍ୟପଟେ, ମମତା ବାନାର୍ଜୀଙ୍କ ଅନୁଗତ ନେତାମାନେ ଏହି ଦାବିକୁ ସମ୍ପୂର୍ଣ୍ଣ ପ୍ରତ୍ୟାଖ୍ୟାନ କରିଛନ୍ତି। ସୌଗତ ରାୟ ଏବଂ ସାଗରିକା ଘୋଷଙ୍କ ପରି ବରିଷ୍ଠ ନେତାମାନେ କହିଛନ୍ତି ଯେ, କେବଳ ବିଧାୟକଙ୍କ ସଂଖ୍ୟା ଦଳର କର୍ତ୍ତୃତ୍ୱ ନିର୍ଦ୍ଧାରଣ କରେ ନାହିଁ, ବରଂ ସାଂଗଠନିକ ଶକ୍ତି ହିଁ ମୁଖ୍ୟ ଏବଂ ତାହା ଏବେ ମଧ୍ୟ ମମତାଙ୍କ ପାଖରେ ରହିଛି। ଦଳରୁ ବହିଷ୍କୃତ ଜଣେ ବ୍ୟକ୍ତିଙ୍କୁ ନିର୍ବାଚନ କମିଶନ କେଉଁ ଆଧାରରେ ଭେଟିବାକୁ ସମୟ ଦେଲେ, ସେ ନେଇ ସୌଗତ ରାୟ ପ୍ରଶ୍ନ ଉଠାଇଛନ୍ତି।

## ଟିଭିକେରେ ସାମିଲ ହେଲେ ଏଆଇଏଡିଏମ୍‌କେ ନେତା

ଚେନ୍ନଇ, ୨।୭(ଏଜେନ୍ସି): ତାମିଲନାଡୁ ରାଜନୀତିରେ ପ୍ରମୁଖ ଦ୍ରାବିଡ଼ ଦଳ ଏଆଇଏଡିଏମକେର ଅନେକ ପ୍ରଭାବଶାଳୀ ନେତା ମୁଖ୍ୟମନ୍ତ୍ରୀ ସି. ଜୋସେଫ ବିଜୟଙ୍କ ନେତୃତ୍ୱାଧୀନ ତାମିଲଗା ଭେଟ୍ରି କାଜଗମ (ଟିଭିକେ) ରେ ସାମିଲ ହୋଇଛନ୍ତି। ଏଆଇଏଡିଏମକେର ପୂର୍ବତନ ସ୍ୱାସ୍ଥ୍ୟ ମନ୍ତ୍ରୀ ସି. ବିଜୟଭାସ୍କର, ପୂର୍ବତନ ପରିବହନ ମନ୍ତ୍ରୀ ଏମଆର. ବିଜୟଭାସ୍କର ଏବଂ ଅନ୍ୟ ଦୁଇ ପୂର୍ବତନ ମନ୍ତ୍ରୀ ଏମଏସଏମ. ଆନନ୍ଦନ ଓ ଏସ. ବଲରମାଥି ପ୍ରମୁଖ ଟିଭିକେରେ ଯୋଗ ଦେଇଛନ୍ତି। ଏହା ସହିତ ପ୍ରାୟ ୧୫ ଜଣ ପୂର୍ବତନ ବିଧାୟକ ଏବଂ ଶତାଧିକ କର୍ମକର୍ତ୍ତା ମଧ୍ୟ ନୂତନ ଦଳରେ ସାମିଲ ହୋଇଛନ୍ତି। ଏଡାପାଡି କେ. ପାଲାନିସ୍ୱାମୀଙ୍କ ନେତୃତ୍ୱାଧୀନ ଏଆଇଏଡିଏମକେ ପାଇଁ ଏହା ଏକ ଶକ୍ତ ଧକ୍କା ବୋଲି ବିବେଚନା କରାଯାଉଛି। ଏହି ନେତାମାନେ ଏଆଇଏଡିଏମକେ ଛାଡିବାର ମୁଖ୍ୟ କାରଣ ଭାବେ ଦଳର ସାଧାରଣ ସମ୍ପାଦକ ଏଡାପାଡି ପାଲାନିସ୍ୱାମୀଙ୍କ କାର୍ଯ୍ୟଶୈଳୀକୁ ଦାୟୀ କରିଛନ୍ତି। ସେପଟେ ଦଳବଦଳକୁ ନେଇ ଡିଏମକେ ନେତ୍ରୀ କନିମୋଝି ତୀବ୍ର କଟାକ୍ଷ କରିଛନ୍ତି। ବିଜେପି ଉତ୍ତର ଭାରତରେ ବ୍ୟବହାର କରୁଥିବା 'ୱାଶିଂ ମେସିନ' ଏବେ ତାମିଲନାଡୁକୁ ଆସିଛି ବୋଲି ସେ କହିଛନ୍ତି।

## ପାକିସ୍ତାନରେ ୧୨୫ ବର୍ଷର ପୁରୁଣା ଗୁରୁଦ୍ୱାର ଭଙ୍ଗାଗଲା

ଇସଲାମାବାଦ, ୨।୭(ଏଜେନ୍ସି); ପାକିସ୍ତାନର ପଞ୍ଜାବ ରାଜ୍ୟରେ ଜଣେ ସ୍ଥାନୀୟ ବ୍ୟବସାୟୀଙ୍କ ଦ୍ୱାରା ୧୨୫ ବର୍ଷର ଏକ ଐତିହାସିକ ଗୁରୁଦ୍ୱାରକୁ ଭାଙ୍ଗି ଦିଆଯିବା ଘଟଣା ସାମ୍ନାକୁ ଆସିଛି। ଏହାକୁ ନେଇ ସେଠାକାର ସଂଖ୍ୟାଲଘୁ ଶିଖ୍ ସମୁଦାୟ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଥିବା ବେଳେ ଭାରତ ଏହି ସ୍ୱର୍ଶକାତର ଘଟଣାକୁ କଡ଼ା ଭାଷାରେ ନିନ୍ଦା କରିଛି। ଲାହୋରଠାରୁ ପ୍ରାୟ ୭୦ କିଲୋମିଟର ଦୂର ଫାରୁକାବାଦରେ ଥିବା 'ଗୁରୁଦ୍ୱାର ଶ୍ରୀ ଗୁରୁ ସିଂ ସଭା ସାହିବ'କୁ ଗତ ଜୁନ୍ ୨୪ ରାତିରେ କୌଣସି ଅନୁମତି ବିନା ବେଆଇନ ଭାବେ ଭାଙ୍ଗି ଦିଆଯାଇଥିଲା। ଭାରତୀୟ ବୈଦେଶିକ ମନ୍ତ୍ରାଳୟର ମୁଖପାତ୍ର ରଣଧୀର ଜୈସୱାଲ ଏହାକୁ ଏକ ଯୋଜନାବଦ୍ଧ ଆକ୍ରୋଶମୂଳକ କାର୍ଯ୍ୟ ବୋଲି କହିବା ସହ ପାକିସ୍ତାନରେ ସଂଖ୍ୟାଲଘୁଙ୍କ ଧାର୍ମିକ ସ୍ଥଳକୁ କ୍ରମାଗତ ଭାବେ ଟାର୍ଗେଟ କରାଯାଉଥିବାରୁ ଗଭୀର ଚିନ୍ତା ପ୍ରକଟ କରିଛନ୍ତି।



■ ଉପଗ୍ରହ ଚିତ୍ରରୁ ସାମ୍ନାକୁ ଆସିଲା ଚାଞ୍ଚଲ୍ୟକର ତଥ୍ୟ

## ଆଟଲାଣ୍ଟିକ୍ ମହାସାଗରରେ ୫,୦୦୦ ମାଇଲ ବ୍ୟାପୀ ଶୈବାଳ ବେଲ୍ଟ

ୱାସିଂଟନ୍, ୨।୭(ଏଜେନ୍ସି): ଆଟଲାଣ୍ଟିକ ମହାସାଗରରେ ଏକ ଅଭାବନୀୟ ପ୍ରାକୃତିକ ପରିବର୍ତ୍ତନ ଦେଖିବାକୁ ମିଳିଛି। ଉପଗ୍ରହ ବା କୃତ୍ରିମ ଉପଗ୍ରହରୁ ମିଳିଥିବା ଚିତ୍ର ଅନୁଯାୟୀ, ମହାସାଗର ବକ୍ଷରେ ପ୍ରାୟ ୫,୦୦୦ ମାଇଲ୍ (୮, ୮୫୦ କିଲୋମିଟର) ଲମ୍ବର ଏକ ବିଶାଳ ବାଦାମୀ ରଙ୍ଗର ସାମୁଦ୍ରିକ ଶୈବାଳ'ର ଆସ୍ତରଣ ବା ବେଲ୍ଟ ସୃଷ୍ଟି ହୋଇଛି। ପଶ୍ଚିମ ଆଫ୍ରିକାର ଉପକୂଳରୁ ଆରମ୍ଭ କରି କାରିବିଆନ୍ ସାଗର ଏବଂ ମେକ୍ସିକୋ ଗଲ୍ ପର୍ଯ୍ୟନ୍ତ ଏହି ବିଶାଳ ସାମୁଦ୍ରିକ ଜୈବ-ଭାର (ବାୟୋମାସ୍) ବ୍ୟାପି ରହିଛି। ବିଜ୍ଞାନୀମାନେ ଏହାକୁ 'ଦି ଗ୍ରେଟ୍ ଆଟଲାଣ୍ଟିକ ସାର୍ଗାସମ୍ ବେଲ୍ଟ' ଆଖ୍ୟା ଦେଇଛନ୍ତି। ବୈଜ୍ଞାନିକ ସଂସ୍ଥା 'ସାଇନ୍ସ ଡାଇରେକ୍ଟ'ର ସମ୍ପ୍ରତି ରିପୋର୍ଟ ଅନୁଯାୟୀ, ଏହି ଶୈବାଳ ସ୍ତରର ଓଜନ ପ୍ରାୟ ୩୭.୫ ମିଲିୟନ (୩.୭୫ କୋଟି) ମେଟ୍ରିକ ଟନ୍‌ରେ ପହଞ୍ଚିଛି। ଉପଗ୍ରହ ନଜର ରଖିବା ଆରମ୍ଭ କରିବା ଦିନଠାରୁ ଏହା ଏପର୍ଯ୍ୟନ୍ତର ସବୁଠାରୁ ବଡ଼ ରେକର୍ଡ। ଗତ ଚାରି ଦଶନ୍ଧିର ଶୈବାଳ ନମୁନାକୁ ପରୀକ୍ଷା କରିବା ପରେ ଜଣାପଡ଼ିଛି ଯେ, ୧୯୮୦ ଦଶନ୍ଧି ତୁଳନାରେ ଏହି ଶୈବାଳଗୁଡ଼ିକରେ ନାଇଟ୍ରୋଜେନ୍‌ର ପରିମାଣ ୫୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଏହା ସ୍ପଷ୍ଟ ସୂଚାଉଛି ଯେ ସମୁଦ୍ରରେ ମାନବକୃତ ପ୍ରଦୂଷଣ ଓ ପୋଷକ ତତ୍ତ୍ୱର ମାତ୍ରା ଅତ୍ୟଧିକ ବଢ଼ିବାରେ ଲାଗିଛି। ବିଜ୍ଞାନୀମାନଙ୍କ ମତରେ ଏହି ଅସ୍ୱାଭାବିକ ଅଭିବୃଦ୍ଧି ପଛରେ କେବଳ ଗୋଟିଏ କାରଣ ନାହିଁ, ବରଂ ପ୍ରକୃତି ଏବଂ ମଣିଷର କାର୍ଯ୍ୟକଳାପ ଉଭୟ ଦାୟୀ। ମହାସାଗରର ଜଳପ୍ରବାହ ଏବଂ ବିଷୁବରେଖା ନିକଟରେ ବହୁଥିବା ପବନ ଏହି ଭାସମାନ ଶୈବାଳଗୁଡ଼ିକୁ ଏକତ୍ରିତ କରି ବ୍ୟାପକ ଭାବେ ବିଛାଇବାରେ ସାହାଯ୍ୟ କରୁଛି। ଆମାଜନ ଭଳି ବିଶାଳ ନଦୀଗୁଡ଼ିକ ମାଧ୍ୟମରେ ପ୍ରଚୁର ପରିମାଣର ରାସାୟନିକ ସାର ମିଶ୍ରିତ କୃଷି ବର୍ଜ୍ୟଜଳ, ଦୂଷିତ ମଳପ୍ରବାହ ଏବଂ ଫସଫରସ୍ ଓ ନାଇଟ୍ରୋଜେନ୍ ସମୁଦ୍ରରେ ମିଶୁଛି। ଏହି ପୋଷକ ତତ୍ତ୍ୱଗୁଡ଼ିକୁ ପାଇ ଶୈବାଳଗୁଡ଼ିକ ଅତି ଦ୍ରୁତ ଗତିରେ ବଂଶବୃଦ୍ଧି କରୁଛନ୍ତି। ଗଭୀର ସମୁଦ୍ରରେ ଭାସୁଥିବା ବେଳେ ଏହି ଶୈବାଳ ଗଦା ମାଛ, ସାମୁଦ୍ରିକ କଇଁଛ ଏବଂ ଅନ୍ୟାନ୍ୟ ଛୋଟ ଜୀବଙ୍କ ପାଇଁ ଏକ ସୁରକ୍ଷିତ ଆଶ୍ରୟସ୍ଥଳ ଓ ଖାଦ୍ୟର ଉତ୍ସ ସାଜିଥାଏ। କିନ୍ତୁ ଯେତେବେଳେ ଏହି ବିଶାଳ ଶୈବାଳ ଗଦା ପବନରେ ଭାସି ଆସି ସମୁଦ୍ର କୂଳ ବା ବିଚ୍‌ରେ ଜମା ହୁଏ, ସେତେବେଳେ ସମସ୍ୟା ସୃଷ୍ଟି ହୁଏ। ସେଗୁଡ଼ିକ ସଢ଼ିବା ପରେ ସେଥିରୁ ପ୍ରବଳ ଦୁର୍ଗନ୍ଧଯୁକ୍ତ 'ହାଇଡ୍ରୋଜେନ୍ ସଲଫାଇଡ୍' ଗ୍ୟାସ ନିର୍ଗତ ହୁଏ, ଯାହା ପର୍ଯ୍ୟଟନ ଶିଳ୍ପକୁ ବହୁତ କ୍ଷତି ପହଞ୍ଚାଏ। ଏହାଛଡ଼ା ଉପକୂଳ ଜଳରେ ଅମ୍ଳଜାନର ମାତ୍ରା କମିଯିବା ଫଳରେ ସାମୁଦ୍ରିକ ପ୍ରବାଳ ପ୍ରାଚୀର ଏବଂ ଜଳଜ ଉଦ୍ଭିଦ ନଷ୍ଟ ହେବାର ଆଶଙ୍କା ଦେଖାଦେଇଛି। ପରିବେଶବିତ୍‌ମାନଙ୍କ ମତରେ, ଏହି ବିଶାଳ ଶୈବାଳ ବେଲ୍ଟ ପ୍ରକୃତିର ଏକ ଚେତାବନୀ, ଯାହା ଦର୍ଶାଉଛି କିପରି ମଣିଷର କାର୍ଯ୍ୟକଳାପ ଏବେ ବିଶାଳ ମହାସାଗରର ପରିସଂସ୍ଥାକୁ ମଧ୍ୟ ବିପନ୍ନ କରୁଛି।

## ସ୍ତ୍ରୀକୁ କୁରାଢ଼ୀରେ ହାଣି ସ୍ୱାମୀର ଆତ୍ମହତ୍ୟା

କନୌଜ, ୨।୭(ଏଜେନ୍ସି): ଉତ୍ତରପ୍ରଦେଶର କନୌଜ ଜିଲ୍ଲାରେ ପାରିବାରିକ କଳହରୁ ଜଣେ ୫୦ ବର୍ଷୀୟ ବ୍ୟକ୍ତି ନିଜ ସ୍ତ୍ରୀଙ୍କୁ କୁରାଢ଼ୀରେ ଆକ୍ରମଣ କରି ଗୁରୁତର କରିବା ପରେ ନିଜେ ଗଛରେ ରସି ଲଗାଇ ଆତ୍ମହତ୍ୟା କରିଛନ୍ତି। ସୌରିଖ୍ ଥାନା ଅନ୍ତର୍ଗତ ରୁର୍ ଗ୍ରାମରେ ଗୁରୁବାର ସକାଳ ପ୍ରାୟ ୧୦ଟାରେ ଏହି ଘଟଣା ଘଟିଛି। ମୃତ ବ୍ୟକ୍ତିଜଣକ ହେଉଛନ୍ତି ଗୋବିନ୍ଦ ଦୁବେ। ଘରୋଇ କଳହକୁ ନେଇ ଗୋବିନ୍ଦ ରାଗରେ ତାଙ୍କ ୪୬ ବର୍ଷୀୟା ସ୍ତ୍ରୀ ଆରତିଙ୍କୁ କୁରାଢ଼ୀରେ ହାଣି ପକାଇଥିଲେ। ପଡ଼ୋଶୀମାନେ ଆରତୀଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ତୀରୱା ସ୍ଥିତ ସରକାରୀ ମେଡିକାଲ କଲେଜରେ ଭର୍ତ୍ତି କରିଛନ୍ତି, ଯେଉଁଠାରେ ସେ ଏବେ ବିପଦମୁକ୍ତ ଥିବା ଜଣାପଡ଼ିଛି। ସ୍ତ୍ରୀଙ୍କୁ ଆକ୍ରମଣ କରିବା ପରେ ଗୋବିନ୍ଦ ଘରୁ ପ୍ରାୟ ୩୦୦ ମିଟର ଦୂରରେ ଥିବା ଏକ ଗଛରେ ଫାଶୀ ଲଗାଇ ଆତ୍ମହତ୍ୟା କରିଥିଲେ। ପୁଲିସ୍‌ର ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି ଯେ ମୃତ ଗୋବିନ୍ଦ ମଦ୍ୟପାନ କରୁଥିଲେ ଏବଂ ଏହି କାରଣରୁ ପ୍ରତିଦିନ ସ୍ତ୍ରୀଙ୍କ ସହ ତାଙ୍କର ଝଗଡ଼ା ହେଉଥିଲା। ଏହି ଦମ୍ପତିଙ୍କର ଏକ ୧୯ ବର୍ଷର ପୁଅ ଏବଂ ୯ ବର୍ଷର ଝିଅ ଅଛନ୍ତି। ଅତ୍ୟଧିକ ମଦ୍ୟପାନ ଏବଂ ପାରିବାରିକ ବିବାଦ କେମିତି ଗୋଟିଏ ହସଖୁସିର ସଂସାରକୁ ଉଜାଡ଼ି ଦିଏ, ଏହି ଘଟଣା ତାର ଏକ କରୁଣ ଉଦାହରଣ। ଘଟଣାସ୍ଥଳରେ ଫୋରେନ୍ସିକ ଟିମ୍ ପହଞ୍ଚି ତଦନ୍ତ ଚଳାଇଥିବା ବେଳେ ପୁଲିସ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଇଛି।

# ଉଚ୍ଚଶିକ୍ଷାନୁଷ୍ଠାନର ୫୦୦ ମିଟର ପରିଧି ହେବ ନିଶାମୁକ୍ତ ଅଞ୍ଚଳ

ଭୁବନେଶ୍ୱର, ୨।୭(ସମିସ): ନିଶାମୁକ୍ତ ହେବ ରାଜ୍ୟର ଉଚ୍ଚଶିକ୍ଷାନୁଷ୍ଠାନ। ଶିକ୍ଷାନୁଷ୍ଠାନର ୫୦୦ ମିଟର ପରିଧି ମଧ୍ୟରେ ମଦ, ତମାଖୁ, ନିଶାଦ୍ରବ୍ୟ ଓ ଅନ୍ୟାନ୍ୟ ମାଦକ ସାମଗ୍ରୀ ବିକ୍ରିକୁ ବାରଣ କରାଯାଇଛି। ଜାତୀୟ ନାର୍କୋଟିକ୍ସ ସମନ୍ୱୟ ବ୍ୟବସ୍ଥା (ଏନ୍‌ସିଓଆର୍‌ଡି)ର ପରାମର୍ଶ ଅନୁଯାୟୀ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ନୂତନ ନିର୍ଦ୍ଦେଶାବଳୀ ଜାରି କରାଯାଇଛି। ନିଜ ନିଜ ଅନୁଷ୍ଠାନ ପରିସରର ୫୦୦ ମିଟର ଅଞ୍ଚଳର ଭୌତିକ ଯାଞ୍ଚ କରିବାକୁ ବିଭାଗ ପକ୍ଷରୁ ସମସ୍ତ କଲେଜ ଅଧ୍ୟକ୍ଷଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏହି ପରିଧି ମଧ୍ୟରେ ମଦ, ତମାଖୁ, ନିଶାଦ୍ରବ୍ୟ ଓ ଅନ୍ୟାନ୍ୟ ମାଦକ ସାମଗ୍ରୀ ବିକ୍ରି ହେଉ ନ ଥିବା ସୁନିଶ୍ଚିତ କରିବେ। ଏହାର ରିପୋର୍ଟ ଆସନ୍ତା ୧୫ ତାରିଖ ସୁଦ୍ଧା ଏଚ୍‌ଆଇଏମ୍‌ଏସ୍ ପୋର୍ଟାଲ୍‌ରେ ଅପ୍‌ଲୋଡ୍ କରିବାକୁ କୁହାଯାଇଛି। ଏଥିପାଇଁ ଏକ ସ୍ୱତନ୍ତ୍ର ଫର୍ମାଟ୍ ମଧ୍ୟ ପ୍ରସ୍ତୁତ କରାଯାଇଛି। କଲେଜର ନାମ, ଜିଲ୍ଲା, ଅଧ୍ୟକ୍ଷଙ୍କ ବିବରଣୀ, ଯାଞ୍ଚ ତାରିଖ ସହ ୫୦୦ ମିଟର ମଧ୍ୟରେ ମଦ ଦୋକାନ, ତମାଖୁ ଦୋକାନ କିମ୍ବା ନିଶାଦ୍ରବ୍ୟର ବେଆଇନ କାରବାର ରହିଛି କି ନାହିଁ, ସେ ସମ୍ପର୍କିତ ସୂଚନା ଦେବାକୁ କୁହାଯାଇଛି। ଯଦି ଏଭଳି କୌଣସି କାର୍ଯ୍ୟକଳାପ ଚିହ୍ନଟ ହୁଏ, ତେବେ ସମ୍ପୃକ୍ତ ଦୋକାନ କିମ୍ବା ସ୍ଥାନର ନାମ ଓ ଅବସ୍ଥିତି ମଧ୍ୟ ଉଲ୍ଲେଖ କରିବେ। ଛାତ୍ରଛାତ୍ରୀଙ୍କ ପାଇଁ ସୁରକ୍ଷିତ, ସୁସ୍ଥ ଓ ନିଶାମୁକ୍ତ ଶୈକ୍ଷିକ ପରିବେଶ ସୃଷ୍ଟି କରିବା ଉଦ୍ଦେଶ୍ୟରେ ଏହି ପଦକ୍ଷେପ ନିଆଯାଇଥିବା ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ କୁହାଯାଇଛି।

**ପ୍ରତ୍ୟକ୍ଷ ଯାଞ୍ଚ କରି ୧୫ ତାରିଖ ମଧ୍ୟରେ ରିପୋର୍ଟ ଦେବାକୁ ନିର୍ଦ୍ଦେଶ**

# ପ୍ରକାଶ ପାଇଲା ପିଜି ପ୍ରବେଶିକା ପରୀକ୍ଷା ଫଳ

ଭୁବନେଶ୍ୱର, ୨।୭(ସମିସ): ସ୍ନାତକୋତ୍ତର ନାମଲେଖା ପାଇଁ ଅନୁଷ୍ଠିତ ପ୍ରବେଶିକା ପରୀକ୍ଷା (ସିପିଇଟି) ଫଳାଫଳ ଆଜି ପ୍ରକାଶ ପାଇଛି। ଛାତ୍ରଛାତ୍ରୀମାନେ ସାମ୍ସ ପୋର୍ଟାଲକୁ ଯାଇ ନିଜର ପରୀକ୍ଷାଫଳ ଦେଖିପାରିବେ ବୋଲି ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ଚଳିତ ଶିକ୍ଷାବର୍ଷରେ ପିଜି ନାମଲେଖା ପାଇଁ ହୋଇଥିବା ପ୍ରବେଶିକା ପରୀକ୍ଷା ଦେବାକୁ ମୋଟ୍ ୫୮,୬୧୩ଜଣ ଛାତ୍ରଛାତ୍ରୀ ଆବେଦନ କରିଥିଲେ। ତନ୍ମଧ୍ୟରୁ ୫୩,୯୦୧ଜଣ ପରୀକ୍ଷାର୍ଥୀ ପରୀକ୍ଷା ଦେଇଥିବାବେଳେ ଅବଶିଷ୍ଟ ୪,୭୧୨ ଜଣ ଅନୁପସ୍ଥିତ ରହିଥିଲେ। ପରୀକ୍ଷା ଦେଇଥିବା ସମସ୍ତ ଛାତ୍ରଛାତ୍ରୀ ନାମଲେଖା ପ୍ରକ୍ରିୟାରେ ଅଂଶଗ୍ରହଣ କରିବାକୁ ଚୟନ ହୋଇଛନ୍ତି। ନାମଲେଖା ପାଇଁ ଆବେଦନ କରିବାକୁ ଟାଇମ୍‌ଲାଇନ୍ ପ୍ରକାଶ ପାଇ ନ ଥିବା ବେଳେ ପରବର୍ତ୍ତୀ ସମୟରେ ତାହା ଜାରି କରାଯିବ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ସୂଚନାଯୋଗ୍ୟ, ରାଜ୍ୟର ମୋଟ୍ ୧୩୨ଟି ଉଚ୍ଚଶିକ୍ଷାନୁଷ୍ଠାନରେ ସ୍ନାତକୋତ୍ତର ପାଠ୍ୟକ୍ରମ ପାଇଁ ୩୨,୩୦୯ ଟି ସିଟ୍ ରହିଛି। ପ୍ରବେଶିକା ପରୀକ୍ଷାର ମାର୍କ ଅନୁସାରେ ନାମଲେଖା ହେବ।

**ନାମଲେଖା ପାଇଁ ଆବେଦନ କରିପାରିବେ ୫୩, ୯୦୧ ଛାତ୍ରଛାତ୍ରୀ**

## ଓମ୍‌ସାର କାର୍ଯ୍ୟବନ୍ଦ ଆନ୍ଦୋଳନ

# ରାଜ୍ୟବ୍ୟାପୀ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ

ଭୁବନେଶ୍ୱର,୨।୭(ସମିସ): ୧୦ ଦଫା ଦାବି ନେଇ ଓଡ଼ିଶା ମେଡିକାଲ ସର୍ଭିସ ଆସୋସିଏସନ(ଓମସା) ପକ୍ଷରୁ ରାଜ୍ୟବ୍ୟାପୀ ଆନ୍ଦୋଳନ ଦ୍ୱିତୀୟ ଦିନରେ ପହଞ୍ଚିଛି। ଡାକ୍ତରଙ୍କ କାର୍ଯ୍ୟବନ୍ଦ ଯୋଗୁଁ ରାଜ୍ୟବ୍ୟାପୀ ରୋଗୀମାନେ ନାହିଁ ନଥିବା ସମସ୍ୟାର ସମ୍ମୁଖୀନ ହେଉଥିବା ବେଳେ ବିଭିନ୍ନ ସ୍ଥାନରେ ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବାର ବିକଳ ଚିତ୍ର ସାମ୍ନାକୁ ଆସିଛି। ଆନ୍ଦୋଳନରତ ଡାକ୍ତରଙ୍କୁ ଆନ୍ଦୋଳନ ପ୍ରତ୍ୟାହାର କରି ଆଲୋଚନା କରିବାକୁ ସରକାରଙ୍କ ପକ୍ଷରୁ ବିଧିବଦ୍ଧ ଭାବେ ଅନୁରୋଧ କରାଯାଇଥିଲେ ହେଁ ଏହାକୁ ପ୍ରତ୍ୟାଖ୍ୟାନ କରିଛି ଓମସା। ଯେପର୍ଯ୍ୟନ୍ତ ଆମମର ନ୍ୟାଯ୍ୟ ଦାବି ପୂରଣ ହେବ ନାହିଁ, ସେପର୍ଯ୍ୟନ୍ତ ଆମର ଆନ୍ଦୋଳନ ଜାରି ରହିବ ବୋଲି ଓମସାର ସମ୍ପାଦକ ଡାକ୍ତର ସଞ୍ଜୀବ ପ୍ରଧାନ ସୂଚନା ପ୍ରଦାନ କରିଛନ୍ତି। ଅପରପକ୍ଷେ ଡାକ୍ତରଙ୍କ ଏହି ଆନ୍ଦୋଳନକୁ ଦମନ କରିବା ପାଇଁ ସରକାର କଡ଼ା ପଦକ୍ଷେପ ଗ୍ରହଣ କରିବାକୁ ପ୍ରସ୍ତୁତ ହେଉଥିବା ଜଣାପଡ଼ିଛି।

ସୂଚନାଯୋଗ୍ୟ ଯେ ଡାକ୍ତର ଆନ୍ଦୋଳନ ପାଇଁ ସମଗ୍ର ରାଜ୍ୟରେ ଓପିଡି, ଆଇପିଡି. ଜରୁରୀକାଳୀନ ସେବା ସମ୍ପୂର୍ଣ୍ଣ ରୂପେ ବ୍ୟାହତ ହୋଇପଡ଼ିଛି। ରୋଗୀ ଡାକ୍ତରଖାନାକୁ ଆସି ଚିକିତ୍ସା ନପାଇ ଫେରିଯାଉଥିବା ବେଳେ ଏହା ରାଜ୍ୟରେ ଭୟଙ୍କର ସ୍ଥିତି ସୃଷ୍ଟି କଲାଣି। ଏପଟେ ଯେପର୍ଯ୍ୟନ୍ତ ଆମର ଦାବବି ପୂରଣ ହୋଇନାହିଁ, ସେପର୍ଯ୍ୟନ୍ତ ଆମେ ଆନ୍ଦୋଳନ ଜାରି ରଖିବୁ ବୋଲି ରୋକଠୋକ୍ ଶୁଣାଇଦେଇଛି ଓମସା। ଗତ ଜାନୁଆରୀରେ ୯ ତାରିଖରେ ସରକାରଙ୍କ ସହ ଓମସା ଶେଷଥର ପାଇଁ ଆଲୋଚନା କରିଥିଲା। ବୈଠକରେ ସ୍ୱାସ୍ଥ୍ୟମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ ଏବଂ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। ଉକ୍ତ ବୈଠକରେ ୩ ମାସ ମଧ୍ୟରେ ଓମସାର ସମସ୍ତ ଦାବି ପୂରଣ କରାଯିବ ବୋଲି ସରକାର ପ୍ରତିଶ୍ରୁତି ଦେଇଥିଲେ। ମାତ୍ର ଇତିମଧ୍ୟରେ ୫ ମାସ ପୂରଣ ହୋଇ ୬ ମାସ ଚାଲିବାକୁ ଆରମ୍ଭ ହୋଇଥିଲେ ହେଁ ସରକାର ଦାବି ପୂରଣ କଲେ ନାହିଁ। ତେଣୁ ଯେପର୍ଯ୍ୟନ୍ତ ସରକୌର ଦାବି ପୂରଣ କରିନାହାନ୍ତି, ଆନ୍ଦୋନ ଜାରି ରହିବ ବୋଲଲି ଓମସା ପକ୍ଷରୁ ସୂଚନା ଦିଆଯାଇଛି।

ଏପଟେ ରାଜ୍ୟ ସରକାରଙ୍କ ପକ୍ଷୁ କୁହାଯାଇଛି ଯେ ରାଜ୍ୟ ସରକାର ସର୍ବଦା ଡାକ୍ତରମାନଙ୍କ ଯୁକ୍ତିସଙ୍ଗତ ଦାବି ପ୍ରତି ସମ୍ବେଦନଶୀଳ ରହିଛନ୍ତି। କିନ୍ତୁ ରୋଗୀଙ୍କ ସ୍ୱାର୍ଥ ଓ ନିରବଚ୍ଛିନ୍ନ ସ୍ୱାସ୍ଥ୍ୟ ସେବାକୁ ସର୍ବାଧିକ ପ୍ରାଥମିକତା ଦିଆଯାଉଛି। ସେଥିପାଇଁ ଆନ୍ଦୋଳନରତ ଡାକ୍ତରମାନଙ୍କୁ ତୁରନ୍ତ କାର୍ଯ୍ୟରେ ଯୋଗଦେବାକୁ ଜଣାଇ ଦିଆଯାଇଛି। ସେମାନେ କାର୍ଯ୍ୟରେ ଯୋଗଦେବା ପରେ ସେମାନଙ୍କ ଦାବିଗୁଡ଼ିକ ଉପରେ ଗଠନମୂଳକ ଆଲୋଚନା କରିବାକୁ ସରକାର ସମ୍ପୂର୍ଣ୍ଣ ପ୍ରସ୍ତୁତ ଅଛନ୍ତି। ସେବା ହିଁ ପରମ ଧର୍ମ। ଏହାକୁ ପାଥେୟ କରି ଆନ୍ଦୋଳନରତ ଡାକ୍ତର ମାନଙ୍କୁ ଅନୁରୋଧ ,ସେମାନେ ଆନ୍ଦୋଳନ ପ୍ରତ୍ୟାହାର କରି ପୂର୍ବଭଳି ରୋଗୀସେବା ଜାରି ରଖନ୍ତୁ । ଯଦି ରୋଗୀଙ୍କ ସ୍ୱାର୍ଥ ଓ ସ୍ୱାସ୍ଥ୍ୟ ସେବା ବ୍ୟାଘାତ ହୁଏ ତା ହେଲେ ସରକାର ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରିବା ପାଇଁ ବାଧ୍ୟ ହେବେ ବୋଲି ସରକାର ଚେତାବନୀ ଦେଇଛନ୍ତି।

- **ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଜାରି ରହିବ ଆନ୍ଦୋଳନ: ଓମ୍‌ସା**
- **ସ୍ୱାସ୍ଥ୍ୟ ସେବା ବ୍ୟାଘାତ ହେଲେ ପଦକ୍ଷେପ ନେବାକୁ ବାଧ୍ୟ ହେବୁ: ସରକାର**

# ତୀର ମାଡ଼ରେ ଦୁଇ ଗୁରୁତର

## ପିଠିରେ ଶରବିଦ୍ଧ ଅବସ୍ଥାରେ ରାୟପୁର ସ୍ଥାନାନ୍ତର

ନୂଆପଡ଼ା/କୋମନା,୨।୭(ସମିସ): ସୀମାନ୍ତ ଅଞ୍ଚଳ ଓଡ଼ିଶା-ଛତିଶଗଡ଼ ସୀମାନ୍ତବର୍ତ୍ତୀ ଏକ ଗାଁରେ ଏକ ଅଭାବନୀୟ ଘଟଣା ଘଟିଯାଇଛି। ଘରୋଇ କଳିରୁ ବିବାଦ ଉଗ୍ରହେବାପରେ ତୀରମାଡ଼ ପର୍ଯ୍ୟନ୍ତ କଥା ଯାଇଥିଲା। ତୀର ମାଡ଼ରେ ଦୁଇ ଜଣ ଗୁରୁତର ଆହତ ହୋଇଛନ୍ତି। ସୂଚନା ଅନୁଯାୟୀ, ଛତିଶଗଡ଼ ରାଜ୍ୟ ଗରିଆବନ୍ଧ ଜିଲ୍ଲା ଅମଲିପଦର ଥାନା ଅଧୀନ ଘୁମରାପଦର ଗାଁର ରାଜୁରାମ କମାର କୌଣସି ପାରିବାରିକ ବିବାଦକୁ କେନ୍ଦ୍ର କରି ନିଜ ଭାଇ ଓ ଭିଣୋଇଙ୍କ ଉପରକୁ ତୀର ଚଳାଇଥିଲା। ଏହି ତୀର ମାଡ଼ରେ ଗୁନା ସିଂ ଓ ନିମା ସିଂ ଗୁରୁତର ଆହତ ହୋଇଛନ୍ତି। ପିଠିରେ ତୀର ବିଦ୍ଧ ହୋଇରହିଛି। ଉଭୟଙ୍କୁ ପ୍ରଥମେ ସ୍ଥାନୀୟ ଅମଲିପଦର ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ତେବେ ସେଠାରେ ଡାକ୍ତର ପିଠିରୁ ଶରଟିକୁ ବାହାର କରିବାରେ ଅସମର୍ଥ ହେବାରୁ, ଆହତଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ତୁରନ୍ତ ରାୟପୁରର ଏକ ବଡ଼ ମେଡିକାଲକୁ ସ୍ଥାନାନ୍ତର କରିଛନ୍ତି। ସେଠାରେ ଦୁଇ ଗୁରୁତରଙ୍କ ଚିକିତ୍ସା ଚାଲିଥିବା ଜଣାପଡ଼ିଛି। ଅମଲିପଦର ଥାନା ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଥିବା ସୂଚନା ମିଳିଛି।



# ମାମୁଁ ମୋବାଇଲ୍ ଛଡ଼ାଇ ନେବାରୁ ବିଷପିଇ ନାବାଳିକାଙ୍କ ଆତ୍ମହତ୍ୟା

ଉଦଳା, ୨।୭(ସମିସ): ମୋବାଇଲ ପାଇଁ ଯାଇଛି ଜଣେ ନାବାଳିକାଙ୍କ ଜୀବନ। ମାମୁଁ ମୋବାଇଲ ଛଡ଼ାଇ ନେଇ ଭାଙ୍ଗିଦେବାରୁ ରାଗି ଯାଇ ବିଷପିଇ ଦେଇଥିଲେ ଦୁର୍ଗା ନାଏକଙ୍କ ୧୫ ବର୍ଷର ନାବାଳିକା ଝିଅ ରୁନୁ ନାଏକ। ତାଙ୍କୁ ଉଦଳା ଡାକ୍ତରଖାନାକୁ ନିଆଯାଉଥିବାବେଳେ ବାଟରେ ମୃତ୍ୟୁ ହୋଇଯାଇଥିଲା। ଏଭଳି ଅଭାବନୀୟ ଘଟଣା ରାଜବରହମପୁର ଥାନା ଅନ୍ତର୍ଗତ ଗବପାଳ ଗ୍ରାମରେ ଘଟିଛି। ସୂଚନା ମୁତାବକ, ରୁନୁ ସକାଳୁ ବସି ମୋବାଇଲ ଦେଖୁଥିଲେ ଓ ତାଙ୍କ ମାଆ ଆଉ ମାମୁଁ ପାଟି କରି ମୋବାଇଲ ଛଡ଼ାଇ ନେଇ ଭାଙ୍ଗିଦେଇଥିଲେ। ଫଳରେ ରୁନୁ ରାଗିଯାଇ କୀଟନାଶକ ପିଇ ଦେଇଥିଲେ। ତାଙ୍କୁ ଉଦଳା ଡାକ୍ତରଖାନାକୁ ନିଆଯାଉଥିବାବେଳେ ପହଞ୍ଚିବା ବେଳକୁ ମୃତ୍ୟୁ ହୋଇସାରିଥିଲା। ପୁଲିସ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା। ତେବେ ଡାକ୍ତରଙ୍କ ଧର୍ମଘଟ ଚାଲିଥିବାରୁ ବ୍ୟବଚ୍ଛେଦ ହୋଇ ନ ପାରି ମୃତଦେହ ପଡ଼ିରହିଥିବା ଜଣାପଡ଼ିଛି।

## ଭୁବନେଶ୍ୱରରେ ଛତିଶଗଡ଼ ପୁଲିସ

# ରିମାଣ୍ଡରେ ଯିବେ କନ୍ଧମାଳ ଗଞ୍ଜେଇ ଗ୍ୟାଙ୍ଗ

ଭୁବନେଶ୍ୱର, ୨।୭ (ସମିସ): ଦେଶର ବିଭିନ୍ନ ରାଜ୍ୟକୁ ଗଞ୍ଜେଇ ଚୋରା ଚାଲାଣ ଅଭିଯୋଗରେ ଭୁବନେଶ୍ୱର ଏସ୍‌ଟିଏଫ୍ ଦ୍ୱାରା ଗିରଫ ହୋଇଥିବା ଗନ୍ଧମାଳ ଗଞ୍ଜେଇ ଗ୍ୟାଙ୍ଗ୍‌କୁ ରିମାଣ୍ଡରେ ନେବ ଛତିଶଗଡ଼ ପୁଲିସ। ଭୁବନେଶ୍ୱର ଏସ୍‌ଟିଏଫ୍ ଦ୍ୱାରା ଗିରଫ ୫ଜଣିଆ ଗ୍ୟାଙ୍ଗକୁ ଛତିଶଗଡ଼ ପୁଲିସ ଗୁରୁବାର କିଛି ସମୟ ପାଇଁ ପଚରାଉଚରା କରିଛି। ତେବେ କନ୍ଧମାଳ ଗଞ୍ଜେଇ ଗ୍ୟାଙ୍ଗକୁ ଜେରା ପାଇଁ ରିମାଣ୍ଡରେ ନେବାକୁ ଛତିଶଗଡ଼ ପୁଲିସ କୋର୍ଟରେ ଆବେଦନ କରିବ ବୋଲି ସୂଚନା ମିଳିଛି।

ଏସ୍‌ଟିଏଫ୍ ସୂଚନା ମୁତାବକ କନ୍ଧମାଳ ଗଞ୍ଜେଇ ଗ୍ୟାଙ୍ଗର ମାଷ୍ଟରମାଇଣ୍ଡ ଦୁର୍ବାସା ସାହୁ ଓ ତାର ୪ ସହଯୋଗୀ ସୁବୁଦ୍ଧି ସାହୁ, ଅରୁଣ କୁମାର ରଣା, ପ୍ରକାଶ ଖଟୁଆ ଓ ନିଳାମ୍ବର କହଁର ଦେଶର ବିଭିନ୍ନ ରାଜ୍ୟକୁ ଓଡ଼ିଶାରୁ ଗଞ୍ଜେଇ ଚୋରା ଚାଲାଣ କରିଥାଆନ୍ତି। ଡିସେମ୍ବର ୨୦୨୫ ରୁ ଅଗଷ୍ଟ ୨୦୨୬ ମଧ୍ୟରେ ଏମାନେ ଛତିଶଗଡ଼ ସମେତ ଅନେକ ଉତ୍ତର ଭାରତ ରାଜ୍ୟ ଗୁଡ଼ିକୁ ଗଞ୍ଜେଇ ଚାଲାଣ କରିଛନ୍ତି ଓ ୩୧ କ୍ୱିଣ୍ଟାଲ ଗଞ୍ଜେଇ ଚୋରାଚାଲାଣ ଅଭିଯୋଗରେ ଏସ୍‌ଟିଏଫ ,ସେମାନଙ୍କୁ ଗିରଫ କରିଛି। ଅଭିଯୁକ୍ତମାନେ ଏକ ଢାବା ନିକଟରେ ଟ୍ରକରେ ଗଞ୍ଜେଇ ରଖିଥିଲେ। ଏଠାରୁ ଉତ୍ତର ପ୍ରଦେଶକୁ ଗଞ୍ଜେଇ ଚାଲାଣ ହେଇଥାନ୍ତା। ଛତିଶଗଡ଼ ପୁଲିସ ଖବର ପାଇ ଢାବା ପାଖରେ ଛିଡା ହୋଇଥିବା ଟ୍ରକରେ ଛାପା ମାରିବା ପରେ ଗଞ୍ଜେଇ ସହ ଉପସ୍ଥିତ କିଛି ଅଭିଯୁକ୍ତକୁ ଧରିଥିଲା। ହେଲେ ଏମାନେ ପୁଲିସକୁ ଓଲଟା ମାଡ଼ ମାରି ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ। ସେବେ ଠାରୁ ଏହି କନ୍ଧମାଳ ଗଞ୍ଜେଇ ଗ୍ୟାଙ୍ଗ ଛତିଶଗଡ଼ ପୁଲିସର ମୋଷ୍ଟ ୱାଣ୍ଟେଡ୍ ଲିଷ୍ଟରେ ଥିବା କୁହାଯାଉଛି।

## ଅପରେସନ 'ସେଫ୍ ପାସେଜ୍'ର ବଡ଼ ସଫଳତା

# ଦୁଇ ବାଘ ଛାଲ ଜବତ, ଆନ୍ତଃରାଜ୍ୟ ଶିକାରୀ ଗିରଫ

ନୂଆପଡ଼ା/କୋମନା,୨।୭ (ସମିସ): ବନ୍ୟଜନ୍ତୁ ସୁରକ୍ଷା ଓ ଅବୈଧ ଶିକାର ବିରୋଧୀ ଅଭିଯାନ "ଅପରେସନ ସେଫ୍ ପାସେଜ୍' ରେ ଏକ ବଡ଼ ସଫଳତା ମିଳିଛି। ଗୁଇନ୍ଦା ସୂଚନା ଆଧାରରେ ଛତିଶଗଡ଼ ବନ ବିଭାଗ ଓ ବିଭିନ୍ନ ଏଜେନ୍ସିଙ୍କ ମିଳିତ ଚଢ଼ଉରେ ଆନ୍ତଃରାଜ୍ୟ ଶିକାରୀ ଚକ୍ରକୁ ବଡ଼ ଝଟକା ଦିଆଯାଇଛି। ଛତିଶଗଡ଼ ରାଜ୍ୟ କାଙ୍କେର ଜିଲ୍ଲାର ପଶ୍ଚିମ ପାରଲକୋଟ ରେଞ୍ଜରେ ଚାଲିଥିବା ଅଭିଯାନବେଳେ ବୁଧବାର ଦୁଇ ଶିକାରୀଙ୍କୁ ଗିରଫ କରାଯିବା ସହ ସେମାନଙ୍କ ନିକଟରୁ ଦୁଇଟି ବାଘ ଛାଲ ଜବତ କରାଯାଇଛି। ଗିରଫ ଅଭିଯୁକ୍ତ ହେଲେ ବାବୁ ରାଓ ମାଣ୍ଡଭି ଓ ବିଯେଶ୍ୱର ଗିଦମ। ଏମାନେ ମହାରାଷ୍ଟ୍ରର ଚନ୍ଦ୍ରପୁର ଅଞ୍ଚଳର ବାସିନ୍ଦା। ଏହି ଘଟଣାରେ ଭାନୁପ୍ରତାପପୁର ଫରେଷ୍ଟ ଡିଭିଜନ ପକ୍ଷରୁ ମାମଲା ରୁଜୁ କରାଯାଇ ତଦନ୍ତ ଜାରି ରହିଛି। ଏହା ପୂର୍ବରୁ ବସ୍ତରର ଅବୁଝମାଡ଼ ଅଞ୍ଚଳରେ ୯ଟି ଭାରତୀୟ ବିଶାଳ ଗୁଣ୍ଡୁଚିମୂଷା ଶିକାର କରିଥିବା ଜଣେ ଶିକାରୀଙ୍କୁ ମଧ୍ୟ ଗିରଫ କରାଯାଇଥିଲା। କ୍ରମାଗତ କାର୍ଯ୍ୟାନୁଷ୍ଠାନ ଫଳରେ ସଂଗଠିତ ଶିକାରୀ ଚକ୍ରର ନେଟୱାର୍କ ଦୁର୍ବଳ ହେଉଥିବା ବନ ବିଭାଗ ପକ୍ଷରୁ କୁହାଯାଇଛି। ଟାଇଗର ରିଜର୍ଭର ଉପ-ନିର୍ଦ୍ଦେଶକ ବରୁଣ ଜୈନ କହିଛନ୍ତି, ଲଗାତାର କଡ଼ା ଅଭିଯାନ ଯୋଗୁଁ ବନ୍ୟଜନ୍ତୁ କରିଡର ଦେଇ ବାଘଙ୍କ ଅବାଧ ଗତିବିଧି ବୃଦ୍ଧି ପାଉଥିବାର ପ୍ରମାଣ ମିଳୁଛି, ଯାହା ବନ୍ୟଜନ୍ତୁ ସଂରକ୍ଷଣ ଦିଗରେ ଏକ ସକାରାତ୍ମକ ସଙ୍କେତ। ବନବିଭାଗ ସୂଚନା ଦେଇଛି ଯେ ଗଡ଼ଚିରୋଲି ଇନ୍ଦ୍ରାବତୀ ଅବୁଝମାଡ଼ ଉଦନ୍ତୀ ସୀତାନଦୀ ସୁନାବେଡ଼ା ବନ୍ୟଜନ୍ତୁ କରିଡରର ସୁରକ୍ଷା ଓ ପୁନରୁଦ୍ଧାର ମଧ୍ୟ ଭାରତରେ ବାଘ ସମେତ ଦୁର୍ଲଭ ବନ୍ୟପ୍ରାଣୀଙ୍କ ସୁରକ୍ଷିତ ବିଚରଣ ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଉପରୋକ୍ତ ସୂଚନା ଛତିଶଗଡ଼ ବନ ବିଭାଗ ପକ୍ଷରୁ ଜାରି ପ୍ରେସ ବିଜ୍ଞପ୍ତିରେ ଉଲ୍ଲେଖ କରାଯାଇଛି।



## ଗେରୁଆ ଟୋପି ପିନ୍ଧିଲେ ବିଜେଡିରୁ ନିଲମ୍ବିତ ଶଶି-ସୁବାସିନୀ

# ଘରେ ପଶୁପଶୁ ମୁଣ୍ଡରେ ଚାଳ, ବାଣ ମାରିଲେ ପଦ୍ମଲୋଚନ

ବାଲେଶ୍ୱର,୨।୭ (ସମିସ): ଗୋଳିଆ ହେଉଛି ବାଲେଶ୍ୱର ପଦ୍ମ ପୋଖରୀ । ବାଲେଶ୍ୱର ଜିଲ୍ଲାରେ ଦଳ ଡିଆଁ ନେତାଙ୍କ ସଂଖ୍ୟା ଯେତେ ବଢୁଛି, ପୁରୁଖା ବିଜେପି ନେତାଙ୍କୁ ସେତେ ଭୋଲ୍ଟର ଝଟକା ଲାଗୁଛି । ଏବେ ଖଇରା ସିମୁଳିଆ ନିର୍ବାଚନ ମଣ୍ଡଳୀରେ ଦଳ ଡିଆଁ ରାଜନୀତିକୁ ନେଇ ଗାଁ ଗଣ୍ଡାରେ ତୁମ୍ବି ତୋଫାନ ସୃଷ୍ଟି ହେବାକୁ ଯାଉଛି। ବିଜେଡିରୁ ନିଲମ୍ବିତ ବିଜେଡି ନେତା ଶଶି କୁମାର ସାହୁ ଓ ତାଙ୍କ ଧର୍ମପତ୍ନୀ ସୁବାସିନୀ ସାହୁ ରାଜ୍ୟ ବିଜେପି କାର୍ଯ୍ୟାଳୟରେ ବିଜେପିରେ ସାମିଲ ହୋଇଛନ୍ତି। ମାତ୍ର ବିଜେପି ଶିବିରରେ ପଶୁପଶୁ ଦୁଇ ନେତାଙ୍କ ମୁଣ୍ଡରେ ବାଜିଛି ଚାଳ । ସେମାନଙ୍କ ମିଶ୍ରଣକୁ ସହଜରେ ଗ୍ରହଣ କରିପାରି ନାହାନ୍ତି ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ତଥା ସିମୁଳିଆ ବିଧାୟକ ପଦ୍ମଲୋଚନ ପଣ୍ଡା। ଜମି ଓ ଖଣି କାରବାର ସୁରକ୍ଷା ପାଇଁ ଦୁହେଁ ବିଜେପିରେ ଯୋଗଦେଇଥିବା ଶ୍ରୀ ପଣ୍ଡା କଟାକ୍ଷ କରିଛନ୍ତି।

ବିଧାୟକ ଶ୍ରୀ ପଣ୍ଡା କହିଛନ୍ତି ଯେ ତାଙ୍କ ଅଗୋଚରରେ ଶଶିଙ୍କୁ ଦଳରେ ମିଶାଯାଇଛି । କୁପାରୀ ଅଞ୍ଚଳ ଥିବା ପଥର ଖଣି ଓ ଜମି କାରବାରକୁ ସୁରକ୍ଷା ଦେବାକୁ ଶଶି ବିଜେପି ଶିବିରକୁ ଆସିଛନ୍ତି ବୋଲି ଶ୍ରୀ ପଣ୍ଡା କହିଛନ୍ତି। ଜିଲ୍ଲା ସଭାପତି, ସ୍ଥାନୀୟ ନେତୃ ମଣ୍ଡଳୀ କିମ୍ବା ସ୍ଥାନୀୟ ବିଧାୟକଙ୍କୁ ଅନ୍ଧାରରେ ରଖି ଶଶିକୁ ଦଳକୁ ଆଣି ସଂଗଠନରେ ବିଶୃଙ୍ଖଳା ବଢ଼ାଯାଉଛି ବୋଲି ସେ କହିଛନ୍ତି। ଗତ ସାଧାରଣ ନିର୍ବାଚନରେ ବିଜେଡିରୁ ସିମୁଳିଆ ନିର୍ବାଚନ ମଣ୍ଡଳୀର ପ୍ରାର୍ଥୀ ସୁବାସିନୀ ସାହୁ ପ୍ରାର୍ଥୀ ହୋଇଥିଲେ। ପଦ୍ମଲୋଚନଙ୍କ ଠାରୁ ହାରିବା ପରେ ପୁଣି ସେ ବିଜେପି ଶିବିରରେ ପ୍ରବେଶ ଦଳ ପାଇଁ ମୁଣ୍ଡବ୍ୟଥାର କାରଣ ପାଲଟିଛି । ଆଗକୁ ପଞ୍ଚାୟତ ନିର୍ବାଚନ ଥିବା ବେଳେ ପଦ୍ମଲୋଚନଙ୍କୁ ନିଷ୍କ୍ରିୟ କରିବାକୁ ରାଜ୍ୟ ବିଜେପି ନେତୃତ୍ୱଙ୍କ ଏହା ଏକ ଚାଲ ବୋଲି କର୍ମୀ ମହଲରେ ଚର୍ଚ୍ଚା ହେଉଛି । ଶଶି ବିଜେଡ଼ିରୁ ନିଲମ୍ବିତ ହେବା ପରେ ଜ୍ୟୋତିଙ୍କ ଉପରେ ବିଜେଡ଼ି ନେତୃତ୍ୱ ଅଧିକ ଭରସା କରି ତାଙ୍କୁ ଜିଲ୍ଲା ସଭାପତି ଦାୟିତ୍ୱ ଦେଇଛି। ବିଜେଡ଼ି ଶିବିର ଏକ ପ୍ରକାର ଶୃଙ୍ଖଳିତ ହେବାକୁ ଯାଉଥିବା ବେଳେ ବିଜେପିରେ ଆଗକୁ ପଦ୍ମଲୋଚନ ଓ ଶଶିଙ୍କ ସମାନ୍ତରାଳ ସଂଗଠନ ଦଳକୁ କେତେଟା ଫାଇଦା ପହଂଚାଇବ ତାହା ଜଳ ଜଳ ହୋଇ ବୁଝାପଡୁଛି ।

ବିଧାୟକ ଶ୍ରୀ ପଣ୍ଡା କହିଛନ୍ତି ଯେ ବିଜେପିରେ କିଏ ମିଶିଛି ମୁଁ ଜାଣିନାହିଁ। ତାଙ୍କୁ ରାଜ୍ୟ ସଭାପତି ମିଶାଇଛନ୍ତି, ମୋତେ ଜଣାଇନାହାନ୍ତି କି ଡକାଇ ନାହାନ୍ତି। ଆମ ଅଞ୍ଚଳର ଲୋକ କେହି ଯାଇନଥିଲେ। ସେ ଖଣି ଖାଦାନରୁ ମୂଳିଆଙ୍କୁ ନେଇ ଦଳରେ ମିଶିଛି । ଶଶି ପାଖରେ ଖଣି ଅଛି ମଣି ଅଛି। ଭୁବନେଶ୍ୱରରେ ତାଙ୍କର ୨୦୦-୪୦୦ ଏକର ଜମି ଅଛି। ସେ ଜଣେ ସାଇବେରିଆନ ପକ୍ଷୀ। ତାଙ୍କ ଘର ସୋର ଅଞ୍ଚଳରେ, ଖଇରା କି ସିମୁଳିଆରେ ତାଙ୍କ ଘର ନାହିଁ। ସେ ବିଜେପିରେ ଥିଲା, ଧୋକା ଖାଇ ବିଜେଡି ଗଲେ, ଏବେ ପୁଣି ବିଜେଡିରେ ଧୋକା ଖାଇ ବିଜେପି ଆସିଛନ୍ତି। ସେ ଆସିବା ଦ୍ୱାରା ମୁଁ ଆଦୌ ଚିନ୍ତିତ ନୁହେଁ ବୋଲି ସିଧାସଳଖ କହିଛନ୍ତି।

**'ଖଣି ଓ ଜମି କାରବାର ସୁରକ୍ଷା ପାଇଁ ବିଜେପିରେ ଯୋଗଦାନ'**

## ନୂଆପଡ଼ାରେ ଚାଷୀ ଆତ୍ମହତ୍ୟା ଘଟଣା

# ନେପାଳ ମାଝୀଙ୍କ ଘରୁ ତଥ୍ୟ ସଂଗ୍ରହକଲା ବିଜେଡି ଅନୁଧ୍ୟାନକାରୀ ଦଳ

ନୂଆପଡ଼ା/ସିନାପାଲି,୨।୭(ସମିସ): ନୂଆପଡ଼ା ଜିଲ୍ଲାରେ ଚାଷୀଙ୍କ ଧାନ ବିକ୍ରି ନ ହେବା ଯୋଗୁଁ ନେପାଳ ମାଝୀ ନାମକ ଚାଷୀ ଆତ୍ମହତ୍ୟା କରିଥିଲେ। ଏହି ଘଟଣାକୁ ନେଇ ରାଜ୍ୟରେ ଜୋରଦାର ଚର୍ଚ୍ଚା ହେବା ସହ ରାଜ୍ୟ ସରକାରଙ୍କ ଚାଷୀ ମାରଣ ନୀତି ଓ ମଣ୍ଡିରେ ଅବ୍ୟବସ୍ଥା ସାଙ୍ଗକୁ ସ୍ଥାନୀୟ ପ୍ରସାଶନର ଅପାରଗତା ଯୋଗୁଁ ଚାଷୀ ଆତ୍ମହତ୍ୟା କରିଥିବା ବିଜେଡି ଅଭିଯୋଗ କିରିଛି। ଆଜି ବିଜେଡ଼ିର ତଥ୍ୟ ସଂଗ୍ରହକାରୀ ଟିମ୍ ଜଡ଼ାମୁଡ଼ା ଗାଁ ସ୍ଥିତ ମୃତ ଚାଷୀଙ୍କ ଘରେ ପହଞ୍ଚି ପରିବାର ଲୋକଙ୍କ ସହ ଆଲୋଚନା କରି ତଥ୍ୟ ସଂଗ୍ରହ କରିଥିଲେ। ପ୍ରକାଶ ଥାଉକି, ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ରାଜ୍ୟ ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶ କ୍ରମେ ଏକ ତଥ୍ୟ ଅନୁସନ୍ଧାନକାରୀ ଦଳ ପୂର୍ବତନ ଯୋଗାଣ ମନ୍ତ୍ରୀ ସଞ୍ଜୟ ଦାସ ବର୍ମାଙ୍କ ନେତୃତ୍ୱରେ ଖଡିଆଳ ବିଧାୟକ ଅଧିରାଜ ମୋହନ ପାଣିଗ୍ରାହୀ, ପୂର୍ବତନ ମନ୍ତ୍ରୀ ପୁଷ୍ପେନ୍ଦ୍ର ସିଂହଦେଓ, ବିଜେଡି ଜିଲ୍ଲା ସଭାପତି ଅବନୀ ରଞ୍ଜନ ଯୋଷୀ, ରାଜ୍ୟ ସମ୍ପାଦକ ରାଜେଶ ନିଗମ, ରାଜ୍ୟ ସାଧାରଣ ସମ୍ପାଦକ ମନୋଜ ମିଶ୍ର, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଡଲି ମାଝୀ, ଉପାଧ୍ୟକ୍ଷା ଦୀପିକା ଦୀପ, ମହିଳା ଜିଲ୍ଲା ସଭାପତି ସଂତୋସିନି ସଲମା, ଜିଲ୍ଲା ପରିଷଦ ସଦସ୍ୟ ଭାନୁ ପ୍ରତାପ ସିଂ ମାଝୀ, ଜିଲ୍ଲା ପରିଷଦ ସଭ୍ୟ ମୁରଲୀ ଭୋଇ, ଜିଲ୍ଲା ପରିଷଦ ସଭ୍ୟ ଚିତ୍ତରଞ୍ଜନ ବେହେରା, ଜିଲ୍ଲା ସାଧାରଣ ସମ୍ପାଦକ ହେମନ୍ତ କର, ସାଧାରଣ ସମ୍ପାଦକ କାର୍ତ୍ତିକ ଦୀପ, ବିଜେଡ଼ି ଯୁବ ଜିଲ୍ଲା ସଭାପତି ମନୋଜ ଦୀପ, ପୂର୍ବତନ ଯୁବ ସଭାପତି ହରିଶ୍ଚନ୍ଦ୍ର ପଣ୍ଡା, ଟିଙ୍କୁ ପଣ୍ଡା, ଉମେଶ ସହିସ୍, ନୂଆପଡା ବ୍ଲକ ସଭାପତି ଚୁରନ ସିଂ ମାଝୀ, କୋମନା ବ୍ଲକ ସଭାପତି କ୍ଷମା ସିଂ ନୀଆଲ, ଛାତ୍ର ରାଜ୍ୟ ସାଧାରଣ ସମ୍ପାଦକ ମାନସ ବାଗ୍, ଯୋଗେନ୍ଦ୍ର ମାଝୀ, ଯୋଗେନ୍ଦ୍ର ପାଣ୍ଡେ, ଖରୀଆର ରୋଡ୍ ଏନ୍‌ଏସି ସଭାପତି ଅନୁପ ଦୀପ, ଖଡିଆଲ ବ୍ଲକ ସଭାପତି ହୀରାଧର ମେହେର, ସରସ୍ୱତୀ ବାଗ, ତନ୍ମୟ ବାଗ, ଜଡ଼ାମୁଣ୍ଡା ସରପଞ୍ଚ ସୁରୁସିଂ ମାଝୀ ଟିମ୍‌ରେ ସାମିଲ୍ ଥିଲେ। ସବିଶେଷ ତଥ୍ୟ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କୁ ପ୍ରଦାନ କରାଯିବ ବୋଲି ବିଜେଡିର ଏହି ସ୍ୱତନ୍ତ୍ର ପ୍ରତିନିଧି ଦଳ ପ୍ରକାଶ କରିଛନ୍ତି।

ଅନ୍ୟପକ୍ଷରେ ଜିଲ୍ଲାରେ ମଣ୍ଡିର ଅବ୍ୟବସ୍ଥାକୁ ନେଇ ବିଜେଡି ନେତା ସଞ୍ଜୟ ଦାସ ବର୍ମା ସାମ୍ବାଦିକ ସମ୍ମିଳନୀରେ ପ୍ରଶ୍ନ ଉଠାଇ ଥିଲେ। ଏହାପରେ ଜିଲ୍ଲାପାଳ ମଧୁସୂଦନ ଦାସଙ୍କୁ ସାକ୍ଷାତକରି ମଣ୍ଡିର ଅବ୍ୟବସ୍ଥାକୁ ନେଇ ଆଲୋଚନା କରିଥିଲେ। ଶ୍ରୀ ବର୍ମା କହିଥିଲେ ଧାନକିଣା ପ୍ରସଙ୍ଗରେ ସରକାର ବିଫଳ ହୋଇଛନ୍ତି। । ମଣ୍ଡିର ବ୍ୟବସ୍ଥା ଠିକ୍ ନାହିଁ, ଏହି ସରକାର ଚାଷୀଙ୍କ ହିତ ପାଇଁ ନାହାନ୍ତି ବୋଲି କହିଥିଲେ। ଜିଲ୍ଲାପାଳଙ୍କ କହିବା ଅନୁଯାୟୀ ଏହି ୩ ତାରିଖ ସୁଦ୍ଧା ଚାଷୀଙ୍କ ଆଇସ୍କେନ୍ କରାଯିବ, ଏହାପରେ ଆମେ ସମସ୍ତ ଧାନ ଉଠାଇବା ବୋଲି କହିଥିବା କହିଛନ୍ତି ଶ୍ରୀ ବର୍ମା। ସାମ୍ବାଦିକ ସମ୍ମିଳନୀରେ ଖଡ଼ିଆଳ ବିଧାୟକ ଅଧିରରାଜ ମୋହନ ପାଣିଗ୍ରାହୀ, ପୂର୍ବତନ ମନ୍ତ୍ରୀ ପୁଷ୍ପେନ୍ଦ୍ର ସିଂ ଦେଓ, ଜିଲ୍ଲାପରିଷଦ ଅଧ୍ୟକ୍ଷା ଡଲିମାଝୀ, ଜିଲ୍ଲା ସଭାପତି ଅବନୀରଞ୍ଜନ ଯୋଶୀ, ଉପାଧ୍ୟକ୍ଷା ଦୀପିକା ଦୀପ, ଜିଲ୍ଲା ପରିଷଦ ସଭ୍ୟ ଭାନୁ ପ୍ରତାପ ମାଝୀ, କାର୍ତ୍ତିକ ଦୀପ, ମନୋଜ ମିଶ୍ର, ସୁବାସ ପଣ୍ଡା, ହେମନ୍ତ କର, ଚୁରନ୍ ମାଝୀ ପ୍ରମୁଖ ଉପସ୍ଥିତ ଥିଲେ।



SBI
ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଫୋନ୍: 022-22820427

ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

**ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ନିୟମିତ ଆଧାରରେ**

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ନିୟମିତ ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

**ବିଜ୍ଞାପନ ସଂ. CRPD/SCO/2026-27/02**

| ପୋଷ୍ଟର ନାମ | ଗ୍ରେଡ୍ | ଖାଲି ପଦବୀ ସଂଖ୍ୟା | ସର୍ବାଧିକ ବୟସ (31.05.2026 କଟ୍ ଅଫ୍) |
|---|---|---|---|
| ସହାୟକ ପରିଚାଳକ (ଆଇନ) | ଜେଏମଜିଏସ୍-I | 20 | 30 ବର୍ଷ |
| ଉପ ପରିଚାଳକ (ଆଇନ) | ଏମ୍ଏମ୍‌ଜିଏସ୍-II | 27 (ନିୟମିତ) ଏବଂ 02 (ବ୍ୟାକଲଗ୍) | 35 ବର୍ଷ |
| **ବିଜ୍ଞାପନ ସଂ. CRPD/SCO/2026-27/03** | | | |
| ବ୍ୟାଙ୍କ ଚିକିତ୍ସା ଅଧିକାରୀ | ଏମ୍ଏମ୍‌ଜିଏସ୍-II | 35 | 35 ବର୍ଷ |

ଯୋଗ୍ୟତା ମାନଦଣ୍ଡ (ବୟସ, ଯୋଗ୍ୟତା, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ https://sbi.bank.in/web/careers/current-openings ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ । ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ । ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: "CONTACT US" —> "Post Your Query" ଯାହା ବ୍ୟାଙ୍କର ୱେବସାଇଟ (https://bank.sbi.in/web/careers/post-your-query)ରେ ଉପଲବ୍ଧ ।

- **ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 24.06.2026 ରୁ 14.07.2026 ପର୍ଯ୍ୟନ୍ତ ।**

**ସ୍ଥାନ:** ମୁମ୍ବାଇ
**ତାରିଖ:** 24.06.2026

**ମହା ପ୍ରବନ୍ଧକ (ଆର୍‌ପି ଆଣ୍ଡ ପିଏମ୍)**

## ହୃଦ୍‌ଘାତରେ ଯୁବ ବ୍ୟବସାୟୀଙ୍କ ମୃତ୍ୟୁ



**ପାଣିକୋଇଲି,୨।୭(ସମିସ):** ପାଣିକୋଇଲିର ଯୁବ ବ୍ୟବସାୟୀ ତଥା ପାଣିକୋଇଲିର ଖୁସି ସେଲୁଲାରର ମାଲିକ ପପୁ ଓରଫ ସନ୍ତୋଷ ପରିଡା (୩୯)ଙ୍କ ଅକାଳ ବିୟୋଗ ଘଟିଛି। ପାଣିକୋଇଲି ଗଣେଶ ବଜାରରେ ଅବସରପ୍ରାପ୍ତ ପୁଲିସ କର୍ମଚାରୀ ସୁବାସ ପରିଡାଙ୍କ ପୁଅ ପପୁ ଓରଫ ସନ୍ତୋଷ ପରିଡା ସବୁ ଦିନ ପରି ଦୋକାନ ବନ୍ଦ କରି ଘରେ ଥିଲେ। ଆଜି ସକାଳୁ ହଠାତ୍ ଛାତିର ଯନ୍ତ୍ରଣା ଅନୁଭବ କରିବାରୁ ତାଙ୍କୁ ଯାଜପୁର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସେଠାରେ ଚିକିତ୍ସିତ ଅବସ୍ଥାରେ ତାଙ୍କ ହୃଦଘାତରେ ମୃତ୍ୟୁ ଘଟିଥିଲା। ତାଙ୍କ ମୃତ୍ୟୁ ଖବର ପାଣିକୋଇଲିରେ ପହଞ୍ଚିବା ପରେ ବଜାରର ସମସ୍ତ ଦୋକାନୀ ସ୍ତବ୍ଧ ହୋଇଯାଇଥିଲେ। ଫଳରେ ବଜାର ସମସ୍ତ ଦୋକାନ ବନ୍ଦ ରହିଥିଲା। ତାଙ୍କ ମରଶରୀରକୁ ଶବ ବ୍ୟବଚ୍ଛେଦ ପରେ ତାଙ୍କ ପୈତୃକ ବାସଭବନ ବରୀକୁ ନିଆଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା।

### ସବୁଜ ଶକ୍ତି ଉତ୍ପାଦନକୁ ଟାଟା ଷ୍ଟିଲ୍‌ର ଗୁରୁତ୍ୱ

# ଭାସମାନ ସୋଲାର ପ୍ୟାନେଲରୁ ଉତ୍ପାଦନ ହେଉଛି ବିଦ୍ୟୁତ୍

**ଯାଜପୁର,୨।୭(ସମିସ)**

ପ୍ରକୃତିକୁ ରକ୍ଷା କରିବା ପାଇଁ ପ୍ରାକୃତିକ ପରିବେଶର ଆବଶ୍ୟକତା ରହିଛି। ତେଣୁ ଅଧିକ ପ୍ରାକୃତିକ ପରିବେଶ ସହିତ ସମନ୍ୱୟ ରକ୍ଷା କରି ଟାଟା ଷ୍ଟିଲ୍ ସବୁଜ ଶକ୍ତି ଉତ୍ପାଦନ କରି ଅନ୍ୟମାନଙ୍କ ପାଇଁ ଉଦାହରଣ ସୃଷ୍ଟି କରିଛି। ଏହି ପ୍ଲାଣ୍ଟ ପରିସରର ପ୍ରାୟ ୩୩ ପ୍ରତିଶତ ଅଞ୍ଚଳକୁ ସମ୍ପୂର୍ଣ୍ଣ ଭାବେ ସବୁଜ ବଳୟରେ ବିକଶିତ କରାଯାଇଛି, ଯାହା ମୂଳ ଶିଳ୍ପ କାର୍ଯ୍ୟକଳାପ ସହ ଜୈବ ବିବିଧତାକୁ ସୁନ୍ଦର ଭାବେ ଯୋଡ଼ିପାରିଛି।

ଏଠାରେ ୮,୨୪,୦୦୦ରୁ ଅଧିକ ଚାରା ରୋପଣ କରାଯିବା ସହ ଅତ୍ୟାଧୁନିକ "ମିୟାୱାକି' ପଦ୍ଧତିକୁ ଆପଣାଯାଇଛି। ଏହା ହେଉଛି ସହରାଞ୍ଚଳ ବନୀକରଣର ଏକ ଅଭିନବ ପ୍ରଣାଳୀ, ଯାହା ପାରମ୍ପରିକ ପଦ୍ଧତି ତୁଳନାରେ ପ୍ରାୟ ୧୦ ଗୁଣ ଶୀଘ୍ର ଅତି ଘଞ୍ଚ ତଥା ସ୍ୱୟଂନିର୍ଭରଶୀଳ ସ୍ଥାନୀୟ ଜଙ୍ଗଲ ସୃଷ୍ଟି କରିଥାଏ । ଏହି ପ୍ରକ୍ରିୟା ଇସ୍ପାତ କାରଖାନା ସହିତ ଏକ ଜୀବନ୍ତ ପରିବେଶ ପ୍ରଣାଳୀକୁ ମଧ୍ୟ ସୁଦୃଢ କରୁଛି। ଟାଟା ପାୱାର ସହିତ



ଏକ ସହଭାଗିତା ମାଧ୍ୟମରେ ଏଠାରେ ଏକ ଗ୍ରୀଡ୍-ସଂଯୁକ୍ତ ସୌର ପ୍ରକଳ୍ପ କାର୍ଯ୍ୟକାରୀ କରାଯାଇଛି। ଯେଉଁଥିରେ ଦ୍ୱିମୁଖୀ ଭିତ୍ତିଭୂମି କୌଶଳ ଆପଣାଯାଇଛି। କାରଖାନାର ଛାତ ଉପରେ ୯.୧୨ ମେଗାୱାଟ୍ ପାୱାରର ରୁଫ୍‌ଟପ୍ ସୋଲାର ଓ ଜଳାଶୟ ଉପରେ ଏକ ଅଭିନବ ୧୦.୧୦ ମେଗାୱାଟ୍ ପାୱାରର ଭାସମାନ ସୌର ପ୍ରକଳ୍ପ (ଫ୍ଲୋଟିଂ ପିଭି)ର ସମନ୍ୱୟ କରାଯାଇଛି। ଏଥିପାଇଁ କୌଣସି ଅତିରିକ୍ତ ଜମିର ଆବଶ୍ୟକତା ପଡ଼ି ନ ଥିବାବେଳେ ଏଥିରୁ ସର୍ବାଧିକ ସ୍ୱଚ୍ଛ ଶକ୍ତି ଉତ୍ପାଦନ କରାଯାଇପାରୁଛି। ସେହିଭଳି ପରିବେଶ ଅନୁକୂଳ ପରିବହନ ବ୍ୟବସ୍ଥା ଦ୍ୱାରା ଅଙ୍ଗାରକାମ୍ଳ ନିର୍ଗମନ (କାର୍ବନ ଫୁଟପ୍ରିଣ୍ଟ)କୁ ହ୍ରାସ କରାଯାଉଛି। କର୍ମଚାରୀଙ୍କ ଦୈନନ୍ଦିନ ଯାତାୟାତ ପାଇଁ ଏବେ ୧୯ଟି ଇଲେକ୍ଟ୍ରିକ୍ କାର୍ ଓ ୨୦ଟି ଇଲେକ୍ଟ୍ରିକ୍ ବସ ଚାଲୁଛି। ଏକ ସ୍ୱଚ୍ଛ ଓ ସୁସ୍ଥ କର୍ମକ୍ଷେତ୍ର ସୁନିଶ୍ଚିତ କରିବା ପାଇଁ ପ୍ଲାଣ୍ଟ ପରିସରରେ ଏକ ସ୍ୱତନ୍ତ୍ର "ଇଭି ବସ୍ ଚାର୍ଜିଂ ବେ' ମଧ୍ୟ ନିର୍ମାଣ କରାଯାଇଛି। ପ୍ରକୃତ ଦୀର୍ଘସ୍ଥାୟୀତା, ସମ୍ପଦର ସଠିକ୍ ପରିଚାଳନା ମଧ୍ୟରେ ହିଁ ନିହିତ ଥାଏ। ସ୍ମାର୍ଟ ଅପ୍ଟିମାଇଜେସନ ପଦକ୍ଷେପ ମାଧ୍ୟମରେ ଟିଏସକେ ମଧୁର ଜଳ ବ୍ୟବହାରକୁ ପ୍ରାୟ ୪୦ ପ୍ରତିଶତ ହ୍ରାସ କରିବାରେ ବଡ଼ ସଫଳତା ହାସଲ କରିଛି, ଯାହା ସ୍ଥାନୀୟ ପ୍ରାକୃତିକ ସମ୍ପଦ ଉପରେ ପ୍ରଭାବ କୁ ଯଥେଷ୍ଟ କମାଇ ଦେଇଛି। ଏହାବ୍ୟତୀତ ଏହି ପ୍ରକଳ୍ପ "ଜିରୋ ଏଫ୍ଲୁଏଣ୍ଟ ଡିସଚାର୍ଜ' ମଡେଲ ଅଧୀନରେ ପରିଚାଳିତ ହେଉଛି। ଏହାର ସହାୟତା ପାଇଁ ଏକ ବିଶାଳ ୧୦,୫୦୦ ବର୍ଗ ମିଟରର ବର୍ଷା ଜଳ ଅମଳ ଓ ଭୂତଳ ଜଳ ଭରଣ ପୋଖରୀ (ପରକୋଲେସନ ପଣ୍ଡ) ନିର୍ମାଣ କରାଯାଇଛି। ୪୬,୦୦୦ କ୍ୟୁବିକ୍ ମିଟର କ୍ଷମତା ବିଶିଷ୍ଟ ଏହି ସଂରଚନା ଭୂତଳ ଜଳ ସ୍ତରକୁ ବୃଦ୍ଧି କରିବା ସହ ସ୍ଥାନୀୟ ଜୈବ ବିବିଧତା ପାଇଁ ଏକ ସମୃଦ୍ଧ ଆବାସସ୍ଥଳୀ ସୃଷ୍ଟି କରୁଛି। ଏହି ପ୍ରୟାସର ଫଳସ୍ୱରୂପ ଟିଏସକେ ୨୦୨୪ରେ ସମ୍ମାନଜନକ "ରେସପନ୍ସିବଲ ଷ୍ଟିଲ' ସାର୍ଟିଫିକେସନ ହାସଲ କରିଥିଲା। ଯାହା ଏହାର ନୈତିକ ଉତ୍ସ ଓ ଦାୟିତ୍ୱସମ୍ପନ୍ନ ଉତ୍ପାଦନ ପ୍ରଣାଳୀକୁ ପ୍ରମାଣିତ କରୁଛି।

### ହାଇୱା ପଛରେ ହାଇୱା ଧକ୍କା

## ରାସ୍ତାରେ ୫ ଘଣ୍ଟା ଗାଡ଼ି ଯାତାୟାତ ବନ୍ଦ

**ପାଣିକୋଇଲି, ୨।୭(ସମିସ):** ବେଆଇନ ଭାବେ ବାଲି ଚୋରା ଚାଲାଣ ଅବଧି ଜାରି ରହିଛି। ପ୍ରଶାସନ ନିରବଦ୍ରଷ୍ଟା ସାଜିଥିବାବେଳେ ଆଜି ଦୁର୍ଘଟଣା ଘଟିବାରୁ ଏହାର ପ୍ରମାଣ ମିଳିଛି। ମଧରାତ୍ରରୁ କୋରେଇ ପାଣିକୋଇଲି ପୂର୍ତ୍ତ ବିଭାଗ ରାସ୍ତାରେ ଚୋରାରେ ବାଲି ଗାଡ଼ି ଚାଲୁଛି। ଆଜି ପାଣିକୋଇଲି ଥାନା ଅନ୍ତର୍ଗତ ତାଜପୁର ଛକ ନିକଟରେ ହମ୍ପସରେ ଏକ ବାଲି ଗାଡି ବ୍ରେକ ମାରିବାରୁ ପଛରୁ ଆସୁଥିବା ଅନ୍ୟଏକ ହାଇୱା ତା' ପଛାରେ ଧକ୍କା ହୋଇଥିଲା। ଫଳରେ ହାଇୱାର ଆଗ ସମ୍ପୂର୍ଣ୍ଣ ନଷ୍ଟ ହୋଇଥିବାବେଳେ ଗାଡ଼ି ରାସ୍ତା ମଝିରେ ଅଟକି ରହିଥିଲା। ତେବେ ଚାଳକ ଅଳ୍ପକେ ବର୍ତ୍ତିଯାଇ ଗାଡ଼ି ଛାଡି ପଳାଇଥିଲା। ରାସ୍ତା ମଝିରେ ଗାଡ଼ିଟି ଅଟକି ରହିବାରୁ ଦୀର୍ଘ ୫ ଘଣ୍ଟା ଧରି ଯାତାୟତ ସମ୍ପୂର୍ଣ୍ଣ ବନ୍ଦ ରହିଥିଲା। ଯାତାୟାତ କରୁଥିବା ବସ ଓ ସ୍କୁଲ ଗାଡି ଅନ୍ୟତ୍ର ରାସ୍ତା ଦେଇ ଯିବାକୁ ବାଧ୍ୟ ହୋଇଥିଲେ। ଘଟଣାସ୍ଥଳରେ ପାଣିକୋଇଲି ପୁଲିସ ପହଞ୍ଚି ହାଇଡ୍ରା ଯୋଗେ ଗାଡ଼ିକୁ ସାଇଟ କରିବାରୁ ଗାଡ଼ି ଚଳାଚଳ ସ୍ୱାଭାବିକ ହୋଇଥିଲା। ପୁଲିସ ଗାଡ଼ିଟିକୁ ଜବତ କରିବା ସହ ତଦନ୍ତ ଜାରି ରଖିଛି।

## ପାନୀୟ ଜଳ ଅପେକ୍ଷାରେ ଗ୍ରାମବାସୀ



**ଦାନଗଦୀ/ଟମକା,୨।୭(ସମିସ):** ଦେଉଳକଣ ପଞ୍ଚାୟତର ପ୍ରତି ପରିବାରକୁ ପ୍ରତିଦିନ ଶୁଦ୍ଧ ପାନୀୟଜଳ ଦେବା ପାଇଁ ଜିଲ୍ଲା ନ୍ୟାସ ଖଣିଜ ପାଣ୍ଠି (ଡିଏମ୍ଏଫ) ପକ୍ଷରୁ ନିର୍ମଳ ବୁନ୍ଦା ପାଇଲଟ ପ୍ରୋଜେକ୍ଟ ପାଟବାଲି ଗାଁରେ ଆରମ୍ଭ ହୋଇଛି। ଏହା ଦୀର୍ଘ ଏକ ମାସରୁ ଊର୍ଦ୍ଧ୍ୱ ହେବ ସଂପୂର୍ଣ୍ଣ ହୋଇଥିଲେ ମଧ୍ୟ ସ୍ଥାନୀୟ ବିଧାୟକ ତଥା ସମବାୟ, ହସ୍ତତନ୍ତ, ଓ ବୟନ ଶିଳ୍ପ ମନ୍ତ୍ରୀ ଡଃ ପ୍ରଦୀପ ବଳସାମନ୍ତ ଉଦ୍‌ଘାଟନ କରିପାରିନାହାଁନ୍ତି। ଫଳରେ ନିର୍ମଳ ବୁନ୍ଦା କାର୍ଯ୍ୟାଳୟରେ ତାଲା ପଡିଛି। ଏଣେ ପାଟବାଲି, ଅରାସାହି, ବେହେରା ସାହି, ଭାଟି ସାହି, ଚତୁରିସାହି, ନୂଆ ସାହି, ଡଙ୍ଗାରି ସାହି, ହାଟସାହିର ଲୋକେ ଶୁଦ୍ଧ ପାନୀୟ ଜଳ ପିଇବାରୁ ବଞ୍ଚିତ ହେଉଛନ୍ତି। ବେଦାନ୍ତ କମ୍ପାନୀର କାମ ଆରମ୍ଭ ପାଇଁ ଟିକିଏ ବର୍ଷାରେ ନିକଟସ୍ଥ ଅରାସାହି ଗ୍ରାମର ପ୍ରତ୍ୟେକ କୂଅର ପାଣି ଗୋଳିଆ ହେବାରୁ ବ୍ୟବହାର ଅନୁପଯୋଗୀ ଯୋଗୁଁ ସମସ୍ତେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। କେବେ କେଉଁ ଦିନ ପଞ୍ଚାୟତବାସୀ ବିଶୁଦ୍ଧ ଜଳ ପାଇବେ, ତାକୁ ଗ୍ରାମବାସୀ ଅପେକ୍ଷା କରିଛନ୍ତି।

## ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



**କଏଁଗୋଲା,୨।୭(ସମିସ):** ଦଶରଥପୁର ବ୍ଲକ ମଙ୍ଗଳପୁରସ୍ଥ ଗୋପୀନାଥଜୀଉ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ପ୍ରିୟମ୍ବଦା ଲେଙ୍କା ଚାକିରିରୁ ଅବସର ଗ୍ରହଣ ପରିପ୍ରେକ୍ଷୀରେ ବିଦ୍ୟାଳୟ ପକ୍ଷରୁ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଆୟୋଜିତ ହୋଇଯାଇଛି। ପ୍ରଧାନଶିକ୍ଷକ ମଳୟ କୁମାର ନାୟକଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ନିଖିଳ ଉତ୍କଳ ପ୍ରାଥମିକ ସଙ୍ଘର ପୂର୍ବତନ ମହାସଚିବ ରବିନ୍ଦ୍ରନାଥ ଜେନା, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ବିଇଓ ଅନ୍ନଦା ପ୍ରସାଦ ରଣା, ସମ୍ମାନିତ ଅତିଥି ଭାବେ ପ୍ରାଥମିକ ଶିକ୍ଷକ ସଙ୍ଘର ଜିଲ୍ଲା ସମ୍ପାଦକ ବିଜୟ ନାୟକ, ଅବସରପ୍ରାପ୍ତ ଏବିଇଓ ସାବିତ୍ରୀ ସେଠୀ, ପୁଷ୍ପାଞ୍ଜଳି ନାୟକ, ପ୍ରମୋଦ କୁମାର ପଣ୍ଡା, ଏବିଇଓ ନୃସିଂହ ଚରଣ ମହାନ୍ତି, ବରଦା ଭୂଷଣ ମହାପାତ୍ର, ଡେପୁଟି ସେକ୍ରେଟାରୀ ଅମର କୁମାର ଜେନା, ପୂର୍ବତନ ସଭାପତି ରବିନ୍ଦ୍ର କୁମାର ରାୟ, ଅବସରପ୍ରାପ୍ତ ଏସଆଇ ରାଜାରାମ ପଣ୍ଡା, ମଙ୍ଗଳପୁର ସମିତି ସଭ୍ୟା ସରିତା ପଣ୍ଡା, ଅବସରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ସୁନିତି ରାୟ ପ୍ରମୁଖ ଯୋଗଦେଇଥିଲେ। ଏହି ବିଦ୍ୟାଳୟରେ ରହି ବିଦ୍ୟାଳୟ ପାଇଁ ଅନେକ ଉନ୍ନୟନମୂଳକ କାର୍ଯ୍ୟ କରିବା ସହ ଶ୍ରୀମତୀ ଲେଙ୍କା ସମସ୍ତଙ୍କର ପ୍ରିୟଭାଜନ ହୋଇପାରିଥିଲେ। ସେ ଜଣେ ଅମାୟିକ, ମିଷ୍ଟଭାଷୀ, ଛାତ୍ର ବତ୍ସଳ ଓ ଅନୁଷ୍ଠାନପ୍ରେମୀ ଶିକ୍ଷୟିତ୍ରୀ ଭାବେ ଅଞ୍ଚଳରେ ବେଶ ସୁନାମ ଅର୍ଜନ କରିପାରିଛନ୍ତି ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଶେଷରେ ବିଦ୍ୟାଳୟ ପକ୍ଷରୁ ଶ୍ରୀମତୀ ଲେଙ୍କାଙ୍କୁ ମାନପତ୍ର, ଉପଢୌକନ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ସିଆରସିସି ଗୌତମ କୁମାର ବେହେରା ମଞ୍ଚ ପରିଚାଳନା କରିଥିବାବେଳେ ବିଦ୍ୟାଳୟ ପରିଚାଳନା କମିଟିର ପ୍ରଶାନ୍ତ ଜେନା, ଲଳିତ ଜେନା, ସୁକାନ୍ତ ନାୟକ, ସୁବାସିନୀ ଜେନା, ଅନୀଲ ରାୟ, ତୁଷାରକାନ୍ତି ମହାପାତ୍ର, ଜନ୍ମେଜୟ ବାରିକ, ସାରଦା ମହାପାତ୍ର, ମଙ୍ଗରାଜ ଧର୍ମେନ୍ଦ୍ର, ନାରାୟଣ ଜେନା, ରାଜକିଶୋର ପଣ୍ଡା, ଆଶା ନାୟକ, ହେମାଙ୍ଗିନୀ ଦଳାଇ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଟାଟା ଷ୍ଟିଲ୍‌ରେ ଅଗ୍ନି ନିରାପତ୍ତା ପ୍ରସ୍ତୁତି ମକ୍‌ଡ୍ରିଲ୍




**ଦାନଗଦି,୨।୭(ସମିସ):** ଅଗ୍ନିକାଣ୍ଡର ମୁକାବିଲା ଏବଂ ଏଥିପାଇଁ ପ୍ରସ୍ତୁତିକୁ ଅଧିକ ସୁଦୃଢ଼ କରିବା ଉଦ୍ଦେଶ୍ୟରେ ମଙ୍ଗଳବାରଟାଟା ଷ୍ଟିଲ୍ କଳିଙ୍ଗନଗରର କୋଲ୍ଡ ରୋଲିଂ ମିଲ୍‌ଠାରେ ଏକ ପ୍ଲାଣ୍ଟସ୍ତରୀୟ 'ହାଇଡ୍ରୋଜେନ୍ ନିର୍ଗମନ ଏବଂ ହାଇଡ୍ରୋଜେନ୍ ବଫର୍ ଭେସେଲ୍‌ରେ ଅଗ୍ନିକାଣ୍ଡ' ସଦୃଶ ସ୍ଥିତିକୁ ନେଇ ମକ୍‌ଡ୍ରିଲ୍ ଆୟୋଜିତ ହୋଇଯାଇଛି। ଓଡ଼ିଶା ସରକାରଙ୍କ କାରଖାନା ଏବଂ ବଏଲର ନିର୍ଦ୍ଦେଶାଳୟ ଏବଂ ଯାଜପୁର ଜିଲ୍ଲା ପ୍ରଶାସନର ମିଳିତ ସହଯୋଗରେ ଏହି ମକ୍‌ଡ୍ରିଲ୍ ଆୟୋଜନ କରାଯାଇଥିଲା। ଏହାର ମୁଖ୍ୟ ଉଦ୍ଦେଶ୍ୟ ଥିଲା ଜରୁରୀକାଳୀନ ପରିସ୍ଥିତିର ମୁକାବିଲା କରୁଥିବା ଦଳ ଏବଂ ସହଯୋଗୀ ଶିଳ୍ପସଂସ୍ଥା ସମେତ ସମସ୍ତ ପ୍ରମୁଖ ଷ୍ଟେକହୋଲଡେରମାନଙ୍କ ମଧ୍ୟରେ ସମନ୍ୱୟ ରକ୍ଷା କରିବା।

ଏହି ମକ୍‌ଡ୍ରିଲ୍‌ରେ ଇଞ୍ଜିନିୟର ଉମେଶ ଚନ୍ଦ୍ର ସୁତାର, କାରଖାନା ଓ ବଏଲର ନିର୍ଦ୍ଦେଶାଳୟର ଉପ-ନିର୍ଦ୍ଦେଶକ, ଯାଜପୁର ରୋଡ୍ ଡିଭିଜନ, ଇଞ୍ଜିନିୟର ଦେବାଶିଷ ନାୟକ, ସହକାରୀ ନିର୍ଦ୍ଦେଶକ, ଅଶୋକ ବେହେରା, ଯାଜପୁର ଜିଲ୍ଲା ଜରୁରୀକାଳୀନ ଅଧିକାରୀ, ତାପସ କୁମାର ମନ୍ତ୍ରୀ, ଅଗ୍ନିଶମ ଅଧିକାରୀ, ଯାଜପୁର ରୋଡ୍, ରମେଶ ବେହେରା, ସବ୍-ଇନ୍ସପେକ୍ଟର, କଳିଙ୍ଗନଗର ଥାନା, ଶଙ୍କର ବିଶ୍ୱାସ, ମେକାନିକାଲ୍ ମେଣ୍ଟେନାନ୍ସ ଚିଫ୍, ପଙ୍କଜ ହରିଶ୍ଚନ୍ଦ୍ର ଭୁରେ, ଇଲେକ୍ଟ୍ରିକାଲ୍ ମେଣ୍ଟେନାନ୍ସ ଚିଫ୍, ଟାଟା ଷ୍ଟିଲ୍ କଳିଙ୍ଗନଗରର, କମଳା କାନ୍ତ, ଇଲେକ୍ଟ୍ରିକାଲ୍ ମେଣ୍ଟେନାନ୍ସ (ଷ୍ଟିଲ୍ ଆଣ୍ଡ ମିଲ୍ସ), ମତ୍ସ୍ୟେନ୍ଦ୍ର ନାଥ ଶୁକ୍ଲା, ଚିଫ୍ ମେକାନିକାଲ୍ ମେଣ୍ଟେନାନ୍ସ (ଷ୍ଟିଲ୍ ଆଣ୍ଡ ମିଲ୍ସ) ଚିଫ୍, ରବି ମାରିକ, କର୍ପୋରେଟ୍ ସର୍ଭିସେସ୍ ଚିଫ୍, ପ୍ରବେଶ ନାରଙ୍ଗ, କୋଲ୍ଡ ରୋଲିଂ ମିଲ୍ ଚିଫ୍ ଏବଂ ବିଳାସ ଗାୟକୱାଡ, ଚିଫ୍ ସେଫ୍ଟି, ଓଡ଼ିଶା, ପ୍ରମୁଖ ଉପସ୍ଥିତ ଥିଲେ। ଏହା ସହିତ ଟାଟା ଷ୍ଟିଲ୍ କଳିଙ୍ଗନଗର, ଜିନ୍ଦଲ ଷ୍ଟେନଲେସ୍, ନୀଳାଚଳ ଇସ୍ପାତ ନିଗମ ଏବଂ ଭିସା ଷ୍ଟିଲ୍‌ର ବରିଷ୍ଠ ଅଧିକାରୀମାନେ ମଧ୍ୟ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଏହି ବୃହତ ମକ୍‌ଡ୍ରିଲ୍‌ର ଲକ୍ଷ୍ୟ ଥିଲା କୋଲ୍ଡ ରୋଲିଂ ମିଲ୍‌ର ହାଇଡ୍ରୋଜେନ୍ ବଫର୍ ଭେସେଲ୍ ଅଞ୍ଚଳରେ ସମ୍ଭାବ୍ୟ ଅଗ୍ନିକାଣ୍ଡର ମୁକାବିଲା କରିବା ପାଇଁ ଦକ୍ଷତା ପରଖିବା। ପ୍ରକୃତରେ ସେଭଳି କୌଣସି ଦୁର୍ଘଟଣା ଘଟିନଥିଲେ ମଧ୍ୟ, ସୁରକ୍ଷା, ଅଗ୍ନିଶମ, ଚିକିତ୍ସା, ସୁରକ୍ଷା (ସିକ୍ୟୁରିଟି) ଏବଂ ଅପରେସନ୍ସ ଭଳି ବିଭିନ୍ନ ଦଳର ପ୍ରସ୍ତୁତି ଯାଞ୍ଚ କରିବା ପାଇଁ ଏକ କୃତ୍ରିମ ପରିବେଶ ସୃଷ୍ଟି କରାଯାଇଥିଲା।

## ଦାନଗଦି ଡାକ୍ତରଖାନା ପରିସରରେ ଗଣେଶ ମୂର୍ତ୍ତି ପ୍ରତିଷ୍ଠା

**ଦାନଗଦୀ, ୨।୭(ସମିସ):** ସ୍ନାନ ପୂର୍ଣ୍ଣିମାରେ ଦାନଗଦୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଏକ ଗଣେଶ ମୂର୍ତ୍ତି ପ୍ରତିଷ୍ଠା କରାଯାଇଛି। ଏ ଉପଲକ୍ଷେ ଆୟୋଜିତ ଉତ୍ସବରେ ଡାକ୍ତରଖାନାର ଭାରପ୍ରାପ୍ତ ଅଧିକାରୀ ଡଃ ଜ୍ୟୋତିରଞ୍ଜନ ମହାପାତ୍ରଙ୍କ ସମେତ ଡାକ୍ତରଖାନାର ଅନ୍ୟ ସମସ୍ତ ଡାକ୍ତର ଓ କର୍ମଚାରୀ ଉପସ୍ଥିତ ଥିଲେ। ରେଡିଓଗ୍ରାଫର ହରପ୍ରିୟା ଦେବତା ସଂକଳ୍ପ କାର୍ଯ୍ୟ ତୁଲାଇଥିଲେ। ସକାଳୁ ପୂଜାକାର୍ଯ୍ୟ ଆରମ୍ଭ ହୋଇ ଅପରାହ୍ନ ୨ଟା ସମୟରେ ଶେଷ ହୋଇଥିଲା। ଡାକ୍ତରଖାନା ପରିସରରେ ଏଭଳି ଏକ ମୂର୍ତ୍ତି ପ୍ରତିଷ୍ଠା ହେବା ଫଳରେ ରୋଗୀ ଓ ସେମାନଙ୍କ ସମ୍ପର୍କୀୟ ଲୋକେ ଅତି ଭକ୍ତିର ସହକାରେ ଦର୍ଶନ କରିଥିଲେ। ଡାକ୍ତରଖାନାର ସମସ୍ତ କର୍ମଚାରୀ ଓ ପରିବାର ଲୋକେ ପୂଜା କାର୍ଯ୍ୟରେ ଉପସ୍ଥିତ ରହି ଗଣେଶଙ୍କୁ ପୁଷ୍ପାଞ୍ଜଳି ଅର୍ପଣ କରିଥିଲେ। ପରେ ସମସ୍ତେ ମିଶି ପ୍ରସାଦ ସେବନ କରିଥିଲେ।

### ମହାଲକ୍ଷ୍ମୀ ମହାସଂଘ ଅଫିସ ଘରକୁ ନେଇ ବିବାଦ

# ସରପଞ୍ଚଙ୍କୁ ତାଲା ପକାଇଲେ ମହିଳା ମହାସଂଘ

**ଯଖପୁରା,୨।୭(ସମିସ):** ଦାନଗଦୀ ବ୍ଲକ୍ ଅନ୍ତର୍ଗତ ମାଣତିରା ପଞ୍ଚାୟତ କାର୍ଯ୍ୟାଳୟରେ ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ମହାଲକ୍ଷ୍ମୀ ମହାସଂଘର ଶତାଧିକ ମହିଳା ମାନତୀରା ପଞ୍ଚାୟତ ସରପଞ୍ଚ ଓ ପିଇଓଙ୍କୁ ପଞ୍ଚାୟତ କାର୍ଯ୍ୟାଳୟ ଭିତରେ ତାଲା ପକାଇ ରଖିଥିବା ଦେଖିବାକୁ ମିଳିଛି। ମହାଲକ୍ଷ୍ମୀ ମହାସଂଘ ପଞ୍ଚାୟତ କାର୍ଯ୍ୟାଳୟ ପରିସର ଭିତରେ ଏକ ଗୃହରେ ଅଫିସ କାର୍ଯ୍ୟ କରିଆସୁଥିଲା। ଉକ୍ତ ଗୃହରେ ମହାସଂଘ ୨୦୧୨ରୁ ନିଜର କାର୍ଯ୍ୟାଳୟ କରିଆସୁଛି। ମାତ୍ର ଦିନକୁ ଦିନ ପଞ୍ଚାୟତ କାର୍ଯ୍ୟାଳୟରେ ଅନେକ ଅତିରିକ୍ତ ଗୃହ ହେବା ଦ୍ୱାରା ମହାସଂଘ ଅଫିସ ଘର ସଙ୍କୁଚିତ ଅବସ୍ଥାରେ ରହିଛି। ସେହି ଗୃହ ଏକ ପରିତ୍ୟକ୍ତ ଗୃହ ପାଲଟିଛି। ଯାହା କାର୍ଯ୍ୟାଳୟ ପାଇଁ ଉପଯୁକ୍ତ ନୁହେଁ। ମହାସଂଘକୁ ନୂତନ ଗୃହ ଯୋଗାଇ ଦେବାକୁ ସଂଘ ସରପଞ୍ଚଙ୍କୁ ବାରମ୍ବାର ଅଭିଯୋଗ କରିଛି। ମାତ୍ର ସରପଞ୍ଚ ଏହାକୁ ଭ୍ରୂକ୍ଷେପ କରିନାହାନ୍ତି। ପରେ ମହାସଂଘ ଏହି କଥାକୁ ନେଇ ଦାନଗଦି ବିଡ଼ିଓଙ୍କୁ ଜଣାଇଥିଲେ ବୋଲି ସଂଘ କହିଛି। ବିଡ଼ିଓ ମଧ୍ୟ ସଂଘକୁ ଏକ ଗୃହ ଦେବା ପାଇଁ ସରପଞ୍ଚଙ୍କୁ କହିଥିବା ମହାସଂଘ ଦାବି କରୁଛି। ମାତ୍ର ବିଡ଼ିଓଙ୍କ କଥାକୁ ସରପଞ୍ଚ ଶୁଣି ନ ଥିଲେ ବୋଲି ସଂଘ ଅଭିଯୋଗ କରିଛି। ଫଳରେ ନିଜ ଅଫିସ ଘର ପାଇଁ ସଂଘକୁ ବାରଦ୍ୱାର ହେବାକୁ ପଡ଼ିଛି। ଫଳରେ ଆଜି ମହାସଂଘର ଶତାଧିକ ମହିଳା ଉତ୍ତ୍ୟକ୍ତ ହୋଇ ସରପଞ୍ଚ ଓ ପିଇଓଙ୍କୁ ତାଙ୍କ କାର୍ଯ୍ୟାଳୟ ଭିତରେ ତାଲା ପକାଇ ରଖିଥିଲେ। ଅନେକ ଘଣ୍ଟା ଧରି ସରପଞ୍ଚ କାର୍ଯ୍ୟାଳୟ ଭିତରେ ବନ୍ଦ ହୋଇ ରହିଥିବା ଦେଖିବାକୁ ମିଳିଥିଲା। ପରେ ଖବର ପାଇ ଯଖପୁରା ପୁଲିସ ଘଟଣାସ୍ଥଳରେ ପହଞ୍ଚି ମହାସଂଘ ସମସ୍ୟା ଦୂର କରିବା ପାଇଁ ପ୍ରତିଶ୍ରୁତି ଦେବା ପରେ ସରପଞ୍ଚ ଓ ପିଇଓଙ୍କୁ ଉଦ୍ଧାର କରିଥିଲା।



# ମଧୁପୁର ମହାବିଦ୍ୟାଳୟରେ ଅନିୟମିତତା ଅଭିଯୋଗ

**ଯାଜପୁର,୨।୭(ସମିସ):** ରସୁଲପୁର ବ୍ଲକ କଲଣ ପଞ୍ଚାୟତସ୍ଥ ମଧୁପୁର ମହାବିଦ୍ୟାଳୟ ଏବେ ବିଭିନ୍ନ ଅନିୟମିତା ଅଭିଯୋଗକୁ ନେଇ ବିବାଦ ଘେରରେ ରହିଛି। ଛାତ୍ରଛାତ୍ରୀ, ଅଭିଭାବକ ଓ ସ୍ଥାନୀୟ ବୁଦ୍ଧିଜୀବୀ ମହାବିଦ୍ୟାଳୟର ପ୍ରଶାସନିକ ଓ ଶୈକ୍ଷିକ ଅବ୍ୟବସ୍ଥା ବିରୋଧରେ ଅସନ୍ତୋଷ ପ୍ରକାଶ କରିଛନ୍ତି। ବିଜ୍ଞାନ ଶ୍ରେଣୀରେ ନିୟମିତ ପ୍ରାକ୍ଟିକାଲ କ୍ଲାସ ହେଉ ନ ଥିବାରୁ ଛାତ୍ରଛାତ୍ରୀ ଅସୁବିଧାରେ ପଡୁଛନ୍ତି। ଅତୀତରେ ମହାବିଦ୍ୟାଳୟ ପରିସରରୁ ବିନା ଅନୁମତିରେ ଗଛ କଟା ଓ ପୁରୁଣା ଡେସ୍କ-ବେଞ୍ଚ ବିକ୍ରି ହୋଇଥିବା ଅଭିଯୋଗ ହୋଇଥିଲା। ଏବେ ପ୍ରତିଦିନ ଏଠାରୁ ନୂଆନୂଆ ଅଭିଯୋଗ ଆସୁଛି। ବିନା ବିଜ୍ଞପ୍ତିରେ କର୍ମଚାରୀ ନିଯୁକ୍ତି ଓ ଅନୁପଯୁକ୍ତ ପ୍ରାର୍ଥୀଙ୍କଠାରୁ ଟଙ୍କା ଆଦାୟ କରି ନିଯୁକ୍ତି ଦିଆଯାଉଥିବା ଅଭିଯୋଗ ଆସିଛି। ବିଜ୍ଞାନ ଶ୍ରେଣୀରେ ପ୍ରାକ୍ଟିକାଲ ହେଉ ନ ଥିବାବେଳେ ପରୀକ୍ଷା ବେଳେ ମାର୍କ ଦେବା, ଏକ୍ସଟରନାଲଙ୍କ ପାଇଁ ଖର୍ଚ୍ଚ ଆଳ ଦେଖାଯାଇ ଛାତ୍ରଛାତ୍ରୀଙ୍କଠାରୁ ଟଙ୍କା ଆଦାୟ କରାଯାଉଥିବା ଅଭିଯୋଗ ହେଉଛି।

+୩ ଶ୍ରେଣୀ ପାଇଁ ନାମଲେଖାରେ ବି ଅନିୟମିତା ହୋଇଥିବା ଓ କଲେଜର ଜଣେ ପିଅନ ଚାକିରି କରିଥିବା ବ୍ୟକ୍ତି ସେହି କଲେଜରେ +୩ର ଛାତ୍ର ହେଲେ କେମିତି ବୋଲି ବୁଦ୍ଧିଜୀବୀ ପ୍ରଶ୍ନ ପଚାରୁଛନ୍ତି। ପରିସର ଭିତରେ ନିୟମିତ ଭାବେ ପ୍ରତି ବୁଧବାରରେ ମଦ, ମାଂସର ଭୋଜି ହେଉଥିବା ମଧ୍ୟ ଆଲୋଚନା ହେଉଛି। ଏ ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କୁ ପଚାରିବାରୁ ସେ କହିଛନ୍ତି, ଆମ କଲେଜର ଜଣେ ଷ୍ଟାଫ୍ ଭୋଜି ଆୟୋଜନ କରିଥିଲେ। ମଦ ସମ୍ପର୍କରେ ଯାହା କୁହାଯାଉଛି, ତାହା ବାହାରର ଅସାମାଜିକ ଲୋକ ପକାଇଥାଇପାରନ୍ତି। ମୁଁ ନିଜେ ଘଟଣାର ତଦନ୍ତ କରି ଏଭଳି କାର୍ଯ୍ୟ ତୁରନ୍ତ ବନ୍ଦ କରିବି ଓ ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବି। ଅନ୍ୟ ଅଭିଯୋଗର ମଧ୍ୟ ଯାଞ୍ଚ କରିବି।



ତେବେ ଏ ସମସ୍ତ ଅଭିଯୋଗ ଉପରେ ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ଦ୍ୱାରା ଏକ ନିରପେକ୍ଷ ତଦନ୍ତ ପାଇଁ ସ୍ଥାନୀୟ ସଚେତନ ଲୋକେ ଦାବି କରୁଛନ୍ତି। ଛାତ୍ରଙ୍କ ଭବିଷ୍ୟତ ଓ ଶିକ୍ଷାନୁଷ୍ଠାନର ଗରିମା ଦୃଷ୍ଟିରୁ ସମସ୍ତ ଅଭିଯୋଗର ସ୍ୱଚ୍ଛ ଯାଞ୍ଚ ଜରୁରୀ ବୋଲି ସେମାନେ କହିଛନ୍ତି।

## ଦଶରଥପୁର ଥାନାରେ ନିଶା ମୁକ୍ତ ଅଭିଯାନ




**ଦଶରଥପୁର, ୨।୭(ସମିସ):** ଦଶରଥପୁର ଥାନା ପରିସରରେ ଆଜି ନିଶା ମୁକ୍ତ ଅଭିଯାନକୁ ନେଇ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି। ଦଶରଥପୁର ଥାନାଧିକାରୀ ସୁବ୍ରତ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ସଭାରେ ଅଞ୍ଚଳର ବୃଦ୍ଧିଜୀବୀ ଓ ଯୁବଗୋଷ୍ଠୀ ଯୋଗ ଦେଇଥିଲେ। ସଭାରେ ନିଶା ସେବନର କୁପରିଣାମ, ପରିବାର ଓ ସମାଜ ଉପରେ ଏହାର କ୍ଷତିକାରକ ପ୍ରଭାବ ଉପରେ ଆଲୋଚନା କରାଯାଇଥିଲା। ଯୁବପିଢ଼ି କିପରି ନିଶା କବଳରୁ ଦୂରରେ ରହିବେ ଓ ଏକ ସୁସ୍ଥ ସମାଜ ଗଠନ ଦିଗରେ ସମସ୍ତଙ୍କ ଭୂମିକା କ'ଣ ରହିବା ଉଚିତ୍ ସେ ସମ୍ପର୍କରେ ବକ୍ତାମାନେ ନିଜ ନିଜର ମତ ରଖିଥିଲେ। ଏ ପରିପ୍ରେକ୍ଷୀରେ ଥାନା ଅଧିକାରୀ କହିଥିଲେ, ନିଶା କେବଳ ଜଣେ ବ୍ୟକ୍ତିକୁ ନୁହେଁ, ପୁରା ପରିବାରକୁ ନଷ୍ଟ କରିଦିଏ। ସମାଜକୁ ନିଶା ମୁକ୍ତ କରିବା ପାଇଁ ପୁଲିସ ଓ ଜନସାଧାରଣ ମିଶି ଉଦ୍ୟମ କଲେ ଏହା ସମ୍ଭବ ହୋଇପାରିବ। ଏ ଅବସରରେ ଥାନାର ସମସ୍ତ କର୍ମଚାରୀଙ୍କ ସମେତ କିଛି ଗଣମାଧ୍ୟମର ପ୍ରତିନିଧି ଯୋଗ ଦେଇଥିଲେ।

## ମାନପୁର ବିଦ୍ୟାଳୟରେ ଅବସରକାଳୀନ ସମ୍ବର୍ଦ୍ଧନା ସଭା

**ଦାନଗଦୀ,୨।୭ (ସମିସ):** ଦାନଗଦୀ ବ୍ଲକ୍‌ର ଅଗ୍ରଣୀ ଶିକ୍ଷାନୁଷ୍ଠାନ ମାନପୁର ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ପ୍ରଭାକର ସାହୁ, ସହକାରୀ ଶିକ୍ଷୟିତ୍ରୀ ସତ୍ୟଭାମା ରଥଙ୍କୁ ବିଦ୍ୟାଳୟ ପରିସରରେ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ବରିଷ୍ଠ ଶିକ୍ଷାବିତ୍ ଅକ୍ଷୟ ରାଉତଙ୍କ ସଭାପତିତ୍ୱରେ ଟମକା ଅଞ୍ଚଳର ଖ୍ୟାତା ନାମା ଭାଷ୍ୟକାର, ଯୁବ ଶିକ୍ଷାବିତ ବାବାଜୀ ଚରଣ ଜେନାଙ୍କ ମଞ୍ଚ ସଂଯୋଜନାରେ ସଭାକାର୍ଯ୍ୟ ଓ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଛି। ଏହି ସମ୍ବର୍ଦ୍ଧନା ଉତ୍ସବରେ ମୁଖ୍ୟଅତିଥି ଭାବେ ବିଇଓ ଶୁଭ୍ରାଂଶୁ ପୁହାଣ, ମୁଖ୍ୟବକ୍ତା



ଝାଡେଶ୍ୱର ଜୁନିୟର ମହାବିଦ୍ୟାଳୟର ଅଧ୍ୟକ୍ଷ ଅକ୍ଷୟକୁମାର ପଣ୍ଡା, ସମ୍ମାନିତ ଅତିଥି ଭାବେ ପ୍ରାକ୍ତନ ଅଧ୍ୟକ୍ଷ ଯୁଗଳ କିଶୋର ହୋତା, ପ୍ରାକ୍ତନ ପ୍ରଧାନ ଶିକ୍ଷକ ପ୍ରଫୁଲ୍ଲ ପୁହାଣ, ଶିକ୍ଷାବିତ ଅଜୟ କୁମାର ପଣ୍ଡା, ଅକ୍ଷୟ ହୋତା, ସିଆରପି ଧର୍ମେଜୟ ରାଉତ, କମିଟିର ମୁଖ୍ୟ କୁଳମଣି ପୁହାଣ, ପ୍ରଧାନ ଶିକ୍ଷୟିତ୍ରୀ ସ୍ନେହ ମଞ୍ଜରୀ ହୋତା ଯୋଗଦେଇ ଦୁଇ ଶିକ୍ଷକ, ଶିକ୍ଷୟିତ୍ରୀଙ୍କ ବିଦ୍ୟାଳୟ ପ୍ରତି ଭଲ ପାଇବା, ଛାତ୍ରଛାତ୍ରୀଙ୍କ ପ୍ରତି ଗଭୀର ସ୍ନେହ ଉପରେ କହିଥିଲେ। ଦୀର୍ଘ ୩୭ ବର୍ଷ ମାନପୁର ବିଦ୍ୟାଳୟରେ ପ୍ରଥମରୁ ଶିକ୍ଷକତା କରି ପ୍ରଭାକର ସାର୍ ବିଦାୟ ନେବା ଏକ ଅବିସ୍ମରଣୀୟ ହୋଇ ରହିବ ବୋଲି ଅତିଥିମାନେ କହିଥିଲେ। ବିଦ୍ୟାଳୟ ତରଫରୁ ବିଭିନ୍ନ ଉପହାର ଦିଆଯାଇଥିବାବେଳେ ଛାତ୍ରଛାତ୍ରୀ, ଶୁଭେଚ୍ଛୁ, ପୁରାତନ ଛାତ୍ର ଦୁଇ ପ୍ରିୟ ଗୁରୁଜୀଙ୍କୁ ଉପହାର ଦେଇଥିଲେ। ଅତିଥିମାନେ ଦୁଇ ବିଦାୟୀ ଶିକ୍ଷକଙ୍କୁ ସମ୍ମାନୀତ କରିଥିଲେ। ଏହି ଉତ୍ସବରେ ବିଦ୍ୟାଳୟର ଶିକ୍ଷକ ଗୌରାଙ୍ଗ ବୁଦୁଲି, ସୁକାନ୍ତ ପରିଡ଼ା, ମନବେନ୍ଦ୍ର ମହାନ୍ତ, ରାଜେଶ ବେହେରା, ସତ୍ୟନାରାୟଣ ରଣା, ଲୀଳାବତୀ ହେମ୍ବ୍ରମ, ରୀନା ଦେଇ, ତୃପ୍ତି ରାଉତ, ବିଦ୍ୟାଳୟର ଛାତ୍ରଛାତ୍ରୀ ସହଯୋଗ କରିଥିଲେ।

### ଏସ୍‌ଆଇଆର୍ ପ୍ରକ୍ରିୟାର ସମୀକ୍ଷା କଲେ ଜିଲ୍ଲାପାଳ

# ୫ରେ ପ୍ରକାଶ ପାଇବ ଚିଠା ଭୋଟର ତାଲିକା

**ଯାଜପୁର,୨।୭(ସମିସ)**



ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ ଅମ୍ବର କୁମାର କରଙ୍କ ଅଧ୍ୟକ୍ଷତାରେ ସ୍ୱତନ୍ତ୍ର ସଘନ ସଂଶୋଧନ ଏସଆଇଆର ୨୦୨୬ର ପରିଗଣନା ପର୍ଯ୍ୟାୟର ସଫଳ ସମାପନ, ତଥ୍ୟର ଡିଜିଟାଇଜେସନ୍‌ର ଅଗ୍ରଗତି, ଚିଠା ଭୋଟର ତାଲିକା ପ୍ରକାଶ ପାଇଁ ଚାଲିଥିବା ପ୍ରସ୍ତୁତି ଓ ପରବର୍ତ୍ତୀ କାର୍ଯ୍ୟପନ୍ଥା ସମ୍ପର୍କରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ଏସଆଇଆର କାର୍ଯ୍ୟସୂଚୀ ଅନୁଯାୟୀ ଆସନ୍ତା ଜୁଲାଇ ୫ ତାରିଖରେ ଚିଠା ଭୋଟର ତାଲିକା ପ୍ରକାଶ ପାଇବ ବୋଲି ସୂଚନା ଦିଆଯାଇଥିଲା। ଜୁଲାଇ ୫ରୁ ଅଗଷ୍ଟ ୪ ପର୍ଯ୍ୟନ୍ତ ଭୋଟରମାନେ ନିଜ ନାମ ସମ୍ପର୍କିତ ଦାବି ଓ ଆପତ୍ତି ଦାଖଲ କରିପାରିବେ। ଏହାପରେ ପ୍ରାପ୍ତ ଦାବି ଓ ଆପତ୍ତିର ଯାଞ୍ଚ ଓ ସମାଧାନ ପ୍ରକ୍ରିୟା ନଭେମ୍ବର ୨ ତାରିଖ ସୁଦ୍ଧା ସମ୍ପନ୍ନ କରାଯିବ ଏବଂ ନଭେମ୍ବର ୬ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ କରାଯିବ। ଏ ଅବସରରେ ଜିଲ୍ଲାପାଳ ସମସ୍ତ ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳଙ୍କୁ ଚିଠା ଭୋଟର ତାଲିକାର ଯାଞ୍ଚ ଓ ଦାବି-ଆପତ୍ତି ପ୍ରକ୍ରିୟାରେ ସକ୍ରିୟ ଭାବେ ଅଂଶଗ୍ରହଣ କରିବାକୁ ଆହ୍ୱାନ ଦେଇଥିଲେ। କୌଣସି ଯୋଗ୍ୟ ଭୋଟର ଯେପରି ଭୋଟର ତାଲିକାରୁ ବାଦ ନ ପଡ଼ନ୍ତି ଓ ଭୋଟର ତାଲିକା ସଠିକ୍, ସମାବେଶୀ ଓ ତ୍ରୁଟିମୁକ୍ତ ରହେ, ସେଥିପାଇଁ ସମସ୍ତଙ୍କ ସକ୍ରିୟ ସହଯୋଗ କାମନା କରିଥିଲେ।

ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଏହି ବୈଠକରେ ଜିଲ୍ଲାର ବିଭିନ୍ନ ନିର୍ବାଚନମଣ୍ଡଳୀର ନିର୍ବାଚନ ପଞ୍ଜୀକରଣ ଅଧିକାରୀ, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶିବାନନ୍ଦ ସ୍ୱାଇଁ, ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାଏକ, ଉପଜିଲ୍ଲାପାଳ ତାପସ ରଞ୍ଜନ ଦେହୁରୀ, ଅଶୋକ କୁମାର ଦେହୁରୀ, ଡେପୁଟି କଲେକ୍ଟର, ନିର୍ବାଚନ, ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳର ପ୍ରତିନିଧି ଉପସ୍ଥିତ ରହି ଏସଆଇଆର୍‌ର ସଫଳ କାର୍ଯ୍ୟକାରିତା, ସମନ୍ୱୟ ଓ ଆଗାମୀ କାର୍ଯ୍ୟସୂଚୀ ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ।

## ଯଖପୁରା ଥାନାରେ ନିଶାମୁକ୍ତ ଭାରତ ଅଭିଯାନ

**ଦାନଗଦି/ଯଖପୁରା ୨।୭(ସମିସ):** ଓଡିଶା ପୁଲିସ୍ ପକ୍ଷରୁ ସାରା ରାଜ୍ୟରେ ନିଶାମୁକ୍ତ ଭାରତ ଅଭିଯାନ କାର୍ଯ୍ୟକ୍ରମ ଚାଲିଥିବାବେଳେ ଯାଜପୁର ଜିଲ୍ଲା ପ୍ରଶାସନର ଆହ୍ୱାନକ୍ରମେ ଯଖପୁରା ପୁଲିସ୍ ଥାନା ପକ୍ଷରୁ ଆଇଆଇସି ପ୍ରମୋଦିନୀ ସାହୁଙ୍କ ତତ୍ତ୍ୱାବଧାନରେ ପୂର୍ବାହ୍ନରେ ଥାନା ପରିସରରେ ଥାନା ଅଞ୍ଚଳର ଜନପ୍ରତିନିଧି, ଯୁବବର୍ଗ, ବୁଦ୍ଧିଜୀବୀ ନିଶାମୁକ୍ତ ଓଡିଶା ଗଠନ ପାଇଁ ମିଳିତ ଶପଥ ପାଠ କରାଇଥିଲେ। ନିଶା ପାଇଁ ସମାଜରେ ଅପରାଧ ବଢ଼ିବା ସହିତ ପରିବାରରେ ଅଶାନ୍ତି ବଢୁଛି। ଏହାର ପ୍ରତିକାର ପାଇଁ ଜନସାଧାରଣଙ୍କୁ ସଚେତନ କରିବା ପାଇଁ ଅନୁରୋଧ କରିଥିଲେ। ଏଥିରେ ସ୍ଥାନୀୟ ଅଞ୍ଚଳର କୃଷ୍ଣଚନ୍ଦ୍ର ସାମଲ, ପପୁ ମଲ୍ଲିକ, ତୋଫାନ ମଲ୍ଲିକ ଓ ଥାନା ପକ୍ଷରୁ ଏସଆଇ ଚିତ୍ତରଞ୍ଜନ ବଳସାମନ୍ତରାୟ, ଏଏସଆଇ ବସନ୍ତ ସାହୁଙ୍କ ସମେତ ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।

■ ଆନ୍ଦୋଳନରତ ଡାକ୍ତରଙ୍କୁ ବିଜେଡିର ସମର୍ଥନ

## ଆନ୍ଦୋଳନରେ ସାମିଲ ହେଲେ ଯାଜପୁର ବିଧାୟିକା

**ଯାଜପୁର,୨।୭ (ସମିସ):** ଗତକାଲିଠାରୁ ଓଡ଼ିଶା ମେଡିକାଲ ସର୍ଭିସ ଆସୋସିଏସନ ଆହ୍ୱାନକ୍ରମେ ଡାକ୍ତରଙ୍କ ବିଭିନ୍ନ ସମସ୍ୟା ନେଇ କାର୍ଯ୍ୟବନ୍ଦ ଆନ୍ଦୋଳନ ଜାରି ରହିଛି। ପୂର୍ବରୁ ରାଜ୍ୟ ସରକାରଙ୍କ ନିକଟରେ କାର୍ଯ୍ୟରତ ସରକାରୀ ଡାକ୍ତରଙ୍କ ବିଭିନ୍ନ ସମସ୍ୟା ନେଇ ଆଲୋଚନା କରିଥିଲେ ମଧ୍ୟ ଆଜି ଯାଏ ତାହା ପୂରଣ ହୋଇ ନ ଥିବାରୁ ଏହାର ପ୍ରତିବାଦ କରି ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ସରକାରୀ ଡାକ୍ତରମାନେ ଆନ୍ଦୋଳନ ଜାରି ରଖିଛନ୍ତି। ଏହି ଆନ୍ଦୋଳନକୁ ବିଜୁ ଜନତା ଦଳ ସମର୍ଥନ କରିଛି। ଯାଜପୁର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଚାଲିଥିବା ଓମସାର




ଆନ୍ଦୋଳନକୁ ବିଜୁ ଜନତା ଦଳର ନେତା ସମର୍ଥନ କରିଥିବା ଦେଖାଦେଇଛି। ଆଜି ଆନ୍ଦୋଳନ ସ୍ଥଳରେ ଯାଜପୁର ବିଧାୟିକା ସୁଜାତା ସାହୁ, ବିଜେଡି ନେତା ଭବପ୍ରସାଦ ଦାସ, ଯାଜପୁର ପୌରାଧ୍ୟକ୍ଷା ମଞ୍ଜୁଲତା ହୋତା ପ୍ରମୁଖ ସାମିଲ ହୋଇ ଡାକ୍ତରଙ୍କ ଦାବୀକୁ ସମର୍ଥନ କରିବା ସହିତ ତୁରନ୍ତ ଉକ୍ତ ଦାବିକୁ ପୂରଣ କରିବା ପାଇଁ ରାଜ୍ୟ ସରକାରଙ୍କ ନିକଟରେ ଦାବି କରିଥିଲେ। ସେପଟେ ଜିଲ୍ଲାବ୍ୟାପୀ ଏହି ଆନ୍ଦୋଳନ ଜାରି ରହିଥିବାରୁ ରୋଗୀ ସେବା ଗୁରୁତର ବାଧାପ୍ରାପ୍ତ ହୋଇଥିବା ଜଣାପଡିଛି।

## ରାସ୍ତା ସମସ୍ୟା; ରଥଯାତ୍ରାରେ ସାଜିବ ବାଧକ

**ବନ୍ତ/ଆଗରପଡ଼ା,୨।୭ (ସମିସ):** ପ୍ରାୟ ୩ଶହ ବର୍ଷର ପୁରାତନ ତଥା ଜିଲ୍ଲାର ଅନ୍ୟତମ ପ୍ରମୁଖ ଆଗରପଡ଼ା ରଥଯାତ୍ରା ପାଇଁ ରଥ ନିର୍ମାଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ମାତ୍ର ଏଥର ରଥଟଣା କାର୍ଯ୍ୟରେ ରାସ୍ତା ସମସ୍ୟା ବାଧକ ସାଜିବ। ଜଗନ୍ନାଥ ମନ୍ଦିରଠାରୁ ମାଉସୀମା' ମନ୍ଦିର ପର୍ଯ୍ୟନ୍ତ ଲମ୍ବିଥିବା ପୂର୍ତ୍ତ ବିଭାଗ ରାସ୍ତାଟି ଖାଲଖମାରେ ଭର୍ତ୍ତି ହୋଇଛି। ଏହାଛଡ଼ା ରାସ୍ତା ପାର୍ଶ୍ୱରେ ଥିବା ଗଛ ଡାଳଗୁଡ଼ିକ ଅଧା ରାସ୍ତାକୁ ମାଡ଼ି ଆସିଛି। ପ୍ରତିବର୍ଷ ରଥଯାତ୍ରା ପୂର୍ବରୁ ପୂର୍ତ୍ତ ବିଭାଗ ପକ୍ଷରୁ ଡାଳ କଟାଯିବା ସହ ରାସ୍ତା ମରାମତି କରାଯାଇଥାଏ। ଏହି ସମସ୍ୟା ସମ୍ପର୍କରେ ବିଭାଗୀୟ ଯନ୍ତ୍ରୀଙ୍କ ସହ ବାରମ୍ବାର ଯୋଗାଯୋଗ କରାଯାଇଥିଲେ ମଧ୍ୟ ସେ କଲ୍ ରିସିଭ୍ କରୁ ନ ଥିବାର ମନ୍ଦିର ମୁଖ୍ୟ ପୁରୋଧା ତଥା ସୁପ୍ରିମକୋର୍ଟ ଆଡ୍‌ଭୋକେଟ ଜଗତ ମୋହନ ସିଂହ ଅଭିଯୋଗ କରିବା ସହ ଏହି ସମସ୍ୟା ପ୍ରତି ଦୃଷ୍ଟି ଦେବାକୁ ସେ ଦାବି କରିଛନ୍ତି।

**ପାଲଟପୁରରେ ପାଣି ପାଇଁ କର୍କଟ ଓ କିଡ୍‌ନୀ ରୋଗ ବ୍ୟାପିବା ଘଟଣା**

## ପାନୀୟଜଳ ସମାଧାନ ନ ହେବା ପ୍ରତିବାଦରେ ଗ୍ରାମବାସୀଙ୍କ ଧାରଣା

**ଦଶରଥପୁର, ୨।୭ (ସମିସ):**

ଦଶରଥପୁର ବ୍ଲକ୍ ପାଲଟପୁର ପଞ୍ଚାୟତରେ ଦୀର୍ଘଦିନ ଧରି ପାନୀୟଜଳ ସମସ୍ୟା ଲାଗି ରହିଛି। ଏହି ପଞ୍ଚାୟତରେ ଦୂଷିତ ପାନୀୟ ଜଳ ବ୍ୟବହାର କରି ଲୋକେ କିଡନୀ ଓ କର୍କଟ ରୋଗରେ ଆକ୍ରାନ୍ତ ହେଉଥିବା ପ୍ରମାଣ ମିଳିବା ପରେ ମଧ୍ୟ ଗ୍ରାମବାସୀଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଇ ଦିଆଯାଇନାହିଁ। ଏହାର ପ୍ରତିବାଦରେ ଆଜି ଗ୍ରାମବାସୀଙ୍କ ପକ୍ଷରୁ ଦଶରଥପୁର ବ୍ଲକ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦିଆଯାଇଥିଲା। ଧାରଣା ଦିଆଯିବା ସମୟରେ ଗ୍ରାମବାସୀ ଓ ବିଭାଗୀୟ ଅଧିକାରୀଙ୍କ ମଧ୍ୟରେ ଉଚ୍ଚବାଚ ଓ ପରେ ଅଧିକାରୀଙ୍କୁ ଟଣାଓଟରା କରିଥିଲେ ମହିଳା। ଆସନ୍ତାକାଲି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଏ ସଂକ୍ରାନ୍ତରେ ଆଲୋଚନା କରାଯିବାକୁ ସ୍ଥିର ହୋଇଥିବା ଜଣାପଡିଛି। ଦୀର୍ଘ ୧୦ ବର୍ଷ ହେବ ଦଶରଥପୁର ବ୍ଲକ ପାଲଟପୁର ପଞ୍ଚାୟତ ପକ୍ଷରୁ ପାନୀୟଜଳ ପାଇଁ ଲୋକେ ନାହିଁ ନଥିବା ଅସୁବିଧାର



ସମ୍ମୁଖୀନ ହେଉଛନ୍ତି। ଏ ନେଇ ଆଜି ଦଶରଥପୁର ବ୍ଲକ କାର୍ଯ୍ୟାଳୟରେ ଶହ ଶହ ଲୋକ ପ୍ରଶାସନର ପ୍ରତାରଣା ବିରୁଦ୍ଧରେ ଧାରଣାରେ ବସିଥିଲେ। ପାନୀୟଜଳ ସମସ୍ୟାର ସମାଧାନ ପାଇଁ ପାଲଟପୁର ପଞ୍ଚାୟତକୁ ପାଇଲଟ ପ୍ରୋଜେକ୍ଟ ଭାବେ ନିଆଯିବ ବୋଲି ଜିଲ୍ଲାପାଳ ଗତ ଫେବୃୟାରୀ ୨ ତାରିଖରେ ପ୍ରତିଶ୍ରୁତି ଦେଇଥିଲେ। ମାତ୍ର ୫ ମାସ ବିତିଯାଇଥିଲେ ମଧ୍ୟ ୩୦ ପ୍ରତିଶତ କାର୍ଯ୍ୟ ଶେଷ ହୋଇନାହିଁ। ବାରମ୍ବାର ପ୍ରଶାସନ ପକ୍ଷରୁ ପଞ୍ଚାୟତବାସୀଙ୍କୁ ମିଥ୍ୟା ପ୍ରତିଶ୍ରୁତି ଦେଇ ପ୍ରତାରିତ କରୁଥିବା ଅଭିଯୋଗ କରିଥିଲେ ଗ୍ରାମବାସୀ। ପୂର୍ବରୁ ଏ ନେଇ ଯାଜପୁର ଜିଲ୍ଲାପାଳ ଅମ୍ବର କୁମାର କରଙ୍କୁ ପଞ୍ଚାୟତ ସରପଞ୍ଚ ଲିପିକା ମଲିକ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ଭରତ ଚନ୍ଦ୍ର ପରିଡ଼ା, ଚନ୍ଦ୍ରଶେଖର ସାହୁ ଦାବିପତ୍ର ପ୍ରଦାନ କରିଥିଲେ। ପଞ୍ଚାୟତରେ ପ୍ରତି ଘରକୁ ଟ୍ୟାପ ଯୋଗେ ପାନୀୟ ଜଳ ଅବିଳମ୍ବେ ପ୍ରଦାନ, ଟ୍ୟାପ ଲଗା ଯାଇନଥିବା ପର୍ଯ୍ୟନ୍ତ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଗାଁ କୁ ଦିଆଯିବା, ଆବଶ୍ୟକ ସ୍ଥଳେ ନଳକୂପ ଖନନ, ପଞ୍ଚାୟତ କାର୍ଯ୍ୟାଳୟ ନିକଟରେ ସ୍ୱାସ୍ଥ୍ୟ କେନ୍ଦ୍ର ନିର୍ମାଣ, ରାସ୍ତା ମରାମତି, ଲାଇବ୍ରେରୀ ନିର୍ମାଣ ଭଳି ୭ ଦଫା ଦାବି କରାଯାଇଛି। ପାନୀୟ ଜଳ ସମସ୍ୟା ଆସନ୍ତା ୭ ଦିନ ମଧ୍ୟରେ କାର୍ଯ୍ୟକାରୀ କରା ନ ଗଲେ ପଞ୍ଚାୟତ ପକ୍ଷରୁ ଦଶରଥପୁର ବ୍ଲକ ସମ୍ମୁଖରେ ଧାରଣା ଦିଆଯିବ ବୋଲି ସୂଚନା ଦିଆଯାଇଥିଲା। ଆଜି ଆନ୍ଦୋଳନ ଚାଲିଥିବାବେଳେ ପାନୀୟଜଳ ଯୋଗାଣ ବିଭାଗ ଜେଇ ଓ ଏସଡିଓ ଗ୍ରାମବାସୀଙ୍କ ନିକଟକୁ ଆସି ଆଲୋଚନା କରିଥିଲେ। ପୂର୍ବରୁ ଗ୍ରାମବାସୀଙ୍କ ମଧ୍ୟରେ ରହିଥିବା ଅସନ୍ତୋଷ ତୀବ୍ର ରୂପ ନେବା ଫଳରେ କନିଷ୍ଠ ଯନ୍ତ୍ରୀ ସ୍ୱର୍ଣ୍ଣଲତା ରାଉତ ଓ ଏସଡିଓ ନିରଞ୍ଜନ ବେହେରାଙ୍କୁ ମହିଳାମାନେ ଟଣାଓଟରା କରିବା ସହିତ ପ୍ରାୟ ୪ ଘଣ୍ଟା ଅଟକ ରଖିଥିଲେ। ପରେ ଜିଲ୍ଲାପାଳଙ୍କ ସହିତ ଫୋନରେ ଆଲୋଚନା କରିବା ପରେ ଆସନ୍ତାକାଲି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଆଲୋଚନା କରାଯିବ ବୋଲି ପ୍ରତିଶ୍ରୁତି ମିଳିବା ପରେ ଆନ୍ଦୋଳନ ପ୍ରତ୍ୟାହୃତ ହୋଇଥିଲା।

## ମା' ବୁଢ଼ୀ ଜାଗୁଲାଇ ଶକ୍ତିପୀଠରେ ବିଶ୍ୱଶାନ୍ତି ମହାଯଜ୍ଞ

**କୁଆଖିଆ, ୨।୭ (ସମିସ):** ରସୁଲପୁର ବ୍ଲକ୍ ଅନ୍ତର୍ଗତ ବଡକଇଁଚି ପଞ୍ଚାୟତ ଅଧୀନ ଗୋରଧା ଗ୍ରାମରେ ଥିବା ମା' ବୁଢ଼ୀ ଜାଗୁଲାଇ ଶକ୍ତି ପୀଠରେ ଚତୁର୍ଥ ବିଶ୍ୱଶାନ୍ତି ମହାଯଜ୍ଞ ଅନୁଷ୍ଠିତ ହୋଇଯାଇଛି। ଏ ଅବସରରେ କଳସ ଶୋଭାଯାତ୍ରା, ମା'ଙ୍କ ଷୋଡଶ ଉପଚାର ପୂଜା, ହୋମ ଯଜ୍ଞ, ନାମ ସଂକୀର୍ତ୍ତନ, ଭଜନ ସମାରୋହ ଆଦି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପୂଜା କମିଟିର କର୍ମକର୍ତ୍ତା କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ସ୍ଥାନୀୟ ଅଂଚଳର ଶ୍ରଦ୍ଧାଳୁ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ।

● ମାରଣାସ୍ତ୍ର ଧରି ଘରେ ପଶି ଅପହରଣ ଉଦ୍ୟମ ମାମଲା

## ୩ ଅପରାଧୀଙ୍କୁ କୋର୍ଟ ଚାଲାଣ କଲା ପୁଲିସ

**ବ୍ୟାସନଗର,୨।୭ (ସମିସ):** ଯାଜପୁରରୋଡ୍ ଆଦର୍ଶ ଥାନା ଅନ୍ତର୍ଗତ କଙ୍କଡ଼ାଝର ଅଞ୍ଚଳରେ ଗତ ଜୁନ ମାସ ୩୦ ତାରିଖ ରାତିରେ କିଛି ଦୁର୍ଦ୍ଧାନ୍ତ ଅପରାଧୀ ଆର୍ତ୍ତ ଜେନାଙ୍କ ଘରେ ପଶି ଆକ୍ରମଣ କରିବା ସହିତ ତାଙ୍କ ପୁଅକୁ ଅପହରଣ ଉଦ୍ୟମ କରିଥିଲେ। ଏହି ଘଟଣାରେ ଗତ ଜୁଲାଇ ୧ ତାରିଖରେ ଆର୍ତ୍ତ ଜେନାଙ୍କ ଅଭିଯୋଗ ଆଧାରରେ ଯାଜପୁର ରୋଡ଼ ଆଦର୍ଶ ଥାନା ପୁଲିସ ୪୧୨/୧୬ରେ ଏକ ମାମଲା ରୁଜୁ କରିବା ସହିତ ୩ ଅଭିଯୁକ୍ତ କଙ୍କଡାଝର ଗ୍ରାମର କୀର୍ତ୍ତନ ଜେନାଙ୍କ ୨ ପୁଅ ଅଭିମନ୍ୟୁ ଜେନା ଓରଫ୍ ଅଭିନ (୬୦), ପର୍ଶୁରାମ ଜେନା ଓରଫ୍ ପସୁରୀ (୫୫) ଏବଂ ଅଭିମନ୍ୟୁ ଜେନା ପୁଅ ପ୍ରତାପ ଜେନା ଓରଫ୍ ପାକୁନା (୨୮) କୁ ଗିରଫ କରି କୋର୍ଟ ଚାଲାଣ କରିଥିବାବେଳେ ମାରଣାସ୍ତ୍ର ଜବତ କରିଛି।



ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଗତ ୩୦ ତାରିଖ ମଧ୍ୟ ରାତିରେ ଆର୍ତ୍ତ ଜେନାଙ୍କ ଘରେ ପଶି ଏହି ୩ ଅଭିଯୁକ୍ତ ବିଭିନ୍ନ ମାରଣାସ୍ତ୍ର ସହାୟତାରେ ଧମକ ଦେବା ସହିତ ଆର୍ତ୍ତ ଙ୍କ ପୁଅ ଟୁବୁଲା ଜେନାକୁ ଅପହରଣ ଉଦ୍ୟମ କରି ବିଫଳ ହେବାରୁ ଆକ୍ରମଣ କରିଥିଲେ ତେବେ ଆକ୍ରମଣରେ ଟୁବୁଲା ମରି ଯାଇଥିବା ଭାବି ସେଠାରେ ତାକୁ ଛାଡ଼ି ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ। ଏହି ମାମଲାରେ ଯାଜପୁର ରୋଡ଼ ଆଦର୍ଶ ଥାନା ପୁଲିସ ତଦନ୍ତ କରି ୩ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିବା ସହିତ ଏହି ମାମଲାରେ ବ୍ୟବହୃତ ମାରଣାସ୍ତ୍ର ଜବତ କରିଥିବା ଥାନାଧିକାରୀ ଆଶିଷ କୁମାର ସାହୁ ସୂଚନା ଦେଇଛନ୍ତି।

## ନିଶାସକ୍ତ ପ୍ରଧାନଶିକ୍ଷକ ନିଲମ୍ବିତ

● ସ୍କୁଲକୁ ନ ଯାଇ ମଦପିଇ ଗାଳିଗୁଲଜ କରୁଥିଲେ

**ଭଦ୍ରକ,୨।୭ (ସମିସ):** ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକ୍ ରାମପୁର ବୀଣାପାଣି ନୋଡାଲ ୟୁପିଏମ୍ଇ ସ୍କୁଲର ପ୍ରଧାନଶିକ୍ଷକ ଶ୍ରୀନାଥ ଦାସ ନିଲମ୍ବିତ ହୋଇଛନ୍ତି। ବିଇଓ ଗୁରୁବାର ଚିଠି ନଂ ୧୫୬୭ରେ ନିଲମ୍ବନ ନେଇ ଘୋଷଣା କରିଛନ୍ତି। ଗତ ମଙ୍ଗଳବାର ସ୍କୁଲ ସମୟରେ ପ୍ରଧାନଶିକ୍ଷକ ଶ୍ରୀ ଦାସ ବିଦ୍ୟାଳୟକୁ ନ ଯାଇ ସ୍ଥାନୀୟ ମତୋ ବଜାରରେ ମଦପିଇ ମାତାଲ୍ ହୋଇଥିଲେ। ସେହି ସମୟର ଭିଡିଓ ମଧ୍ୟ ଭାଇରାଲ ହୋଇଥିଲା। ସାଧାରଣ ଲୋକଙ୍କୁ ଗାଳିଗୁଲଜ କରିବା ସହିତ ଅସଭ୍ୟ ଭାଷା ବ୍ୟବହାର କରିଥିଲେ। ଏହି ଘଟଣାରେ ଖବର ପ୍ରସାରିତ ପରେ ଶିକ୍ଷକଙ୍କୁ ପ୍ରଶାସନ ପକ୍ଷରୁ କାର୍ଯ୍ୟରୁ ନିଲମ୍ବନ କରାଯାଇଛି।



**ଅଧ୍ୟକ୍ଷ ଚୟନରେ ଅନିୟମିତତା**

## ଉପଜିଲ୍ଲାପାଳଙ୍କ ବିରୁଦ୍ଧରେ ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗ କଲେ ପ୍ରାଧାପକ

**ଦଶରଥପୁର,୨।୭ (ସମିସ):** ଓଡିଶା ସରକାରଙ୍କ ଉଚ୍ଚଶିକ୍ଷା ବିଭାଗର ସମସ୍ତ ଚାକିରି ସର୍ତ୍ତାବଳୀ ପୂରଣ କରୁଥିବା ଜଣେ ବରିଷ୍ଠ ପ୍ରାଧାପକଙ୍କୁ ଚକ୍ରାନ୍ତ ପୂର୍ବକ ମହାବିଦ୍ୟାଳୟର ଅଧ୍ୟକ୍ଷ ଚୟନ ପ୍ରକ୍ରିୟାରୁ ବାଦ୍ ଦେବା ସହିତ ତାଙ୍କଠାରୁ ଅତି କନିଷ୍ଠ ଅଧ୍ୟାପକଙ୍କୁ ମହାବିଦ୍ୟାଳୟର ଅଧ୍ୟକ୍ଷ ଚୟନ କରାଯାଇଥିବା ନେଇ ସମ୍ପୃକ୍ତ ପ୍ରାଧାପକ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିକଟରେ ଲିଖିତ ଅଭିଯୋଗ କରିଛନ୍ତି। ଅଧ୍ୟକ୍ଷ ଚୟନ ଅନିୟମିତତାରେ ମହାବିଦ୍ୟାଳୟ ପରିଚାଳନା କମିଟି ମୁଖ୍ୟ ତଥା ଯାଜପୁର ଉପଜିଲ୍ଲାପାଳ ତାପସ କୁମାର ଦେହୁରୀ ଓ ମହାବିଦ୍ୟାଳୟରୁ ସଦ୍ୟ ଅବସର ନେଇଥିବା ପୂର୍ବତନ ଅଧ୍ୟକ୍ଷା ବିନ୍ଦୁରେଖା ମହାପାତ୍ରଙ୍କ ସିଧାସଳଖ ଭୂମିକା ରହିଥିବା ପ୍ରାଧାପକ ଦର୍ଶାଇଥିବା ଜଣାଯାଇଛି। ଅଭିଯୋଗ ମୁତାବକ, ଦଶରଥପୁର ବ୍ଲକ ତଳିହା ଗ୍ରାମର ସୁବ୍ରତ କୁମାର ଜେନା ପଦାର୍ଥ ବିଜ୍ଞାନ ବିଭାଗର ଅଧ୍ୟାପକ ଭାବେ କିଂଝରପୁର ବ୍ଲକ ଅଳକୁଣ୍ଡସ୍ଥ ଆଞ୍ଚଳିକ ବଳଦେବଜୀଉ ମହାବିଦ୍ୟାଳୟରେ ଦୀର୍ଘ ବର୍ଷ ଅଧ୍ୟାପନା ପରେ ଅଧ୍ୟାପକରୁ ପ୍ରାଧାପକ ପଦୋନ୍ନତି ପାଇ ୨୦୨୫ ଜୁନ ମାସରେ ବରୁଣେଶ୍ୱର ମହାବିଦ୍ୟାଳୟରେ ଯୋଗ ଦେଇଥିଲେ। ଉଚ୍ଚଶିକ୍ଷା ବିଭାଗ ଅଧୀନ ୪୮୮ ବର୍ଗରେ ଥିବା ବରୁଣେଶ୍ୱର ମହାବିଦ୍ୟାଳୟର ଅଧ୍ୟକ୍ଷା ଥିବା ବିନ୍ଦୁରେଖା ମହାପାତ୍ର ଗତ ମଇ ମାସ ୩ ତାରିଖରେ ଅବସର ଗ୍ରହଣ କରିଥିଲେ। ଉଚ୍ଚଶିକ୍ଷା ବିଭାଗର ଚାକିରି ସର୍ତ୍ତାବଳୀ ଓ ବରିଷ୍ଠତା ଅନୁସାରେ ନୂତନ ଅଧ୍ୟକ୍ଷ ପଦବୀ ପାଇଁ ମହାବିଦ୍ୟାଳୟରେ କାର୍ଯ୍ୟରତ ପଦାର୍ଥ ବିଜ୍ଞାନର ବରିଷ୍ଠ ପ୍ରାଧାପକ ସୁବ୍ରତ କୁମାର ଜେନା ଜିଲ୍ଲା ସ୍ତରରେ କ୍ରମିକ ସଂଖ୍ୟା ୨ନମ୍ବରରେ ଥିବାବେଳେ ରାଜ୍ୟ ସ୍ତରରେ ୨୫୦ କ୍ରମିକ ସଂଖ୍ୟାରେ ରହିଥିବା ସତ୍ତ୍ୱେ ମହାବିଦ୍ୟାଳୟ ପରିଚାଳନା କମିଟି ଅଧ୍ୟକ୍ଷ ଚୟନରେ ଘୋର ଅନିୟମିତତା କରି ତାଙ୍କଠାରୁ କନିଷ୍ଠ ଓ ଚାକିରି ସର୍ତ୍ତାବଳୀ ପ୍ରକ୍ରିୟା ବାହାରେ ରହିଥିବା ସେହି ପଦାର୍ଥ ବିଜ୍ଞାନର ଅଧ୍ୟାପକ ନଳିନୀକାନ୍ତ ଜେନାଙ୍କୁ ଅଧ୍ୟକ୍ଷ ଭାବେ ଚୟନ କରି ଦାୟିତ୍ୱ ହସ୍ତାନ୍ତର କରିଥିଲେ। ଏହି ଅନିୟମିତତାରେ ମହାବିଦ୍ୟାଳୟ ପରିଚାଳନା କମିଟି ମୁଖ୍ୟ ଯାଜପୁର ଉପଜିଲ୍ଲାପାଳ ତାପସ କୁମାର ଦେହୁରୀ ଓ ଅବସର ଗ୍ରହଣ କରିଥିବା ପୂର୍ବତନ ଅଧ୍ୟକ୍ଷା ବିନ୍ଦୁରେଖା ମହାପାତ୍ରଙ୍କ ପ୍ରମୁଖ ଭୂମିକା ରହିଛି। ଏହି ଅନିୟମିତତାରେ ବଡ଼ ପରିମାଣରେ ଅର୍ଥ କାରବାର ହୋଇଥିବା ପ୍ରାଧାପକ ସୁବ୍ରତ କୁମାର ଜେନା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସମେତ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ, ଉଚ୍ଚଶିକ୍ଷା ସଚିବ ଓ ନିର୍ଦ୍ଦେଶକଙ୍କ ନିକଟରେ ଲିଖିତ ଅଭିଯୋଗ କରି ଏହି ଅନିୟମିତତାର ଭିଜିଲାନ୍ସ ତଦନ୍ତ କରିବାକୁ ଦାବି କରିଥିବା ଜଣାଯାଇଛି। ଏ ସମ୍ପର୍କରେ ଯାଜପୁର ଉପଜିଲ୍ଲାପାଳ ଶ୍ରୀ ଦେହୁରିଙ୍କ ପ୍ରତିକ୍ରିୟା ଜାଣିବାକୁ ଯୋଗାଯୋଗ କରାଯାଇଥିଲେ ହେଁ ସେ ଫୋନ ଉଠାଇ ନ ଥିଲେ।

## ବନ ମହୋତ୍ସବ ସପ୍ତାହ ପାଳିତ

**ବନ୍ତ/ଆଗରପଡ଼ା,୨।୭ (ସମିସ):** ବନ୍ତ ବ୍ଲକ୍ ଅନ୍ତର୍ଗତ ଗଣିଜାଙ୍ଗ ଗ୍ରାମ ପଞ୍ଚାୟତ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ବନ ମହୋତ୍ସବ ସପ୍ତାହ ଉତ୍ସାହର ସହ ପାଳନ କରାଯାଇଥିଲା। ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ପ୍ରତିମା ଭୂୟାଁଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଶିକ୍ଷୟିତ୍ରୀ ଶୋଭାରାଣୀ ଦାସ, ନିବେଦିତା ଘଡ଼ାଇ, ଅଞ୍ଜୁଶ୍ରୀ ଜେନା, ବିଶ୍ୱନାଥ ନାୟକଙ୍କ ସମେତ ଛାତ୍ରୀମାନେ ଏବଂ ସ୍ଥାନୀୟ ବିଶିଷ୍ଟ ବ୍ୟକ୍ତିମାନେ ଯୋଗଦେଇ ବୃକ୍ଷରୋପଣ କରିଥିଲେ। ଏହି ଅବସରରେ ପରିବେଶ ସୁରକ୍ଷା, ବୃକ୍ଷରୋପଣର ଆବଶ୍ୟକତା ଏବଂ ସବୁଜ ପରିବେଶ ଗଠନରେ ଯୁବପିଢ଼ିଙ୍କ ଭୂମିକା ସମ୍ପର୍କରେ ସଚେତନତା ସୃଷ୍ଟି କରାଯାଇଥିଲା। ବକ୍ତାମାନେ କହିଥିଲେ ଯେ, ଗଛ କେବଳ ପରିବେଶର ସନ୍ତୁଳନ ରକ୍ଷା କରେ ନାହିଁ, ବରଂ ମାନବ ଜୀବନ ପାଇଁ ଅମ୍ଳଜାନ, ଖାଦ୍ୟ ଓ ଔଷଧର ମଧ୍ୟ ଏକ ପ୍ରମୁଖ ଉତ୍ସ। କାର୍ଯ୍ୟକ୍ରମ ଶେଷରେ ସମସ୍ତ ଛାତ୍ରୀ ରୋପଣ କରାଯାଇଥିବା ଚାରାଗୁଡ଼ିକର ନିୟମିତ ଯତ୍ନ ନେବା ସହ ପରିବେଶ ସୁରକ୍ଷା ପାଇଁ ସଚେତନ ରହିବାକୁ ଶପଥ ଗ୍ରହଣ କରିଥିଲେ। କାର୍ଯ୍ୟକ୍ରମରେ ଯମୁନା ମୁଖି, ମନୋରମ ଦାସ, ଏକାଦଶୀ ସେଠୀ ପ୍ରମୁଖ ଉପସ୍ଥିତ ଥିଲେ।




## ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



**ଧାମନଗର/ଅସୁରାଳି,୨।୭ (ସମିସ):** ବୁଧବାର ଧାମନଗର ବ୍ଲକ୍ ଅନ୍ତର୍ଗତ ଚୁଡ଼ାକୁଟି ପଞ୍ଚାୟତ ଅଧୀନସ୍ଥ ତାମ୍ପଲା ସରକାରୀ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ପ୍ରବୀଣା ପରମାଣିକଙ୍କୁ ବିଦ୍ୟାଳୟ ତରଫରୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ସୁପ୍ରଭା ସାହୁ ସଭାପତିତ୍ୱ କରିଥିବାବେଳେ ସହକାରୀ ଶିକ୍ଷକ ବିଜୟ ସାହୁ ସଭା ସଞ୍ଚାଳନା କରିଥିଲେ। ମୁଖ୍ୟ ଅତିଥି ଭାବେ ସ୍ଥାନୀୟ ସରପଞ୍ଚ କସ୍ତୁରୀ ବିଶ୍ୱାଳ, ଅତିରିକ୍ତ ବ୍ଲକ୍ ଶିକ୍ଷାଧିକାରୀ ସତ୍ୟସୁନ୍ଦର ପରିଡ଼ା ମୁଖ୍ୟବକ୍ତା ଭାବେ ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ସମିତିସଭ୍ୟ ଜ୍ଞାନରଞ୍ଜନ ମହାକୁଡ଼, ସମାଜସେବୀ ପ୍ରଶାନ୍ତ ସାହୁ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ମାନସ ଘୋଷ, ବିଭୂତି ବାରିକ, ଉପସଭାପତି, ସଭ୍ୟ/ସଭ୍ୟା, ଏସ୍‌ଏଚ୍‌ଜି କର୍ମକର୍ତ୍ତା ପ୍ରମୁଖ ଯୋଗଦେଇ ବିଦାୟୀ ପ୍ରଧାନଶିକ୍ଷୟିତ୍ରୀଙ୍କ ବିଦ୍ୟାଳୟର ପରିବେଶ ସୁରକ୍ଷା, ଉନ୍ନତି, ଶିକ୍ଷାଦାନ ଶୈଳୀ ଓ ବ୍ୟକ୍ତିତ୍ୱ ଏବଂ ତାଙ୍କର କର୍ମମୟ ଜୀବନ ସମ୍ପର୍କରେ ଅତିଥି ନିଜ ନିଜର ବକ୍ତବ୍ୟରେ ଆଲୋକପାତ କରିଥିଲେ। ବିଦ୍ୟାଳୟ ତରଫରୁ ଅତିଥି ଏବଂ ମୁଖ୍ୟ ଅତିଥିଙ୍କ ଦ୍ୱାରା ଅବସର ଗ୍ରହଣ କରିଥିବା ଶିକ୍ଷୟିତ୍ରୀଙ୍କୁ ମାନପତ୍ର, ଉପଢୌକନ, ପୁଷ୍ପଗୁଚ୍ଛ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା। ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ ଓ କର୍ମଚାରୀ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ପରିଚାଳନାରେ ସହଯୋଗ କରିଥିବାବେଳେ ଶେଷରେ ସହକାରୀ ଶିକ୍ଷକ ମଳୟ ମୁଦୁଲି ଧନ୍ୟବାଦ ଦେଇଥିଲେ।

## ୪ରେ ଯାଜପୁର ଜିଲ୍ଲା ସନ୍ତରଣ ଚାମ୍ପିଅନସିପ୍

**ଯାଜପୁର, ୨।୭ (ସମିସ):** ଆସନ୍ତା ୪ ତାରିଖରେ ଯାଜପୁରସ୍ଥ ବିଜୁ ପଟ୍ଟନାୟକ ସୁଇମିଂ ପୁଲ୍‌ଠାରେ ଯାଜପୁର ଜିଲ୍ଲା ସନ୍ତରଣ ପ୍ରତିଯୋଗିତା ଅନୁଷ୍ଠିତ ହେବ। ଏହି ଚାମ୍ପିୟନସିପ୍‌ରେ ବିଭିନ୍ନ ବୟସ ବର୍ଗର ପ୍ରତିଯୋଗୀ ଅଂଶଗ୍ରହଣ କରିପାରିବେ। ଏଥିପାଇଁ ସିନିୟର୍ ଗ୍ରୁପ୍‌ରେ ୧୮ ବର୍ଷ କିମ୍ବା ତା'ଠାରୁ ଊର୍ଦ୍ଧ୍ୱ ବୟସର ପୁରୁଷ ଓ ମହିଳା (ଜନ୍ମ ବର୍ଷ ୨୦୦୪ କିମ୍ବା ତାହା ପୂର୍ବରୁ) ଭାଗ ନେଇପାରିବେ। ସେହିପରି ଜୁନିୟର୍ ଗ୍ରୁପ୍ ପୁରୁଷ ଓ ମହିଳାଙ୍କ ପାଇଁ ଦୁଇଟି ବିଭାଗ ରଖାଯାଇଛି। ଯେଉଁଥିରେ ଗ୍ରୁପ୍-୧ରେ ୧୫ ରୁ ୧୭ ବର୍ଷ (ଜନ୍ମ ବର୍ଷ ୨୦୦୯, ୨୦୧୦ ଓ ୨୦୧୧), ଗ୍ରୁପ୍-୨ରେ ୧ରୁ ୧୪ ବର୍ଷ (ଜନ୍ମ ବର୍ଷ ୨୦୧୨, ୨୦୧୩ ଓ ୨୦୧୪)ର କ୍ରୀଡ଼ାବିତ୍ ସାମିଲ ହୋଇପାରିବେ। ଅପରପକ୍ଷରେ ସବ୍‌ଜୁନିୟର୍ ବର୍ଗରେ ତିନୋଟି ଗ୍ରୁପ୍ ରହିଛି। ଯେଉଁଥିରେ ଗ୍ରୁପ୍-୩ ପାଇଁ ୧୦ରୁ ୧୧ ବର୍ଷ (ଜନ୍ମ ବର୍ଷ ୨୦୧୫ ଓ ୨୦୧୬), ଗ୍ରୁପ୍-୪ ପାଇଁ ୦୮ ରୁ ୦୯ ବର୍ଷ (ଜନ୍ମ ବର୍ଷ ୨୦୧୭ ଓ ୨୦୧୮) ଓ ସବୁଠାରୁ କନିଷ୍ଠ ଗ୍ରୁପ୍-୫ରେ ୦୫ରୁ ୦୭ ବର୍ଷ (ଜନ୍ମ ବର୍ଷ ୨୦୧୯, ୨୦୨୦ ଓ ୨୦୨୧) ବୟସର ଶିଶୁ ଭାଗ ନେବାକୁ ଯୋଗ୍ୟ ବିବେଚିତ ହେବେ। ଜିଲ୍ଲାର ସମସ୍ତ ଆଗ୍ରହୀ ସନ୍ତରଣକାରୀଙ୍କୁ ଏହି ଚାମ୍ପିଅନସିପ୍‌ରେ ଅଂଶଗ୍ରହଣ କରି ନିଜର ପ୍ରତିଭା ପ୍ରଦର୍ଶନ କରିବାକୁ ପ୍ରଶାସନ ପକ୍ଷରୁ ଅନୁରୋଧ କରାଯାଇଛି।

● ମଣ୍ଡଳ ଶିକ୍ଷା ଅଧିକାରୀଙ୍କ ତଦନ୍ତ

## ଟାଙ୍ଗରସାହିର ୧୭ ଶିଶୁ ବିଦ୍ୟାଳୟକୁ ଫେରିବେ

**ଯଖପୁରା,୨।୭ (ସମିସ):** ଦାନଗଦୀ ବ୍ଲକ ଚାନ୍ଦିଆ ପଞ୍ଚାୟତ ଅନ୍ତର୍ଗତ ଟାଙ୍ଗରସାହିର ୧୭ ଜଣ ଶିଶୁ ଶିକ୍ଷା ଅଧିକାରରୁ ବଞ୍ଚିତ ଘଟଣା ଉପରେ ମଣ୍ଡଳ ଶିକ୍ଷା ଅଧିକାର ଶୁଭ୍ରାଂଶୁ ଶେଖର ପୁହାଣ ତଦନ୍ତ କରିଛନ୍ତି। ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ନିର୍ଦ୍ଦେଶ ପରେ ଗ୍ରାମରେ ପହଞ୍ଚି ପିଲା ଓ ସେମାନଙ୍କ ଅଭିଭାବକଙ୍କ ସହ ଆଲୋଚନା କରିଥିଲେ। ତଦନ୍ତରୁ ଜଣାପଡିଥିଲା ଯେ ଟାଙ୍ଗରସାହି ଠାରୁ ମାନତିରା ବିଦ୍ୟାଳୟର ଦୂରତା ୬ କିଲୋମିଟର ଦୂର, ତତସହିତ ଏକ ରେଳ ଲାଇନ ଅତିକ୍ରମ କରି ମାନତିରା ବିଦ୍ୟାଳୟକୁ ଯିବା ପିଲାଙ୍କ ଅସମ୍ଭବ। ଅନ୍ୟପଟରେ ଏହି ରାସ୍ତା ଦେଇ ପ୍ରତିଦିନ ଶତାଧିକ ଭାରୀଯାନ ଚଳାଚଳ କରୁଥିବାରୁ ପିଲାମାନଙ୍କ ସୁରକ୍ଷା ଉପରେ ଏକ ସମସ୍ୟା ରହିଛି। ଏସବୁ କାରଣରୁ ଟାଙ୍ଗରସାହିର ପିଲାମାନେ ବିଦ୍ୟାଳୟରେ ନାମ ଲେଖାଉଥିଲେ ମଧ୍ୟ ବିଦ୍ୟାଳୟକୁ ଯାଉନାହାନ୍ତି। ଫଳରେ ପିଲାମାନେ ଡ୍ରପଆଉଟ ହୋଇ ଶିକ୍ଷା ଅଧିକାର ତ ଖାଦ୍ୟ ଅଧିକାରରୁ ବଞ୍ଚିତ ହେଉଛନ୍ତି। ତେଣୁ ଆଜିର ତଦନ୍ତ ରିପୋର୍ଟ ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ପ୍ରଦାନ କରିବା ପିଲାମାନଙ୍କ ଶିକ୍ଷା ଅଧିକାର ପାଇଁ ସମସ୍ତ ପଦକ୍ଷେପ ଗ୍ରହଣ କରାଯିବ ବୋଲି ମଣ୍ଡଳ ଶିକ୍ଷା ଅଧିକାରୀ କହିଛନ୍ତି। ଏହି ତଦନ୍ତ ସମୟରେ ଶିଶୁ ଅଧିକାର କର୍ମୀ ମଣ୍ଟୁଦାସ ଓ ବିଜୟ ଦାସ ଉପସ୍ଥିତ ଥିଲେ।

## ବିପଦ ସୃଷ୍ଟି କରୁଛି ଶୁଖିଲା ଗଛ ଡାଳ

**ବନ୍ତ/ଆଗରପଡ଼ା,୨।୭ (ସମିସ):** ଆଗରପଡ଼ାଠାରୁ ବରପଦା ମଧ୍ୟରେ ଥିବା ବିଭିନ୍ନ ବଜାର ଅଞ୍ଚଳ ଯଥା- ଆଗରପଡ଼ା, ଶେଉଳଗଡ଼ିଆ, ଜାମବଣୀ ଓ କାଦବରାଙ୍ଗରେ ଥିବା ପୁରୁଣା ଶୁଖିଲା ଗଛ ଡାଳ ଝୁଲି ରହିବା ଫଳରେ ଲୋକେ ଭୟଭୀତ ଅବସ୍ଥାରେ ଚଳପ୍ରଚଳ କରୁଛନ୍ତି। ସାମାନ୍ୟ ପବନ ହେଲେ ଏହି ଶୁଖିଲା ଡାଳ ଖସି ପଡ଼ି ଲୋକେ ଖଣ୍ଡିଆଖାବରା ହେବା ସହ ଯାତାୟାତ କରୁଥିବା ଯାନବାହନ ନଷ୍ଟ ହେଉଛି। ଏହିପରି ଘଟଣାର ଅନେକ ନଜିର୍ ରହିଛି। ଏ ସମ୍ପର୍କରେ ବିଭାଗୀୟ କର୍ତ୍ତୃପକ୍ଷଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲେ ମଧ୍ୟ ଆଜିଯାଏ ଏହାର କୌଣସି ପ୍ରତିକାର କରାଯାଇପାରି ନାହିଁ। ବିଭିନ୍ନ ସ୍ଥାନକୁ ଯିବା ପାଇଁ ଉକ୍ତ ଛକ ଅଞ୍ଚଳରେ ବହୁ ଲୋକଙ୍କ ସମାଗମ ହୋଇଥାଏ। ତେଣୁ କୋ÷ଣସି ବଡ଼ ବିପଦ ଘଟିବା ପୂର୍ବରୁ ଶୁଖିଲା ଗଛ ଡାଳ ପରିଷ୍କାର କରିବାକୁ ବିଭାଗୀୟ ଉଚ୍ଚକର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ବିଭିନ୍ନ ମହଲରୁ ଦାବି ହେଉଛି।



**ଖବର ପ୍ରକାଶ ପରେ ବି କାର୍ଯ୍ୟାନୁଷ୍ଠାନ ଶୂନ୍**

## ସ୍ଥାନାନ୍ତରଣ ହେଉନି ପୋଲ ପାଖରେ ଥିବା ବିଦ୍ୟୁତ୍ ଖୁଣ୍ଟି

**ବନ୍ତ/ଆଗରପଡ଼ା,୨।୭ (ସମିସ):**

ଗତ ଫେବୃଆରୀ ୧୯ ତାରିଖରେ '୨ବର୍ଷ ପରେ ବି ସରୁନି କେନାଲ ପୋଲ ନିର୍ମାଣ' ଶୀର୍ଷକ ଖବର ଦୈନିକ 'ସକାଳ'ରେ ପ୍ରକାଶ ପାଇଥିଲା। ଖବର ପ୍ରକାଶ ପାଇବା ପରେ ଇତି ମଧ୍ୟରେ ଅଧପନ୍ତରିଆ ଅବସ୍ଥାରେ ଥିବା କେନାଲ ପୋଲର ନିର୍ମାଣ କାର୍ଯ୍ୟ ଚାଲିଥିବା ଜଣାପଡ଼ିଛି। ଅସମ୍ପୂର୍ଣ୍ଣ ପୋଲର ସ୍ଲାବ୍ କାମ ସରିଯାଇଥିବା ବେଳେ ସୁରକ୍ଷା ବାଡ଼ା ଓ ଆପ୍ରୋଚ୍ ରୋଡ୍‌ର ନିର୍ମାଣ କାର୍ଯ୍ୟ ଚାଲୁଥିବା ଜଣାପଡ଼ିଛି। ଅପରପକ୍ଷରେ ନିର୍ମାଣାଧୀନ ଉକ୍ତ ପୋଲ ଉପରେ ବିଦ୍ୟୁତ୍ ତାର ଯାଇଥିବାବେଳେ ବିଦ୍ୟୁତ୍ ଖୁଣ୍ଟିର ଅବସ୍ଥାନ ଆଗାମୀ ଦିନରେ ଗମନାଗମନରେ ବଡ଼ଧରଣର ସମସ୍ୟା ରୂପେ ଉଭା ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ପୋଲ କାର୍ଯ୍ୟକ୍ଷମ ହେବା ଆଗରୁ ବିଦ୍ୟୁତ୍ ଖୁଣ୍ଟିକୁ ବିଭାଗ ପକ୍ଷରୁ ଅନ୍ୟତ୍ର ସ୍ଥାନାନ୍ତରିତ କରିବା ଜରୁରୀ ହୋଇପଡ଼ିଥିବା ଖବର ପ୍ରକାଶ ପାଇବାକୁ ଇତି ମଧ୍ୟରେ ୪ ମାସରୁ ଅଧିକ ସମୟ ବିତି ଯାଇଥିଲେ ସୁଦ୍ଧା ବିଭାଗ ଏଥିପ୍ରତି କୋ÷ଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରିବା ବିଭାଗୀୟ ଅଧିକାରୀଙ୍କ କାର୍ଯ୍ୟପନ୍ଥା ଉପରେ ଅଙ୍ଗୁଳି ନିର୍ଦ୍ଦେଶ କରୁଛି।

ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ୍ ଗୋପିନାଥପୁର ପଞ୍ଚାୟତରେ ପ୍ରବାହିତ ଚରମ୍ପା କେନାଲ ଉପରେ ନିର୍ମାଣାଧୀନ ପୋଲ ୨ବର୍ଷରୁ ଅଧିକ ସମୟ ବିତିଯାଇଥିଲେ ବି ସରିବାର ନାଁ ଧରୁ ନ ଥିବା ଏବଂ ଉକ୍ତ ପୋଲ ନିର୍ମାଣ ପାଇଁ ମଞ୍ଜୁର ହୋଇଥିବା ଅର୍ଥ ନିର୍ମାଣ ନ ସରୁଣୁ ଠିକାଦାରଙ୍କ ଦ୍ୱାରା ବିଭାଗୀୟ ଅଧିକାରୀଙ୍କ ସହଯୋଗରେ ଚଳୁ ହୋଇଯାଇଥିବା ନେଇ ଫେବୃଆରୀ ମାସରେ ବନ୍ତ ବ୍ଲକ୍‌ରେ ଅନୁଷ୍ଠିତ ଜିଲ୍ଲାପାଳଙ୍କ ଅଭିଯୋଗ ପ୍ରକୋଷ୍ଠରେ ଗୋପିନାଥପୁର ପଞ୍ଚାୟତବାସୀ ଲିଖିତ ଅଭିଯୋଗ କରିଥିବା ଜଣାପଡ଼ିଥିଲା। ଗତ ୨ବର୍ଷ ତଳେ ପାଖାପାଖି ୪୩ ଲକ୍ଷ ଟଙ୍କା ମଞ୍ଜୁର ଅର୍ଥରେ ଗୋପିନାଥପୁର ପଞ୍ଚାୟତ ଦେଇ ପ୍ରବାହିତ ହେଉଥିବା ଚରମ୍ପା କେନାଲ ଉପରେ ଗୋପିନାଥପୁରଠାରେ ଏକ ପୋଲ ନିର୍ମାଣ ନିମନ୍ତେ ବିଭାଗୀୟ ଅଧିକାରୀଙ୍କ ଉପସ୍ଥିତିରେ ପୂର୍ବତନ ସରକାରଙ୍କ ସମୟରେ ସ୍ଥାନୀୟ ବିଧାୟକ ଶିଳାନ୍ୟାସ କରିଥିଲେ। ଉକ୍ତ ପୋଲ ଚାଷ ଓ ଅମଳ ସମୟରେ ଚାଷୀଙ୍କ କାମରେ ଲାଗିବାକୁ ନେଇ ନିର୍ମାଣ ପାଇଁ ସ୍ଥିର କରାଯାଇଥିଲା। କିନ୍ତୁ ଇତି ମଧ୍ୟରେ ୨ବର୍ଷରୁ ଅଧିକ ସମୟ ବିତିଯାଇଥିବା ବେଳେ ଏହା ଅଧପନ୍ତରିଆ ଅବସ୍ଥାରେ ଦଣ୍ଡାୟମାନ ହୋଇ ସରକାରଙ୍କ ଲକ୍ଷ୍ୟ ପ୍ରତି ପରିହାସ ସୃଷ୍ଟି କରିବା ସହ ଅଧପନ୍ତରିଆ ଅବସ୍ଥାରେ ଥିବା ଉକ୍ତ ପୋଲ ଗୃହପାଳିତ ପଶୁପକ୍ଷୀଙ୍କ ଜୀବନ ପ୍ରତି ବିପଦ ମଧ୍ୟ ସୃଷ୍ଟି କରୁଛି। ଏହା ତଳେ ଗମନାଗମନ କରିବା ମାନେ ବିପଦକୁ ଆମନ୍ତ୍ରଣ କରିବା ସଦୃଶ ପାଲଟିଛି।

ସେହିପରି ଏହା ପାଖରେ ଥିବା ପୁରାତନ ପୋଲ ମଧ୍ୟ ଗମନାଗମନ ପାଇଁ ନିରାପଦ ନୁହେଁ ବୋଲି ସେମାନେ ଅଭିଯୋଗ ପତ୍ରରେ ଉଲ୍ଲେଖ କରିଥିବା ଜଣାପଡ଼ିଥିଲା। ଅପରପକ୍ଷରେ ଉକ୍ତ ପୋଲ ନିର୍ମାଣ ନିମନ୍ତେ ମଞ୍ଜୁର ହୋଇଥିବା ସମସ୍ତ ଅର୍ଥ ନିର୍ମାଣ ନ ସରୁଣୁ ଉଠାଣ ହୋଇଥିବା ମଧ୍ୟ ଅଭିଯୋଗ ହୋଇଥିଲା। ନିର୍ମାଣ ନ ସରୁଣୁ ଠିକାଦାର ଓ ଯନ୍ତ୍ରୀଙ୍କ ସଲାସୁତରା ଯୋଗୁଁ ମଞ୍ଜୁର ଅର୍ଥ ଚଳୁ ହୋଇଯାଇଥିବାରୁ ଉକ୍ତ ପୋଲ ନିର୍ମାଣ ସରିବା ନେଇ ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି ହୋଇଥିଲା। ତେଣୁ ଏହାର ଏକ ବିଧିବଦ୍ଧ ତଦନ୍ତ କରାଯାଇ ଅସମ୍ପୂର୍ଣ୍ଣ ପୋଲକୁ ସମ୍ପୂର୍ଣ୍ଣ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେବାକୁ ବିଭିନ୍ନ ମହଲରୁ ଦାବି ହେବା ସହ ନିର୍ମାଣାଧୀନ ଉକ୍ତ ପୋଲ ଉପରେ ବିଦ୍ୟୁତ୍ ତାର ଯାଇଥିବାବେଳେ ବିଦ୍ୟୁତ୍ ଖୁଣ୍ଟିର ଅବସ୍ଥାନ ଆଗାମୀ ଦିନରେ ଗମନାଗମନରେ ବଡ଼ଧରଣର ସମସ୍ୟା ରୂପେ ଉଭା ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ପୋଲ କାର୍ଯ୍ୟକ୍ଷମ ହେବା ଆଗରୁ ବିଦ୍ୟୁତ୍ ଖୁଣ୍ଟିକୁ ବିଭାଗ ପକ୍ଷରୁ ଅନ୍ୟତ୍ର ସ୍ଥାନାନ୍ତରିତ କରିବା ଜରୁରୀ ହୋଇପଡ଼ିଥିବା ଖବର ଦୈନିକ 'ସକାଳ'ରେ ପ୍ରକାଶ ପାଇଥିଲା।



**ବିଭାଗୀୟ ଅଧିକାରୀଙ୍କ କାର୍ଯ୍ୟପନ୍ଥାକୁ ନେଇ ଉଠୁଛି ପ୍ରଶ୍ନ**

# ସମ୍ପାଦକୀୟ



ଜଙ୍ଗଲ ଅସୀମ ଦୟାର ପ୍ରତୀକ, ଯିଏ ନିଜର ଜୀବନ ଉତ୍ସର୍ଗ କରି ସମସ୍ତ ପ୍ରାଣୀଙ୍କୁ ସୁରକ୍ଷା ପ୍ରଦାନ କରେ।
- ଗୌତମ ବୁଦ୍ଧ

ସକାଳ THE SAKALA

## ଗୋପନୀୟତାର ପ୍ରମାଦ

ଇତିମଧ୍ୟରେ ବହୁଳ ବ୍ୟବହୃତ ସାମାଜିକ ଗଣମାଧ୍ୟମ ସଂସ୍ଥା ହ୍ୱାଟ୍‌ସଆପ୍‌ର ନବ ପ୍ରସ୍ତାବିତ ବ୍ୟବସ୍ଥା 'ୟୁଜରନେମ୍ ଫିଚର' ଭାରତରେ ବିବାଦ ଓ ବିତର୍କ ସୃଷ୍ଟି କରିଛି। କେତେକ ଅଞ୍ଚଳରେ ଆରମ୍ଭ ହୋଇସାରିଥିବା ଏହି ପ୍ରକ୍ରିୟା ପର୍ଯ୍ୟାୟକ୍ରମେ ଆଗାମୀ ଏକବର୍ଷ ମଧ୍ୟରେ ସମଗ୍ର ଦେଶରେ କାର୍ଯ୍ୟକ୍ଷମ କରିବାକୁ ହ୍ୱାଟ୍‌ସଆପ୍‌ର ମୂଳ କମ୍ପାନୀ ମେଟା ଯୋଜନା କରିଥିବା ବେଳେ ଏହା ସାଇବର ଅପରାଧକୁ ଅଧିକ ପ୍ରୋତ୍ସାହନ କରିବାର ଆଶଙ୍କା କରି ତୁରନ୍ତ ସ୍ଥଗିତ ରଖିବା ଏବଂ ତିନିଦିନ ମଧ୍ୟରେ ଉତ୍ତର ରଖିବାକୁ କେନ୍ଦ୍ର ସରକାର ମେଟାକୁ ନୋଟିସ୍ ଜାରି କରିଛନ୍ତି। ଅପରପକ୍ଷରେ ଏହି ନୂଆ ବ୍ୟବସ୍ଥା ଅଧିକ ସୁରକ୍ଷିତ ଏବଂ ଗୋପନୀୟ ବୋଲି ମେଟା ଦାବି କରିଛି।

ସମ୍ପ୍ରତି କୌଣସି ଅଜ୍ଞାତ ବ୍ୟକ୍ତି କିମ୍ବା ତାଲିକାରେ ନଥିବା(ସେଭ୍ ହୋଇ ନଥିବା) ନମ୍ବରରୁ କଲ୍ ଆସିଲେ କଲ୍ କରିଥିବା ବ୍ୟକ୍ତିଙ୍କ ଫୋନ୍ ନମ୍ବର ମୋବାଇଲ୍ ଫୋନ୍‌ର ସ୍କ୍ରିନ୍ ଉପରେ ଦେଖାଯାଉଛି। କିନ୍ତୁ ନୂଆ ବ୍ୟବସ୍ଥା ବା ୟୁଜରନେମ୍ ଫିଚରଟିକୁ କାର୍ଯ୍ୟକ୍ଷମ କରାଗଲେ ନମ୍ବର ବଦଳରେ କେବଳ କଲ୍ ପ୍ରେରକ ଯେଉଁ ନାମରେ ନିଜ ହ୍ୱାଟସ୍‌ଆପ୍ ଆକାଉଣ୍ଟ ଖୋଲିଥିବେ ତାହା ହିଁ ଦେଖାଯିବ। ଏହାଦ୍ୱାରା ପ୍ରେରକଙ୍କ ନମ୍ବର ସମ୍ପୂର୍ଣ୍ଣ ଗୋପନ ରହିବ। ଏହି ଫିଚରଟିକୁ କାର୍ଯ୍ୟକ୍ଷମ କରିବା ପାଇଁ ବ୍ୟବହାରକାରୀ ବା ହ୍ୱାଟ୍‌ସଆପ୍ ଆକାଉଣ୍ଟଧାରୀ ନିଜ ପସନ୍ଦ ମୁତାବକ ଏକ ନାମ ଚୟନ କରି ହ୍ୱାଟ୍‌ସଆପ୍‌ରେ ପଞ୍ଜିକୃତ କରିବାକୁ ପଡ଼ିବ। କିନ୍ତୁ ଏହାଦ୍ୱାରା ଅଧିକ କ'ଣ ଲାଭ ହେବ ତାହାକୁ ନେଇ ବିତର୍କ ଆରମ୍ଭ ହୋଇଛି।

ଏହି ବ୍ୟବସ୍ଥା ବିରୋଧରେ ସର୍ବାଧିକ ସ୍ୱର ଉଠିଛି। ଅଭିଯୋଗ ହେଉଛି ଯେ ଫୋନ୍ ନମ୍ବର ଜଣାପଡ଼ିଲେ ମୋବାଇଲ୍ ଚୋର କିମ୍ବା ଧମକଚମକ ଦେଉଥିବା ଅସାମାଜିକ ତତ୍ତ୍ୱ, ଆପରାଧିକ କାର୍ଯ୍ୟକଳାପ ଆଦିକୁ ଠାବ କରିବା ସହଜ ହେଉଛି। କିନ୍ତୁ କେବଳ ୟୁଜରନେମ୍ ରହିଲେ ତଦନ୍ତରେ ଅସୁବିଧା ହେବ। ପୁଣି ଯଦି ସମାନ ନାମରେ ଏକାଧିକ ୟୁଜରନେମ୍ ଆଇଡି ସୃଷ୍ଟି ହୁଏ ତେବେ କଲ୍‌ପ୍ରେରକଙ୍କ ପରିଚୟ ଜାଣିବା ହଠାତ୍ ସହଜ ହେବ ନାହିଁ। ଏଭଳି ସମସ୍ୟା ଇମେଲ୍‌ରେ ମଧ୍ୟ ଉପୁଜିଛି। ସେହିପରି କେହି ଯଦି ପ୍ରତିଷ୍ଠିତ ଓ ପ୍ରତିପତ୍ତିଶାଳୀ ବ୍ୟକ୍ତିଙ୍କ ନାମ ୟୁଜରନେମ୍ ଭାବରେ ବ୍ୟବହାର କରନ୍ତି ତେବେ ବିଭ୍ରାନ୍ତି ଓ ଜଟିଳତା ଆହୁରି ବଢ଼ିବ। ତେଣୁ ଏହା ଏକ ଅବାଞ୍ଛିତ ଓ ଗର୍ହିତ ପ୍ରକ୍ରିୟା। ଅପରପକ୍ଷରେ ସମାନ ନାମ ଓ ପ୍ରତିପତ୍ତିଶାଳୀ ବ୍ୟକ୍ତିଙ୍କ ନାମ ଯେପରି ଏକାଧିକ ବ୍ୟବହାରକାରୀ ଉପଯୋଗ କରିପାରିବେ ନାହିଁ ତାହା ସୁନିଶ୍ଚିତ କରିବା ଆମର କାମ ବୋଲି ମେଟା ସ୍ପଷ୍ଟୀକରଣ ଦେଇଛି। ସେହିପରି ଏହାକୁ ଇଚ୍ଛାଧୀନ କରାଯାଇଛି ବୋଲି ମେଟା ସର୍ତ୍ତ ରଖିଛି।

ଏ ସବୁ ତର୍କବିତର୍କର ଊର୍ଦ୍ଧ୍ୱରେ ବ୍ୟକ୍ତିଗତ ଗୋପନୀୟତା ସହିତ ତଥ୍ୟ ସୁରକ୍ଷା ପରି ସମ୍ବେଦନଶୀଳନ ପ୍ରସଙ୍ଗଟି ଆସୁଛି। ସର୍ବୋପରି ଦେଶର ନୀତିନିୟମର ଅନୁପାଳନର ପ୍ରଶ୍ନ ମଧ୍ୟ ଉଠୁଛି। ଗତି ତିନି/ଚାରିବର୍ଷ ପୂର୍ବେ ମେଟାର ନୂଆ ନିୟମକୁ ନେଇ ସେଭଳି ଚହଳ ସୃଷ୍ଟି ହୋଇଥିଲା ଏବଂ ମାମଲା ଅଦାଲତ ପର୍ଯ୍ୟନ୍ତ ଯାଇଥିଲା। ଆକାଉଣ୍ଟଧାରୀଙ୍କ ତଥ୍ୟକୁ ବ୍ୟବସାୟିକ ଉଦ୍ଦେଶ୍ୟରେ ବ୍ୟବହାର କରାଯାଇପାରିବ ବୋଲି ଏକ ସ୍ୱୀକୃତି ସମ୍ବଳିତ ସର୍ତ୍ତ ଉପଭୋକ୍ତାଙ୍କଠାରୁ ଦାବି କରିବା ସହିତ ହ୍ୱାଟ୍‌ସଆପ୍ ଏକପ୍ରକାର ଧମକ ଦେଇଥିଲା ଯେ ଏକ ନିର୍ଦ୍ଦିଷ୍ଟ ତାରିଖ ସୁଦ୍ଧା ନୂତନ ଗୋପନୀୟତା ନିୟମକୁ ଗ୍ରହଣ ନ କଲେ ଗ୍ରାହକମାନଙ୍କ ଫୋନ୍‌ରୁ ହ୍ୱାଟ୍‌ସଆପ୍ ସନ୍ଦେଶ ପ୍ରେରଣ ସୁବିଧା ବନ୍ଦ ହୋଇଯିବ। ପ୍ରଶ୍ନ ଉଠିଥିଲା ଯେ ଯଦି ହ୍ୱାଟ୍‌ସଆପ୍‌ରେ ପଠାଯାଉଥିବା କଥାବାର୍ତ୍ତା ବା ଭିଡିଓ ଆଦି ଫେସ୍‌ବୁକ୍ ଏବଂ ସେହି କମ୍ପାନୀର ଅନ୍ୟାନ୍ୟ ସେବା ସଂସ୍ଥା ମଧ୍ୟ ବ୍ୟାବସାୟିକ ରୂପେ ବ୍ୟବହାର କରିପାରିବେ ତେବେ ଗୋପନୀୟତା କେଉଁଠି ରହିଲା? ଏଣୁ ଭାରତ ସରକାର ମଧ୍ୟ ସୂଚନା ପ୍ରଯୁକ୍ତି ବିଦ୍ୟା ଆଇନ ଆଧାରରେ ମେଟା ତଥା ହ୍ୱାଟ୍‌ସଆପ୍‌ର ମୁଖ୍ୟ ଅଧିକାରୀଙ୍କୁ ଚିଠି ଲେଖି ନୂଆ ବ୍ୟବସ୍ଥାକୁ ପ୍ରତ୍ୟାହାର କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ ମେଟା ଏହା ବିରୁଦ୍ଧରେ ଭାରତୀୟ ନ୍ୟାୟାଳୟରେ ଆବେଦନ କରିବା ସହିତ ଯୁକ୍ତି ରଖିଲା ଯେ ଭାରତ ସରକାରଙ୍କ ନିର୍ଦ୍ଦେଶ ଭାରତୀୟ ସମ୍ବିଧାନର ପରିପନ୍ଥୀ। ଯେତେବେଳେ ଲକ୍ଷଲକ୍ଷ ଗ୍ରାହକ ପ୍ରତିଦ୍ୱନ୍ଦ୍ୱୀ ସେବା ସଂସ୍ଥା ସିଗ୍‌ନାଲ୍ ଓ ଟେଲିଗ୍ରାମ୍ ଆଡ଼କୁ ପଳାୟନ କରିବା ଆରମ୍ଭ କଲେ ହ୍ୱାଟ୍‌ସଆପ୍‌ର ସେୟାର ବଜାର ହ୍ରାସ ପାଇଲା। ହ୍ୱାଟ୍‌ସଆପ୍ ଓ ଫେସ୍‌ବୁକ୍‌ର ମାଲିକ ମାର୍କ ଜୁକରବର୍ଗ ବାଧ୍ୟ ହୋଇ ନୂଆ ଗୋପନୀୟତା ନିୟମର ଲାଗୁ ତାରିଖକୁ ସ୍ଥଗିତ ରଖିଲେ; ଅଥଚ ପ୍ରତ୍ୟାହାର କଲେ ନାହିଁ।

ବିଡ଼ମ୍ବନା ହେଉଛି ଗୁଗୁଲ୍, ଫେସ୍‌ବୁକ୍, ଇନ୍‌ଷ୍ଟାଗ୍ରାମ୍, ୟୁଟ୍ୟୁବ୍ ଟେଲିଗ୍ରାମ ଆଦି ସଂସ୍ଥାମାନେ ଆମ ବିଷୟରେ ଆମ ଅଜ୍ଞାତରେ ଅଧିକରୁ ଅଧିକ ତଥ୍ୟ ସଂଗ୍ରହ କରିଚାଲିଛନ୍ତି। ଯେଉଁ ଦେଶରେ ବ୍ୟବସାୟ କରିବ ସେହି ଦେଶର ନୀତି ନିୟମକୁ ଉଲ୍ଲଙ୍ଘନ କରିବା ଯେକୌଣସି ସଂସ୍ଥା ପକ୍ଷରେ ସର୍ବାଦୌ ବର୍ଜନୀୟ। କିନ୍ତୁ ବିଭିନ୍ନ ଦେଶର ସରକାରମାନେ ଏହି ବହୁରାଷ୍ଟ୍ରୀୟ ମହାବଳୀ କମ୍ପାନୀମାନଙ୍କ ଆଗରେ ମୁଣ୍ଡ ନୁଆଁଇଛନ୍ତି। ଏହାର କାରଣ ମଧ୍ୟ ଅଜ୍ଞେବହୁତ ଜ୍ଞାତ। ତେଣୁ ହ୍ୱାଟ୍‌ସଆପ୍‌ର ଏହି ନୂଆ ନିୟମ କେତେଦୂର ଗ୍ରହଣୀୟ ଓ ବର୍ଜନୀୟ ହେବ ତାହା ଆଉ କିଛିଦିନ ପରେ ସ୍ପଷ୍ଟ ହେବ।

## ବୁଦ୍ଧିମାନ ପ୍ରଯୁକ୍ତି, ଅସୁରକ୍ଷିତ ଭିତ୍ତିଭୂମି

ମିନାକ୍ଷୀ ଦ୍ୱିବେଦୀ

ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ ବା ଏଆଇର ବିବର୍ତ୍ତନ ମାନବ ଇତିହାସର ସେହି ମୋଡ଼ରେ ପହଞ୍ଚିଛି, ଯେଉଁଠି ଆଶା ଓ ଆଶଙ୍କା ଉଭୟ ସମାନ ଭାବେ ଘନୀଭୂତ ହେଉଛି। ବିଗତ କିଛିବର୍ଷ ଧରି ଏଆଇର ନୈତିକତା, ଏହାର ଦ୍ରୁତ ପ୍ରସାର, ଡାଟା ସେଣ୍ଟରଗୁଡ଼ିକର ବିଶାଳ ଭିତ୍ତିଭୂମି ଏବଂ ଶ୍ରମ ବଜାର ଉପରେ ଏହାର ପ୍ରଭାବକୁ ନେଇ ଚାଲିଥିବା ଆଲୋଚନା ଏବେ କେବଳ ବୌଦ୍ଧିକ ମହଲରେ ସୀମିତ ନାହିଁ। ଯୁଦ୍ଧ କୌଶଳ, ଜାତୀୟ ସୁରକ୍ଷା ଏବଂ ପ୍ରଶାସନିକ ସ୍ଥିରତା ଭଳି ଗୁରୁତ୍ୱପୂର୍ଣ୍ଣ କ୍ଷେତ୍ରରେ ଏଆଇର ପ୍ରବେଶ ଏହି ବିତର୍କକୁ ଏକ ନୂତନ ରୂପ ଦେଇଛି। ଦୀର୍ଘଦିନର ପରୀକ୍ଷା-ନିରୀକ୍ଷା ପରେ ବର୍ତ୍ତମାନ ଏହାର ଗତିଶୀଳତା ସମ୍ପୂର୍ଣ୍ଣ ବଦଳି ଯାଇଛି, ଯାହା ଏଆଇକୁ ଏକ କାଳ୍ପନିକ ବା ଅମୂର୍ତ୍ତ ଅବଧାରଣାରୁ ମୁକ୍ତ କରି ସାମାଜିକ ଓ ସରକାରୀ ଅନୁଷ୍ଠାନଗୁଡ଼ିକର ମୌଳିକ ସଂରଚନାକୁ ପ୍ରଭାବିତ କରୁଥିବା ଏକ ଅଦୃଶ୍ୟ ଶକ୍ତିରେ ପରିଣତ କରିଛି। ଏହି ପରିପ୍ରେକ୍ଷୀରେ, ଆମ ସାମ୍ନାରେ ଥିବା ସବୁଠାରୁ ବଡ଼ ପ୍ରଶ୍ନ ହେଉଛି ଏଆଇ ଦ୍ୱାରା ସୃଷ୍ଟି ହେଉଥିବା ଜଟିଳ ସାଇବର ସୁରକ୍ଷା ବିପଦର ମୁକାବିଲା କରିବା ପାଇଁ ଆମର ଆଧୁନିକ ଡିଜିଟାଲ୍ ସଭ୍ୟତା ପ୍ରସ୍ତୁତ କି?

ଏଆଇ ସୁରକ୍ଷାକୁ ନେଇ ସୃଷ୍ଟି ହୋଇଥିବା ଏହି ଆହ୍ୱାନକୁ ଆଉ କେବଳ ଏକ ମିଥ୍ ବା ପୁରାଣ ବୋଲି କହି ପ୍ରତ୍ୟାଖ୍ୟାନ କରାଯାଇପାରିବ ନାହିଁ। ବର୍ତ୍ତମାନର ଅତ୍ୟାଧୁନିକ 'ଫ୍ରଣ୍ଟିୟର ମଡେଲ୍'ଗୁଡ଼ିକ ଏଭଳି ଏକ ସ୍ତରରେ ପହଞ୍ଚିଛନ୍ତି, ଯେଉଁଠାରେ ସେମାନେ ସ୍ୱୟଂଚାଳିତ ଭାବରେ ସିଷ୍ଟମର ସୁରକ୍ଷାଜନିତ ଦୁର୍ବଳତାକୁ ଚିହ୍ନଟ କରିବା, ବିଶ୍ଳେଷଣ କରିବା ଏବଂ କେତେକ କ୍ଷେତ୍ରରେ ସମାଧାନ ସୁପାରିସ କରିବାର କ୍ଷମତା ଅର୍ଜନ କରୁଛନ୍ତି। ଆରମ୍ଭିକ ପର୍ଯ୍ୟାୟରେ କିଛି ଏଆଇ ମଡେଲର ଏହି କ୍ଷମତା ସୁରକ୍ଷା କାରଣରୁ ସାର୍ବଜନୀନ ଭାବେ ପ୍ରକାଶ ପାଇ ନ ଥିଲା। କିନ୍ତୁ ପରବର୍ତ୍ତୀ ସମୟରେ ଅଧିକ ସୁରକ୍ଷା ବ୍ୟବସ୍ଥା ସହିତ ଉପଲବ୍ଧ ମଡେଲଗୁଡ଼ିକ ଅନେକ ସାଇବର ସୁରକ୍ଷା ବେଞ୍ଚମାର୍କରେ ଉଲ୍ଲେଖନୀୟ ସଫଳତା ପ୍ରଦର୍ଶନ କରିଛନ୍ତି। ଏହି ପରିପ୍ରେକ୍ଷୀରେ ବିଭିନ୍ନ ଅଗ୍ରଣୀ ଏଆଇ ଗବେଷଣା ସଂସ୍ଥା ଓ ପ୍ରଯୁକ୍ତି ସଂଗଠନମାନଙ୍କ ସହଯୋଗରେ ଆରମ୍ଭ ହୋଇଥିବା 'ପ୍ରୋଜେକ୍ଟ ଗ୍ଲାସଓିଙ୍ଗ୍' ଭଳି ପଦକ୍ଷେପ ଉଲ୍ଲେଖନୀୟ। ଏହାର ଉଦ୍ଦେଶ୍ୟ ହେଉଛି ଅତ୍ୟାଧୁନିକ ଏଆଇ ମଡେଲଗୁଡ଼ିକର ନିୟନ୍ତ୍ରିତ ବ୍ୟବହାର ମାଧ୍ୟମରେ ଗୁରୁତ୍ୱପୂର୍ଣ୍ଣ ସଫ୍ଟୱେର୍ ଓ ଡିଜିଟାଲ୍ ଭିତ୍ତିଭୂମିର ସୁରକ୍ଷା ଦୁର୍ବଳତା ଚିହ୍ନଟ କରିବା। ଏହି ପ୍ରୟାସ ଏକ ଯୁଗାନ୍ତକାରୀ ମୋଡ଼ର ସୂଚନା ଦେଉଛି। କାରଣ ଏଆଇର କ୍ଷମତା ଯେଉଁ ଗତିରେ ଆଗକୁ ବଢୁଛି, ତାହାକୁ ନିୟନ୍ତ୍ରଣ କରୁଥିବା ବିଶ୍ୱସ୍ତରୀୟ ଆଇନ ଓ ନିୟାମକ ଢାଞ୍ଚା ସେହି ତୁଳନାରେ ବହୁତ ପଛରେ ରହିଯାଇଛି।

ଏହି ମଡେଲଗୁଡ଼ିକର ପ୍ରକୃତ କ୍ଷମତାକୁ ବୁଝିବା ପାଇଁ ବିଭିନ୍ନ ଅନ୍ତର୍ଜାତୀୟ ସଂସ୍ଥା ଦ୍ୱାରା କରାଯାଇଥିବା 'କ୍ୟାପ୍‌ଚର୍-ଦି-ଫ୍ଲାଗ୍' ପ୍ରକାରର ସିମୁଲେଟେଡ୍ ପରୀକ୍ଷାଗୁଡ଼ିକ ଗୁରୁତ୍ୱପୂର୍ଣ୍ଣ। ଏହି ପରୀକ୍ଷାରେ ଏଆଇ ମଡେଲଗୁଡ଼ିକୁ ଜଟିଳ ଡିଜିଟାଲ୍ ନେଟୱର୍କ ମଧ୍ୟରୁ ଲୁକ୍କାୟିତ ତଥ୍ୟ ଉଦ୍ଧାର କରିବା ପାଇଁ ସିଷ୍ଟମର ଦୁର୍ବଳତା ଚିହ୍ନଟ କରି ତାହାର ସଦୁପଯୋଗ କରିବାକୁ ପଡ଼ିଥାଏ। ଫଳାଫଳ ଦର୍ଶାଇଛି ଯେ ନୂତନ ପିଢ଼ିର ଏଆଇ ମଡେଲଗୁଡ଼ିକ ଅତ୍ୟନ୍ତ ଜଟିଳ ସାଇବର କାର୍ଯ୍ୟକୁ ମଧ୍ୟ ସଫଳତାର ସହ ସମ୍ପନ୍ନ କରିପାରୁଛନ୍ତି। କେତେକ ମୂଲ୍ୟାଙ୍କନରେ ସେମାନେ ବହୁ-ପଦକ୍ଷେପ ବିଶିଷ୍ଟ ସିମୁଲେଟେଡ୍ କର୍ପୋରେଟ୍ ନେଟୱର୍କ ପରିଦୃଶ୍ୟକୁ ମଧ୍ୟ ସଫଳତାର ସହ ସମାପ୍ତ କରିଛନ୍ତି। ଯଦିଓ ଏହି ପରୀକ୍ଷାଗୁଡ଼ିକରେ ବାସ୍ତବ ଜଗତର ସମସ୍ତ ପ୍ରତିରକ୍ଷା ବ୍ୟବସ୍ଥା ଉପସ୍ଥିତ ନଥିଲା, ତଥାପି ଏହା ସ୍ପଷ୍ଟ କରିଛି ଯେ ଏଆଇ ବର୍ତ୍ତମାନ ସାଇବର ସୁରକ୍ଷା କ୍ଷେତ୍ରରେ ଏକ ନୂତନ ପର୍ଯ୍ୟାୟରେ ପ୍ରବେଶ କରିସାରିଛି।

ଏହି ଅନ୍ତର୍ଜାତୀୟ ପ୍ରେକ୍ଷାପଟରେ ଭାରତର ସ୍ଥିତିକୁ ଦେଖିଲେ ଜଣାପଡ଼େ ଯେ ଦେଶର କେନ୍ଦ୍ରୀୟ ସାଇବର ସୁରକ୍ଷା ସଂସ୍ଥା ସିଇଆରଟି-ଇନ୍ ଏବଂ ଅନ୍ୟାନ୍ୟ ସୁରକ୍ଷା ସଂସ୍ଥାମାନେ ଏଆଇ ସମ୍ବନ୍ଧୀୟ ସାଇବର ବିପଦ ଉପରେ ନିରନ୍ତର ନଜର ରଖୁଛନ୍ତି। କେନ୍ଦ୍ର ସରକାର ମଧ୍ୟ ବ୍ୟାଙ୍କିଙ୍ଗ୍, ଆର୍ଥିକ କ୍ଷେତ୍ର ଏବଂ ଜରୁରୀ ଡିଜିଟାଲ୍ ଭିତ୍ତିଭୂମି ପ୍ରତି ଥିବା ବିପଦ ଉପରେ ଗୁରୁତ୍ୱ ଦେଇ ସୁରକ୍ଷା ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରିବାକୁ ଆହ୍ୱାନ ଜଣାଇଛି। ତଥାପି ବିଶ୍ଳେଷକମାନଙ୍କ ମତରେ ସମସ୍ୟାର ଗଭୀରତା ତୁଳନାରେ ଭାରତର ପ୍ରସ୍ତୁତି ଏପର୍ଯ୍ୟନ୍ତ ବିକାଶଶୀଳ ପର୍ଯ୍ୟାୟରେ ରହିଛି। ବର୍ତ୍ତମାନ ସୁଦ୍ଧା ଭାରତ ପାଖରେ ୟୁରୋପୀୟ ସଂଘର ଏଆଇ ଆକ୍ଟ ପରି ଏକ ବ୍ୟାପକ ଓ ବାଧ୍ୟତାମୂଳକ ନିୟାମକ ଢାଞ୍ଚା ନାହିଁ। ଦେଶରେ ସାର୍ବଭୌମ ଏଆଇ ଭିତ୍ତିଭୂମି ନିର୍ମାଣ ଏବଂ ଏଆଇ ସୁରକ୍ଷା ଗବେଷଣା ମଧ୍ୟ ଏପର୍ଯ୍ୟନ୍ତ ବିକାଶଶୀଳ ଅବସ୍ଥାରେ ରହିଛି। ତେଣୁ ଆଗାମୀ ଦିନର ଏହି ଆହ୍ୱାନର ମୁକାବିଲା ପାଇଁ ଭାରତକୁ ଏକ ସୁଦୃଢ଼ ସାଇବର ସୁରକ୍ଷା କର୍ମବଳୀ ଗଠନ କରିବାକୁ ହେବ। ପ୍ରତିକୂଳ ପରିସ୍ଥିତିରୁ ଆହୁରି ଶକ୍ତିଶାଳୀ ହୋଇଉଠିବାକୁ ସକ୍ଷମ ଏକ ପ୍ରତିରୋଧୀ ବ୍ୟବସ୍ଥା ନିର୍ମାଣ କରିବାକୁ ହେବ। ସର୍ବୋପରି ସାଇବର ସୁରକ୍ଷା ପ୍ରତିଯୋଗିତାକୁ ଏଆଇ ଯୁଗର ସାର୍ବଭୌମତ୍ୱର ପ୍ରକୃତ ମୂଳଦୁଆ ଭାବରେ ଗ୍ରହଣ କରିବାକୁ ହେବ।

ଏଆଇ ଯୁଗ ପୂର୍ବରୁ ଏକ ଦେଶର ଡିଜିଟାଲ୍ ଭିତ୍ତିଭୂମିର ବିସ୍ତାରକୁ ତାହାର ସଫଳତାର ପ୍ରତୀକ ଭାବରେ ଦେଖାଯାଉଥିଲା। କିନ୍ତୁ ବର୍ତ୍ତମାନର ନୂତନ ପରିବେଶରେ ସେହି ସଫଳତା ହିଁ ସବୁଠାରୁ ବଡ଼ ଦୁର୍ବଳତାର କାରଣ ହୋଇପାରେ। ଏହି ପରିସ୍ଥିତିକୁ ବୁଝିବା ପାଇଁ ବିଲୁପ୍ତ ପ୍ରାଗୈତିହାସିକ ପଶୁ 'ଆଇରିଶ୍ ଏଲ୍କ'ର ଉଦାହରଣ ଉପଯୁକ୍ତ। ଏହାର ବିଶାଳ ଶିଙ୍ଗ ଏକ ସମୟରେ ତାହାର ଶକ୍ତି ଓ ପ୍ରତିପତ୍ତିର ପ୍ରତୀକ ଥିଲା। କିନ୍ତୁ ପରିବେଶ ବଦଳିଯିବା ପରେ ସେହି ଶିଙ୍ଗ ହିଁ ତାହାର ଅସ୍ତିତ୍ୱ ପାଇଁ ବୋଝ ହୋଇଯାଇଥିଲା। ଆଜିର ଡିଜିଟାଲ୍ ପେମେଣ୍ଟ ବ୍ୟବସ୍ଥା, ବ୍ୟାଙ୍କିଙ୍ଗ୍ ନେଟୱର୍କ, କ୍ଲାଉଡ୍ ପ୍ଲାଟଫର୍ମ ଏବଂ ସାର୍ବଜନୀନ ଡାଟାବେସ୍‌ଗୁଡ଼ିକ ଆମର ଡିଜିଟାଲ୍ ଭିତ୍ତିଭୂମିର ସେହି ବିଶାଳ ଶିଙ୍ଗ ସଦୃଶ। ଜାତୀୟ ବ୍ୟବସ୍ଥାର ସୁଚାରୁ ପରିଚାଳନା ପାଇଁ ଏଗୁଡ଼ିକ ଯେତିକି ଆବଶ୍ୟକ, ଏଆଇ ଯୁଗରେ ସେତିକି ଆକର୍ଷଣୀୟ ଲକ୍ଷ୍ୟବସ୍ତୁ ମଧ୍ୟ।

ଆଧୁନିକ ଏଆଇ ବର୍ତ୍ତମାନ ଏଭଳି ଏକ ସ୍ତରରେ ପହଞ୍ଚିଛି, ଯେଉଁଠାରେ ଏହା ନେଟୱର୍କର ଗଭୀର ଅନୁସନ୍ଧାନ କରିପାରୁଛି, ସଫ୍ଟୱେର୍ କୋଡ୍‌ର ଯୁକ୍ତିଗତ ଦୁର୍ବଳତାକୁ ବିଶ୍ଳେଷଣ କରିପାରୁଛି ଏବଂ ଦୁର୍ବଳତା ଆବିଷ୍କାର ପ୍ରକ୍ରିୟାକୁ ଅଭୂତପୂର୍ବ ଭାବେ ତ୍ୱରାନ୍ୱିତ କରିପାରୁଛି। ଏହା ହେଉଛି ସେହି ସାଇବର ମୁହୂର୍ତ୍ତ, ଯାହା ସ୍ପଷ୍ଟ ସଂକେତ ଦେଉଛି ଯେ ଆମ ସଭ୍ୟତାର ଡିଜିଟାଲ୍ ବୁଦ୍ଧିମତ୍ତା ତାହାର ସୁରକ୍ଷା କ୍ଷମତା ତୁଳନାରେ ବହୁତ ଦ୍ରୁତଗତିରେ ବିକଶିତ ହେଉଛି। ଏଆଇର ପରବର୍ତ୍ତୀ ପ୍ରଭାବଶାଳୀ ପର୍ଯ୍ୟାୟ କେବଳ ନୂତନ ମଡେଲ୍ ବିକାଶ କରୁଥିବା କମ୍ପାନୀଗୁଡ଼ିକୁ ପୁରସ୍କୃତ କରିବ ନାହିଁ। ସେହି ଦେଶଗୁଡ଼ିକର ଭବିଷ୍ୟତ ନିର୍ଣ୍ଣୟ କରିବ, ଯେଉଁମାନେ ଏହି ମଡେଲଗୁଡ଼ିକ ଦ୍ୱାରା ପ୍ରଭାବିତ ବିଶାଳ ଡିଜିଟାଲ୍ ପରିବେଶକୁ ସୁରକ୍ଷିତ ରଖିପାରିବେ।

ଏଆଇର ଆଗାମୀ ଅଧ୍ୟାୟ କେବଳ ବୁଦ୍ଧିମତ୍ତାର ବିକାଶର କାହାଣୀ ନୁହେଁ, ଏହା ସୁରକ୍ଷା, ସାର୍ବଭୌମତ୍ୱ ଏବଂ ଡିଜିଟାଲ୍ ଅସ୍ତିତ୍ୱର ସଂଘର୍ଷର କାହାଣୀ ମଧ୍ୟ। ଯେଉଁ ଦେଶ ଏହି ବାସ୍ତବତାକୁ ଶୀଘ୍ର ବୁଝିବ ଏବଂ ତଦନୁଯାୟୀ ନିଜକୁ ପ୍ରସ୍ତୁତ କରିବ, ଆସନ୍ତା ଡିଜିଟାଲ୍ ଯୁଗରେ ନେତୃତ୍ୱ ସେହି ଦେଶର ହାତରେ ରହିବ। ସେହିପରି ଏଆଇ ଯୁଗରେ ପ୍ରକୃତ ଶକ୍ତି କେବଳ ପ୍ରଯୁକ୍ତିର ଅଧିକାରରେ ନୁହେଁ, ସେହି ପ୍ରଯୁକ୍ତିକୁ ସୁରକ୍ଷିତ, ନିୟନ୍ତ୍ରିତ ଓ ଦାୟିତ୍ୱବାନ ଭାବରେ ପରିଚାଳନା କରିବାର କ୍ଷମତାରେ ନିହିତ ରହିବ।

ଗୁରୁଗ୍ରାମ, ମୋ: ୭୯୭୮୦୮୨୮୩୪

## ଦର୍ଶନ, ବିଜ୍ଞାନ ଓ ଜିବ୍ରାନ

ବିନୋଦ ମହାରଣା

ମଣିଷ ସବୁଠାରୁ ଶିକ୍ଷିତ, ସାହସୀ, କୁଶଳୀ, କୁଟିଳ, ସଭ୍ୟ, ବିକଶିତ ଓ ବୁଦ୍ଧିମାନ ପ୍ରାଣୀ। ଜୀବଜଗତର ଲକ୍ଷ ଲକ୍ଷ ପ୍ରାଣୀଙ୍କ ମଧ୍ୟରୁ ଅର୍ଥନୈତିକ, ସାମାଜିକ, ସାହିତ୍ୟ, ରାଜନୀତି ଆଦି କ୍ଷେତ୍ରରେ ମଣିଷ ଅପ୍ରତିଦ୍ୱନ୍ଦ୍ୱୀ। କିନ୍ତୁ ସେ କାହିଁକି ଆଜି ନୈରାଶ୍ୟ, ଦୁର୍ଦ୍ଦିନ, ଶୋଷିତ, ନିଷ୍ପେସିତ ଅବସ୍ଥାରେ ପଡ଼ିଛି? ଏସବୁର ପ୍ରଶ୍ନର ଉତ୍ତର ପାଇବାକୁ ହେଲେ ଆମକୁ ନିଶ୍ଚିତ ଭାବେ ମହାନ ଲେଖକ, ଦାର୍ଶନିକ, କବି ଖଲିଲ ଜିବ୍ରାନଙ୍କ ନିକଟକୁ ଯିବାକୁ ପଡ଼ିପାରେ। ବିବର୍ତ୍ତନର ମହାନ ସଂରଚନାରେ ଗଠିତ ମଣିଷ ଏବେ ବି ରହିଛି ଅନ୍ଧାରରେ।

ମାତ୍ର ୪୮ ବର୍ଷ ବୟସରେ ଇହଲୀଳା ସମ୍ବରଣ କରିଥିବା ମହାନ ଲେଖକ ଖଲିଲ ଜିବ୍ରାନ(୬ ଜାନୁଆରୀ ୧୮୮୩-୧୦ ଏପ୍ରିଲ ୧୯୩୧)ଙ୍କ ଜନ୍ମ ହୁଏ ଲେବାନନର ବସାରୀରେ। ଦାରିଦ୍ର୍ୟ, କଷାଘାତ ଭିତରେ ଜୀବନ କଟାଇଥିବା ଜିବ୍ରାନ ନିଜର ଲେଖାଗୁଡ଼ିକରେ ଆଧ୍ୟାତ୍ମିକତା, ଧର୍ମ ଆଦିର ତୀବ୍ର ସମାଲୋଚନା କରୁଥିଲେ। ୧୯୦୮ରେ ସେ ପ୍ରକାଶ କରିଥିଲେ 'ସ୍ପିରିଟ୍ସ ରିବେଲିୟସ'। ପୁସ୍ତକରେ ସେ ଧାର୍ମିକ ଓ ଆଧ୍ୟାତ୍ମିକ ନେତୃତ୍ୱର ତୀବ୍ର ସମାଲୋଚନା କରିଥିଲେ। ଏହି କାରଣରୁ ଏହି ବହିକୁ ଲେବାନନର ବିଭିନ୍ନ ସ୍ଥାନରେ ପୋଡ଼ାଯାଇଥିଲା। ବିଶେଷକରି ଚିରାଚରିତ ଦାସତ୍ୱପନ୍ଥୀ ବ୍ୟବସ୍ଥାର ଉଚ୍ଛେଦ, ମହିଳାଙ୍କ ମୁକ୍ତି, ମଣିଷର ପ୍ରାକୃତିକ ମୂଲ୍ୟବୋଧ, ସମାଜରେ ଚାଲିଆସିଥିବା ପଙ୍କିଳ ରୀତିନୀତିକୁ ବିରୋଧ କରିଆସୁଥିଲେ ଜିବ୍ରାନ। ଆତ୍ମଜ୍ଞାନ, ପାରମ୍ପରିକ ଧାର୍ମିକ ବ୍ୟବସ୍ଥା, ପ୍ରେମଭିତ୍ତିକ ଧର୍ମ, ବ୍ୟକ୍ତିଗତ ସ୍ୱାଧୀନତା, ଆତ୍ମନିରୀକ୍ଷଣ, ଆତ୍ମଅନୁଭବ, ଆତ୍ମିକ ସ୍ୱାଧୀନତା ଆଦିକୁ ସେ ନିଜ ଲେଖାରେ ଦେଉଥିଲେ ଗୁରୁତ୍ୱ।

'ଦି ପ୍ରଫେଟ' ପୁସ୍ତକରେ ସେ କହିଛନ୍ତି- ଯଦି ତୁମେ ନିଜର ଭାବନା ସହ ଶାନ୍ତିରେ ରହିବା ଲାଗି ଚାହିଁବ ନାହିଁ ତେବେ ତୁମେ କଥାହୁଅ। ସେ କହିବାକୁ ଚାହିଁଛନ୍ତି- ନିଜର ଚିନ୍ତାଧାରା ସର୍ବଦା ଶକ୍ତିଶାଳୀ। ଏସମ୍ପର୍କରେ କାହାରି ସହ ଯୁକ୍ତିତର୍କ କରନାହିଁ। ସେ କହିଛନ୍ତି- ଯଦି କାହାକୁ ଭଲ ପାଉଛ ତେବେ ତାକୁ ଛାଡ଼ିଦିଅ। ଯଦି ସେ ଫେରିଆସେ ଏହା ଭାବିବାକୁ ପଡ଼ିବ ଯେ ସେ ତୁମର ନିଜର। ଯଦି ସେ ନ ଫେରେ ତେବେ ଧରିବାକୁ ହେବ ଯେ, ସେ ତୁମର ନଥିଲା, ତୁମର ବି ହେବାର ସମ୍ଭାବନା ନାହିଁ। ଏନେଇ ଅଯଥାରେ ନିଜ ଭିତରେ ଗୋଳେଇ ଘାଣ୍ଟି ହେବା ଅନାବଶ୍ୟକ। ପୁସ୍ତକରେ ସେ କହିଛନ୍ତି- ଏକତା ଭିତରେ କିଛି ଶୂନ୍ୟସ୍ଥାନ ରଖ। ସ୍ୱର୍ଗୀୟ ପ୍ରଭଞ୍ଜନ ବା ବାୟୁ ଏହି ସମ୍ପର୍କ ମଧ୍ୟରେ ପ୍ରବାହିତ ହେଉ। ପରସ୍ପରକୁ ଭଲ ପାଅ; କିନ୍ତୁ ପ୍ରେମର ବନ୍ଧନ ସୃଷ୍ଟି କରନାହିଁ। ତୁମମାନଙ୍କର ଆତ୍ମାର ଉପକୂଳ ମଧ୍ୟରେ ଏକ ଗତିଶୀଳ ସମୁଦ୍ର ପ୍ରବାହିତ ରହୁ। ପରସ୍ପରର ପାତ୍ର ପୂରଣ କର; ମାତ୍ର ଗୋଟିଏ ପାତ୍ରରୁ ପାନ କରନାହିଁ। ପରସ୍ପରକୁ ରୁଟି ଦାନ କର; ମାତ୍ର ଗୋଟିଏ ରୁଟିରୁ ଏକତ୍ର ଖାଅନାହିଁ। ଏକାଠି ନାଚ, ଏକାଠି ଗାନ କର, ଏକାଠି ଆନନ୍ଦ ଉପଭୋଗ କର; ମାତ୍ର ଅଲଗା ରୁହ। ବୀଣାର ତାରଗୁଡ଼ିକ ଅଲଗା ଅଲଗା ରହିଥା'ନ୍ତି; ମାତ୍ର ସେଗୁଡ଼ିକ ଏକାଠି ହୋଇ ରାଗିଣୀ ସୃଷ୍ଟି କରନ୍ତି। ପରସ୍ପରକୁ ହୃଦୟ ଦିଅ; ମାତ୍ର ନିଜର ହୃଦୟକୁ ଅନ୍ୟ ନିକଟରେ ରଖନାହିଁ। ଏକାଠି ଠିଆ ହୁଅ; ମାତ୍ର ନିଜ ନିକଟରେ ଅତି ଘନିଷ୍ଠ ଭାବେ ଠିଆ ହୁଅନାହିଁ।

ଆକାଶରେ ପୃଥିବୀର କବିତାଗୁଡ଼ିକ ହେଉଛନ୍ତି ବୃକ୍ଷ। ମାତ୍ର କାଗଜ ଲାଗି ଆମେ ଗଛଗୁଡ଼ିକୁ କାଟି ଦେଇଥାଉ। ଏହା ହିଁ ଆମ ଲାଗି ବଡ଼ ଶୂନ୍ୟତା। ବିଚ୍ଛେଦ ନ ହେବା ଯାଏଁ ପ୍ରେମ ନିଜର ଗଭୀରତା ସମ୍ପର୍କରେ ଅବଗତ ହୋଇପାରେନାହିଁ। ଆପଣ ହୁଏତ ଦିନେ ମୋତେ ପ୍ରଶ୍ନ କରିପାରନ୍ତି- ମୋର ନା ଆପଣଙ୍କର ଜୀବନ ଗୁରୁତ୍ୱପୂର୍ଣ୍ଣ। ମୁଁ କହିବି ଯେ, ଆପଣ ମୋର ଜୀବନ ବୋଲି ନ ଜାଣି ମୁଁ ଓ ଆପଣ ପରସ୍ପରଠାରୁ ଦୂରେଇଯିବା। ଆପଣ ଯେତେବେଳେ ଦୁଃଖରେ ଅଛନ୍ତି ସେତେବେଳେ ଆପଣ ନିଜକୁ ପୁଣି ଥରେ ପଚାରନ୍ତୁ ଏବଂ ଦୁଃଖର କାରଣ ଜାଣିବାକୁ ଚେଷ୍ଟା କରନ୍ତୁ। ତାହା ଜାଣିବା ପରେ ଆପଣ ଆନନ୍ଦ ପାଇବେ।

'ଦି ମ୍ୟାଡ ମ୍ୟାନ' ପୁସ୍ତକରେ ସେ ମଣିଷର ପୁଙ୍ଖାନୁପୁଙ୍ଖ ସମୀକ୍ଷା କରିଛନ୍ତି। ମଣିଷ କିପରି ଏକ ସାମାଜିକ ପ୍ରାଣୀ ହେଲେ ବି ନିଜର ବ୍ୟକ୍ତିଗତ ପରିସରରୁ ମୁକ୍ତ ହୋଇ ନଥାଏ ତାହାର ବିଶ୍ଳେଷଣ କରିଛନ୍ତି। ପ୍ରେମର ପଥ କଠିନ ଯଦିଓ ସେ ଆହ୍ୱାନ ଦେଇଥାଏ। ପ୍ରେମର ଡେଣା ଭିତରେ ଆପଣ ନିଜକୁ ସମର୍ପଣ କରନ୍ତୁ ଯଦିଓ ତାହାରି ଡେଣା ଭିତରେ ଥିବା ଖଣ୍ଡା ଆପଣଙ୍କୁ ଆଘାତ କରିପାରେ। ଯଦି ନିଜ ଭିତରେ ଥିବା ଭୟରେ ଆପଣ ପ୍ରେମର ଶାନ୍ତି ଆନନ୍ଦ ଖୋଜୁଥା'ନ୍ତି ତେବେ ତାହା ପ୍ରେମ ପଦବାଚ୍ୟ ହୋଇପାରେନା। ସୌନ୍ଦର୍ଯ୍ୟ ମୁଖରେ ନଥାଏ, ବରଂ ଏହା ହୃଦୟର ଏକ ଆଲୋକ। ଆପଣଙ୍କ ସନ୍ତାନମାନେ ଆପଣଙ୍କର ନୁହନ୍ତି। ଜୀବନ ପ୍ରକ୍ରିୟାରେ ସେମାନେ ଅଂଶବିଶେଷ। ସେମାନେ ଆପଣଙ୍କ ଜରିଆରେ ଆସିଛନ୍ତି; ମାତ୍ର ଆପଣଙ୍କଠାରୁ ନୁହେଁ। ସେମାନେ ଆପଣଙ୍କ ସହ ଅଛନ୍ତି; ମାତ୍ର ସେମାନେ ଆପଣଙ୍କର ନୁହନ୍ତି। ଆପଣ ସେମାନଙ୍କୁ ନିଜର ପ୍ରେମ ଦେଇପାରନ୍ତି; ମାତ୍ର ଆପଣଙ୍କ ଭାବନାକୁ ସେମାନଙ୍କୁ ଦିଅନ୍ତୁ ନାହିଁ। ସେମାନଙ୍କୁ ସେମାନଙ୍କ ଭାବନା ଅନୁସାରେ ଯିବାକୁ ଦିଅନ୍ତୁ। ସେମାନଙ୍କୁ ଘରେ ରଖନ୍ତୁ; ମାତ୍ର ସେମାନଙ୍କ ଆତ୍ମାକୁ ନୁହେଁ। ଆସନ୍ତାକାଲିର ଘର ଭିତରେ ସେମାନଙ୍କ ଆତ୍ମାକୁ ଘୂରିବୁଲିବାକୁ ଦିଅନ୍ତୁ। ଏପରିକି ଆପଣ ନିଜର ସ୍ୱପ୍ନରେ ସେମାନଙ୍କୁ ଦେଖିବାକୁ ଚେଷ୍ଟା କରନ୍ତୁ ନାହିଁ। ଆପଣ ସେମାନଙ୍କୁ ଭଲ ପାଇପାରନ୍ତି; ମାତ୍ର ଆପଣଙ୍କ ପରି ହେବାକୁ ସେମାନଙ୍କୁ ଦିଅନ୍ତୁ ନାହିଁ।

ଜୀବନ ପଛକୁ ଯାଏ ନାହିଁ କି ଗତକାଲି ସହ ଅଟକିଯାଏ ନାହିଁ। ଭାବନ୍ତୁ ଯେ ଆପଣ ଏକ ଧନୁ ଏବଂ ସେମାନେ ତୀର ପରି ଧନୁରୁ ବାହାରି ଯାଆନ୍ତି। ଧନୁର୍ଦ୍ଧର ଭାବିଥାଏ ତା' ତୀର ବହୁ ଦୂରକୁ ଭେଦ କରିପାରେ ଏବଂ ତା' ଲକ୍ଷ୍ୟ ଫଳବତୀ ହୋଇପାରେ। ଧନୁର୍ଦ୍ଧର ଭାବେ ଆପଣ ସର୍ବଦା ଆନନ୍ଦିତ ଓ ଅଟଳ ରୁହନ୍ତୁ। ମୋର ପାଗଳାମି ଭିତରେ ମୁଁ ଉଭୟ ସ୍ୱାଧୀନତା ଓ ସାର୍ବଭୌମତ୍ୱକୁ ପାଇଛି। ଗତକାଲି ଥିଲା ଆଜିର ସ୍ମୃତି ଏବଂ ଆସନ୍ତାକାଲି ହେବ ଆଜିର ସ୍ୱପ୍ନ। ଭାବ ନାହିଁ ଯେ, ପୃଥିବୀ ଆପଣଙ୍କର ଖାଲି ପାଦକୁ ଅନୁଭବ କରିବାକୁ ଖୁସି ହୁଏ, ପବନ ଆପଣଙ୍କର କେଶ ସହିତ ଖେଳିବାକୁ ଆଗ୍ରହୀ ହୁଏ। ମୁଁ କଥାବାର୍ତ୍ତା କରୁଥିବା ଲୋକଙ୍କଠାରୁ ନୀରବତା, ଅସହିଷ୍ଣୁ ଲୋକଙ୍କଠାରୁ ସହନଶୀଳତା ଏବଂ ନିର୍ଦ୍ଦୟ ଲୋକଙ୍କଠାରୁ ଦୟା ଶିଖିଛି। ତଥାପି ଆଶ୍ଚର୍ଯ୍ୟର କଥା ମୁଁ ଏହି ଶିକ୍ଷକମାନଙ୍କ ପ୍ରତି କୃତଜ୍ଞ ନୁହେଁ। ଆପଣମାନଙ୍କ ମଧ୍ୟରୁ ଅନେକ କହନ୍ତି ଦୁଃଖ ଅପେକ୍ଷା ଆନନ୍ଦ ବଡ଼। ଆଉ କିଏ କିଏ କହନ୍ତି ଦୁଃଖ ସବୁଠାରୁ ବଡ଼। ହେଲେ ଆପଣମାନଙ୍କ ସହ ମିଶି ମୁଁ ଏହା କହୁଛି ଯେ, ସେମାନେ ହେଉଛନ୍ତି ଅବିଚ୍ଛେଦ୍ୟ। ସେମାନେ ଏକାଠି ଆସନ୍ତି ଏବଂ ଯେତେବେଳେ ଜଣେ ଆପଣଙ୍କ ନିକଟରେ ରହିଛି ମନେରଖ ଯେ, ଅନ୍ୟ ଜଣକ ତୁମ ବିଛଣାରେ ଶୟନ କରିଛି।

ଖଲିଲ ଜିବ୍ରାନ ନାହାନ୍ତି। କିନ୍ତୁ ମଣିଷ ସମାଜକୁ ତାଙ୍କର ବାର୍ତ୍ତା, ମଣିଷର ସାମାଜିକ ଓ ମାନସିକ ବ୍ୟବଚ୍ଛେଦ ତାଙ୍କୁ ଅମର କରି ରଖିବ।

ଭୁବନେଶ୍ୱର, ମୋ: ୯୪୩୭୧୬୪୭୬୪

## ମହାକାନ୍ତାରରେ ମହାସାମନ୍ତ: ଶ୍ରୀଜଗନ୍ନାଥଙ୍କ ଗୋପନଲୀଳା

ଚନ୍ଦନ ସୁବୁଦ୍ଧି

### ତତ୍ତ୍ୱ ଓ ତଥ୍ୟରେ ଶ୍ରୀଜଗନ୍ନାଥ

ଶ୍ରୀଜଗନ୍ନାଥ କେବଳ ଓଡ଼ିଶାର ରାଷ୍ଟ୍ରଦେବତା ନୁହନ୍ତି, ସେ ଅପରାଜେୟ ଓଡ଼ିଆଙ୍କ ଆତ୍ମା, ତାଙ୍କ ଅହରହ ଶ୍ୱାସ, ବିଶ୍ୱାସ ଆଉ ଆୟୁଷ। ପ୍ରତି ଓଡ଼ିଆ ପାଇଁ ସେ ବେଦନା ରାତିର ପ୍ରଭାତ, ସବୁ ପ୍ରତୀକ୍ଷାର ପ୍ରାପ୍ତି। ଓଡ଼ିଆ ଜାତିର ନାୟକ ଗଜପତି ମାନେ ମଧ୍ୟ ତାଙ୍କ ପାଖରେ ସବୁକିଛି ଅର୍ପଣ କରି ଉତ୍କଳର ଏକଛତ୍ର ସମ୍ରାଟ ଭାବେ ସ୍ୱୀକାର କରିଛନ୍ତି ଆଉ ନିଜକୁ ରାଉତ ଭାବେ ମହାପ୍ରଭୁଙ୍କ ପାଖେ ସମର୍ପଣ କରିଛନ୍ତି। ଆଗଙ୍ଗା ଗୋଦାବରୀ ଜୟ କରି ସମସ୍ତ ବିଜୟ ପଦାର୍ଥ ସମର୍ପି ଦେଇଛନ୍ତି ଶ୍ରୀରଙ୍ଗାଚରଣ ତଳେ। ଗଜପତିମାନଙ୍କ ସମର୍ପଣରେ ମହାବାହୁଙ୍କ ରତ୍ନଭଣ୍ଡାର ହୋଇଥିଲା ଭାରତର ସବୁଠାରୁ ବିତ୍ତଶାଳୀ। ମଦଳାପାଞ୍ଜି ରାଜଭୋଗ ଇତିହାସ (ପୃ:୨୨) ରୁ ଜଣାଯାଏ ତତ୍କାଳୀନ ଗଙ୍ଗବଂଶୀୟ ରାଜ ଅନଙ୍ଗଭୀମ ଦେବ ମହାପ୍ରଭୁଙ୍କ ଅଳଙ୍କାର ପାଇଁ ଦୁଇ ଲକ୍ଷ ପଚାଶ ହାଜର ମାଢ଼ ଅର୍ଥାତ ୧୪୨୫ କିଲୋଗ୍ରାମ ସୁନା (୧ମାଢ଼ = ୧/୨ ତୋଳା ୧ତୋଳା=୧୧.୬୬ ଗ୍ରାମ) ଶ୍ରୀମନ୍ଦିରକୁ ଦାନ ଦେଇଥିଲେ।

ଏହା ଶ୍ରୀମନ୍ଦିରକୁ ବିତ୍ତଶାଳୀ କରିବା ସହ ବାହ୍ୟ ଶତ୍ରୁମାନଙ୍କ ଲୋଲୁପ ଦୃଷ୍ଟିର ଶିକାର କରିଥିଲା। କେବଳ ଅଳଙ୍କାର ଲୁଣ୍ଠନ ନୁହେଁ, ଅଜେୟ ଓଡ଼ିଆମାନଙ୍କ ମେରୁଦଣ୍ଡ ଭାଙ୍ଗିବା ପାଇଁ ଜଗନ୍ନାଥ ମନ୍ଦିର ଉପରେ ଆକ୍ରମଣ କରିବା ଥିଲା ବାହ୍ୟତତ୍ତ୍ୱମାନଙ୍କର ମୁଖ୍ୟ ଉଦ୍ଦେଶ୍ୟ। ଓଡ଼ିଆମାନଙ୍କ ମାନରକ୍ଷା ପାଇଁ ମହାପ୍ରଭୁଙ୍କୁ ରତ୍ନ ସିଂହାସନର ସ୍ୱାଚ୍ଛନ୍ଦ୍ୟକୁ ଛାଡ଼ି ଯାଯାବରତ୍ୱକୁ ସ୍ୱୀକାର କରିବାକୁ ପଡ଼ିଛି। କେତେବେଳେ ଚାପରେ ଚିଲିକା ଗର୍ଭକୁ ତ ପୁଣି କେତେବେଳେ ଚଉଦୋଳରେ କେଉଁ ଘଞ୍ଚ ଅରଣ୍ୟକୁ ବୁହା ହୋଇଯାଇଛନ୍ତି। ଇତିହାସ କୁହେ ପ୍ରାୟ ୧୮ ଥର ଶ୍ରୀକ୍ଷେତ୍ର ଉପରେ ଆକ୍ରମଣ ହୋଇଛି। ତନ୍ମଧ୍ୟରୁ ୧୩ ଥର ଶ୍ରୀମନ୍ଦିର ଉପରେ ଆକ୍ରମଣ ହେବା ସହ ରତ୍ନଭଣ୍ଡାର ଲୁଣ୍ଠନ କରାଯାଇଛି। ଏହି ସଙ୍କଟ ସମୟରେ ତତ୍କାଳୀନ ଗଜପତି ଓ ସେବକମାନେ ମହାପ୍ରଭୁଙ୍କୁ ୧୧ ଥର ବିଭିନ୍ନ ଗୋପନ ସ୍ଥାନକୁ ସ୍ଥାନାନ୍ତରିତ କରିଛନ୍ତି ଏବଂ ଥରେ ବିମଳା ମନ୍ଦିର ପଛରେ ମହାପ୍ରଭୁଙ୍କୁ ଲୁଚାଇ ରଖିଛନ୍ତି। ଦୀର୍ଘ ୯୯ ବର୍ଷ ମହାପ୍ରଭୁ ଉତ୍କଳୀୟଙ୍କ ମାନ ରକ୍ଷା ପାଇଁ ଭୂମିତଳେ ପାତାଳି ହୋଇଛନ୍ତି ଏବଂ ୭୩ ବର୍ଷ ବିଭିନ୍ନ ସ୍ଥାନରେ ଆତ୍ମଗୋପନ କରିଛନ୍ତି।

**ଶୋଭନ ଦେବ:** ଶୋଭନଦେବଙ୍କ ରାଜତ୍ୱର ଦ୍ୱିତୀୟ ଅଙ୍କରେ ରକ୍ତବାହୁ ଶ୍ରୀମନ୍ଦିର ଆକ୍ରମଣ କଲା। ଖବର ପାଇ ରାଜା ବିଗ୍ରହମାନଙ୍କୁ ସୋନପୁର ଜିଲ୍ଲାର କୋଟ ସମଲେଇ ଗାଁ (ଗୋପାଳି, ତ୍ରିକୂଟ ପାହାଡ଼ ପାଦଦେଶ) ର ଏକ ମଣ୍ଡପରେ ସ୍ଥାପନ କରିଥିଲେ। ଦୀର୍ଘ ୪୫ ବର୍ଷ ମହାପ୍ରଭୁ ସେଠାରେ ରହିଲେ। ପୁଣି ମୋଗଲ ଗୋଳ ଲାଗିବାରୁ ମହାପ୍ରଭୁଙ୍କୁ ସେହିଠାରେ ପାତାଳି କରାଗଲା ଏବଂ ତା' ପାଖରେ



ଏକ ବର ଗଛ ଲଗାଯାଇଥିଲା, ଯେଉଁ ବର କାଳକ୍ରମେ 'ଦିଅଁବର' ନାଁରେ ପ୍ରସିଦ୍ଧି ପାଇଲା। ତାଙ୍କ ପରେ କେଶରୀ ବଂଶର ଯଯାତି କେଶରୀ ଚତୁର୍ଦ୍ଧାମୂର୍ତ୍ତିଙ୍କ ପାତାଳି ସ୍ଥାନ ଚିହ୍ନଟ କରି ଦଇତାପତିମାନଙ୍କୁ ଡକାଇ ମହାପ୍ରଭୁଙ୍କୁ ଉଦ୍ଧାର କଲେ। ଶାସ୍ତ୍ରୀୟ ଭିତ୍ତିରେ ନବକଳେବର କରି ମହାପ୍ରଭୁମାନଙ୍କୁ ପୁନଃ ଶ୍ରୀମନ୍ଦିରରେ ଉପବେଶନ କରାଇଲେ। ଆଜି ବି କୋଟସମଲେଇ ମହାପ୍ରଭୁଙ୍କ ସେ ୧୪୪ ବର୍ଷର ସ୍ମୃତିକୁ ନିଜ ଛାତିରେ ଜାବୁଡ଼ି ଧରିଛି। ଶ୍ରୀମନ୍ଦିର ପରେ ଯଦି ମହାପ୍ରଭୁ କେଉଁଠାରେ ସର୍ବାଧିକ ସମୟ ରହିଥିବେ ତାହା ହେଉଛି ପାତାଳି ଶ୍ରୀକ୍ଷେତ୍ର କୋଟସମଲେଇ।

**ପ୍ରତାପରୁଦ୍ର ଦେବ:** ପ୍ରତାପରୁଦ୍ର ଦେବଙ୍କ ୧୭ଅଙ୍କରେ ମୋଗଲ ଅମୁରା ସୁରଥନ ଶ୍ରୀକ୍ଷେତ୍ର ଆକ୍ରମଣ କରିଥିଲା। ସେତେବେଳେ ପ୍ରତାପ ରୁଦ୍ରଦେବ ଦକ୍ଷିଣାତ୍ୟ ଯୁଦ୍ଧରେ ଥିଲେ। ଖବର ପାଇ ସେବକମାନେ ମହାପ୍ରଭୁଙ୍କୁ ଚାପରେ ଚିଲିକା ମଧ୍ୟସ୍ଥ ଚଢ଼େଇଗୁହା ପାହାଡ଼ରେ ଲୁଚେଇ ରଖିଲେ। ଦୁର୍ଦ୍ଦଣ୍ଡ ଅମୁରା ମନ୍ଦିର ଲୁଣ୍ଠନ କରି ମୂର୍ତ୍ତିମାନ ଭାଙ୍ଗିଲା (ମା.ପା ୩୯)। ପ୍ରତାପରୁଦ୍ର ଦେବ ଯୁଦ୍ଧରୁ ଫେରି ଅମୁରା ସୁରସେନକୁ ଘଉଡ଼େଇଲେ। ଦୀର୍ଘ ତିନିମାସ ଚଢ଼େଇଗୁହାରେ ରହି ମହାପ୍ରଭୁ ଶ୍ରୀମନ୍ଦିର ଫେରିଥିଲେ।

**ତେଲେଙ୍ଗା ମୁକୁନ୍ଦ ଦେବ:** ଓଡ଼ିଶାର ଶେଷ ସ୍ୱାଧୀନ ରାଜା ମୁକୁନ୍ଦ ଦେବଙ୍କ ସହ ଆକବର ବିଶ୍ୱାସଘାତକତା କଲେ। ସେହି ସମୟରେ ସୁଲେମାନଙ୍କ ସେନାପତି ରଜୁ ଖାଁ କଳାପାହାଡ଼ ଶ୍ରୀମନ୍ଦିର ଆକ୍ରମଣ କରିଥିଲା(ଐତିହାସିକ ମତରେ ସେବେଳେକୁ ମୁକୁନ୍ଦ ଦେବ ମୃତ୍ୟୁବରଣ କରିଥିଲେ)। ଇତିହାସର ସବୁଠାରୁ ବର୍ବର ଆକ୍ରମଣ ମଧ୍ୟରେ ଏଇ ଆକ୍ରମଣ ଜଘନ୍ୟ ଓ ମର୍ମନ୍ତୁଦ ଥିଲା। ଆକ୍ରମଣର ଖବର ପାଇ ଅଭିଜ୍ଞ ସେବକ ପରିଛା ଦିବ୍ୟସିଂହ ପଟ୍ଟନାୟକ ମହାପ୍ରଭୁଙ୍କୁ ଚିଲିକାର ଛପଲି ହାତୀପଡ଼ାରେ ପାତାଳି କରିଥିଲେ। କଳାପାହାଡ଼ ମନ୍ଦିର ଆକ୍ରମଣ କରି ତିରିଶି ମହଣର ଏକ ସୁବର୍ଣ୍ଣ ପ୍ରତିମା(ଯାହାର ଆଖି ଦୁଇଟି ହୀରାରେ ତିଆରି) ସମେତ ବହୁ ଧନସମ୍ପତ୍ତି ବୋହିନେଲା(ଶ୍ରୀଜଗନ୍ନାଥ ମନ୍ଦିର ଏବଂ ଜଗନ୍ନାଥ ତତ୍ତ୍ୱ - ପଣ୍ଡିତ ସୂର୍ଯ୍ୟ ନାରାୟଣ ଦାସ ପୃ : ୧୧୫)। ଗବେଷକ ଭାସ୍କର ମିଶ୍ରଙ୍କ ମତରେ କଳାପାହାଡ଼ ପ୍ରାୟ ୧୪୮୦ କିଲୋଗ୍ରାମ ଓଜନର ସୁନା ଏବଂ ଅନ୍ୟ ମୂଲ୍ୟବାନ ତଥା ଦୁର୍ଲଭ ପଦାର୍ଥ ଲୁଣ୍ଠନ କରିଥିଲା। ସେତିକିରେ ଯଦି ସେ ସନ୍ତୁଷ୍ଟ ହୋଇଥା'ନ୍ତା ତା'ହାଲେ ହୁଏତ ଇତିହାସ ତା'କୁ କ୍ଷମା କରିପାରିଥା'ନ୍ତା। କିନ୍ତୁ ତା'ପରେ ସେ ଯେଉଁ ବୀଭତ୍ସ୍ୟ ଦୃଶ୍ୟ ଭିଆଇଲା ତାହା ଆଜିବି ଅଯୁତେ ଓଡ଼ିଆଙ୍କ ଛାତି ଥରେଇ ଦିଏ।(କ୍ରମଶଃ...)

ଭୁବନେଶ୍ୱର, ମୋ: ୯୮୫୩୪୫୪୪୯୩



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ବେଆଇନ୍ ଖଣିରୁ ଚୋରାଚାଲାଣ ବେଳେ ଧସିଲା ପଥର

# ପଥର ତଳେ ଚାପି ହୋଇ ଯୁବକଙ୍କ ମୃତ୍ୟୁ; ନାବାଳକ ଗୁରୁତର



କୋଇଡା, ୨।୭ (ସମିସ): ସୁନ୍ଦରଗଡ଼ ଜିଲ୍ଲା କୋଇଡ଼ା ଥାନା ଅନ୍ତର୍ଗତ ମାଲଦା ଅଞ୍ଚଳରେ ବେଆଇନ୍ ମାଙ୍ଗାନିଜ ଖଣିରୁ ଚୋରାଚାଲାଣ ବେଳେ ଏକ ଦୁଃଖଦ ଘଟଣା ଘଟିଛି। ଅତଡ଼ା ଧସି ପଡ଼ିବାରୁ ମାଟି ଓ ପଥର ତଳେ ଚାପି ହୋଇ ଜଣେ ୧୮ ବର୍ଷୀୟ ଯୁବକ କ୍ରିସ୍ କଛପଙ୍କ ଘଟଣା ସ୍ଥଳରେ ମୃତ୍ୟୁ ଘଟିଥିବା ବେଳେ ଜଣେ ନାବାଳକ ରାଜ ମୁଣ୍ଡାଙ୍କ ଅଣ୍ଟା ଓ ଗୋଡ଼ ଭାଙ୍ଗି ଯାଇ ଗୁରୁତର ହୋଇଛନ୍ତି। ନାବାଳକଙ୍କୁ ଯୋଡ଼ା ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସ୍ଥାନୀୟ ଅଞ୍ଚଳରେ ବେଆଇନ୍ ମାଙ୍ଗାନିଜ ଚୋରା ଚାଲାଣକୁ ନେଇ ପୂର୍ବରୁ ମଧ୍ୟ ଏଭଳି ବାରମ୍ବାର ଦୁର୍ଘଟଣା ଘଟି ଜୀବନ ହାନୀ ହୋଇଛି। ବାରମ୍ବାର ଏପରି ଘଟଣା ସାମ୍ନାକୁ ଆସୁଥିଲେ ମଧ୍ୟ ବେଆଇନ୍ ଖଣି କାର୍ଯ୍ୟକଳାପ ଉପରେ ରୋକ୍ ଲାଗିପାରୁନାହିଁ ବୋଲି ସ୍ଥାନୀୟ ଲୋକେ କ୍ଷୋଭ ପ୍ରକାଶ କରିଛନ୍ତି। ଘଟଣାକୁ ନେଇ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଥିବା ବେଳେ ବେଆଇନ୍ ଖଣି କାରବାର ନେଇ ସ୍ୱତନ୍ତ୍ର ସ୍କ୍ୱାଡ୍, ଭିଜିଲାନ୍ସ ତଦନ୍ତ ସତ୍ତ୍ୱେ ଆଜି ଯାଏଁ କୌଣସି କଠୋର ପଦକ୍ଷେପ ନିଆଯାଇନାହିଁ। ଘଟଣାର ନିରପେକ୍ଷ ତଦନ୍ତ କରି ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବାକୁ ସ୍ଥାନୀୟ ବାସିନ୍ଦା ଦାବି କରିଛନ୍ତି।

## ପାକିସ୍ତାନରେ କୋଚିଂ ସେଣ୍ଟର ଛାତ ଭୁଶୁଡ଼ି ୧୪ ଶିଶୁ ମୃତ

ଲାହୋର,୨।୭(ଏଜେନ୍ସି): ପାକିସ୍ତାନର ଲାହୋର ସହରରେ ଏକ ହୃଦୟ ବିଦାରକ ଅଘଟଣ ଘଟିଛି। କ୍ଲାସ୍ ଚାଲିଥିବା ସମୟରେ ଏକ କୋଚିଂ ସେଣ୍ଟରର ଛାତ ଭୁଶୁଡ଼ି ପଡ଼ିବା ଫଳରେ ୧୪ ଜଣ ଶିଶୁଙ୍କ ମୃତ୍ୟୁ ଘଟିଛି ଏବଂ ଅନେକ ଗୁରୁତର ଆହତ ହୋଇଛନ୍ତି। ଲାହୋରର ଏକ ପୁରୁଣା ଆବାସିକ ବିଲ୍ଡିଂରେ ଏହି ଟ୍ୟୁସନ ସେଣ୍ଟରଟି ଚାଲିଥିଲା। ପୁଲିସ ଅନୁଯାୟୀ, ମୃତ ଶ୍ରମିକ ଓ ଶିଶୁଙ୍କ ବୟସ ୫ ରୁ ୧୬ ବର୍ଷ ମଧ୍ୟରେ ଥିଲା, ଯେଉଁଥିରେ ଅଧିକାଂଶଙ୍କ ବୟସ ୯ ବର୍ଷରୁ କମ୍। ଭଙ୍ଗା ଛାତ ତଳୁ ଜଣେ ୩୦ ବର୍ଷୀୟା ମହିଳା ଶିକ୍ଷୟିତ୍ରୀଙ୍କୁ ମଧ୍ୟ ଜୀବନ୍ତ ଉଦ୍ଧାର କରାଯାଇଛି। ସ୍ଥାନୀୟ ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ, ଏହି ଟ୍ୟୁସନ ସେଣ୍ଟରଟି ବେଆଇନ ଏବଂ ଅଣପଞ୍ଜିକୃତ ଭାବେ ଏକ ଜର୍ଜର କୋଠାରେ ଚାଲିଥିଲା। ଅଘଟଣ ପରେ ପୁଲିସ ଟ୍ୟୁସନ ସେଣ୍ଟରର ମାଲିକଙ୍କ ସମେତ ଦୁଇ ଜଣଙ୍କୁ ଗିରଫ କରିଛି। ପାକିସ୍ତାନର ରାଷ୍ଟ୍ରପତି ଆସିଫ୍ ଅଲି ଜରଦାରୀ ଏବଂ ପ୍ରଧାନମନ୍ତ୍ରୀ ଶେହବାଜ ସରିଫ୍ ଏହି ଘଟଣାରେ ଗଭୀର ଶୋକ ପ୍ରକାଶ କରିବା ସହ ଘଟଣାର ନିରପେକ୍ଷ ତଦନ୍ତ ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### 'ମିଶନ ଆଗମନ'ର...

ପାଇଲଟ୍ କିମ୍ବା ଜୟଷ୍ଟିକର ଆବଶ୍ୟକତା ନାହିଁ। ଏଥିରେ ଥିବା 'ରାମାନୁଜନ' ନାମକ ମିଶନ କମ୍ପ୍ୟୁଟର ଏବଂ ସ୍ୱତନ୍ତ୍ର ସଫ୍ଟୱେର୍ ଆଲଗୋରିଦମ ସାହାଯ୍ୟରେ ରକେଟ୍‌ଟି ମହାକାଶରେ ନିଜେ ସ୍ୱୟଂଚାଳିତ ଭାବେ ନିଷ୍ପତ୍ତି ନେଇପାରିବ। ଭାରତୀୟ ମହାକାଶ ଗବେଷଣା ସଂସ୍ଥା (ଇସ୍ରୋ) ଏବଂ ଇନ୍-ସ୍ପେସ୍'ର ସହଯୋଗରେ ସ୍କାଏରୁଟ୍ ଏରୋସ୍ପେସ୍ ଏହି ମିଶନ ପରିଚାଳନା କରୁଛି। ଏହାପୂର୍ବରୁ ନଭେମ୍ବର ୨୦୨୨ରେ କମ୍ପାନୀ 'ବିକ୍ରମ-ଏସ୍' ନାମକ ଏକ ଛୋଟ ପରୀକ୍ଷାମୂଳକ ରକେଟ୍ ସଫଳତାର ସହ ଉତକ୍ଷେପଣ କରି 'ମିଶନ ପ୍ରାରମ୍ଭ' ର ଶୁଭାରମ୍ଭ କରିଥିଲା, ଯାହା କେବଳ ପୃଥିବୀ ପ୍ରଦକ୍ଷିଣ କରିଥିଲା। କିନ୍ତୁ ବର୍ତ୍ତମାନର 'ମିଶନ ଆଗମନ' ମାଧ୍ୟମରେ 'ବିକ୍ରମ-୧' ପ୍ରକୃତରେ ଉପଗ୍ରହଗୁଡ଼ିକୁ ମହାକାଶ କକ୍ଷପଥରେ ସ୍ଥାପିତ କରିବ, ଯାହା ଭାରତୀୟ ମହାକାଶ ଇତିହାସରେ ଏକ ବଡ଼ ମାଇଲଖୁଣ୍ଟ ସାବ୍ୟସ୍ତ ହେବ।

### ଡ. ଜଗନ୍ନାଥ ନାୟକ...

ପ୍ରକାଶ ପାଇଛି। ବୈଜ୍ଞାନିକ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ସେ ଆର୍ଯ୍ୟଭଟ୍ଟ ପୁରସ୍କାର, ନ୍ୟାସନାଲ୍ ଏରୋନଟିକାଲ୍ ପ୍ରାଇଜ୍, ଡିଆର୍‌ଡିଓ ଅଗ୍ନି ପୁରସ୍କାର ସମେତ ଅନେକ ସମ୍ମାନରେ ସମ୍ମାନିତ ହୋଇଛନ୍ତି। କଟକ ରେଭେନ୍ସା କଲେଜରୁ ପଦାର୍ଥ ବିଜ୍ଞାନରେ ସ୍ନାତକ ହାସଲ କରିବା ପରେ ବେଙ୍ଗାଲୁରୁସ୍ଥିତ ଭାରତୀୟ ବିଜ୍ଞାନ ପ୍ରତିଷ୍ଠାନରୁ ଏମ୍‌ଏସ୍ ଏବଂ ପିଏଚ୍‌ଡି ଡିଗ୍ରୀ ଅର୍ଜନ କରିଥିଲେ। ଡିଆର୍‌ଡିଓରେ ଏହି ଗୁରୁତ୍ୱପୂର୍ଣ୍ଣ ପଦରେ ତାଙ୍କ ନିଯୁକ୍ତିକୁ ନେଇ ଓଡ଼ିଆ ବୈଜ୍ଞାନିକଙ୍କ ମହଲରେ ଖୁସିର ଲହରୀ ଖେଳିଯାଇଛି।

### ଦେଶର ଆଲୁମିନିୟମ...

ସମ୍ପଦ ଏବଂ ଶିଳ୍ପ ସମ୍ଭାବନାକୁ ଉଚ୍ଚ ପ୍ରଶଂସା କରିଥିଲେ । ଓଡ଼ିଶାରେ ଥିବା ଦେଶର ସର୍ବବୃହତ ବକ୍ସାଇଟ୍ ଭଣ୍ଡାର ଓ ୫୦ ପ୍ରତିଶତରୁ ଅଧିକ ଲୁହାପଥର ଏହାକୁ ଭାରତର ଶିଳ୍ପ ଜଗତର ମେରୁଦଣ୍ଡ ଭାବେ ଗଢ଼ିତୋଳିଛି। ବର୍ତ୍ତମାନର ସରକାରଙ୍କ ଦୃଢ଼ ନୀତି ଯୋଗୁଁ ଓଡ଼ିଶା କେବଳ କଞ୍ଚାମାଲ ଯୋଗାଣକାରୀ ରାଜ୍ୟରୁ ରୂପାନ୍ତରିତ ହୋଇ ଏକ ଉତ୍ପାଦନ କେନ୍ଦ୍ର ପାଲଟିଛି। ଏହି ଏମଓୟୁ ଓଡ଼ିଶାର ଜନସାଧାରଣ ଓ ସ୍ଥାନୀୟ ଅର୍ଥନୀତିକୁ ବିଶ୍ୱସ୍ତରକୁ ନେବାରେ ପ୍ରମୁଖ ଭୂମିକା ଗ୍ରହଣ କରିବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

ଏହି ସମାବେଶରେ ଶିଳ୍ପ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମୁଖ୍ୟ ସଚିବ ଅନୁ ଗର୍ଗ, ଏଜିଇଏଲ୍‌ର ନିର୍ବାହୀ ନିର୍ଦ୍ଦେଶକ ସାଗର ଆଦାନୀ, ୟୁଏଇ ଓଐଉ ଗ୍ରୁପ୍‌ର ନିର୍ଦ୍ଦେଶକ ଓ ସିଇଓ ସୟଦ୍ ବସର୍ ସୁଏବ୍, ୟୁଏଇ ଆଇଏଚସିର ସିଇଓ ଅଲି ଅଲ୍-ରସ୍‌ଦି, ଆଇଏଚସି ଗ୍ରୁପ୍‌ର ନେତୃବୃନ୍ଦ ହେସାମ୍ ଓ ଅବ୍‌ଦୁଲା ଅଲ୍-ରସ୍‌ଦିଙ୍କ ସମେତ ରାଜ୍ୟ ସରକାରଙ୍କ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

### ନ୍ୟାୟିକ ପ୍ରକ୍ରିୟାରେ...

ହୋଇଥିବା ୮୭.୪୩ କୋଟି ଟଙ୍କାର ଋଣ ଖିଲାପି ମାମଲାରେ ଏନସିଏଲଟି ଏସେଲ୍ ଇନଫ୍ରାପ୍ରୋଜେକ୍ଟସ ବିରୋଧରେ ଦେବାଳିଆ ପ୍ରକ୍ରିୟା ଆରମ୍ଭ କରିବାକୁ ନିର୍ଦ୍ଦେଶ ଦେଇଥିଲା, ଯାହାକୁ ପରବର୍ତ୍ତୀ ସମୟରେ ଏନସିଏଲଏଟି ମଧ୍ୟ କାଏମ ରଖିଥିଲା। ଏହି ନିଷ୍ପତ୍ତି ବିରୋଧରେ କମ୍ପାନୀର ନିଲମ୍ବିତ ନିର୍ଦ୍ଦେଶକ ପୂଜା ରମେଶ ସିଂହ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ସୁପ୍ରିମକୋର୍ଟ ଉଭୟ ଟ୍ରିବ୍ୟୁନାଲ୍‌ର ରାୟକୁ ରଦ୍ଦ କରିବା ସହ ସମସ୍ତ ତଥ୍ୟକୁ ପୁନର୍ବାର ଯାଞ୍ଚ କରି ନୂତନ ଭାବେ ନିଷ୍ପତ୍ତି ନେବାକୁ କହିଛନ୍ତି। ଏହାସହିତ, ଆଇନ କ୍ଷେତ୍ରରେ ଏଆଇର ଏଭଳି ଅପବ୍ୟବହାର ରୋକିବା ପାଇଁ ଏକ ସ୍ୱତନ୍ତ୍ର କମିଟି ଗଠନ କରି ଏହାର ବିସ୍ତୃତ ଅନୁଧ୍ୟାନ କରିବାକୁ ବାର୍ କାଉନସିଲ୍ ଅଫ୍ ଇଣ୍ଡିଆକୁ ନିର୍ଦ୍ଦେଶ ଦେଇଛନ୍ତି।

### ମୌସୁମୀ ସକ୍ରିୟ...

କଟକ, ମୟୂରଭଞ୍ଜ, ସୋନପୁର, ବୌଦ୍ଧ, ନୂଆପଡ଼ା, ବଲାଙ୍ଗିର, କନ୍ଧମାଳ, ଗଞ୍ଜାମ, ପୁରୀ, ଖୋର୍ଦ୍ଧା ଓ ନୟାଗଡ଼ରେ ମଧ୍ୟ ବର୍ଷା ଆଶଙ୍କା କରାଯାଇଛି।

ଲଘୁଚାପ ପ୍ରଭାବରେ ସମୁଦ୍ର ଅଶାନ୍ତ ରହିଛି। ଏଥିପାଇଁ ୬ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳରେ ଏବଂ ଏହାର ଆଖପାଖ ଅଞ୍ଚଳରେ ଘଣ୍ଟା ପ୍ରତି ୪୦-୫୦ କିମି ବେଗରେ ପବନ ସହିତ ଝଡ଼ବର୍ଷା ହୋଇପାରେ ଏବଂ ପବନର ବେଗ ବଢ଼ି ଘଣ୍ଟା ପ୍ରତି ୬୦ କିଲୋମିଟର ପହଞ୍ଚିପାରେ। ତେଣୁ ଆଗାମୀ ୪ ଦିନ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ଭିତରକୁ ନ ଯିବାକୁ ପରାମର୍ଶ ଦିଆଯାଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ଗତ ୩୬ ଘଣ୍ଟାରେ ରାଜ୍ୟର ୩ ଟି ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇଥିବା ବେଳେ ୧୫ ଟି ସ୍ଥାନରେ ପ୍ରବଳ ବର୍ଷା ରେକର୍ଡ କରାଯାଇଛି। ବରଗଡ଼ର ଅମ୍ବାଭୋନାରେ ସର୍ବାଧିକ ୧୮୦ ମିମି ବର୍ଷା ରେକର୍ଡ କରାଯାଇଥିବା ବେଳେ ସମ୍ବଲପୁର ଜୁଜୁମରାରେ ୧୩୦, ବରଗଡ଼ର ଅତାବିରାରେ ୧୨୦ ମିମି, ଭଟଲୀରେ ୧୧୦ମିମି ଏବଂ ସୋନପୁର ଜିଲ୍ଲାର ବୀରମହାରାଜପୁରରେ ୧୦୭ ମିମି ବର୍ଷା ରେକର୍ଡ ହୋଇଛି। ସେହିପରି ଭୁବନେଶ୍ୱରରେ ୨୮ ମିମି ବର୍ଷା ହୋଇଥିବା ବେଳେ କଟକରେ ୬୭ ମିମି ବର୍ଷା ରେକର୍ଡ ହୋଇଛି।

### ଅଭିଯୁକ୍ତଙ୍କ ଘର...

ଟିନ୍ନୁ ଯାଦବଙ୍କ ଗିରଫଦାରୀ ପରେ ପ୍ରଥମ ଥର ପାଇଁ ଏକ ଗଣମାଧ୍ୟମକୁ ସାକ୍ଷାତକାର ଦେଇ ଦିନେଶ ଯାଦବ କହିଛନ୍ତି ଯେ, ତାଙ୍କ ଭାଇଙ୍କ ନାମରେ ପୂର୍ବରୁ କୌଣସି ଅପରାଧିକ ମାମଲା ନଥିଲା। ସେ ଦୀର୍ଘ ୨୦ ବର୍ଷ ଧରି ଚମ୍ପତ ରାୟଙ୍କ ସହ ବିଶ୍ୱସ୍ତତାର ସହ କାମ କରିଆସୁଥିଲେ। ମାତ୍ର ଏବେ ବିପଦ ସମୟରେ ତାଙ୍କୁ ଏକାକୀ ଛାଡ଼ି ଦିଆଯାଇଛି। ପ୍ରଭାବଶାଳୀ ଲୋକମାନେ ନିଜକୁ ବଞ୍ଚାଇବା ପାଇଁ ଟିନ୍ନୁଙ୍କୁ ମିଛରେ ଫସାଇ ଦେଇଛନ୍ତି। ମାତ୍ର ୧ ଲକ୍ଷ ଟଙ୍କା ପାଇଁ ତାଙ୍କୁ ସବୁଠାରୁ ବଡ଼ ଅପରାଧୀ ଭାବେ ଚିତ୍ରଣ କରାଯାଉଛି, ଯେଉଁଠି ପ୍ରକୃତ ଦୁର୍ନୀତି ଲକ୍ଷ ଲକ୍ଷ ଟଙ୍କାର ଅଟେ। ଏପରିକି ଭୟରେ କୌଣସି ଓକିଲ ତାଙ୍କ ଭାଇଙ୍କ ପକ୍ଷ ରଖିବାକୁ ପ୍ରସ୍ତୁତ ନଥିବାରୁ ସେ କୋର୍ଟଙ୍କୁ ଆଇନଗତ ସହାୟତା ପାଇଁ ଗୁହାରି କରିଛନ୍ତି।

### ଶାହାଙ୍କ ଗସ୍ତ...

ଉପ ମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ ଓ ରାଜ୍ୟ ସଭାପତି ଶ୍ରୀ ସାମଲ ନିକଟରେ ଦିଲ୍ଲୀରୁ ଫେରିଥିଲେ । ମାତ୍ର ମୁଖ୍ୟମନ୍ତ୍ରୀ ଦିଲ୍ଲୀରେ ପହଞ୍ଚୁ ପହଞ୍ଚୁ ପୁଣି ଶ୍ରୀ ସାମଲଙ୍କୁ ଦିଲ୍ଲୀରୁ ଡ଼କରା ଆସିଛି । ସେଠାରେ ଉଭୟ ମୁଖ୍ୟମନ୍ତ୍ରୀ ଓ ରାଜ୍ୟ ସଭାପତି ଦଳର ରାଷ୍ଟ୍ରୀୟ ସଭାପତି ନିତିନ ନବୀନ ଓ କେନ୍ଦ୍ର ଗୃହମନ୍ତ୍ରୀ ଶ୍ରୀ ଶାହାଙ୍କୁ ଭେଟିବେ ବୋଲି ସୂଚନା ମିଳିଛି ।

ଉଭୟ ମୁଖ୍ୟମନ୍ତ୍ରୀ ଓ ରାଜ୍ୟସଭାପତିଙ୍କ ଦିଲ୍ଲୀ ଗସ୍ତ ପୁଣିଥରେ ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ, ନିଗମ ନିଯୁକ୍ତି ଚର୍ଚ୍ଚାକୁ ସରଗରମ କରିଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ରାଜ୍ୟ ବିଜେପି ସଭାପତି ଗତ ୨ ବର୍ଷ ମଧ୍ୟରେ ଅନେକବାର ଦିଲ୍ଲୀ ଗସ୍ତ କରିଛନ୍ତି ଓ ସବୁ ସମୟରେ ରାଜ୍ୟରେ ନିଗମ ନିଯୁକ୍ତି ଚର୍ଚ୍ଚା ହୋଇ ଆସିଛି। ତେବେ ଏଥର ପରିସ୍ଥିତି ସାମାନ୍ୟ ଭିନ୍ନ ରହିଛି । ୨୦ ତାରିଖରେ ସମ୍ଭବତଃ ସଂସଦର ମୌସୁମୀ ଅଧିବେଶନ ଆରମ୍ଭ ହେବ ଓ ଏହା ପୂର୍ବରୁ କେନ୍ଦ୍ର ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହୋଇପାରେ ବୋଲି କୁହାଯାଉଛି । ତେଣୁ କେନ୍ଦ୍ର ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପରେ ଓଡ଼ିଶାରେ ମନ୍ତ୍ରି ପରିଷଦ ପୁନର୍ଗଠନ ହେବାର ସମ୍ଭାବନା ରହିଛି । ମନ୍ତ୍ରୀ ଓ ନିଗମ ଆଶାୟୀମାନେ ଦୁଇ ବର୍ଷ ଅପେକ୍ଷା କରିକରି ଧୈର୍ଯ୍ୟ ହରାଇଲେଣି, ପୁଣି ଆଗକୁ ପଞ୍ଚାୟତ ନିର୍ବାଚନ । ତେଣୁ ଅଧିକଦିନ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ବିଳମ୍ବ କଲେ ଦଳ ପାଇଁ ବୁମେରାଂ ହେବାର ଆଶଙ୍କା ରହିଛି ବୋଲି ଦଳ ଅନୁଭବ କଲାଣି ବୋଲି ଚର୍ଚ୍ଚା ହେଉଛି।

ଅନ୍ୟପକ୍ଷରେ ଉଭୟ ମୋହନ ଏବଂ ମନମୋହନଙ୍କ ଦିଲ୍ଲୀ ଗସ୍ତକୁ ନେଇ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି ଯେ ମୁଖ୍ୟମନ୍ତ୍ରୀ ଓ ରାଜ୍ୟ ସଭାପତିଙ୍କ ଦିଲ୍ଲୀ ଗସ୍ତରେ କୌଣସି ଅସ୍ୱାଭାବିକତା ନାହିଁ। ଏହା ଏକ ରୁଟିନ୍ ଭିଜିଟ୍ ଅଟେ। ଏବେ ରାଜ୍ୟରେ ଏସଆଇଆର ପ୍ରକ୍ରିୟା ଚାଲିଛି। ତେଣୁ ସେ ସଂପର୍କରେ ଦିଲ୍ଲୀରେ ଆଲୋଚନା ହେବ। ସଠିକ୍ ସମୟରେ ମନ୍ତ୍ରିମଣ୍ଡଳ ସଂପ୍ରସାରଣ ହେବ। ଏଥିପାଇଁ ହୋମ୍ ୱର୍କ ସରିଛି। ଏହାସହ ଚଳିତ ମାସ ଶେଷ ସୁଦ୍ଧା ବୋର୍ଡ ଓ ନିଗମ ପଦବି ଘୋଷଣା ହେବ ହେବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ଅପରପକ୍ଷେ ରାଜନୈତିକ ବିଶେଷଜ୍ଞଙ୍କ ଅନୁଯାୟୀ ଦିଲ୍ଲୀରେ କେନ୍ଦ୍ର ମନ୍ତ୍ରୀମଣ୍ଡଳ ସମ୍ପ୍ରସାରଣ ଏବଂ ବିଜେପି ରାଷ୍ଟ୍ରୀୟ ସଂଗଠନର ପୁନର୍ବିନ୍ୟାସ ନେଇ ବ୍ୟାପକ ମାନସ ମନ୍ଥନ ଚାଲିଛି। ଉଭୟ କେନ୍ଦ୍ର ସରକାର ଏବଂ ସଂଗଠନରେ ଓଡ଼ିଶାର ନେତାଙ୍କୁ ସ୍ଥାନ ଗୁରୁତ୍ୱପୂର୍ଣ୍ଣ ସ୍ଥାନ ମିଳିବାର ସମ୍ଭାବନା ରହିଛି। ଏହାସହ ରାଜ୍ୟରେ ମନ୍ତ୍ରୀମଣ୍ଡଳ ସମ୍ପ୍ରସାରଣ ଅବଶ୍ୟମ୍ଭାବୀ ହୋଇପଡ଼ିଥିବାରୁ ଉଭୟ ମୋହନ-ମନମୋହନଙ୍କୁ ଦିଲ୍ଲୀ ଡକରା ହୋଇଛି। ଚଳିତ ଗସ୍ତରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ କୌଣସି ଠୋସ୍ ନିଷ୍ପତ୍ତି ନିଆଯାଇପାରେ ବୋଲି ରାଜନୈତିକ ମହଲରେ ଅନୁମାନ କରାଯାଉଛି।

### ତେଲ ଦର କମାଇବାକୁ...

ଦେଶବାସୀଙ୍କ କଟା ଘା'ରେ ଚୂନ ମାରିବା ପରି ହୋଇଛି । ଶ୍ରୀ ପୁରୀ କହିଛନ୍ତି ଯେ, ଯେତେବେଳେ ଭାରତରେ ତୈଳ ମୂଲ୍ୟ ବୃଦ୍ଧି ପାଇନାହିଁ, ତେବେ ମୂଲ୍ୟ ହ୍ରାସ ବିଷୟରେ କାହିଁକି ଆଲୋଚନା ହେଉଛି।

ଗୁରୁବାର ସାମ୍ବାଦିକଙ୍କ ପ୍ରଶ୍ନର ଉତ୍ତର ଦେଇ ପେଟ୍ରୋଲିୟମ କହିଛନ୍ତି ଯେ ହରମୁଜ୍ ସଙ୍କଟ ସମୟରେ ବିଶ୍ୱର ଅନେକ ଦେଶରେ ଇନ୍ଧନ ମୂଲ୍ୟ ବହୁ ପରିମାଣରେ ବୃଦ୍ଧି ପାଇଥିଲା, କିନ୍ତୁ ଭାରତ ସାଧାରଣ ଗ୍ରାହକଙ୍କ ଉପରେ ବୋଝ ପଡ଼ିବାକୁ ଦେଇ ନ ଥିଲା। ଏବେ ଲୋକମାନେ ପଚାରୁଛନ୍ତି ଯେ ପେଟ୍ରୋଲ ଏବଂ ଡିଜେଲ ଦର କେବେ ହ୍ରାସ ପାଇବ? ଭାରତରେ ଦର ପୂର୍ବରୁ ଅନ୍ୟ ଦେଶମାନଙ୍କ ପରି ବୃଦ୍ଧି ପାଇ ନ ଥିଲା। ତେଣୁ, ଏବେ ପେଟ୍ରୋଲ ଏବଂ ହିଜେଲ ମୂଲ୍ୟରେ ଏକ ଗୁରୁତ୍ୱପୂର୍ଣ୍ଣ ହ୍ରାସ ଆଶା କରିବା ଅଯୌକ୍ତିକ। ଅନେକ ଯୁକ୍ତି କରନ୍ତି ଯେ ଯେହେତୁ ଅଶୋଧିତ ତୈଳ ଦର ବ୍ୟାରେଲ ପ୍ରତି ୧୨୮ ଡଲାରରୁ ପ୍ରାୟ ୭୦ ଡଲାରକୁ ହ୍ରାସ ପାଇଛି, ତେଣୁ ପେଟ୍ରୋଲ ଏବଂ ଡିଜେଲ ମଧ୍ୟ ଶସ୍ତା ହେବା ଉଚିତ। ମାତ୍ର ଏପରି ତୁଳନା ସମ୍ପୂର୍ଣ୍ଣ ଚିତ୍ରକୁ ପ୍ରତିଫଳିତ କରେନାହିଁ ବୋଲି ସେ କହିଛନ୍ତି। ଶ୍ରୀ ପୁରୀ କହିଛନ୍ତି ଯେ ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟ ହ୍ରାସର ପ୍ରଭାବ ଭାରତୀୟ ବଜାରରେ ତୁରନ୍ତ ଦେଖାଯାଏନାହିଁ। ତେଣୁ, ହ୍ରାସ ହୋଇଥିବା ବିଶ୍ୱ ମୂଲ୍ୟର ଲାଭ ଗ୍ରାହକମାନଙ୍କ ପାଖରେ ପହଞ୍ଚିବା ପାଇଁ କିଛି ସମୟ ଲାଗିପାରେ। ସେ ଆହୁରି କହିଛନ୍ତି ଯେ ଯଦି ଅନ୍ତର୍ଜାତୀୟ ବଜାରରେ ତେଲ ଦର ଆଗାମୀ ଦୁଇରୁ ତିନି ମାସ ପର୍ଯ୍ୟନ୍ତ ରହିଲେ ମୂଲ୍ୟ ହ୍ରାସ ପାଇଁ ବିଚାର କରାଯାଇପାରେ।

ଇରାନ ଯୁଦ୍ଧ ଆରମ୍ଭ ହେବା ପରେ ଶ୍ରୀଲଙ୍କା ପ୍ରଥମ ଥର ପାଇଁ ତେଲ ମୂଲ୍ୟ ୬ ପ୍ରତିଶତ ପର୍ଯ୍ୟନ୍ତ ହ୍ରାସ କରିଛି। ଦେଶର ରାଷ୍ଟ୍ରାୟତ୍ତ ପେଟ୍ରୋଲିୟମ୍ କର୍ପୋରେସନ୍, ଯାହା ସମ୍ପୂର୍ଣ୍ଣ ଭାବରେ ଆମଦାନୀ ଉପରେ ନିର୍ଭରଶୀଳ, ଡିଜେଲ ମୂଲ୍ୟ ଲିଟର ପିଛା ୨୫ ଟଙ୍କା ଏବଂ ପେଟ୍ରୋଲ ମୂଲ୍ୟ ଲିଟର ପିଛା ୨୦ ଟଙ୍କା ହ୍ରାସ କରିଛି। କ୍ରମାଗତ ଭାବେ ଷଷ୍ଠ ଥର ପାଇଁ ପେଟ୍ରୋଲ ଏବଂ ଡିଜେଲ ମୂଲ୍ୟ ହ୍ରାସ ପରେ ଭାରତୀୟ ଟଙ୍କାରେ ପାକିସ୍ତାନରେ ପେଟ୍ରୋଲର ମୂଲ୍ୟ ୧୦୨.୨୧ ଟଙ୍କା (ଭାରତୀୟ ମୁଦ୍ରାରେ ୩୩ ଟଙ୍କା) ଏବଂ ଡିଜେଲର ମୂଲ୍ୟ ୧୦୬.୩୧ ଟଙ୍କା (ଭାରତୀୟ ମୁଦ୍ରାରେ ୩୪ ଟଙ୍କା ରହିଛି ।


## AFFIDAVIT

By virtue of an affidavit sworn before the Executive Magistrate Jaleswar, Baleswar, Odisha vide Sl. no. 2784 dated 19/06/2026, I Chandan Mohapatra, S/o- Harihara Mohapatra, At- Banida, Po-Sugo, Ps- Jaleswar Dist-Baleswar, Odisha, Pin-756084 declare that I have changed my Son's name from Subham Mohapatra to Subhajit Mohapatra. Henceforth he shall be known as **SUBHAJIT MOHAPATRA** for all purposes.

## AFFIDAVIT

I, Muna Gouda, S/o- Ramesh Gouda resident of At-Chhachina, Jaganathapur, Po.- Gouradeipur, Ps./Tahasil- Kodala, Dist.- Ganjam, Odisha, Pin- 761032 vide affidavit no. 336 dated 18.5.2026 state that, I have changed my daughter's name from **Mama Gouda** to **Mamali Gouda**. Henceforth she will be known as **Mamali Gouda** for all future purposes.

## AFFIDAVIT

By virtue of an affidavit dtd-02.07.2026 sworn before The Executive Magistrate, Kalampur, Kalahandi. I, **Trilochan Sabar**, S/o- Natha Sabar, resident of Vill/AT/PO: Bijmara, PS: Kalampur, Dist: Kalahandi, Odisha declare that I have changed my minor daughter's name from **Tosita sabar** to **Tapaswini sabar** in his Aadhaar Card. Henceforth, she shall be known as **Tapaswini Sabar** (new name) for all purposes.

**Trilochan Sabar**

## AFFIDAVIT

By virtue of an affidavit (SI No. 1473, dtd- 23.06.2026) sworn before The Executive Magistrate, Khordha. I, **Yajnaseni Sahoo** (new name), D/o Manasi Sahoo, permanent resident of AT/PO: Pubusahi, Khordha, PS/Dist: Khordha, PIN: 752057, State: Odisha declare that I have changed my name from **Jagyanseni Sahoo** (old name) to **Yajnaseni Sahoo** (new name). Henceforth, I shall be known as **Yajnaseni Sahoo** (new name) for all purposes.

**Yajnaseni Sahoo**

## NOTICE

By virtue of an affidavit sworn before the Executive Magistrate, Athmallik dated 29th June 2026, I, Mr. PRASANTA BEHERA address Son of PRAFULLA BEHERA, Village : RASOSINGA , P.O. : LUNAHANDI, P.S.: ATHMALLIK , District: ANUGOLA, PIN : 759125 , STATE : ODISHA, declare that I have changed the name of my son from "PRAPYUSH BEHERA" to "PRATYUSH BEHERA". Henceforth, he shall be known as **"PRATYUSH BEHERA"** for all purposes.

**PRASANTA BEHERA**

## AFFIDAVIT

By virtue of an affidavit sworn before Executive Magistrate/Notary Public) baripada, Mayurbhanj, Odisha sl no:50, dated 02.07.2026, I Susanta Kumar Mohanta, s/o: Lalmohan Mohanta, At: Bahadurpur, Po: baunsabila, Ps: Baripada sadar, dist - Mayurbhanj, Pin - 757024, Adhar no: 671210644639 declare that I have changed my name from Susanta Mahanta to Susanta Kumar Mohanta. Henceforth, I shall be known as **Susanta Kumar Mohanta** for all purposes.

## AFFIDAVIT

By virtue of an affidavit sworn before Executive Magistrate, Bargarh dated 02.07.2026, I, Sridhara Bhoi, S/o- Late Jan Bhoi resdient of Khajurtikra, Ward No.8, Bargarh, Po./Ps./Tah/Dist.-Bargarh (Odisha), PIN- 768028 state that, my actual name is **Sridhara Bhoi** and Date of Birth **25.11.1956**. But in my Aadhar card my name has been wrongly mentioned as Sridhar Bhue and Date of Birth 12.07.1980. That **Sridhara Bhoi** and **Sridhar Bhue** is one and same person. I shall be known as **Sridhara Bhoi** for all purposes.

## AFFIDAVIT

By virtue of an affidavit no. 441 before the Executive Magistrate, Nuapada, dt.18.06.2026 I, Chandradhwaj Satnami, Vill-Bolangir, P.O. Chhotanki, P.S. Jharbandh, Dist. Bargarh, hereby declare that I have changed my name from Chakradhwaj Satnami to Chandradhwaj Satnami. Henceforth, I shall be known as **Chandradhwaj Satnami** for all purposes.

**Chandradhwaj Satnami**

## ପୂର୍ବ ତଟ ରେଳପଥ

ଟେଣ୍ଡର ବିଜ୍ଞପ୍ତି ସଂ. EPC-CECONIV BBS2026016, ତା. 18.04.2026 ରିଖ ର

### ଶୁଦ୍ଧିପତ୍ର-3

ଉପରେ ଉଲ୍ଲିଖିତ ଟେଣ୍ଡର ବିଜ୍ଞପ୍ତି ରେ ନିମ୍ନଲିଖିତ ରୂପାନ୍ତରଣ କରାଯାଇଅଛି । ଦୟାକରି ଧ୍ୟାନ ଦିଅନ୍ତୁ ।

| ବିବରଣୀ | ପ୍ରକାଶିତ ଅନୁଯାୟୀ (ଶୁଦ୍ଧିପତ୍ର ସଂ 02) | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|---|
| ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟରେ | 17.07.206, 1200 ଘଟିକା | 03.08.2026, 1200 ଘଟିକା |

ଶୁଦ୍ଧିପତ୍ର ସମ୍ବନ୍ଧୀୟ ସମ୍ପୂର୍ଣ୍ଣ ବିବରଣୀ ପାଇଁ ଇଚ୍ଛୁକ ଟେଣ୍ଡର ଦାତାମାନେ ଦୟାକରି www.ireps.gov.in ଅବଲୋକନ କରନ୍ତୁ ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-111/CJ/26-27

## ପୂର୍ବ ତଟ ରେଳପଥ

ଇ-ଟେଣ୍ଡର ବିଜ୍ଞପ୍ତି ସଂ. VSKP-EL-C-T-199ER ତା.24.06.2026ରିଖ

**କାର୍ଯ୍ୟର ନାମ :** କୋରାପୁଟ-ସିଙ୍ଗାପୁର ରୋଡ୍ ମଧ୍ୟରେ ଦୋହରୀକରଣ କାର୍ଯ୍ୟ ସମ୍ବନ୍ଧୀୟ ସିଙ୍ଗାପୁର ରୋଡ୍-କେଉଟଗୁଡ଼ା (LOC : 159/9-11) ମଧ୍ୟରେ 11 KV ପାୱାର ଲାଇନ କ୍ରସିଙ୍ଗର ସ୍ଥାନାନ୍ତରଣ / ରୂପାନ୍ତରଣ ତଥା ବିବିଧ ଇଲେକ୍ଟ୍ରିକାଲ ଜେନେରାଲ ସର୍ଭିସ କାର୍ଯ୍ୟଗୁଡ଼ିକ ସହିତ ଭାଲୁମସ୍କା-ସିଙ୍ଗାପୁର ରୋଡ୍ ମଧ୍ୟରେ ବିଦ୍ୟୁତ୍ ଯୋଗାଣ ବ୍ୟବସ୍ଥା କାର୍ଯ୍ୟ ଏବଂ ରାୟଗଡ଼ା ଠାରେ 33/11 KV, 5MVA ଆଉଟଡୋର ଟାଇପ୍ ସବ୍-ଷ୍ଟେସନର ଡିଜାଇନ୍, ଯୋଗାଣ, ଉତ୍ଥାପନ, ପରୀକ୍ଷଣ ଏବଂ ପ୍ରଚଳନ ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 763.38 ଲକ୍ଷ, EMD : ₹ 15,26,800/-, କାର୍ଯ୍ୟ ଶେଷ ହେବା ଅବଧି : 24 (ଚବିଶି) ମାସ ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.24.07.2026ରିଖ 1200 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।
ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବସାଇଟ୍ www.ireps.gov.inରେ ଉପଲବ୍ଧ ଅଟେ ।

**ଦ୍ରଷ୍ଟବ୍ୟ :** ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି । ଟେଣ୍ଡରଦାତା/ ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ । କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଟେଣ୍ଡର ନଥିପତ୍ର ଉପ୍ପର 2ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍)ର ଯାଞ୍ଚ ସୂଚୀ, ପାରା 3.1 (ଅତିରିକ୍ତ ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ ।

ଉପ ମୁଖ୍ୟ ବିଦ୍ୟୁତ୍ ଯନ୍ତ୍ରୀ (ନିର୍ମାଣ)/ ବିଶାଖାପାଟଣା

PR-114/CJ/26-27

## GOVERNMENT OF ODISHA
## OFFICE OF THE EXECUTIVE ENGINEER
## RURAL WORKS DIVISION, SUNDARGARH-II

25001/627/2627

### CANCELLATION OF TENDER

Tender for the work Sl. No. 01 "Special Repair to PWD Road - Erla Road for the year 2026–27" & Sl. No. 02 "Special Repair to L044-RD Road to Sanramloi Road for the year 2026–27" in Tender call notice Bid Identification No. Online-EERKL-13/2026-27 by the Executive Engineer is hereby cancelled due to some unavoidable circumstances:

Executive Engineer
R.W. Division-II, Sundargarh

OIPR-25001/25193/1/26-27/0030

---

25001/623/2627

Phone: 06842-253708
E-Mail: rw_phulbani@yahoo.co.in

## OFFICE OF THE SUPERINTENDING ENGINEER
## RURAL WORKS DIVISION, PHULBANI

Government of Odisha
e-Procurement Notice
**Bid Identification No.:** Online Tender/03/SERWDPLB/2026-27
**Memo No.:** 3274/RWD/PLB, **Date:** 12.06.2026

| | | |
|---|---|---|
| 1 | Name of the Work | Road Works |
| 2 | Estimated Cost | Rs. 54.27 to 76.27 Lakhs |
| 3 | Period of Completion | 3 (Three) Months as per Annexure |
| 4 | Date & Time of Availability of Bid Documents in the Portal | 04.07.2026 at 10.00 A.M. to 17.07.2026 up to 5.00 P.M. |
| 5 | Last Date & Time for Receipt of Bids in the Portal | 17.07.2026 up to 5.00 P.M. |
| 6 | Name & Address of the Officer Inviting Bid | Superintending Engineer, Rural Works Division, Phulbani |

**Further details can be seen from the e-procurement portal: tendersodisha.gov.in/nicgep/app**

**Superintending Engineer**
**Rural Works Division, Phulbani**

OIPR-25001/25077/1/26-27/0004

---

## OFFICE OF THE GENERAL MANAGER
## WATCO DIVISION, CUTTACK

13001/1046/2627

Telephone/e-mail/FAX: 0671-2547115 / gmwatcoctc@gmail.com
**NATIONAL COMPETITIVE BIDDING THROUGH e-Procurement**
**Bid Identification No.:** GMWATCO (W)-07/2026-27, **Date:** 30.06.2026

| | | |
|---|---|---|
| 1 | Name of the Work | 3 Nos. Work |
| 2 | Estimated Cost | Rs. 7.31 Lakh to Rs. 26.70 Lakh (Approx.) |
| 3 | Period of Completion | 3 (Three) Months |
| 4 | Date & Time of Availability of Bid Document in the Portal | From **11.00 A.M. on 04.07.2026** to **5.00 P.M. on 14.07.2026** |
| 5 | Last Date & Time of Receipt of Bids in the Portal | **14.07.2026 up to 05.00 P.M.** |
| 6 | Date & Time of Opening of Bids | **15.07.2026 at 12.30 P.M.** |
| 7 | Name & Address of the Officer Inviting Bid | **The General Manager, WATCO Division, Cuttack-753003, OdishaPh.:** (0671) 2547115**E-mail:** gmwatcoctc@gmail.com |
| 8 | The bidders have to participate in **ONLINE** bidding only. | |

**Further details can be seen from the website: www.tendersodisha.gov.in**

**General Manager**
**WATCO Division, Cuttack**

OIPR-13001/13170/1/26-27/0008,

---

25001/614/2627

E-Mail ID: eerw_blgr@yahoo.co.in

## GOVERNMENT OF ODISHA
## OFFICE OF THE SUPERINTENDING ENGINEER
## RURAL WORKS DIVISION: BOLANGIR

**e Procurement Notice**
**IFB IDENTIFICATION NO. EEBLGR-Online-03-2026-27**

| | | |
|---|---|---|
| 1 | Name of work | Road Works |
| 2 | Total no. of works | 2 (Two) nos |
| 3 | Approximate Estimated Cost | Rs. 58.82 to 80.67 Lakh |
| 4 | Time for completion | 2 (Two) calendar months |
| 5 | Mode of Submission of tender | Tender should be submitted online in www.tendersodisha.gov.in |
| 6 | Other details | As per TCN No. **EEBLGR-Online-03/2026-27** |

| Procurement Officer | Bid Identification No. | Availability of Tender Online for Bidding | | Last Date & Time of Seeking Clarification on Tender | Date & Time of Opening of Tender | |
|---|---|---|---|---|---|---|
| | | From | To | | | |
| 1 | 2 | 3 | 4 | 5 | 6 | 7 |
| | | | | | Technical Bid: | Financial Bid |
| Executive Engineer, Rural Works Division, Bolangir | **EEBLGR-Online-03/2026-27** | 06.07.2026 at 11.00 A.M | 21.07.2026 up to 5.00 P.M. | 20.07.2026 up to 1.00 P.M. | 22.07.2026 at 11.00 A.M. | The date will be intimated later on |

- Further details can be seen from the website www.tendersodisha.gov.in.
- Any Corrigendum/Addendum will be displayed in the above e-tender website only.

**Executive Engineer**
**R.W. Division, Bolangir**

OIPR-25001/25068/1/26-27/0003

---

## GOVERNMENT OF ODISHA

25001/617/2627

## OFFICE OF THE EXECUTIVE ENGINEER, RWS&S DIVISION, NABARANGPUR

E-Mail: eerwssngp@gmail.com
Bid Identification No.: 06/RWSS-NGP/2026-27
Date: 29-06-2026

The Executive Engineer, RWS&S Division, Nabarangpur on behalf of the Governor of Odisha invites **Percentage Rate Bids in Single Cover (P1 Contract)** from eligible class of experienced registered contractors through the **e-Tendering system** for the following **Piped Water Supply Works**. The bid should be submitted online through www.tenderorissa.gov.in separately for each work.

| | | |
|---|---|---|
| 1 | **Nature of Work** | **1.** Repair and shifting of distribution network pipeline damaged during PWD road widening work at Dabugam Village of Dabugam G.P. under Dabugam Block. **2.** Supplying all labour, T&P for laying of distribution network pipeline, installation of sluice valve & chamber damaged during PWD road widening work at PWS to Badabharandi & Pujariguda of Badabharandi G.P. under Umerkote Block. |
| 2 | **Time Period for Completion** | Two (2) Months |
| 3 | **Estimated Cost** | 1. Rs. 23.26 Lakhs2. Rs. 12.04 Lakhs |
| 4 | **Total Number of Works** | 2 Nos. |
| 5 | **Tender Cost** | Rs. 10,000.00/- Each |
| 6 | **Class of Contractor** | Work 1: "C" & "B"Work 2: "D" & "C" |
| 7 | **Availability of Bid Document in the website** | From **04.07.2026 at 01:00 Hours** to **10.07.2026 up to 17:00 Hours** |
| 8 | **Last Date of Seeking Clarification** | During office hours of **09.07.2026 up to 01:00 Hours** |
| 9 | **Date of Opening of Bid** | **13.07.2026 at 11:00 A.M.** |

**Note:** The amount put to tender is **exclusive of GST.**, The intending bidders should quote rates exclusive of GST applicable as per norms. GST applicable on works contract shall be paid over the bill amount at the time of payment.
Further details are available in the bidding documents on the **e-procurement portal:** https://www.tenderorissa.gov.in. Subsequent corrigendum, if required shall be appeared in the website. Authority reserves the right to reject any or all tenders without assigning any reason.

**Superintending Engineer**
**R.W.S.&S. Division, Nabarangpur**

OIPR-25001/25028/1/26-27/0007

---

32001/476/2627

## ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ,
## ରେଙ୍ଗାଳି ବନ୍ଧ ବିଭାଜନ, ରେଙ୍ଗାଳି ବନ୍ଧ ପାର୍ଶ୍ୱ
## OFFICE OF THE SUPERINTENDING ENGINEER
## RENGALI DAM DIVISION, RENGALI DAM SITE

**ANGUL-759105, e-mail:** rengalidam@gmail.com
**'e'-Procurement Notice No. SE-RDD- 02/2026-27**

The Superintending Engineer, Rengali Dam Division, Rengali Dam Site, on behalf of Hon'ble Governor of Odisha invites percentage rate contract on lined tender in the prescribed form to be eventually drawn in P.W.D. form No. F2 from 'D' class or 'C' class Registered with the State Government of Odisha or from contractors of equivalent grade / class registered with other State Government / Central Government / M.E.S. / Railways or other Government undertakings. All the contractors are to be registered in the State portal and must possess compatible digital signature certificate of Class-II and III for on line bidding.

| | | | |
|---|---|---|---|
| 1 | Name of Work | : | Cleaning of Calcinations, Slush/Muck from foundation Gallery of Rengali Dam from Block No-1 to 51 and Gallery front drain including cleaning of motors for the year 2026-27 |
| 2 | No of works | : | 01(One) Nos of works |
| 3 | Estimated Cost | : | 10.28 Lakh (Excluding GST) |
| 4 | Cost of tender paper | : | **Rs. 6000.00 (Non-refundable)** |
| 5 | EMD/ Bid Security | : | **Rs. 10,300.00 (Refundable)** |
| 6 | Class of contractor | : | 'D' or 'C' Class Contractor |
| 7 | Period of Completion of work | : | 08 Calender month |
| 8 | Date and time of availability of bid Document in the website | : | From 11.00 A.M of Dt. **04.07.2026** to 5.00 P.M. of Dt.**14.07.2026** in the website (www.tendersodisha.gov.in) |
| 9 | Date, time and place of opening of online tender | : | Dt.**15.07.2026** at 11.00 A.M in O/o the Superintending Engineer, Rengali Dam Division, Rengali Dam Site |
| 10 | Date, time and place for finalization of tender through Transparent Lottery System (if required) | : | Dt.**18.07.2026** at 11.00 AM onwards in O/o the Superintending Engineer, Rengali Dam Division, Rengali Dam Site |
| 11 | Digital Signature Certificate (DSC) | : | The bidders must possess compatible Digital Signature Certificate (DSC) of Class II or Class III |
| 12 | Name and Address of Officer inviting Tender | : | Superintending Engineer, Rengali Dam Division, AT. Rengali Dam Site P.O- Rengali Dam Site Dist: Angul, Odisha, PIN-759105 Email ID- rengalidam@gmail.com |

The bidders have to participate in ONLINE biding only further details can be seen from the e-Procurement Portal: www.tendersodisha.gov.in. Any addendum / corrigendum / cancellation of tender can also be seen in the said website.

Superintending Engineer
Rengali Dam Division,
Rengali Dam Site

OIPR-32001/32028/1/26-27/0001

# ୨ୟ ଦିନରେ ଡାକ୍ତରଙ୍କ କାର୍ଯ୍ୟବନ୍ଦ ଆନ୍ଦୋଳନ; ରୋଗୀ ହନ୍ତସନ୍ତ

ଭଦ୍ରକ,୨।୭ (ସମିସ)

ଓଡ଼ିଶା ମେଡିକାଲ ସର୍ଭିସେସ୍ ଆସୋସିଏସନ(ଓମ୍‌ସା)ର ଆହ୍ୱାନ କ୍ରମେ ବିଭିନ୍ନ ଦାବି ଏବଂ ଡାକ୍ତରମାନଙ୍କ ସୁରକ୍ଷା ପ୍ରସଙ୍ଗକୁ ନେଇ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓ ପେରିଫେରି ଚିକିତ୍ସାଳୟର ଡାକ୍ତରମାନଙ୍କ ବୁଧବାରଠାରୁ କାର୍ଯ୍ୟବନ୍ଦ ଆନ୍ଦୋଳନ ଗୁରୁବାର ୨ୟ ଦିନରେ ପହଞ୍ଚିଛି। ଏହାର ପ୍ରଭାବରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ବାହ୍ୟ ରୋଗୀ ବିଭାଗ (ଓପିଡି) ସମେତ ଅତ୍ୟାବଶ୍ୟକ ନ ଥିବା ବିଭିନ୍ନ ସ୍ୱାସ୍ଥ୍ୟସେବା ଗୁରୁତର ଭାବେ ପ୍ରଭାବିତ ହୋଇଛି। ଫଳରେ ଦୂରଦୂରାନ୍ତରୁ ଚିକିତ୍ସା ପାଇଁ ଆସିଥିବା ରୋଗୀମାନେ ସ୍ୱାସ୍ଥ୍ୟସେବା ପାଇ ନ ପାରି ନିରାଶ ହୋଇ ଫେରିଯାଉଥିବା ଦେଖିବାକୁ ମିଳିଛି। ଅନ୍ୟପଟେ କେତେକ ରୋଗୀ ସରକାରଙ୍କ ବିଫଳତାକୁ ନେଇ ତୀବ୍ର ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ଆମ୍ବୁଲାନ୍ସରେ ଆସୁଥିବା ଗୁରୁତର ରୋଗୀଙ୍କୁ ହିଁ ଚିକିତ୍ସା କରାଯାଉଛି। ଅନ୍ୟ ରୋଗୀଙ୍କ ଚିକିତ୍ସାକୁ ଆଦୌ ଗୁରୁତ୍ୱ ଦିଆଯାଉନି। ଡାକ୍ତରମାନେ ଜରୁରୀକାଳୀନ ସେବା, ଆପାତ୍‌କାଳୀନ ଚିକିତ୍ସା ଓ ଗୁରୁତର ରୋଗୀଙ୍କ ଚିକିତ୍ସା ପୂର୍ବଭଳି ଜାରି ରଖିଛନ୍ତି। ତେବେ ଓପିଡି, ନିର୍ଦ୍ଧାରିତ ଅସ୍ତ୍ରୋପଚାର ଓ ଅନ୍ୟାନ୍ୟ ନିୟମିତ ସେବା ବନ୍ଦ ରହିଥିବାରୁ ସାଧାରଣ ରୋଗୀମାନେ ଅଧିକ ହଇରାଣର ସମ୍ମୁଖୀନ ହୋଇଛନ୍ତି।

ରାଜ୍ୟବ୍ୟାପୀ ଓମ୍‌ସା ଆହ୍ୱାନରେ ଏହି ଆନ୍ଦୋଳନ ଆରମ୍ଭ ହୋଇଥିବାବେଳେ, ସରକାର ଶୀଘ୍ର ସମସ୍ୟାର ସମାଧାନ କରି ସ୍ୱାସ୍ଥ୍ୟସେବାକୁ ସ୍ୱାଭାବିକ କରିବାକୁ ସାଧାରଣରେ ଦାବି ହୋଇଛି। ଭଦ୍ରକ ଜିଲ୍ଲା ଓମ୍‌ସା ସଭାପତି ବରିଷ୍ଠ ଡାକ୍ତର ସୁଧୀରଞ୍ଜନ ନାୟକ ଓ ସମ୍ପାଦକ ଡା. ଅମିତାଭ ଜେନା ଏହି ଅନ୍ଦୋଳୋନର ନେତୃତ୍ୱ ନେଉଥିବାବେଳେ ଆନ୍ଦୋଳନରେ ଶହେରୁ ଅଧିକ ସରକାରୀ ଡାକ୍ତର ସାମିଲ୍ ଅଛନ୍ତି। ସୂଚନାଯୋଗ୍ୟ, ରାଜ୍ୟରେ ୫୦ ପ୍ରତିଶତରୁ କମ୍ ଡାକ୍ତର ଅଛନ୍ତି। ତେଣୁ ରୋଗୀଙ୍କୁ ସ୍ୱାସ୍ଥ୍ୟସେବା ଯୋଗାଇବା ସମୟରେ ଡାକ୍ତରମାନେ ଅନେକ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଅନ୍ୟପଟେ କେତେକ ସ୍ଥାନରେ ରୋଗୀଙ୍କ ସମ୍ପର୍କୀୟମାନେ ମଧ୍ୟ ଡାକ୍ତରଙ୍କ ଉପରେ ମରଣାନ୍ତକ ଆକ୍ରମଣ କରୁଛନ୍ତି। ଯାହାକୁ ନେଇ ଡାକ୍ତରମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ତେଣୁ ସୁରକ୍ଷା ସମେତ ଅନ୍ୟାନ୍ୟ ଦାବି ନେଇ ଡାକ୍ତରମାନେ ଅନ୍ଦୋଳନକୁ ଓହ୍ଲାଇଛନ୍ତି।



- ସବୁ ପ୍ରକାର ଅପରେସନ୍ ବନ୍ଦ
- ଅଧିକାରୀ, ଠିକା ଡାକ୍ତର ଓ ଆୟୁଷଙ୍କ ହାତରେ ସ୍ୱାସ୍ଥ୍ୟସେବା
- ୨ଦିନରେ ୬୦ରୁ ଅଧିକ ରୋଗୀ ରେଫର୍

ଡାକ୍ତରଙ୍କ ଆନ୍ଦୋଳନ ପାଇଁ ଭଦ୍ରକରେ ଶବ ବ୍ୟବଚ୍ଛେଦ ସ୍ୱାଭାବିକ ଭାବେ ହୋଇପାରୁ ନ ଥିବାବେଳେ ଠିକା ଡାକ୍ତରମାନେ ଏହା କରୁଛନ୍ତି। ଗୁରୁତ୍ୱପୂର୍ଣ୍ଣ କଥା, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଓଟି(ଅପରେସନ ଥିଏଟର) ଓ ମାଇନର ଓଟି ବନ୍ଦ ଥିବାରୁ ଗୁରୁତର ରୋଗୀଙ୍କ କୌଣସି ଅପରେସନ କରାଯାଇ ପାରୁନି। ସେହିଭଳି ସବୁ ବିଶେଷଜ୍ଞ(ସ୍ପେଶାଲିଷ୍ଟ) ଡାକ୍ତରମାନେ ଆନ୍ଦୋଳନରେ ସାମିଲ୍ ଥିବାରୁ ରୋଗୀମାନେ ନାହିଁ ନ ଥିବା ଦୁର୍ଦ୍ଦଶା ଭୋଗୁଛନ୍ତି। ବିଶେଷ କରି ସ୍ତ୍ରୀ ଓ ପ୍ରସୂତୀ ବିଭାଗରେ ଆସନ୍ନ ପ୍ରସବା ମହିଳାମାନଙ୍କ ଅସ୍ତ୍ରୋପଚାର(ସିଏସ୍) ବନ୍ଦ ରହିଥିବାରୁ ସେମାନେ ବିଶେଷ ଦୁର୍ଦ୍ଦଶା ଭୋଗୁଥିବା ଦେଖିବାକୁ ମିଳିଛି। ଡାକ୍ତରଙ୍କ ଏହି ଆନ୍ଦୋଳନ ଯୋଗୁଁ ୨ଦିନରେ ୬୦ରୁ ଅଧିକ ଗୁରୁତର ରୋଗୀଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ କଟକ ବଡ଼ ମେଡିକାଲକୁ ରେଫର୍ କରାଯାଇଥିବା ସୂଚନା ମିଳିଛି। ସେହିଭଳି ପେରିଫେରିରେ ଥିବା ୭ଟି ସିଏଚ୍‌ସି, ୫୪ଟି ପିଏଚ୍‌ସି ଓ ଅନ୍ୟାନ୍ୟ ହସ୍ପିଟାଲକୁ ମିଶାଇ ସମଗ୍ର ଜିଲ୍ଲାରେ ୬୦ରୁ ଊର୍ଦ୍ଧ୍ୱ ସରକାରୀ ଡାକ୍ତରଖାନା ଡାକ୍ତରଙ୍କ ଆନ୍ଦୋଳନ ଯୋଗୁଁ ପ୍ରଭାବିତ ହୋଇଛି। ଏନେଇ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ପ୍ରମୋଦ ପ୍ରହରାଜଙ୍କ ସୂଚନାନୁଯାୟୀ, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ୬ଜଣ ଆଡ୍‌ମିନିଷ୍ଟ୍ରେଟିଭ୍ ଅଧିକାରୀ ଦାୟିତ୍ୱରେ ଥିବା ବରିଷ୍ଠ ଡାକ୍ତର, ୭ଜଣ ଠିକା ଡାକ୍ତର ଓ ୨୫ଜଣ ଆୟୁଷ ଡାକ୍ତରଙ୍କୁ ରୋଗୀସେବାରେ ନିଯୁକ୍ତ କରାଯାଇଛି। ଠିକା ଡାକ୍ତରମାନେ ରୋଗୀ ସେବା ସହ ଶବ ବ୍ୟବଚ୍ଛେଦ କରୁଥିବା ଜଣାଯାଇଛି। ଅନ୍ୟପକ୍ଷରେ ସରକାରୀ ଡାକ୍ତରଙ୍କ ଆନ୍ଦୋଳନ ଯୋଗୁଁ ଘରୋଇ ହସ୍ପିଟାଲମୁହାଁ ହୋଇ ରୋଗୀମାନେ ଅଯଥା ଖର୍ଚ୍ଚାନ୍ତ ହେବାକୁ ବାଧ୍ୟ ହେଉଛନ୍ତି। ଏହି ପରିସ୍ଥିତି ଅଧିକ ଦିନ ଲାଗିରହିଲେ ପରିସ୍ଥିତି ଅଣାୟତ ହେବ ବୋଲି ବୁଦ୍ଧିଜୀବୀ ମହଲ ମତବ୍ୟକ୍ତ କରିଛନ୍ତି।

## ବ୍ରାଉନ୍‌ସୁଗର ଜବତ; ୨ ଗିରଫ



ଭଦ୍ରକ,୨।୭ (ସମିସ): ଭଦ୍ରକ ବସ୍‌ଷ୍ଟାଣ୍ଡରେ ଗୁରୁବାର ପୂର୍ବାହ୍ଣରେ ଟାଉନ ଥାନା ପୁଲିସ ବ୍ରାଉନ୍‌ସୁଗର ଜବତ କରିବା ସହ ୨ ଜଣଙ୍କୁ ଗିରଫ କରିଛି। ସୂଚନାନୁଯାୟୀ, ବସ୍‌ଷ୍ଟାଣ୍ଡରେ ୨ଜଣ ଯୁବକଙ୍କଠାରୁ ପୁଲିସ ୮.୨୫ ଗ୍ରାମ୍ ଓଜନର ବ୍ରାଉନ୍‌ସୁଗର ସହ ୩ ହଜାର ଟଙ୍କା ଓ ଏକ ବାଇକ୍ ଜବତ କରିଛି। ଗିରଫ ଯୁବକଦ୍ୱୟ ହେଲେ ଚନ୍ଦନ ବଜାର ଅଞ୍ଚଳର ରିଙ୍କୁ ସାହା(୨୩) ଓ ଯାଜପୁର ଜିଲ୍ଲା ଛତିଆ ଅଞ୍ଚଳର ରଞ୍ଜନ କୁମାର ଷେଣ୍ଢେ(୨୮)। ଏହି ୨ ଜଣଙ୍କୁ ପୁଲିସ ଗିରଫ୍ କରି କୋର୍ଟ ଚାଲାଣ କରିଛି।

## ପିଇଓଙ୍କ ବିରୋଧରେ ଜିଲ୍ଲପାଳଙ୍କୁ ଦାବିପତ୍ର

ବାରିକପୁର,୨।୭ (ସମିସ): ଭଣ୍ଡାରିପୋଖରୀ ବ୍ଲକ୍ ମାଳଦା ଗ୍ରାମ ପଞ୍ଚାୟତ ସମ୍ପ୍ରସାରଣ ଅଧିକାରିଣୀ (ପିଇଓ)ଙ୍କ ବିରୋଧରେ ଜିଲ୍ଲାପାଳ, ପିଡି ଓ ବିଡିଓଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ପିଇଓ ଜଣକ ଏଠାରେ ପ୍ରାୟ ଦେଢ଼ ବର୍ଷ ହେବ ନିଯୁକ୍ତି ପାଇଥିବାବେଳେ କୌଣସି ଉନ୍ନୟନମୂଳକ କାର୍ଯ୍ୟକୁ ସଠିକ୍ ଢଙ୍ଗରେ କରୁ ନ ଥିବା ଅଭିଯୋଗ ହୋଇଛି। କୌଣସି ବିଷୟକୁ ନେଇ ତାଙ୍କ ସହିତ ଆଲୋଚନା କଲେ ସେ ବିରକ୍ତି ପ୍ରକାଶ କରୁଛନ୍ତି। ମାସକୁ ୫ରୁ ୬ ଥର ମାତ୍ର ପଞ୍ଚାୟତ କାର୍ଯ୍ୟାଳୟକୁ ଆସୁଛନ୍ତି। ସରକାରଙ୍କ ଯୋଜନାକୁ ସଠିକ୍ ହିତାଧିକାରୀଙ୍କ ନିକଟରେ ପହଞ୍ଚାଇବା ପାଇଁ ଆଗ୍ରହ ପ୍ରକାଶ କରୁନାହାନ୍ତି। କିଛି କୁଚକ୍ରୀ ଗୋଷ୍ଠୀଙ୍କ ପ୍ରରୋଚନାରେ ସେ ପରିଚାଳିତ ହେଉଥିବା ଅଭିଯୋଗକାରୀମାନେ ଉଚ୍ଚପଦସ୍ଥ ଅଧିକାରୀମାନଙ୍କୁ ଲିଖିତ ଭାବେ ଜଣାଇଛନ୍ତି। ତେଣୁ ଏହା ଉପରେ ବିଭାଗୀୟ ତଦନ୍ତ ହେବା ସହିତ ପଞ୍ଚାୟତ ସୁପରିଚାଳନା ପାଇଁ ବିଧିବଦ୍ଧ ବ୍ୟବସ୍ଥା କରିବାକୁ ପରମାନନ୍ଦ ସାମଲ, ଅଜୟ ରାଉତ, ସୁଦର୍ଶନ ସେଠୀ, ବାସୁଦେବ ପରିଡ଼ା, ପ୍ରିତିଶ କୁମାର ସାମଲ, ଦେବାଶିଷ ପଣ୍ଡା, ଲକ୍ଷ୍ମଣ ଦାସ, ସିପୁନ ଦାସ, ମନୋରଞ୍ଜନ ମହାନ୍ତି, ଆକାଶ ସେଠୀ, ପୂର୍ଣ୍ଣଚନ୍ଦ୍ର ଦାସ, ସରୋଜ ଦାସ, ଭାରତୀ ଦାସ, ମିନତୀ ଦାସ, ପର୍ଶୁରାମ ପଲେଇ, ଶ୍ୟାମସୁନ୍ଦର ଜେନା, ଅଲେଖ ଜେନା ପ୍ରମୁଖ ଅଭିଯୋଗ କରିଛନ୍ତି। ଏନେଇ ବିଭାଗୀୟ ପିଇଓଙ୍କ ମତାମତ ମିଳିପାରିନାହିଁ।

## ଶ୍ରୀଜଗନ୍ନାଥ କଥାମୃତ ପ୍ରବଚନ

ବାରିକପୁର,୨।୭ (ସମିସ): ଭଣ୍ଡାରିପୋଖରୀ ବ୍ଲକ୍ ରାଜେନ୍ଦ୍ରପୁର ପଞ୍ଚାୟତ ଅନ୍ତର୍ଗତ ଅଗେଇବେହେରା ଗ୍ରାମ ଶନିମନ୍ଦିର ପରିସରରେ ଶ୍ରୀଜଗନ୍ନାଥ କଥାମୃତ ପ୍ରବଚନ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ଶଙ୍କର୍ଷଣ ପଣ୍ଡାଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି ୫ ଦିନିଆ କାର୍ଯ୍ୟକ୍ରମରେ ମୈଥିଳି ଦାସ ମହାରାଜ ବ୍ୟାସ ଓ କରୁଣାକର ପଣ୍ଡା ଆଚାର୍ଯ୍ୟ ଭାବେ କାର୍ଯ୍ୟ ସମ୍ପାଦନ କରିଥିଲେ। ପ୍ରତ୍ୟହ ସନ୍ଧ୍ୟାରେ ବସନ୍ତ ପଣ୍ଡା ପ୍ରବଚନ ଦେଇଥିଲେ। ଏଥିରେ ସ୍ଥାନୀୟ ଅଞ୍ଚଳର ଶ୍ରଦ୍ଧାଳୁମାନେ ଯୋଗଦେଇଥିଲେ। ସମ୍ପଦ ପଣ୍ଡା ଓ ଗ୍ରାମବାସୀମାନେ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

- ମେଗା ପ୍ରକଳ୍ପ ପାଇପ୍ ଫାଟି ଟୋଲ୍ ପ୍ଲାଜା ଜଳାର୍ଣ୍ଣବ

## ଶୋଷ ମେଣ୍ଟଉଛି କମ୍; ଯନ୍ତ୍ରଣା ଦେଉଛି ଅଧିକ

ବାରିକପୁର,୨।୭ (ସମିସ): ଭଣ୍ଡାରିପୋଖରୀ ବ୍ଲକ୍ ଆଖୁଆପଦା ବୈତରଣୀ କୂଳରେ ନିର୍ମିତ ମେଗା ପାନୀୟଜଳ ପ୍ରକଳ୍ପ ଶୋଷ ମେଣ୍ଟାଇବା ପରିବର୍ତ୍ତେ ଲୋକମାନଙ୍କୁ ଅଧିକ ଯନ୍ତ୍ରଣା ଦେଉଛି। କେତେବେଳେ ପାଇପ୍ ଫାଟି ଗାଁ, ସାହି ରାସ୍ତା ଓ ଦୋକାନ ଗୃହ ପାଣିରେ ବୁଡ଼ି ଯାଉଛି ତ ପୁଣି କେତେବେଳେ ଚାଷଜମି କ୍ଷତିଗ୍ରସ୍ତ ହେଉଛି। ବିଭିନ୍ନ ସ୍ଥାନରେ ଏଭଳି ଅବସ୍ଥା ପୂର୍ବରୁ ଅନେକ ଥର ଘଟିଛି। କହିବାକୁ ଗଲେ ମେଗା ପ୍ରକଳ୍ପ ଲୋକଙ୍କ ଶୋଷ କମ୍ ମେଣ୍ଟାଉଛି, ଯନ୍ତ୍ରଣା ଅଧିକ ଦେଉଛି।

ସୂଚନା ମୁତାବକ, ଏବେ ଛତାବର ଟୋଲ୍ ପ୍ଲାଜା ନିକଟରେ ପଡ଼ିଥିବା ଜଳଯୋଗାଣ ପାଇପରୁ ଅନବରତ ପାଣି ନିର୍ଗତ ହେଉଛି। ପାଖାପାଖି ଦୁଇ ମାସ ହେବ ପାଇପ୍ ଲାଇନ୍‌ରେ ଏଭଳି ଅବସ୍ଥା ସୃଷ୍ଟି ହୋଇଥିବାବେଳେ କେହି ଏହାକୁ ମରାମତି କରୁନାହାନ୍ତି। ଏବେ ଧୀରେଧୀରେ ମାତ୍ରାଧିକ ପାଣି ଲିକ୍ ଯୋଗୁଁ ଟୋଲ୍ କାର୍ଯ୍ୟାଳୟ ଚତୁଃପାର୍ଶ୍ୱ ଜଳାର୍ଣ୍ଣବ ହେଉଛି। ବର୍ଷା ଜଳ ସହିତ ପାଇପ୍ ଲାଇନ୍ ପାଣି ମିଶିବା ପରେ ସ୍ଥାନଟି ଦୀର୍ଘ ସମୟ ଯାଏଁ ଜଳପୂର୍ଣ୍ଣ ହୋଇ ରହୁଛି। କର୍ମଚାରୀମାନେ କାର୍ଯ୍ୟାଳୟ ମଧ୍ୟକୁ ପ୍ରବେଶ କରିବା କଷ୍ଟକର ହେଉଛି। ଚାରିପାଖ ପରିବେଶ ଦୁର୍ଗନ୍ଧମୟ ହେଉଛି। ଏନେଇ ବିଭାଗୀୟ ଅଧିକାରୀମାନଙ୍କୁ ଅବଗତ କରାଯାଇଥିଲେ ସୁଦ୍ଧା ଏଯାଏଁ ପାଇପ୍ ଲାଇନ୍ ମରାମତି ହୋଇ ନ ଥିବା ଅଭିଯୋଗ ହୋଇଛି। ଜିଲ୍ଲା ଗ୍ରାମ୍ୟ ପାନୀୟ ଜଳ ଯୋଗାଣ ବିଭାଗ ଅଧୀନରେ ମେଗା ପ୍ରକଳ୍ପ ରହିଥିବାବେଳେ ପରିଚାଳନା ଦାୟିତ୍ୱରେ ଥିବା ଯନ୍ତ୍ରୀମାନେ ଏହା ଉପରେ ଦୃଷ୍ଟି ନ ଦେବା ପରିତାପର ବିଷୟ ପାଲଟିଛି। କିଛିଦିନ ପୂର୍ବେ ଛତାବର ବଳୀଘାଇ ପୂର୍ତ୍ତ ରାସ୍ତାର ଭୂତିଆ ନିକଟରେ ମଧ୍ୟ ପାଇପ୍ ଲାଇନ୍ ଫାଟି ଡ୍ରେନେଜ୍ ନାଳ ପରିପୂର୍ଣ୍ଣ ହୋଇଥିଲା। ଟୋଲ ପ୍ଲାଜା ଜଳ ନିର୍ଗତ ସମସ୍ୟା ସମ୍ପର୍କରେ ନିର୍ବାହୀ ଯନ୍ତ୍ରୀଙ୍କ ମତାମତ ନେବାରୁ ଖୁବ୍‌ଶୀଘ୍ର ନିର୍ମାଣକାରୀ ସଂସ୍ଥା ଏହାକୁ ମରାମତି କରିବ ବୋଲି କହିଛନ୍ତି।



'ବିକଶିତ ଭାରତ ଜୀ-ରାମ୍ ଜୀ'

## ୧୨୫ ଦିନିଆ ନିଯୁକ୍ତି କାର୍ଯ୍ୟକ୍ରମର ଶୁଭାରମ୍ଭ



ଭଦ୍ରକ,୨।୭ (ସମିସ): କେନ୍ଦ୍ର ସରକାରଙ୍କ 'ବିକଶିତ ଭାରତ ଜୀ-ରାମ୍ ଜୀ' ୧୨୫ ଦିନିଆ ନିଶ୍ଚିତ ଶ୍ରମଭିତ୍ତିକ ନିଯୁକ୍ତି କାର୍ଯ୍ୟକ୍ରମ ଭଦ୍ରକ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଗ୍ରାମୀଣ ରୋଜଗାର ସୃଷ୍ଟି, ଭିତ୍ତିଭୂମିର ସୁଦୃଢ଼ୀକରଣ ଏବଂ ପ୍ରଯୁକ୍ତିଭିତ୍ତିକ ବିକାଶ ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ରବି ନାରାୟଣ ସାହୁ, ଭଦ୍ରକ ବ୍ଲକ୍ ଅଧ୍ୟକ୍ଷା ଊର୍ମିଳା ନାୟକ ଏବଂ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ଶୁଭେନ୍ଦ୍ର ସାମଲ ଯୋଗଦେଇ କେନ୍ଦ୍ର ସରକାରଙ୍କ ୧୨୫ ଦିନିଆ କାର୍ଯ୍ୟ ଯୋଜନାର ବିଭିନ୍ନ ଦିଗ ସମ୍ପର୍କରେ ଆଲୋକପାତ କରିଥିଲେ। ବେରୋଜଗାରଙ୍କ ପାଇଁ ଶ୍ରମଭିତ୍ତିକ ନିଯୁକ୍ତି ସୁଯୋଗ, ବିକଶିତ ଗ୍ରାମ ପଞ୍ଚାୟତ ଯୋଜନା, ପ୍ରଯୁକ୍ତି ବିଦ୍ୟା ସଶକ୍ତୀକରଣ, ଗ୍ରାମୀଣ ମୌଳିକ ଭିତ୍ତିଭୂମିର ସୁଦୃଢ଼ୀକରଣ, ପ୍ରାକୃତିକ ବିପର୍ଯ୍ୟୟ ପ୍ରଶମନ, ପିଏମ୍ ଗତିଶକ୍ତି ଏବଂ ଡିଜିଟାଲ ପ୍ଲାଟ୍‌ଫର୍ମ ଭଳି ବିଭିନ୍ନ କର୍ମଭିତ୍ତିକ ଯୋଜନାର ସଫଳ ରୂପାୟଣ ପାଇଁ ସମସ୍ତଙ୍କ ସକ୍ରିୟ ସହଯୋଗ ଆହ୍ୱାନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ମହିଳା ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟା, ଜିଲ୍ଲା ପ୍ରଶାସନର ଅଧିକାରୀ, ଲୋକ ପ୍ରତିନିଧି, ସରପଞ୍ଚ ଓ ବିଭିନ୍ନ ବର୍ଗର ପ୍ରତିନିଧିମାନେ ଯୋଗଦେଇଥିଲେ। ଏହି ଅବସରରେ 'ବିକଶିତ ଭାରତ ଜୀ-ରାମ୍ ଜୀ' ୧୨୫ ଦିନିଆ ନିଯୁକ୍ତି ଯୋଜନା ସମ୍ପର୍କିତ ଏକ ସଚେତନତାମୂଳକ ଭିଡିଓ ପ୍ରଦର୍ଶନ କରାଯାଇଥିଲା। ଏହା ମାଧ୍ୟମରେ ଯୋଜନାର ଲକ୍ଷ୍ୟ, ସୁବିଧା ଏବଂ ଗ୍ରାମାଞ୍ଚଳରେ ରୋଜଗାର ସୃଷ୍ଟିରେ ଏହାର ଭୂମିକା ସମ୍ପର୍କରେ ଉପସ୍ଥିତ ପ୍ରତିନିଧିମାନଙ୍କୁ ଅବଗତ କରାଯାଇଥିଲା।

## ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ

ଭଦ୍ରକ,୨।୭ (ସମିସ): ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ତିହିଡ଼ିସ୍ଥିତ ଦହପାଣିଆ ଉଚ୍ଚ ବିଦ୍ୟାଳୟ ପରିସରରେ ଜିଲ୍ଲା ଓ ଦୌରାଜଜ୍ ତଥା ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧ୍ୟକ୍ଷ ଲଲାଟେନ୍ଦୁ ଜେନାଙ୍କ ନିର୍ଦ୍ଦେଶକ୍ରମେ ଏକ ଆଇନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ଡ. କାଳୀପଦ ଦାସ ମଞ୍ଚ ସଞ୍ଚାଳନା କରିଥିଲେ। ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ପୁଣ୍ୟଶ୍ଳୋକ ରଥ ମୁଖ୍ୟ ଅତିଥି, ସମ୍ମାନିତ ଅତିଥି ଭାବେ ଏଏସ୍‌ପି ଅଂଶୁମାନ ଦ୍ୱିବେଦୀ, ତିହିଡ଼ି ବ୍ଲକ୍ ସମ୍ପ୍ରସାରଣ ଅଧିକାରିଣୀ ସୌମ୍ୟା ସୁଚରିତା ମହାନ୍ତି, ସାମାଜିକ କର୍ମୀ ରାମଚନ୍ଦ୍ର ନାୟକ, ପ୍ରତିପକ୍ଷ ଅଧିବକ୍ତା ବହ୍ନିଶିଖା ବିଶ୍ୱାଳ ତଥା ବିଦ୍ୟାଳୟର ଅନ୍ୟାନ୍ୟ ଶିକ୍ଷକଶିକ୍ଷୟିତ୍ରୀମାନେ ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ଏହି ସଚେତନତା କାର୍ଯ୍ୟକ୍ରମର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଯୌନ ଉତ୍ପୀଡ଼ନ ସୁରକ୍ଷା (ପୋକ୍ଷ) ଆଇନ ଏବଂ ଏହାର ବିଭିନ୍ନ ବ୍ୟବସ୍ଥା ଏବଂ ଏସ୍‌ସି-ଏସ୍‌ଟିଙ୍କ ନିମନ୍ତେ ଥିବା ଯୋଜନା ଆଇନ ଉପରେ ପିଲାମାନଙ୍କୁ ସଚେତନ କରାଇବା। ଏହି ପରିପ୍ରେକ୍ଷୀରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଏକ ତର୍କ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। ଯୌନ ଉତ୍ପୀଡ଼ନ ସଚେତନତା କାର୍ଯ୍ୟକ୍ରମ ଦ୍ୱାରା ଛାତ୍ରଛାତ୍ରୀମାନଙ୍କୁ ଆନୁଷ୍ଠାନିକ ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ସହିତ ପରିଚିତ କରାଏ ଏବଂ ଏକ ସ୍ୱଚ୍ଛ ଅଭିଯୋଗ ପ୍ରଣାଳୀ ପ୍ରତିଷ୍ଠା କରେ, ଯାହା ଛାତ୍ରଛାତ୍ରୀମାନଙ୍କୁ ସୁରକ୍ଷା ଦେବା ସହିତ ସମସ୍ତ ଆଇନଗତ ଆବଶ୍ୟକତାକୁ ପୂରଣ କରିଥାଏ। ଆଜିକାଲି ଛାତ୍ରଛାତ୍ରୀମାନେ ମୋବାଇଲର ସଦୁପଯୋଗଠାରୁ ଦୁରୁପଯୋଗ ବହୁତ କରୁଛନ୍ତି। ଉପସ୍ଥିତ ଅତିଥିଗଣ ପିଲାମାନଙ୍କୁ କହିଥିଲେ ଯେ, ସମାଜରେ ଭଲ ମଣିଷ ହେବା ପାଇଁ ହେଲେ ମୋବାଇଲରୁ ଭଲ ଶିକ୍ଷା ଗ୍ରହଣ କରନ୍ତୁ। ପରିଶେଷରେ ବନ ମହୋତ୍ସବ ସପ୍ତାହ ଅବସରରେ ବିଦ୍ୟାଳୟ ପରିସରରେ ବୃକ୍ଷରୋପଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ଛାତ୍ରଛାତ୍ରୀ ଉପସ୍ଥିତ ଥିବାବେଳେ ଜିଲ୍ଲା ଆଇନ ସେବା ପ୍ରାଧିକରଣର କର୍ମୀଗଣ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଶେଷରେ ପ୍ରଧାନଶିକ୍ଷକ ଶ୍ରୀ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।




୧୩ ଦିନରେ ଧାରଣା ଜାରି

## ଠିକାଦାର ସଂଘ ସହିତ ଅଧୀକ୍ଷଣ ଯନ୍ତ୍ରୀଙ୍କ ଆଲୋଚନା



ଭଣ୍ଡାରିପୋଖରୀ/ବାରିକପୁର,୨।୭ (ସମିସ): ଭଣ୍ଡାରିପୋଖରୀ ବ୍ଲକ୍ ଆଖୁଆପଦା ଜଳ ସମ୍ପଦ ବିଭାଗ ଅଧୀକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ପ୍ରାଙ୍ଗଣରେ ଭଦ୍ରକ ଜିଲ୍ଲା ଠିକାଦାର ସଂଘ ୧୩ ଦିନ ହେବ ଧାରଣା ଦେଉଛି। ସୂଚନା ମୁତାବକ, ଜଳସମ୍ପଦ ବିଭାଗ ପକ୍ଷରୁ ୩୫ଟି କାର୍ଯ୍ୟ ପାଇଁ ଟେଣ୍ଡର ଆହ୍ୱାନ ହୋଇଥିଲା। ସମସ୍ତ ଠିକାଦାର ସିଡ୍ୟୁଲ୍ ମୂଲ୍ୟ ଅନୁଯାୟୀ ଟେଣ୍ଡର ପକାଇବେ ବୋଲି ସଂଘ ନିଷ୍ପତ୍ତି ନେଇଥିଲା। ଯେହେତୁ ସରକାର ଚଳିତ ବର୍ଷ ତ୍ରୁଟିଯୁକ୍ତ ଟେଣ୍ଡର ନୀତି ପ୍ରଣୟନ କରିଛନ୍ତି, ତେଣୁ ରାଜ୍ୟ ଠିକାଦାର ସଂଘ ଏହାକୁ ତୀବ୍ର ବିରୋଧ କରିଛି। ରାଜ୍ୟ ସଂଘ ନିର୍ଦ୍ଦେଶ କ୍ରମେ ଜିଲ୍ଲା ଠିକାଦାର ସଂଘ ପୂର୍ବରୁ ଏକ ବୈଠକ ଡାକିଥିଲା। ଉକ୍ତ ବୈଠକରେ ଜିଲ୍ଲାର ସମସ୍ତ ଠିକାଦାର ଉପସ୍ଥିତ ରହି ସିଡ୍ୟୁଲ୍ ମୂଲ୍ୟରେ ଟେଣ୍ଡର ପକାଇବାକୁ ସହମତି ପ୍ରକାଶ କରିଥିଲେ। ପ୍ରଥମେ ଗ୍ରାମ୍ୟ ଉନ୍ନୟନ ବିଭାଗରେ ଯେଉଁ ଟେଣ୍ଡର ଆହ୍ୱାନ ହୋଇଥିଲା ଏଥିରେ ଜିଲ୍ଲା ସଂଘ ନିଷ୍ପତ୍ତି ଅନୁଯାୟୀ ଠିକାଦାରମାନେ ଅଂଶ ଗ୍ରହଣ କରିଥିଲେ। ପରବର୍ତ୍ତୀ ସମୟରେ ଜଳ ସମ୍ପଦ ବିଭାଗ ପକ୍ଷରୁ ଡକାଯାଇଥିବା ଟେଣ୍ଡରରେ କେନ୍ଦ୍ରାପଡ଼ା ଜିଲ୍ଲାର ଦୁଇଜଣ ଠିକାଦାର ସଂଘ ନିଷ୍ପତ୍ତିକୁ ଅମାନ୍ୟ କରିଥିଲେ। ସେମାନେ ଲେସ୍‌ରେ ଟେଣ୍ଡର ପକାଇଥିବାବେଳେ ଏହାକୁ ବିରୋଧ କରି ଧାରଣା ଆରମ୍ଭ ହୋଇଥିବା ଜଣାଯାଇଛି। ଧାରଣାର ୧୩ ଦିନ ପରେ ଗୁରୁବାର ଏସ୍‌ଇ ସଞ୍ଜୀବ କୁମାର ସାମଲଙ୍କ ସହିତ ଠିକାଦାର ସଂଘ ବିଭିନ୍ନ ଆଲୋଚନା କରିଛି। ଏଥିରେ ଜିଲ୍ଲା ଠିକାଦାର ସଂଘ ସଭାପତି କୁମୁଦବନ୍ଧୁ ମହାପାତ୍ର, ସମ୍ପାଦକ ଅଜିତ୍ ଦାସ, ରାଜ୍ୟ ସଂଘ ଉପ ସଭାପତି ସଞ୍ଜୀବ ପରିଡ଼ା, ବ୍ଲକ୍ ସଂଘ ସଭାପତି ଲଳିତ ରାଉତ, ସମ୍ପାଦକ ଗିରିଶ ସାମଲ ଉପୁଜୁଥିବା ବିବାଦ ସମ୍ପର୍କରେ ଅଧୀକ୍ଷଣ ଯନ୍ତ୍ରୀଙ୍କ ସହିତ ଆଲୋଚନା କରିଥିଲେ। ଶୁକ୍ରବାର ପରେ ଧାରଣାର ରୂପରେଖ ଚୂଡ଼ାନ୍ତ ହେବ ବୋଲି ସଂଘ ପକ୍ଷରୁ କୁହାଯାଇଛି। ବିଭିନ୍ନ ବ୍ଲକ୍‌ର ଠିକାଦାରଙ୍କ ସମେତ ବ୍ଲକ୍ ସଂଘ ସଦସ୍ୟ ନରନାରାୟଣ ପରିଡ଼ା, କେଦାର ମହାନ୍ତି, ମଦନ ଭାରତୀ, ବିଶ୍ୱକେତନ ସାମଲ, ବିଷ୍ଣୁ ମୋହନ ପଣ୍ଡା, ବିଶ୍ୱରଞ୍ଜନ ଦାସ, ନିହାର ମହାପାତ୍ର, ସତ୍ୟବ୍ରତ ପତି, ଜ୍ଞାନେନ୍ଦ୍ର ନାୟକ, ବସନ୍ତ ବେହେରା, ତପନ ସେଠୀ, ସ୍ମୃତି ରଞ୍ଜନ ଜେନା, ନାଗେଶ୍ୱର ବେହେରା, ମିଳନ ଜେନା ପ୍ରମୁଖ ଧାରଣାରେ ସାମିଲ୍ ହୋଇଛନ୍ତି।

▶▶ ଗୁଆମାଳ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର

## ନାହାନ୍ତି ଡାକ୍ତର କି ଫାର୍ମାସିଷ୍ଟ; ୨ ଆମ୍ବୁଲାନ୍ସ ହାତଛଡ଼ା

ଦୋଳସାହି,୨।୭ (ସମିସ): ତିହିଡ଼ି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଅଧୀନ ଗୁଆମାଳ ପଞ୍ଚାୟତର ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରରେ ବିଭିନ୍ନ ବିଭାଗରେ ପଦ ପଦବୀ ଅଭାବ ଥିବା ଯୋଗୁଁ ସ୍ୱାସ୍ଥ୍ୟ ସେବାରେ ବ୍ୟାଘାତ ଘଟୁଛି। ଏହି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ସରକାରଙ୍କ ପକ୍ଷରୁ ଯୋଗାଇ ଦିଆଯାଇଥିବା ୨ଟି ଆମ୍ବୁଲାନ୍ସ ହାତଛଡ଼ା କରିବା ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ସୂଚନାଯୋଗ୍ୟ, ଗୁଆମାଳ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରରେ ବିଭିନ୍ନ ବିଭାଗରେ ପଦ ପଦବୀ ଖାଲି ପଡ଼ିଥିବାବେଳେ ଦୈନିକ "ସକାଳ"ରେ ବାରମ୍ବାର ଖବର ପ୍ରକାଶିତ ପରେ ସମସ୍ତ ପଦ ପୂରଣ ସରକାରଙ୍କ ପକ୍ଷରୁ କରାଯାଇଥିଲା। ତେବେ ରାଜନୈତିକ ଆକ୍ରୋଶରୁ ଗତ ୫ମାସ ତଳେ ଡାକ୍ତର ପ୍ରଣବ ମହାନ୍ତିଙ୍କ ବିରୋଧରେ ଅଭିଯୋଗକୁ ନେଇ ଡାକ୍ତରଙ୍କୁ ଡେପୁଟେସନ କରାଯାଇଥିବା ଜଣାପଡ଼ିଛି। ଏହି ସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ଆଖପାଖ ୫ଟି ପଞ୍ଚାୟତର ରୋଗୀ ନିର୍ଭର କରୁଥିବା ବେଳେ ଡାକ୍ତରଙ୍କ ଡେପୁଟେସନ ପରେ ବିଭିନ୍ନ ପଦ ପଦବୀ ଖାଲି ହେବା ସହ ସ୍ୱାସ୍ଥ୍ୟ ସେବାରେ ବ୍ୟାଘାତ ସୃଷ୍ଟି ହେଉଥିବା ନେଇ ବୁଦ୍ଧିଜୀବୀ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି। ଏହି ଡାକ୍ତରଖାନାରେ ଜଣେ ଡାକ୍ତର, ଜଣେ ଫାର୍ମାସିଷ୍ଟ, ଜଣେ ଷ୍ଟାଫ୍ ନର୍ସ, ଜଣେ ଲେଡି ହେଲ୍‌ଥ ଭିଜିଟର ପଦ ଖାଲି ପଡ଼ିଥିବା ଜଣାଯାଇଛି।

## ବାସୁଦେବପୁର ଥାନାରେ ନିଶାମୁକ୍ତ ଓଡ଼ିଶା ଅଭିଯାନ

ବାସୁଦେବପୁର,୨।୭ (ସମିସ): ବାସୁଦେବପୁର ଥାନାର ସଦର ଏସ୍‌ଡିପିଓଙ୍କ କାର୍ଯ୍ୟାଳୟ ପରିସରରେ ନିଶାମୁକ୍ତ ଓଡ଼ିଶା ଅଭିଯାନ ପାଳିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମକୁ ଆଭାସୀରେ ଡିଜିପି ୱାଇ. ବି. ଖୁରାନିଆ ଶୁଭାରମ୍ଭ କରିଥିଲେ। ଓଡ଼ିଶାରେ ଅବାଧରେ ନିଶା କାରବାରକୁ ବନ୍ଦ କରିବାକୁ ଆହ୍ୱାନ ଦେଇଥିଲେ। ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ କରାଯାଉଥିବା ନିଶା କାରବାରକୁ ବିରୋଧ କରି ବନ୍ଦ କରିବାରେ ସହଯୋଗ କରିବାକୁ ଶପଥପାଠ କରାଇଥିଲେ। ଏହି ସଭାରେ ଭଦ୍ରକ ସଦର ଏସ୍‌ଡିପିଓ ବିଚିତ୍ରାନନ୍ଦ ସେଠୀ, ବାସୁଦେବପୁର ଥାନାର ଇନ୍ସପେକ୍ଟର ନିରୋଜ ସାମଲ, ଏସ୍‌ଆଇ ଭାଗ୍ୟଜିତ୍ ନାୟକ, ପୌରପାଳିକାର ଉପାଧ୍ୟକ୍ଷ ଉତମ ବାରିକ, ଯୁବନେତା ଅଶୋକ କୁମାର ସାହୁ, ପୂର୍ବତନ ସରପଞ୍ଚ ଦୀନବନ୍ଧୁ ଦାସ, ପ୍ରାକ୍ତନ ଅଧ୍ୟକ୍ଷ ଭାଗିରଥି ପଲାଇ ପ୍ରମୁଖ ଉପସ୍ଥିତ ଥିଲେ।



### ଦୋବଲରେ ମଦ ଦୋକାନକୁ ମହିଳାଙ୍କ ତୀବ୍ର ବିରୋଧ

# ଶିକ୍ଷାନୁଷ୍ଠାନ ନିକଟରେ ଚାଲିଛି ବାର୍

ଦୋବଲ,୨।୭ (ସମିସ)

ଧାମନଗର ଥାନା ଅଞ୍ଚଳ ଦୋବଲ ନିକଟସ୍ଥ ମୁସ୍ତଫାପୁର ଘୋଡ଼ାଗଣ୍ଡ ନାଳ ପାଖରେ ଚାଲିଥିବା ମଦ ଦୋକାନକୁ ନେଇ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏହି ମଦ ଦୋକାନକୁ ତୁରନ୍ତ ଅନ୍ୟତ୍ର ସ୍ଥାନାନ୍ତର କରା ନ ଗଲେ ଆଗାମୀ ଦିନରେ ବ୍ୟାପକ ଆନ୍ଦୋଳନ କରାଯିବ ବୋଲି ସ୍ଥାନୀୟ ମହିଳାମାନେ ଚେତାବନୀ ଦେଇଛନ୍ତି। ବିଶେଷକରି ମୁସଲ୍‌ମାନ ସମ୍ପ୍ରଦାୟର ମହିଳାମାନେ ନିଜ ଝିଅ ଓ ବୋହୂମାନଙ୍କ ସୁରକ୍ଷା ପାଇଁ ଏବେ ଏକାଠି ହୋଇ ଅଣ୍ଟା ଭିଡ଼ିଛନ୍ତି। ଚାନ୍ଦବାଲିରେ ଘଟିଥିବା ନାବାଳିକା ଦୁଷ୍କର୍ମ ଭଳି ଅଭାବନୀୟ ଘଟଣା ଏଠାରେ ମଧ୍ୟ ଘଟିପାରେ ବୋଲି ମହିଳାମାନେ ଆଶଙ୍କା ବ୍ୟକ୍ତ କରିଛନ୍ତି। ଏହି ଘଟଣାରେ ସବୁଠାରୁ ବଡ଼ ବିଡ଼ମ୍ବନା ହେଉଛି, ଯେଉଁ ମଦ ଦୋକାନ ସାମାଜିକ ଅସ୍ଥିରତା ସୃଷ୍ଟି କରୁଛି। ତା'ର ଲାଇସେନ୍ସ ମହାଶ୍ୱେତା ରାଉତ ନାମକ ଜଣେ ମହିଳାଙ୍କ ନାମରେ ରହିଛି। ମହିଳା ଜଣକ ନିଜ ଆଭିମୁଖ୍ୟ ଓ ସ୍ୱାର୍ଥ ପାଇଁ ଏହି ବ୍ୟବସାୟ ଚଳାଇଥିବା ବେଳେ ଅନ୍ୟପଟେ ସମାଜ ସୁଧାରିବା ପାଇଁ ଅନ୍ୟ ମହିଳାମାନେ ଅଣ୍ଟା ଭିଡ଼ିଛନ୍ତି।




**ପୁଲିସ ଓ ଅବକାରୀ ବିଭାଗ ସାଜିଛନ୍ତି ନିରବଦ୍ରଷ୍ଟା**

ଦୋବଲ-ଧାମନଗର ମୁଖ୍ୟ ରାସ୍ତାକଡ଼ରେ ଅବସ୍ଥିତ ଏହି ଦୋକାନଠାରୁ ମାତ୍ର ୨୦୦ ମିଟର ଦୂରରେ ଗୌରାଙ୍ଗ ସାହାଣୀ ଏମ୍‌ଇ ସ୍କୁଲ ଏବଂ ୫୦୦ ମିଟର ଦୂରରେ ଧାମନଗର ମହାବିଦ୍ୟାଳୟ ରହିଛି। ଦୈନନ୍ଦିନ ଶହଶହ ଛାତ୍ରଛାତ୍ରୀ ଓ ସାଧାରଣ ମହିଳା ଏହି ରାସ୍ତା ଦେଇ ଯାତାୟାତ କରୁଥିବାରୁ ସେମାନଙ୍କ ପ୍ରତି ବିପଦ ଆଶଙ୍କା ବହୁଗୁଣିତ ହୋଇପଡ଼ିଛି। ଆଉ ମାତ୍ର କେଇ ପାଦ ଦୂରରେ ମୁସ୍‌ଲିମ ବସ୍ତି। ୨୦୨୧ ମସିହାରୁ ଚାଲିଆସୁଥିବା ଏହି ମଦ ଦୋକାନଟି ଏବେ ଏକ 'ଅଘୋଷିତ ବାର୍ଡ଼'ରେ ପରିଣତ ହୋଇଛି।

ଚଳିତ ବର୍ଷ ଅନ୍ୟ କେହି ଆବେଦନ ନ କରିବାରୁ ପୂର୍ବତନ ମହିଳା ଟେଣ୍ଡରଧାରୀ ପୁଣି ଏହାର ନିଲାମ ନେଇଛନ୍ତି। ଦୀର୍ଘ ଦିନ ଧରି ଗୋଟିଏ ସ୍ଥାନରେ ବ୍ୟବସାୟ କରୁଥିବାରୁ ପୁଲିସ ଓ ଅବକାରୀ ପ୍ରଶାସନ ସହିତ ମଦ ଦୋକାନୀଙ୍କ ସୁସମ୍ପର୍କ ବା ସଲାସୁତରାରେ ଗଢ଼ି ଉଠିଛି। ଯେଉଁଥିପାଇଁ ସେ ପ୍ରଶାସନ ଛତ୍ରଛାୟାରେ ସୁରୁଖୁରୁରେ ଏହି ବେଆଇନ କାରବାର କରୁଛନ୍ତି। ଦୋକାନ ସମ୍ମୁଖରେ ପୂର୍ବରୁ ୧୦ରୁ ଅଧିକ ଥର ବଡ଼ଧରଣର ଗଣ୍ଡଗୋଳ ହୋଇଥିଲେ ମଧ୍ୟ ପୁଲିସ ଓ ଦୋକାନୀଙ୍କ ଆପୋଷ ବୁଝାମଣାରେ ସବୁ ସମସ୍ୟାକୁ ଚାପି ଦିଆଯାଇଛି। ବର୍ତ୍ତମାନ ମଦ ଦୋକାନର ପଛପଟେ ଏକ ବିରାଟ ଅଞ୍ଚଳକୁ ସବୁଜ ପଲିଥିନ୍‌ରେ ଘେରାଇ ବେଆଇନ ଚାଖଣା ଦୋକାନ ସବୁ ଖୋଲାଯାଇଛି। ସାମ୍ନା ପଟୁ ମଦ କିଣି ପଛପଟେ ଶହଶହ ମଦୁଆ ଅବାଧରେ ମଦ ପିଉଛନ୍ତି। ଏସବୁ ଦେଖି ମଧ୍ୟ ପୁଲିସ ଓ ଅବକାରୀ ବିଭାଗ ସମ୍ପୂର୍ଣ୍ଣ ନିରବ ରହିବା ସେମାନଙ୍କ କାର୍ଯ୍ୟଶୈଳୀ ପ୍ରତି ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଏ ସମ୍ପର୍କରେ ମହିଳାମାନେ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଅଭିଯୋଗ କରିଛନ୍ତି। ତେବେ ଯେଉଁ ଜିଲ୍ଲାପାଳ ପୂର୍ବରୁ ଆଖିରେ ଅନ୍ଧପୁଟୁଳି ବାନ୍ଧି ଏଭଳି ଜନଗହଳିପୂର୍ଣ୍ଣ ତଥା ଶିକ୍ଷାନୁଷ୍ଠାନ ସ୍ଥାନରେ ମଦ ଦୋକାନ ପାଇଁ ଲାଇସେନ୍ସ ଦେଇଥିଲେ, ସେ ଏବେ ମହିଳାଙ୍କ ଗୁହାରି ଶୁଣି ଏହାକୁ ବନ୍ଦ ବା ସ୍ଥାନାନ୍ତର କରିବେ କି ନାହିଁ, ସେ ନେଇ ଆନ୍ଦୋଳନକାରୀ ମହିଳାମାନଙ୍କ ମନରେ ପ୍ରବଳ ସନ୍ଦେହ ପ୍ରକାଶ ପାଇଛି।

## ସ୍ୱାସ୍ଥ୍ୟସେବାର ଅଚଳାବସ୍ଥା ଦୂର ପାଇଁ ସରକାର ତୁରନ୍ତ ବ୍ୟବସ୍ଥା କରନ୍ତୁ: ସିପିଏମ୍

ଜଳେଶ୍ୱର, ୨/୭ (ସମିସ): ଓଡ଼ିଶା ମେଡିକାଲ ସର୍ଭିସ ଏସୋସିଏସନ ଓ ସରକାରଙ୍କ ଜିଦ୍‌ଖୋର୍ଗୁ ରାଜ୍ୟରେ ସ୍ୱାସ୍ଥ୍ୟ ସେବା ବିପର୍ଯ୍ୟସ୍ତ ଓ ଅଚଳାବସ୍ଥା ସୃଷ୍ଟି ହୋଇଛି। ଡାକ୍ତର ମାନେ ଚିକିତ୍ସା ବର୍ଜନ ଡାକରା ଦେଇ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ଫଳରେ ପ୍ରାଥମିକ ଚିକିତ୍ସା କେନ୍ଦ୍ର ଠାରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସବୁଠାରେ ଚିକିତ୍ସା ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍ ହୋଇଯାଇଛି। ରୋଗୀମାନେ ଚିକିତ୍ସିତ ହୋଇ ନ ପାରି ହନ୍ତସନ୍ତ ହେଉଛନ୍ତି। ଗୁରୁତର ରୋଗୀଙ୍କ ଜୀବନ ବିପନ୍ନ ହେବାକୁ ବସିଛି। ମାତ୍ର ସରକାର ଆଲୋଚନା ମାଧ୍ୟମରେ ଡାକ୍ତରମାନଙ୍କର ଦାବିଗୁଡ଼ିକ ଉପରେ ବିଚାର ନ କରି ଏସମା ଲଗାଇବାକୁ ଧମକ ଦେଉଛନ୍ତି। ଏହା ଅତ୍ୟନ୍ତ ଦୁର୍ଭାଗ୍ୟ ଜନକ। ସରକାରୀ ସ୍ୱାସ୍ଥ୍ୟସେବା ଉପରେ ନିର୍ଭର କରୁଥିବା ଲୋକମାନେ ଏହି ସମସ୍ୟାର ତୁରନ୍ତ ସମାଧାନ ଚାହୁଁଥିବା ବେଳେ ସରକାରଙ୍କ ଘରୋଇ ହସପିଟାଲ ପ୍ରତି ସାଧାରଣ ଲୋକଙ୍କ ବୁଝିବା ବାହାରେ ବୋଲି ସିପିଆଇ(ଏମ) ପାର୍ଟି ତରଫରୁ ଅଭିଯୋଗ କରାଯାଇଛି। ଏଭଳି ଜନବିରୋଧୀ ନୀତିରୁ ସରକାର ନିବୃତ ରହି ତୁରନ୍ତ ସାଧାରଣ ଲୋକଙ୍କ ସ୍ୱାର୍ଥ ରକ୍ଷା ପାଇଁ ସରକାରୀ ଡାକ୍ତରଖାନାରେ ଲୋକେ କିପରି ସ୍ୱାସ୍ଥ୍ୟସେବା ପାଇପାରିବେ ସେଥିପ୍ରତି ଯତ୍ନବାନ ହେବାପାଇଁ ସିପିଏମ ତରଫରୁ ଦାବି କରାଯାଇଛି। ସିପିଏମ ଜଳେଶ୍ୱର ଆଞ୍ଚଳିକ କମିଟିର ସମ୍ପାଦକ ଅକ୍ଷୟ ମିଶ୍ର, ବାମପନ୍ଥୀ ନେତା ଦିଲ୍ଲୀପ କୁମାର ଗିରି, ଦିବ୍ୟମାନ ଆଚାର୍ଯ୍ୟ, ରବୀନ୍ଦ୍ର ବାରିକ, ପଲ୍ଟୁ ଦାସ, ପୂର୍ବତନ ସରପଞ୍ଚ ଦିଲ୍ଲୀପ ପରିଡ଼ା ପ୍ରମୁଖ ଏକ ପ୍ରେସ ବିବୃତିରେ ଦାବୀ କରିଛନ୍ତି। ଏହି ସମସ୍ୟାର ତୁରନ୍ତ ସମାଧାନ ନ ହେଲେ ଲୋକମାନେ ରାଜରାସ୍ତାକୁ ଓହ୍ଲାଇବାକୁ ବାଧ ହେବେ ବୋଲି ଚେତାବନୀ ଦେଇଛନ୍ତି।

## ଶ୍ରୀକ୍ଷେତ୍ରପତି ଶ୍ରୀଜଗନ୍ନାଥଙ୍କ ରଥ ଓ ବାହୁଡ଼ା ଯାତ୍ରା ପ୍ରସ୍ତୁତି ବୈଠକ

କାଳିପଦା, ୨/୭ (ସମିସ): ବାଲିଆପାଳ ବ୍ଲକ ଅନ୍ତର୍ଗତ ବାଲିଆପାଳ ପୂର୍ବବିଭାଗ ଡାକବଙ୍ଗଳାରେ ବୁଧବାର ସନ୍ଧ୍ୟାରେ ବାଲିଆପାଳର ପ୍ରସିଦ୍ଧ ଶ୍ରୀକ୍ଷେତ୍ର ଜଗନ୍ନାଥ ମନ୍ଦିରର ୪୭ତମ ରଥଯାତ୍ରା ପ୍ରସ୍ତୁତି ବୈଠକ ମନ୍ଦିର ପରିଚାଳନା କମିଟିର ସଭାପତି ବ୍ରଜକିଶୋର ଭୂୟାଁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ବୈଠକରେ ବସ୍ତା ବିଧାୟିକା ସୁବାସିନୀ ଜେନା, ବାଲିଆପାଳ ଏବିଡିଓ ଶରତ ଚନ୍ଦ୍ର ମୁଦୁଲି, ବାଲିଆପାଳ ଥାନା ଏଏସଆଇ ପ୍ରଦୋଷ କୁମାର ମଲ୍ଲିକ, ଏ ଏସ ଆଇ ପ୍ରେମ କୁମାର ବାହିନୀପତି, ବାଲିଆପାଳ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ସ୍ୱାସ୍ଥ୍ୟ ସୁପର ଭାଇଜର ରମାନାଥ କର, ବାଲିଆପାଳ ବିଦ୍ୟୁତ କାର୍ଯ୍ୟାଳୟର ଜେଇ ସୁଶାନ୍ତ ସାହୁ, ବାଲିଆପାଳ ପଞ୍ଚାୟତ ସମିତିର ପୂର୍ବତନ ଅଧ୍ୟକ୍ଷ ବିଜନ ନାୟକ ପ୍ରମୁଖ ଯୋଗ ଦେଇ ଚଳିତ ବର୍ଷର ରଥଯାତ୍ରାରେ ନିଜ ନିଜ ବିଭାଗ ପକ୍ଷରୁ ସବୁ ପ୍ରକାରର ସାହାଯ୍ୟ ସହଯୋଗ କରିବାର ପ୍ରତିଶ୍ରୁତି ଦେଇଥିଲେ। ମହାପ୍ରଭୁଙ୍କ ରଥ ଯାତ୍ରା ସହିତ ବାହୁଡା ଯାତ୍ରା ପର୍ଯ୍ୟନ୍ତ ସାର୍ବଜନୀନ ଦର୍ଶନ ପାଇଁ ବାଲିଆପାଳ ପୁରୁଣା ବସ୍‌ଷ୍ଟାଣ୍ଡ ଦୁର୍ଗାମଣ୍ଡପରେ ପୂର୍ବ ବର୍ଷ ପରି ମହାପ୍ରଭୁଙ୍କୁ ବିରାଜମାନ କରାଯିବାର ସିଦ୍ଧାନ୍ତ ନିଆଯାଇଥିଲା। ଚଳିତ ବର୍ଷ ରଥଯାତ୍ରା ଓ ବାହୁଡା ଯାତ୍ରାକୁ ଅଧିକ ଆକର୍ଷଣୀୟ କରିବା ପାଇଁ ପ୍ରତ୍ୟେକ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭଜନ ଓ ଓଡ଼ିଶୀ ନୃତ୍ୟ ପରିବେଷଣ ହେବାକୁ କମିଟି ପକ୍ଷରୁ ସୂଚନା ଦିଆଯାଇଛି। ବୈଠକ ପ୍ରାରମ୍ଭରେ ମନ୍ଦିରର ବଡ଼ ପଣ୍ଡା ବିଷ୍ଣୁ ଦାସ ପାଠୀ ବେଦ ପାଠ କରିଥିବାବେଳେ ମନ୍ଦିର କମିଟିର ସମ୍ପାଦକ ପ୍ରଫୁଲ୍ଲ କୁମାର ସାହୁ, ମଧୁପୁରା ପଞ୍ଚାୟତର ପୂର୍ବତନ ସରପଞ୍ଚ ମୁରଲୀ ମୋହନ ସାହୁ, ବାଲିଆପାଳ ପଞ୍ଚାୟତର ପୂର୍ବତନ ସରପଞ୍ଚ ମଧୁସୂଦନ ବାରିକ, ମଧୁସୂଦନ ସାହୁ, ଙ୍କ ସୁଶାନ୍ତ ଚକ୍ରବର୍ତ୍ତୀ, ମଧୁପୁରା ପଞ୍ଚାୟତର ସରପଞ୍ଚଙ୍କ ପ୍ରତିନିଧି ଲକ୍ଷ୍ମୀଧର ମାହାନ୍ତା, ଗୋବିନ୍ଦ ଚନ୍ଦ୍ର ଦାସ, ଜଗନ୍ନାଥ ବାରିକ, ଅରୁଣ ପାତ୍ର, ଡ. ସୁଶାନ୍ତ ଦାସ, ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ଅଜୟ କୁମାର ସାହୁ, ଭାସ୍କର ଚନ୍ଦ୍ର ସାହୁ, ପ୍ରବୀର ସି, ପ୍ରିୟନାଥ ଶେଠୀ, କାଳିଚରଣ ଦେ, ରଘୁନାଥ ପାତ୍ରଙ୍କ ସହିତ ବହୁ ବ୍ୟକ୍ତି ବୈଠକରେ ଉପସ୍ଥିତ ରହି ନିଜ ନିଜର ମତ ରଖିଥିଲେ। ସୁଶାନ୍ତ ମହାପାତ୍ର ଧନ୍ୟବାଦ ଦେଇଥିଲେ।

## ବଣିଆଡିହା ପଞ୍ଚାୟତ କଂଗ୍ରେସର ସାଂଗଠନିକ ବୈଠକ



ଲଙ୍ଗଳେଶ୍ୱର, ୨/୭ (ସମିସ): ବାଲିଆପାଳ ବ୍ଲକ ଅନ୍ତର୍ଗତ ବଣିଆଡିହା ପଞ୍ଚାୟତର ସାଂଗଠନିକ ବୈଠକ ଗତ ୨ତାରିଖ ସନ୍ଧ୍ୟାରେ ବଣିଆଡିହା ନିମାଇଁ ଚରଣ ରାଉଳଙ୍କ ବାସଭବନରେ ଅନୁଷ୍ଠିତ ହୋଇଯାଇଛି। ବସ୍ତା ନିର୍ବାଚନ ମଣ୍ଡଳୀ ନେତା ତଥା ବାଲିଆପାଳ ପଞ୍ଚାୟତ ସମିତିର ପୂର୍ବତନ ଚେୟାରମେନ ବିଜନ କୁମାର ନାୟକ ବୈଠକ ରେ ଯୋଗଦେଇ ସଂଗଠନକୁ କିଭଳି ମଜବୁତ କରାଯିବ ସେ ବାବଦରେ ଆଲୋଚନା କରିଥିଲେ। ଆଗାମୀ ପଞ୍ଚାୟତ ନିର୍ବାଚନରେ ଦଳୀୟ ପ୍ରାର୍ଥୀ ମାନେ ବିପୁଳ ବିଜୟ ପାଇଁ ରଣ କୌଶଳ ପ୍ରସ୍ତୁତ କରାଯାଇଥିଲା। ବୈଠକ ରେ କମଳାକାନ୍ତ ଦାସ ନୂତନ ସଭାପତି ଭାବେ ନିର୍ବାଚିତ ହୋଇଥିଲେ। ଉପସଭାପତି ଭାବେ ପ୍ରଶାନ୍ତ କୁମାର ଜେନା, ପର୍ଶୁରାମ ଜେନା, ଅମୂଲ୍ୟ ପଟ୍ଟାୟତ, ପ୍ରଦୀପ ଜେନା ନିର୍ବାଚିତ ହୋଇଥିଲେ। ଏଥିରେ ରାୟପୁର ବୋଥ ସଭାପତି ଭାବେ ପିତାମ୍ବର ଜେନା, ସମ୍ପାଦକ ରତ୍ନାକର ଜେନା, ଭଙ୍ଗିକେଶ୍ୱର ବୁଥ୍ ସଭାପତି ପ୍ରତାପ ସାମନ୍ତ, ସମ୍ପାଦକ ସୁଶାନ୍ତ ମହାନ୍ତି, ଗଞ୍ଜା ବୋଥ ପାଇଁ ସଭାପତି ରତ୍ନାକର ବାରିକ, ସମ୍ପାଦକ ଶୁକଦେବ ଗାଣ ଓ ବଣିଆଡିହା ବୋଥ ସଭାପତି ନିରଞ୍ଜନ ସାହୁ, ସମ୍ପାଦକ ସଦାନନ୍ଦ ଦାସ ନିର୍ବାଚିତ ହେଲେ। ବୈଠକରେ ସ୍ଥାନୀୟ ସରପଞ୍ଚ କାଳୀ ଚରଣ ଜେନା, ଯୁବ ନେତା ଜଗତ ଜୀବନ ଦାସ ଯୋଗଦେଇ ସଂଗଠନ ଅଭିବୃଦ୍ଧି ବିଷୟରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଏଇ ସଂଗଠନ ସୁଦୃଢ଼ କରିବାପାଇଁ ଉପଦେଷ୍ଟା ଭାବେ ମନୋରଞ୍ଜନ ପାତ୍ର, ରଘୁନାଥ ସାମଲ, ପୂର୍ଣ୍ଣଚନ୍ଦ୍ର ଦଳାଇ, ଭୂପେନ୍ଦ୍ର ପାତ୍ର, ବିଭୂତି ଦାସ, ରତ୍ନାକର ପଟ୍ଟାୟତ ନିର୍ବାଚିତ ହୋଇଥିଲେ।

### ଦୁଇ ବିଭାଗ ମଧ୍ୟରେ ରହୁନି ସମନ୍ୱୟ, ପାଣିରେ ପଡୁଛି କୋଟି କୋଟି

# ମାଟି ତଳେ ପୋତି ହେଉଛି ପାଇପ୍, ନଷ୍ଟ ହେଉଛି ରାସ୍ତା

ବାଲେଶ୍ୱର ସଦର, ୨/୭ (ହରିଶଙ୍କର ପାଣି)



ବାଲେଶ୍ୱର ଜିଲ୍ଲାରେ ଦୁଇ ସରକାରୀ ବିଭାଗ ମଧ୍ୟରେ ସମନ୍ୱୟ ଅଭାବରୁ କୋଟି କୋଟି ଟଙ୍କାର ସରକାରୀ ପ୍ରକଳ୍ପ ନଷ୍ଟ ହେବାରେ ଲାଗିଛି। ୨୦୨୩ରେ ଗ୍ରାମ ବିଭାଗ ୧୬ ନମ୍ବର ଜାତୀୟ ରାଜପଥର ନଳବାହାର ଠାରୁ ବରଡିହା ପର୍ଯ୍ୟନ୍ତ ରାସ୍ତା ସମ୍ପ୍ରସାରଣ ହୋଇଥିଲା। କିନ୍ତୁ ଏହି କାମ ଆରମ୍ଭ ହେବା ପୂର୍ବରୁ ଜଳ ଓ ପରିମଳ ବିଭାଗ ପକ୍ଷରୁ ପୁରୁଣା ରାସ୍ତା ପାର୍ଶ୍ୱରେ ପାଣି ପାଇପ୍ ବିଛା କାର୍ଯ୍ୟ ସାରି ଦିଆଯାଇଥିଲା। ଫଳରେ ନୂତନ କଂକ୍ରିଟ୍ ରାସ୍ତା ତଳେ ଠିକ୍ ୩ ଫୁଟ୍ ଭିତରେ ଏବେ ପାଇପ୍ ଲାଇନ୍ ରହିଯାଇଛି। ପାଇପ୍ ଫାଟିଲେ ମୁଖ୍ୟ ରାସ୍ତାକୁ ଭାଙ୍ଗି ମରାମତି କରିବାକୁ ପଡୁଛି, ଯାହା ଫଳରେ ନୂଆ ରାସ୍ତା ଜାଗା ଜାଗାରେ ଭାଙ୍ଗି ନଷ୍ଟ ହେଉଛି ଏବଂ ଜନସାଧାରଣ ନିତିଦିନ ହଇରାଣ ହେଉଛନ୍ତି।

ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ୭ କୋଟି ଟଙ୍କାରେ ୨୦୨୩ରେ ନଳବାହାର ଠାରୁ ବରଡିହା ପର୍ଯ୍ୟନ୍ତ ୧୬ ନମ୍ବର ଜାତୀୟ ରାଜପଥ ସଂଲଗ୍ନ ଜଉ ରାସ୍ତାର ସମ୍ପ୍ରସାରଣ ଓ କଂକ୍ରିଟ କାମ ହୋଇଥିଲା। ହେଲେ ଏହି କାମ ଆରମ୍ଭ ହେବା ପୂର୍ବରୁ ଗ୍ରାମ୍ୟ ଜଳଯୋଗାଣ ଓ ପରିମଳ ବିଭାଗ (ଆରଡବ୍ଲ୍ୟୁଏସ୍ଏସ୍) ପକ୍ଷରୁ ପୁରୁଣା ରାସ୍ତା କଡ଼ରେ ପାଇପ୍ ବିଛା କାର୍ଯ୍ୟ କରାଯାଇଥିଲା। ଦୁଇ ବିଭାଗ ମଧ୍ୟରେ କୌଣସି ସମନ୍ୱୟ ନଥିବାରୁ ଆରଡି ରାସ୍ତା କାମ କଲାବେଳେ ସେହି ପାଇପ୍ ଲାଇନ୍ ଉପରେ ହିଁ ନୂଆ କଂକ୍ରିଟ୍ ରାସ୍ତା ନିର୍ମାଣ କରିଦେଲା। ଫଳସ୍ୱରୂପ ଏବେ ଯେତେବେଳେ କୌଣସି ସ୍ଥାନରେ ପାଇପ୍ ଫାଟୁଛି ବା ଲିକେଜ୍ ହେଉଛି, ଆରଡବ୍ଲ୍ୟୁଏସ୍ଏସ ବିଭାଗର ଠିକାଦାର କୋଟି ଟଙ୍କା ବ୍ୟୟରେ ନିର୍ମିତ ମୁଖ୍ୟ ରାସ୍ତାର କଂକ୍ରିଟ୍ ତାଡ଼ି ପାଇପ୍ ମରାମତି କରୁଛନ୍ତି। ମରାମତି ପରେ ସେହି ରାସ୍ତାକୁ ଠିକ୍ ଭାବେ ପୁନଃ ନିର୍ମାଣ କରାଯାଉନାହିଁ। ଫଳରେ ରାସ୍ତା ଉପରେ ବଡ଼ ବଡ଼ ଗାତ ସୃଷ୍ଟି ହେଉଛି। ଏଭଳି ଚିତ୍ର ଏକାଧିକ ସ୍ଥାନରେ ଦେଖିବାକୁ ମିଳୁଛି। ବିଶେଷ କରି ବସ୍ତା ବ୍ଲକ ଦୁଧାହଂସା ପଞ୍ଚାୟତ ଓ ସଦର ବ୍ଲକ ଅଧୀନସ୍ଥ ଶ୍ରୀରାମପୁର ପଞ୍ଚାୟତରେ।ଉଭୟ ପଞ୍ଚାୟତରେ ଏହି ସମସ୍ୟା ଉତ୍କଟ ରୂପ ଧାରଣ କରିଛି। ଏକାଧିକ ସ୍ଥାନରେ ପାଇପ୍ ଫାଟି ପାଣି ଅପଚୟ ହେଉଥିବା ବେଳେ ଲୋକେ ସଠିକ୍ ଭାବେ ପାଣି ପାଇପାରୁନାହାନ୍ତି କିମ୍ବା ବିଭାଗୀୟ ଅଧିକାରୀ ମାନେ ସବୁ ଜାଗାରେ କଂକ୍ରିଟ କାଟି ପାରୁନାହାନ୍ତି। ଯାହା ଫଳରେ ଉଭୟ ବିଭାଗର କୋଟି କୋଟି ଟଙ୍କାର ପ୍ରକଳ୍ପ ଫଳପ୍ରଦ ହୋଇପାରୁନାହିଁ। ସ୍ଥାନୀୟ ଲୋକଙ୍କ କହିବା ଅନୁଯାୟୀ, 'ନୂଆ ରାସ୍ତା ହେଲା ବୋଲି ଆମେ ଖୁସି ହୋଇଥିଲୁ। ହେଲେ କିଛିଦିନ ଭିତରେ ରାସ୍ତା ପୁରୁଣାଠାରୁ ଖରାପ ହୋଇଗଲାଣି। ପ୍ରତିଦିନ ଗାଡ଼ି ମଟର ଖରାପ ହେଉଛି, ଦୁର୍ଘଟଣା ଘଟୁଛି।' ସବୁଠାରୁ ପରିତାପର ବିଷୟ ହେଲା, ଆରଡବ୍ଲ୍ୟୁଏସ୍ଏସ ବିଭାଗର ଠିକାଦାରମାନେ ମନ ଇଚ୍ଛା ରାସ୍ତା ତାଡ଼ି କାମ ସାରି ଚାଲିଯାଉଛନ୍ତି। ରାସ୍ତା ମରାମତି ଦାୟିତ୍ୱ କାହାର, ତାହା କେହି ବୁଝୁନାହାନ୍ତି। ଏ ସମ୍ପର୍କରେ ଆରଡବ୍ଲ୍ୟୁଡି ବିଭାଗର ଅଧିକାରୀମାନେ ସମ୍ପୂର୍ଣ୍ଣ ନିରବ। ରାସ୍ତା ନଷ୍ଟ ହେଉଥିବା ଦେଖି ମଧ୍ୟ ସେମାନେ ନା ଆରଡବ୍ଲ୍ୟୁଏସ୍ଏସ ବିଭାଗକୁ ଚିଠି ଲେଖୁଛନ୍ତି ନା କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଛନ୍ତି। ପାଇପ୍ ପାଇଁ ରାସ୍ତା ଖୋଲିଲେ ମାସ ମାସ ଧରି ଗାତ ପଡ଼ି ରହୁଛି। ବର୍ଷା ହେଲେ ପାଣି ଜମୁଛି। ଦୁଇ ଚକିଆ ଗାଡ଼ି ନେଇ ଯିବା ମୁସ୍କିଲ୍। ପିଲାଛୁଆ ପଡ଼ି ଆହତ ହେଉଛନ୍ତି। ହଳଦୀପାଳ ବଜାର ମଝିରେ ଆଜକୁ ଦେଢ଼ ବର୍ଷ ହେବ ଜଣେ ଠିକାଦାର ପାଣି ପାଇପ କାମ ପାଇଁ ଏହି ରାସ୍ତାକୁ ଖୋଳିଥିଲେ। କାମ ସରିଯାଇଥିଲା ବି ଏହି ଅଧ ତଡ଼ା ଯାଇଥିବା ରାସ୍ତା ସେମିତି ପଡ଼ି ରହିଛି। ଏହି ପଞ୍ଚାୟତରେ ଏକାଧିକ ସ୍ଥାନରେ ଏଭଳି ଅବସ୍ଥା। ମାତ୍ର ଉଭୟ ବିଭାଗର ଅଧିକାରୀମାନେ ଏଥିପ୍ରତି ଧ୍ୟାନ ଦେଉନାହାନ୍ତି। ଘଟଣା ସମ୍ପର୍କରେ ଜଳ ଓ ପରିମଳ ବିଭାଗର ସଦର ନିର୍ବାହୀଯନ୍ତ୍ରୀ ରୋଜାଲିନ ବେହେରାଙ୍କୁ ପଚାରିବାରୁ ସେ ଏହାକୁ ମରାମତି କରିଦିଆଯିବ ବୋଲି କହିଛନ୍ତି। ସେହିପରି ଗ୍ରାମ୍ୟ ଉନ୍ନୟନ ବିଭାଗର ମୁଖ୍ୟଯନ୍ତ୍ରୀ ଦୁର୍ଯ୍ୟୋଧନ ବେହେରାଙ୍କୁ ପଚାରିବାରୁ ଏହା ଏକ ଗମ୍ଭୀର ସମସ୍ୟା ପାଲଟିଛି। ଜଳ ଓ ପରିମଳ ବିଭାଗର ମନମୁଖୀ କାର୍ଯ୍ୟକଳାପ ପାଇଁ ସରକାରଙ୍କର ରାଜସ୍ୱ ହାନି ହେଉଛି। ସେମାନେ ଆମ ସହିତ କୌଣସି ସମନ୍ୱୟ ରଖିନାହାନ୍ତି ବୋଲି କହିଛନ୍ତି। ସରକାର ଗୋଟିଏ ପଟେ ବିକାଶ ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିବା ବେଳେ ବିଭାଗୀୟ ସମନ୍ୱୟ ଅଭାବରୁ ସେହି ଟଙ୍କା ପାଣିରେ ପଡୁଛି। ଗୋଟିଏ ପ୍ରକଳ୍ପ ପାଇଁ ଦୁଇ ଥର ଖର୍ଚ୍ଚ ହେଉଛି - ପ୍ରଥମେ ରାସ୍ତା ତିଆରିରେ, ପୁଣି ତାକୁ ଭାଙ୍ଗି ମରାମତି କରିବାରେ। ଏହି ଅପବ୍ୟୟ ପାଇଁ ଦାୟୀ କିଏ ତାହା ସ୍ଥିର କରି ଦୋଷୀ ଅଧିକାରୀ ଓ ଠିକାଦାରଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି ସ୍ଥାନୀୟ ବାସିନ୍ଦା ଓ ବୁଦ୍ଧିଜୀବୀ।

## ନିଶାମୁକ୍ତ ଓଡ଼ିଶା ଅଭିଯାନ

ବାଲେଶ୍ୱର, ୨/୭ (ସମିସ): ସଦର ବ୍ଲକ ଅନ୍ତର୍ଗତ ରୂପସାସ୍ଥିତ ରୂପସା ପୁଲିସ ଓ ନୀଳମଣି ମହାବିଦ୍ୟାଳୟ ଜାତୀୟ ସେବା ଯୋଜନା ମିଳିତ ଆନୁକୂଲ୍ୟରେ ନିଶାମୁକ୍ତ ଓଡ଼ିଶା ଅଭିଯାନ ସଚେତନତା କାର୍ଯ୍ୟକ୍ରମ ରୂପସା ଥାନା ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ରୂପସା ଥାନା ଭାରପ୍ରାପ୍ତ ଅଧିକାରୀ ସୌମ୍ୟଚିତ ମିଶ୍ର ଆନୁଷ୍ଠାନିକ ଭାବେ




ଉଦଘାଟନ କରିଥିଲେ। ନୀଳମଣି ମହାବିଦ୍ୟାଳୟ ଜାତୀୟ ସେବା ଯୋଜନାର କାର୍ଯ୍ୟକ୍ରମ ଅଧିକାରୀ ଅଧ୍ୟାପକ ଗୌରାଙ୍ଗ ପଣ୍ଡା ସମ୍ମାନିତ ଅତିଥି ଭାବେ ଯୋଗଦେଇ ନିଶା ସେବନ କିଭଳି ଜୀବନହାନିର କାରଣ ହୋଇଥାଏ ଏବଂ ପରିବାର ମଧ୍ୟରେ ଅଶାନ୍ତି ସୃଷ୍ଟି କରିଥାଏ ସେ ସମ୍ପର୍କରେ ଆଲୋକପାତ କରିବା ସହ ନିଶାଠାରୁ ସମସ୍ତଙ୍କୁ ଦୂରେଇ ରହିବାକୁ ପରାମର୍ଶ ପ୍ରଦାନ କରିଥିଲେ। ରୂପସା ପୁଲିସ ସମିତିର ସଦସ୍ୟ ନାରାୟଣ ନାୟକ, ଅନ୍ତର୍ଯ୍ୟାମୀ ବେହେରା, କୈଳାଶ ନାୟକ, ଦେବାଶିଷ ମହାପାତ୍ର, ଅଭିରାମ ମହାନ୍ତି, ଦେବବ୍ରତ ବିଶ୍ୱାଳ ଓ ମାୟାଧର ଜେନା ପ୍ରମୁଖ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ରୂପସା ପୋଲିସ ସମେତ ବୀଣାପାଣି ଗିରି, ସୋହମ ସାହୁ, ସାଇ ସୁମନ ରାଉତ, ଲକ୍ଷ୍ମୀ ହାଁସଦା, ସୁନୀଲ କୁମାର ବାରିକ୍, ପ୍ରିୟବ୍ରତ ମୁର୍ମୁ, ଶାନ୍ତନୁ ବେହେରା, ଦୀପକ କୁମାର ପାତ୍ର, ସୁଧାଂଶୁ ଗିରି ଓ ରଣଜିତ୍ ତପସ୍ୱୀ ପ୍ରମୁଖ ପରିଚାଳନା କରିଥିଲେ। ପୁଲିସ ଏଏସଆଇ ବବି ମିଶ୍ର ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

ଔପଦା: ଔପଦା ଥାନା ପରିସରରେ 'ନିଶାମୁକ୍ତ ଓଡ଼ିଶା' ସଚେତନତା କାର୍ଯ୍ୟକ୍ରମ ବ୍ୟାପକ ସଫଳତା ସହ ଅନୁଷ୍ଠିତ ହୋଇଯାଇଛି। ଆଇଆଇସି ପ୍ରମୋଦ କୁମାର ଦାସଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମକୁ ଏଏସଆଇ କାଦରା ସୋରେନ, ସୁହାଗି ହସଦା ଓ ଥାନାର ସମସ୍ତ କର୍ମଚାରୀ ସଚାରୁରୂପେ ପରିଚାଳନା କରିଥିଲେ। ଏଥିରେ ଜନପ୍ରତିନିଧି ଓ ସ୍ଥାନୀୟ ଜନସାଧାରଣଙ୍କ ମଧ୍ୟରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିଲା। କାର୍ଯ୍ୟକ୍ରମରେ ପ୍ରମୁଖ ଅତିଥି ବ୍ଲକ ଅଧ୍ୟକ୍ଷା ବିସିବିସ୍ମା ପାତ୍ର, ତଳକିଆ ସରପଞ୍ଚ ଦିପ୍ତିରାଣୀ ନାୟକ, ଗଡ଼ସାହି ସରପଞ୍ଚ ନିତ୍ୟାନନ୍ଦ ମୁଦୁଲି ରାଏରାମଚନ୍ଦ୍ରପୁର ସରପଞ୍ଚ ମନସ୍ୱିତା ପଣ୍ଡା, ଫତେପୁର ସରପଞ୍ଚ ଜୟଶ୍ରୀ ମାଝୀ, ତଳକିଆ ସମିତିସଭ୍ୟା ଉଷାରାଣୀ ନାଇକି ସମେତ ଔପଦା ଜୁନିୟର କଲେଜର ଛାତ୍ରଛାତ୍ରୀ ଏବଂ ଗେଟେଶ୍ୱର ସଂସ୍କୃତ ମହାବିଦ୍ୟାଳୟର ଛାତ୍ରୀସମୂହ ଅଂଶ ଗ୍ରହଣ କରିଥିଲେ।

ଜଳେଶ୍ୱର: ଜଳେଶ୍ୱର ଥାନା ପକ୍ଷରୁ ରାଜ୍ୟସ୍ତରୀୟ ନିଶା ନିବାରଣ ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ନିଶାମୁକ୍ତ ଅଭିଯାନ ଶପଥ ପାଠ ସଭାରେ ଆଇଆଇସି ଅଶୋକ କୁମାର ବାରିକ ଅଧ୍ୟକ୍ଷତା କରିଥିଲେ। କାର୍ଯ୍ୟକ୍ରମରେ ସରପଞ୍ଚ, ସମିତି ସଭ୍ୟ, ଜନସାଧାରଣ, ଯୁବପିଢ଼ି ଏବଂ ପୁଲିସ କର୍ମଚାରୀମାନେ ଉପସ୍ଥିତ ହୋଇ ନିଶାମୁକ୍ତ ସମାଜ ଗଠନ ଲାଗି ଶପଥ ପାଠ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଏସଆଇ ବନିତା ନାୟକ, ଏଏସଆଇ ଲମ୍ବୁଦୋର ମୁର୍ମୁ, ଧିରେନ୍ଦ୍ର ସାମଲଙ୍କ ସହ ଥାନା କର୍ମଚାରୀ ଉପସ୍ଥିତ ଥିଲେ।

### ● ସରକାରୀ ଅନୁଦାନ ଖର୍ଚ୍ଚ କରିବାରେ ବିଫଳ ଜଳେଶ୍ୱର ବ୍ଲକ ପ୍ରଶାସନ

## ୪ ଆର୍ଥିକ ବର୍ଷରେ ଖର୍ଚ୍ଚ ହୋଇପାରିନି ୨୫ କୋଟି

ଜଳେଶ୍ୱର ବ୍ଲକ, ୨/୭ (ସମିସ): ଚଳିତ ଆର୍ଥିକ ବର୍ଷକୁ ମିଶାଇ ଗତ ୪ଟି ଆର୍ଥିକ ବର୍ଷରେ ଭିତ୍ତିଭୂମି ବିକାଶ ପାଇଁ ଯୋଜନା ହୋଇଥିବା ୨୫ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ଜଳେଶ୍ୱର ବ୍ଲକ ପ୍ରଶାସନ ଖର୍ଚ୍ଚ କରିପାରିନି। ଖର୍ଚ୍ଚ ହୋଇ ପାରିନଥିବା ଟଙ୍କା ମଧ୍ୟରେ ସର୍ବାଧିକ ମନରେଗା ଅନୁଦାନ ରହିଛି। ସୂଚନା ଅନୁଯାୟୀ ୨୦୨୨-୨୩, ୨୦୨୩-୨୪, ୨୦୨୪-୨୫, ୨୦୨୫-୨୬ ଓ ୨୦୨୬-୨୦୨୭ ଆର୍ଥିକ ବର୍ଷରେ ଜଳେଶ୍ୱର ବ୍ଲକର ୩୫ଟି ଯାକ ପଞ୍ଚାୟତର ଭିତ୍ତଭୂମି ବିକାଶକୁ ପ୍ରାଧାନ୍ୟ ଦିଆଯାଇ ଶତାଧିକ ଲୋକାଭିମୁଖୀ ପ୍ରକଳ୍ପର ଯୋଜନା ହୋଇଥିଲା। ଏସବୁ ଯୋଜନା ମଧ୍ୟରୁ ସିଂହଭାଗ ମନରେଗା ଯୋଜନା ଅନ୍ତର୍ଗତ ଥିଲା।ଡ୍ରେନ୍, ବନ୍ୟା ମୁକାବିଲା ଓ କ୍ଷୟକ୍ଷତି ଭରଣା, ପାଠାଗାର, ମୋ ଉପକାରୀ ବଗିଚା, ଗୋଷ୍ଠୀ ଶୌଚାଳୟ ଆଦି ଯୋଜନାଗୁଡ଼ିକୁ ପ୍ରାଧାନ୍ୟ ଦିଆଯାଇଥିଲେ ମଧ୍ୟ ଟଙ୍କା ଖର୍ଚ୍ଚ ହେଉନାହିଁ। ଆଗାମୀ ଦିନରେ କିପରି ଟଙ୍କା ଖର୍ଚ୍ଚ ହେବ ସେ ଦିଗରେ ଯୋଜନାବଦ୍ଧ ଉଦ୍ୟମ ମଧ୍ୟ ହେଉନାହିଁ। ଏସବୁ ଟଙ୍କା ଖର୍ଚ୍ଚ ପାଇଁ ପଞ୍ଚାୟତରାଜ ପ୍ରତିନିଧି, ପିଇଓ ଓ ବ୍ଲକ ପ୍ରଶାସନ ମଧ୍ୟରେ ସମନ୍ୱୟର ଆବଶ୍ୟକତା ରହିଛି ପୂର୍ବରୁ ମଧ୍ୟ ୨୦୧୯ ମସିହାରେ ବାଲେଶ୍ୱର ପୂର୍ବତନ ସାଂସଦ ରବୀନ୍ଦ୍ର କୁମାର ଜେନା ଜଳେଶ୍ୱର ନିର୍ବାଚନମଣ୍ଡଳୀର ଏକ ଉପାନ୍ତ ଜଙ୍ଗଲ ଭରା ଆଦିବାସୀ ଅଧ୍ୟୁଷିତ ରାଇବାଣିଆ ଅଞ୍ଚଳ ବିକାଶ ଆଗକୁ ନେବାକୁ ତାଙ୍କ ବ୍ୟକ୍ତିଗତ ପ୍ରଚେଷ୍ଟାରେ ରୁବନା ଯୋଜନାରେ ୧୦୩ କୋଟି ଟଙ୍କା କେନ୍ଦ୍ର ସରକାର ଅର୍ଥମଞ୍ଜୁର କରିଥିବା ସତ୍ତ୍ୱେ ଜଳେଶ୍ୱର ବ୍ଲକ ପ୍ରଶାସନ ଅବହେଳା ଯୋଗୁଁ ୯୦ ପ୍ରତିଶତ ଟଙ୍କା କାର୍ଯ୍ୟ ନ ହୋଇ ଅର୍ଥ ଫେରିଯିବା ସାଧାରଣରେ ବ୍ଲକ ପ୍ରଶାସନର କାର୍ଯ୍ୟ କରିବାର ଦକ୍ଷତା ଉପରେ ପ୍ରଶ୍ନବାଚି ସୃଷ୍ଟି କରିଛି।

## ଅଳିଆ ଉଠା ଗାଡ଼ିରେ ଘୋଡ଼ାଯାଉନି ପାଲ



ଜଳେଶ୍ୱର, ୨/୭ (ସମିସ): ଜଳେଶ୍ୱର ପୌରାଞ୍ଚଳର ବିଭିନ୍ନ ୱାର୍ଡରୁ ଉଠାଯାଉଥିବା ଅଳିଆ ଆବର୍ଜନାକୁ ଗାଡ଼ିରେ ନେବାବେଳେ ଏହା ଉପରେ ପାଲଢାଙ୍କି ନିଆଯିବା କଥା। ହେଲେ ପୌରପାଳିକା କାଁଭାଁ ଏହି ନିୟମ ପାଳନ କରୁଛି। ଅଧିକାଂଶ ଦିନ ସେମିତି ଖୋଲାମେଲାରେ ଅଳିଆ ଆବର୍ଜନାକୁ ନିଆଯାଉଛି। ଫଳରେ ଏହି ଆବର୍ଜନା ପବନରେ ଉଡ଼ି ରାସ୍ତା ଉପରେ ପଡୁଥିବା ବେଳେ ବାହାରୁଥିବା ଦୁର୍ଗନ୍ଧ ଲୋକଙ୍କ ପାଇଁ ସମସ୍ୟା ସୃଷ୍ଟି କରୁଛି। ଗାଡ଼ି ପାଖଦେଇ ଗଲେ ଲୋକେ ମୁହଁରେ ହାତଦେଇ ଯାଉଥିବା ଦେଖିବାକୁ ମିଳୁଛି। ଏପରି ଖୋଲାମେଲାରେ ଅଳିଆ ନିଆଯିବା ଦ୍ୱାରା ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି ହେଉଛି। ଯାହାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ତେଣୁ ପୌରପାଳିକା ଏ ନେଇ ବିହିତ ପଦକ୍ଷେପ ଗ୍ରହଣ କରିବାକୁ ଦାବି ହୋଇଛି।

## ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ



ସିମୁଳିଆ, ୨/୭ (ସମିସ): କାଳନ୍ଦୀ ଚରଣ ଉଚ୍ଚ ବିଦ୍ୟାଳୟର ସହକାରୀ ବରିଷ୍ଠ ଶିକ୍ଷକ ଭାଗିରଥି ସାହୁଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଛି। ଏହି ସଭରେ ହେଡମାଷ୍ଟର ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ନୀଳମାଧବ ପଣ୍ଡା, କମଳାକାନ୍ତ ପତି, ପ୍ରସନ୍ନ କୁମାର ଧଳ, ଉତ୍ତମ କୁମାର ଲେଙ୍କା, ଭଗବାନ ବାରିକ, ସୁକାନ୍ତ ନାୟକ, ସୁରେଶ ଦାସ, ସନାତନ ସଙ୍ଖୁଆ ଉପସ୍ଥିତ ଥିଲେ। ସଭା ଭଙ୍ଗ ପରେ ସୁସଜିତ ଗାଡ଼ିରେ ଶୋଭାଯାତ୍ରା କରି ଗ୍ରାମବାସୀ ଓ ଆଲୁମନି କମିଟିର ସଦସ୍ୟମାନେ ତାଙ୍କୁ ବାସଭବନରେ ଛାଡ଼ିଥିଲେ।

## ନିଶା ବେପାରୀଙ୍କୁ ୧୦ବର୍ଷ ଜେଲ୍

ଜଳେଶ୍ୱର, ୨/୭ (ସମିସ): ୨୦୨୧ ମସିହାରେ ବ୍ରାଉନ ସୁଗର ସହିତ ଧରାପଡ଼ି ଜେଲରେ ଥିବା ଜଳେଶ୍ୱର ଅଞ୍ଚଳର ନିଶା ବେପାରୀଙ୍କୁ ୧୦ବର୍ଷର ଜେଲଦଣ୍ଡ ଶୁଣାଇଲେ ଜଳେଶ୍ୱର ସ୍ପେଶାଲ କୋର୍ଟ। ଗତ ୨୦୨୧ମସିହା ମାର୍ଚ୍ଚ ୯ ତାରିଖରେ ଜଳେଶ୍ୱର ଥାନା ଲକ୍ଷ୍ମଣନାଥ ରୋଡସ୍ଥିତ ଏକ ଗ୍ୟାରେଜ ନିକଟରୁ ଜଳେଶ୍ୱର ପୌରାଞ୍ଚଳର ଝାଡେଶ୍ୱରପୁର ଗ୍ରାମର ସେକ ମଙ୍ଗଲୁ ଓରଫ ସେକ କେଫାତ ହୁସେନଙ୍କ ପୁଅ ସେକ ମୋନାଫ ହୁସେନ(୨୮)କୁ ସ୍ପେଶାଲ ଟାସ୍କ ଫୋର୍ସ(ଏସଟିଏଫ) ବ୍ରାଉନ ସୁଗାର ସହତ ଗିରଫ କରିଥିଲା। ଚଢ଼ଉ ସମୟରେ ମୋନାଫ ନିକଟରୁ ଏକ ପଲିଥିନ ପ୍ୟାକେଟରେ ୧୫୩୦ ଗ୍ରାମ ଓଜନର ବ୍ରାଉନ ସୁଗାର ଜବତ ହୋଇଥିଲା। ଏଥିନେଇ ଏସଟିଏଫ୍ ଇନ୍ସପେକ୍ଟର ସରିତା ବେଉରିଆଙ୍କ ଲିଖିତ ଅଭିଯୋଗ ଆଧାରରେ କେଶ ନଂ ୯/୨୧ ମୂଳେ ୨୧(ସି)/୨୯ ଏନ୍‌ଡିପିଏସ୍ ଆଇନ ଅନୁଯାୟୀ ମାମଲା ରୁଜୁ କରାଯାଇ କୋର୍ଟ ଚାଲାଣ କରାଯାଇଥିଲା। ଏହି କେଶରେ ତଦନ୍ତ ଭାର ଇନ୍ସପେକ୍ଟର ସୁନିତା ପ୍ରଧାନ ନେଇଥିବା ବେଳେ ମୋଟ ୧୩ଜଣ ସାକ୍ଷୀଙ୍କ ବୟାନ ରେକର୍ଡ କରାଯାଇ ମାମଲାର ଚୂଡାନ୍ତ ରାୟ ପ୍ରକାଶ ପାଇଛି। ବିଚାରପତି ଅଜୟ କୁମାର ପ୍ରଧାନ ଏହି ମାମଲାର ଚୂଡାନ୍ତ ରାୟରେ ସେକ ମୋନାଫଙ୍କୁ ଦୋଷୀ ସାବସ୍ତ କରିବା ସହିତ ୧୦ବର୍ଷର କାରାଦଣ୍ଡ ଶୁଣାଇବା ସହ ଏକ ଲକ୍ଷ ଟଙ୍କା ଜରିମାନା କରିଛନ୍ତି। ଏକ ଲକ୍ଷ ଟଙ୍କା ଅନାଦେୟ ବାବଦ ଅଧିକ ଏକ ବର୍ଷ ଜେଲ ଦଣ୍ଡ ଭୋଗିବାକୁ ପଡ଼ିବ ବୋଲି ରାୟରେ କୁହାଯାଇଛି। ସରକାରଙ୍କ ପକ୍ଷରୁ ଏପିପି ଦିପ୍ତୀ ହାସଁଦା ଏହି ମାମଲା ପରିଚାଳନା କରିଥିଲେ।

# ସରକାରୀ ଧାନ ବିହନ ପ୍ରତି ଚାଷୀ ବିମୁଖ

ଜଳେଶ୍ୱର, ୨/୭ (ସମିସ)

ମୌସୁମୀ ବର୍ଷା ବିଳମ୍ବ ଯୋଗୁଁ ଉତ୍ତର ବାଲେଶ୍ୱର ଅଞ୍ଚଳରେ ପ୍ରାରମ୍ଭିକ କୃଷି କାର୍ଯ୍ୟ ପଛେଇ ଯାଇଛି। ଚାଷୀକୁଳ ତଳି ଲାଗି ତତ୍ପର ହେଉଥିବା ବେଳେ ଉତ୍କୃଷ୍ଟ ସରକାରୀ ବିହନ ଯୋଗାଣ ଆଶାନୁରୂପ ହେଉନାହିଁ। ଜଳେଶ୍ୱର ବ୍ଲକରେ ୧୯ ହଜାର ୮ଶହ ୫୫ ହେକ୍ଟର ଜମିରେ ଖରିଫ ଧାନ ଚାଷ ଲକ୍ଷ୍ୟ ରଖାଯାଇଛି। ଏହାକୁ ଲକ୍ଷ୍ୟ ରଖି ୧୮ ଜଣ ଡିଲର ଙ୍କ ଦ୍ୱାରା ସରକାରୀ ଧାନ ବିହନ ଯୋଗାଇବାର ବ୍ୟବସ୍ଥା ରହିଛି।୨୦କେଜି ବିହନ ବସ୍ତା କୁ ୮ଶହ ୨୫ ଟଙ୍କା ମୂଲ୍ୟ ଧାର୍ଯ୍ୟ ଥିବା ବେଳେ ଚାଷୀ ଙ୍କ ଖାତାକୁ ୧୬୫ ଟଙ୍କା ରିହାତି ଆସିବାର ନିୟମ ରହିଛି। କଳା ଚମ୍ପା, ସ୍ୱର୍ଣ୍ଣ ସମୃଦ୍ଧି, ସିଆର ୩୧୦, ଆର ଏନ ଆର-୧୧୨୪, ୧୨୧୦, ତରଙ୍ଗିନୀ, ପୂଜା, ପ୍ରତୀକ୍ଷା, ସହଭାଗୀ, ସିଆର୧୦୧୦, ଏମ ଟି ୟୁ ୭୦୧୯ ଇତ୍ୟାଦି ଧାନ ବିହନକୁ ସରକାରୀ ରିହାତି ଦରରେ ଯୋଗାଇ ଦେଉଛନ୍ତି। ପ୍ରାୟ ୫୦ପ୍ରତିଶତ ସରକାରୀ ବିହନ ବିକ୍ରୟ ହୋଇଥିବା ବେଳେ ଯୋଗାଣ ସମ୍ପର୍କରେ କୃଷି ମିତ୍ରଙ୍କ ଜରିଆରେ ଚାଷୀମାନଙ୍କୁ ଅବଗତ କରାଯାଇଛି। ଏହା ସହିତ ମାଟିର ଉର୍ବରତା ରଖା ଲାଗି ଧଣିଚା ମଞ୍ଜିକୁ ସବୁଜ ସାର ଭାବେ ବ୍ୟବହାର କରିବାକୁ ମାଗଣା ଦିଆଯାଉଛି। କୀଟନାଶକ ଔଷଧ ଉପରେ ୫୦ ପ୍ରତିଶତ ପର୍ଯ୍ୟନ୍ତ ରିହାତି ବ୍ୟବସ୍ଥା ମଧ୍ୟ ରହିଛି। କିନ୍ତୁ ସରକାରଙ୍କ ପକ୍ଷରୁ ଯୋଗାଇ ଦିଆଯାଉଥିବା ବିହନ ଉପରେ ଚାଷୀର ସମ୍ପୂର୍ଣ୍ଣ ଭରସା ନାହିଁ। କାରଣ ବିଗତ ଦିନରେ ଧାନ ଗଜା ନହେବା, ଫଳନ ଅଧିକ ନହେବା ଇତ୍ୟାଦି ସମସ୍ୟା ଯୋଗୁଁ ଚାଷୀ ଓଡ଼ିଶା ସରକାରଙ୍କ ବିହନ ପ୍ରତି ବିମୁଖ ଅଛନ୍ତି। ତାହାର କାରଣ ଅନେକ ଥିବା ବେଳେ ପଶ୍ଚିମବଙ୍ଗ ଓ କମ୍ପାନୀର ଅଧିକ ଅମଳକ୍ଷମ ବିହନ ଉପରେ ଚାଷୀ ଅଧିକ ଭରସା କରୁଛନ୍ତି। ଜଳେଶ୍ୱର ଅଞ୍ଚଳରେ ଥିବା ଦୋକାନ, ହାଟ, ଛକ, ବଜାର ରେ ବିଭିନ୍ନ ରାଷ୍ଟ୍ରାୟାତ କମ୍ପାନୀ ପ୍ରସ୍ତୁତ ଧାନ ବିହନ ପ୍ୟାକେଟ୍ ରାଜୁତି କରୁଛି। ସେହି ବିହନକୁ ଅଧିକ ମୂଲ୍ୟରେ କିଣି ଅଧିକ ଅମଳ ପାଇବାକୁ ଚାଷୀ ଆଶା ରଖିଛି। ବିକ୍ରୟ ହେଉଥିବା ବିହନ ମଧ୍ୟରେ ନୁଜିଭିଡୁ ସିଡସ କମ୍ପାନୀର, ଏନପି ୭୦୭୫ ଅଧିକ ଚାହିଦା ରହିଛି। ଏହି ୬ କେଜିଆ ବିହନ ବସ୍ତାକୁ ୬୬୦ ଟଙ୍କାରେ କ୍ରୟ କରି ଚାଷୀ ଖର୍ଚ୍ଚାନ୍ତ ହେଉଛି। ଏହାଛଡ଼ା ଏହି କମ୍ପାନୀରେ ୮ଟି କିସମ ମଧ୍ୟରୁ, ୭୦୬୧ (ଇନ୍ଦ୍ରାଣୀ) ଏନପି ୪୨୩ (କନକ) ୭୦୨୯ (ସ୍ୱର୍ଣ୍ଣ ମୁଖୀ) ମଧ୍ୟ ବହୁଳ ବିକ୍ରୟ ହେଉଛି। ମଙ୍ଗଳ ମୂର୍ତ୍ତି କମ୍ପାନୀର ୭୦୨୯( ସ୍ୱର୍ଣ୍ଣ) ବିହନକୁ ମଧ୍ୟ କୃଷକ ପସନ୍ଦ କରୁଛନ୍ତି। ଜିଏମ ଏସ କମ୍ପାନୀରେ ବିବ୧୧, କଳା ଚମ୍ପା, ସ୍ୱର୍ଣ୍ଣ ପ୍ଲାସ, ଅନେକେ ବିହନ ଅଧିକ ମୂଲ୍ୟରେ ମିଳୁଛି। ସରକାରୀ ବିହନ ପରିବର୍ତ୍ତେ କୋମ୍ପାନୀ ଧାନ କିଣା ଚାଷୀ ଖର୍ଚ୍ଚାନ୍ତ ମଧ୍ୟ ହେଉଛି। କିନ୍ତୁ ଏହି କୋମ୍ପାନୀ ବିହନ ଚାଷ କଲେ କୌଣସି କାରଣ ବଶତଃ ଫସଲ ଅମଳରେ ବ୍ୟତିକ୍ରମ ହେଲେ ସରକାର କ୍ଷତିପୂରଣ ଦେବେ କି ସେ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ବିଶେଷ କରି ଯେଉଁ କମ୍ପାନୀର ବିହନ କୁ ଚାଷୀ କିଣୁଛି, ସେହି କମ୍ପାନୀର ସାର, କୀଟନାଶକ ବ୍ୟବହାର ନକଲେ ଫସଲ ପ୍ରଭାବିତ ହେବାର ଆଶଙ୍କା ରହିଛି। ଯାହା ଫଳରେ ରାଷ୍ଟ୍ରାୟତ କମ୍ପାନୀ ଦ୍ୱାରା ପରୋକ୍ଷରେ ଚାଷୀ ଅଧିକ ମୂଲ୍ୟରେ କିଣି ଶୋଷିତ ହେଉଛି। ତେଣୁ ସରକାରୀ ବିହନ ବ୍ୟବହାର କରିବା ସହିତ ସମସ୍ତ ରିହାତି ଏବଂ ସୁବିଧା ସୁଯୋଗକୁ ହାତେଇବା ପାଇଁ ବିଭାଗୀୟ ସଚେତନତା ଆବଶ୍ୟକତା ରହିଛି।

## ପିଇବା ପାଣିର ସମସ୍ୟା ନେଇ ସରପଞ୍ଚଙ୍କ ସାମ୍ବାଦିକ ସମ୍ମିଳନୀ

ଲଙ୍ଗଳେଶ୍ୱର, ୨/୭ (ସମିସ): ବାଲେଶ୍ୱର ଜିଲ୍ଲା ବାଲିଆପାଳ ବ୍ଲକ କୁଣ୍ଡୁଳି ପଞ୍ଚାୟତ ଅନ୍ତର୍ଗତ କୁଣ୍ଡୁଳି ଗ୍ରାମରେ ପାନୀୟଜଳର ସମସ୍ୟା ନେଇ ପଞ୍ଚାୟତର ସରପଞ୍ଚ ଜୟନ୍ତ କୁମାର ଦାସ ଆଜି ପଞ୍ଚାୟତ କାର୍ଯ୍ୟାଳୟରେ ସାମ୍ବାଦିକ ସମ୍ମିଳନୀ ଆୟୋଜନ କରି ପାଣି ସମସ୍ୟା ନେଇ ସୂଚନା ଦେଇଛନ୍ତି। ୨୦୨୨ ପଞ୍ଚାୟତ ନିର୍ବାଚନ ସମୟରେ ସରପଞ୍ଚ ଶ୍ରୀ ଦାସ କୁଣ୍ଡୁଳି ପଞ୍ଚାୟତ ର ପାଣି ସମସ୍ୟା କୁ ଦୂର କରିବା ପାଇଁ ପ୍ରତିଶ୍ରୁତି ଦେଇଥିଲେ, ସରପଞ୍ଚ



ନିର୍ବାଚିତ ହେବା ପରେ ସର୍ବ ପ୍ରଥମେ କୁଣ୍ଡଳି ଗ୍ରାମର ପାନୀୟଜଳ ସମସ୍ୟା ଦୂରୀକରଣ ନିମନ୍ତେ ପ୍ରଶାସନ ସହିତ ପରାମର୍ଶ କରି ଏକ ନୂତନ ୱାଟର ସୋର୍ସ ସ୍ଥାପନ କରି ପାନୀୟଜଳ ଯୋଗାଇ ଥିଲେ। ସମସ୍ତ ପରିବାର କୁ ସୂଚାରୁରୂପେ ଜଳ ଯୋଗାବା ପାଇଁ ପ୍ରତ୍ୟେକ ଛକ ଏବଂ ସାହି ମାନଙ୍କରେ ଟ୍ୟାପ ବସାଇ ପାଣି ଯୋଗାଇ ଦିଆଯାଉଥିଲା। ମାତ୍ର ଉକ୍ତ ଗ୍ରାମର ଦୁଇଜଣ ପ୍ରଭାବ ଶାଳୀ ବ୍ୟକ୍ତି ନିଜ ଘରକୁ ବେଆଇନ ଭାବେ ପାଣି ସଂଯୋଗ କରିନେବାରୁ ଗ୍ରାମରେ ପାନୀୟଜଳର ସମସ୍ୟା ଦେଖା ଦେଇଛି। ଏ ନେଇ ସରପଞ୍ଚ ଶ୍ରୀ ଦାସ ବେଆଇନ ଜଳ ସଂଯୋଗକୁ ନେଇ ବାଲିଆପାଳ ବ୍ଲକ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜଣାଇ ଥିଲେ ବି କୌଣସି ସୁଫଳ ମିଳିନାହିଁ। ରାଜନୈତିକ ଉଦ୍ଦେଶ୍ୟ ରଖି ସରପଞ୍ଚଙ୍କୁ ବଦନାମ କରାଯାଉଛି ବୋଲି ଶ୍ରୀ ଦାସ ଅଭିଯୋଗ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ କୈଳାସ ମଲ୍ଲିକ, ଦୁର୍ଯ୍ୟୋଧ ମହାନ୍ତି, ଜଳନ୍ଧର ମଲ୍ଲିକ, ସୁଶାନ୍ତ ବେହେରା, ଭଗୀରଥ ମଲ୍ଲିକ, ରବୀନ୍ଦ୍ର ମଲ୍ଲିକ, ଦେବେନ୍ଦ୍ର ମଣ୍ଡଳ, ପିତାମ୍ବର ରାଉଳ, ବାବୁଲା ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

### ଜିଲ୍ଲାପାଳଙ୍କୁ ଫେରାଦର ୬ ମାସ ବିତିଲା

# ଟୋଲଙ୍କପଡ଼ା-ଟୀକରସାହି ରାସ୍ତା ନିର୍ମାଣ ନୋହିଲା

ଆନନ୍ଦପୁର, ୨୭ (ସମିସ): ଗ୍ରାମାଞ୍ଚଳରେ ରାସ୍ତା ନିର୍ମାଣ ପାଇଁ ସରକାର ଆବଶ୍ୟକ ଅନୁଦାନ ପ୍ରଦାନ କରୁଛନ୍ତି ହେଲେ ଅନେକ ଗ୍ରାମାଞ୍ଚଳ ସ୍ତରରେ ଏହାର ସଠିକ୍ ବିନିଯୋଗ ହୋଇପାରୁ ନଥିବା ଅଭିଯୋଗ ହେଉଛି। କେନ୍ଦୁଝର ଜିଲ୍ଲା ଆନନ୍ଦପୁର ବ୍ଲକ ହରିଡ଼ାପାଳ ପଞ୍ଚାୟତରେ ରାସ୍ତା କାଦୁଅ ପଚପଚ ହୋଇଥିବାରୁ ଲୋକେ ନାହିଁ ନଥିବା



ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବିଭାଗୀୟ ଅଧିକାରୀଙ୍କୁ ବହୁବାର ଆପତ୍ତି ଅଭିଯୋଗ ଓ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ଫେରାଦ ହେବା ପରେ ମଧ୍ୟ ଏନେଇ କୌଣସି ଦୃଷ୍ଟି ଦିଆଯାଉ ନଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ସୂଚନା ଅନୁସାରେ, ହରିଡ଼ାପାଳ ପଞ୍ଚାୟତ ଟୋଲଙ୍କପଡ଼ା ଗ୍ରାମର ଫକଡ଼ବାବା ମଠ ନିକଟରୁ ଟିକରସାହି ଗ୍ରାମ ରାସ୍ତାକୁ ସଂଯୋଗ କରୁଥିବା ରାସ୍ତା ଉପରେ ୧୫ଶହରୁ ଊର୍ଦ୍ଧ୍ୱ ଲୋକନିର୍ଭର କରୁଛନ୍ତି। ୨୦ବର୍ଷ ମଧ୍ୟରେ ରାସ୍ତାରେ ମାଟି ମୁଠାଏ ପଡିନାହିଁ। ବଡ଼ବଡ଼ ଖାଲ ହୋଇଥିବାରୁ ଯାତାୟାତରେ ସମସ୍ୟା ହେଉଛି।ସାମାନ୍ୟ ବର୍ଷା ହେଲେ ରାସ୍ତାରେ ପାଣି ଜମି କାଦୁଅ ପଚପଚ ହେଉଛି। ଗତ ଡିସେମ୍ବର ୮ ତାରିଖରେ କେତେକ ଗ୍ରାମବାସୀ ଏନେଇ କେନ୍ଦୁଝର ଜିଲ୍ଲାପାଳ ବିଶାଳ ସିଂହଙ୍କ ନିକଟରେ ଅଭିଯୋଗ କରିଥିଲେ ମଧ୍ୟ ଏଯାଏ କୌଣସି ପଦକ୍ଷେପ ଗ୍ରହଣ କରାଯାଇ ନାହିଁ। ବର୍ଷାରୁ ପୂର୍ବରୁ ରାସ୍ତା ନିର୍ମାଣ କରିବାକୁ ଟୋଲଙ୍କପଡ଼ା ଗ୍ରାମର ମଳୟ ସାହୁ, ବଳଭଦ୍ର ସାହୁ, ହିମାଂଶୁ ସାହୁ, ସିଦ୍ଧେଶ୍ୱର ସାହୁ, କାଳନ୍ଦୀ ଓଝା, ଚିନ୍ମୟ ସାହୁ, ମଳୟ, ଟୁଟୁ ସାହୁ, କିରେନ୍ଦ୍ର ବାରିକ, ପପୁ ସାହୁ, କହରା ସାହୁ, ବାପି ସାହୁ, କାଳନ୍ଦୀ ଖୁଣ୍ଟିଆ, ଅତୁଲ ସାହୁ, କ୍ଷୀରୋଦ ସାହୁ, ତ୍ରିଲୋଚନ ସାହୁ, ସିପୁନ ସାହୁ, ପିଣ୍ଟୁ ସାହୁଙ୍କ ସମେତ ଗ୍ରାମବାସୀ ନିବେଦନ କରିଛନ୍ତି।

## ବନାଞ୍ଚଳସ୍ତରୀୟ ୭୭ତମ ବନ ମହୋତ୍ସବ

ତୁରୁମୁଙ୍ଗା, ୨୭(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବନାଞ୍ଚଳ ପକ୍ଷରୁ ୭୭ତମ ବନ ମହୋତ୍ସବ ପଦ୍ମପୁର ସଂରକ୍ଷିତ ଜଙ୍ଗଲରେ ପାଳନ କରାଯାଇଛି। ପାଟଣା ବ୍ଲକ ଅଧ୍ୟକ୍ଷା ବୀଣାପାଣି ନାଏକ ମୁଖ୍ୟଅତିଥି, ସମ୍ମାନିତ ଅତିଥି ଭାବରେ ଏସିଏଫ୍ ସୁଦୀପ୍ତ ପଣ୍ଡା, ରେଞ୍ଜର ବନ ବିହାରୀ ସର୍ଦ୍ଦାର, ମୁରୁସୁଆଁ ସରପଞ୍ଚ ହରିଶଙ୍କର ଦେହୁରୀ, ସମିତିସଭ୍ୟ ସୁଶୀଲ ସାହୁ, ସମାଜସେବୀ ରାଧାକାନ୍ତ ମହାନ୍ତ, ଏଡିଓ ମୋନାଲିସା ମହାନ୍ତ ପରିବେଶବିତ ମିତ୍ରଭାନୁ ମହାନ୍ତ କଣ୍ଟିଆପଡା ସମିତିସଭ୍ୟ ସଞ୍ଜୁଲତା



ମହାନ୍ତ, ଡେଣୁଆଁ ସରକାରୀ ଉଚ୍ଚ ବିଦ୍ୟାଳୟର ଶିକ୍ଷକ ମହେନ୍ଦ୍ର ମହାନ୍ତ, ଅବସରପ୍ରାପ୍ତ କର୍ମଚାରୀ ଉମାକାନ୍ତ ମହାନ୍ତ, ଅଯୋଧ୍ୟା ଦାସ ପ୍ରମୁଖ ଉପସ୍ଥିତ ଥିଲେ। ପାଟଣା ଆଞ୍ଚଳିକ ମହାବିଦ୍ୟାଳୟର ଏନସିସି ଛାତ୍ରଛାତ୍ରୀ ସ୍ଥାନୀୟ ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀ ସ୍ଥାନୀୟ ଲୋକ ଅଂଶଗ୍ରହଣ କରିଥିଲେ। ଖିରେଇଟାଙ୍ଗିରୀ ବନପାଳ ପୂର୍ଣ୍ଣଚନ୍ଦ୍ର ମହାନ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିବା ବେଳେ ପାଟଣା ବନପାଳ ନିରଞ୍ଜନ ସେଠୀ, ଚିତ୍ତରଞ୍ଜନ ପରିଡା, ସାହାରପଡା ବନପାଳ ଶ୍ରୀମନ୍ତ ବେହେରା, ବନରକ୍ଷୀ ଦେବଯାନୀ ମହାନ୍ତ, ଡଲିରାଣୀ ସାହୁ, ସୁଜାତା ସାହୁ, ଅନନ୍ୟା ପ୍ରିୟଦର୍ଶିନୀ ନାଏକ, ଯାଜ୍ଞସେନୀ ଗୋଚ୍ଛାୟତ, ରାଜେଶ ଜେନା, ହୃଦାନନ୍ଦ ମହାନ୍ତି, ରୂପଶ୍ରୀ ଖୁଣ୍ଟିଆ, ଦୀପକ ରଣା ଅଶ୍ୱିନୀ ସାହୁ ସହଯୋଗ କରିଥିଲେ।

### ● କେଆରସି ବିଦ୍ୟାଳୟ ନିକଟସ୍ଥ କ୍ରସର ବନ୍ଦ ଦାବି

## ମାଲିକଙ୍କୁ ୧୦ ହଜାରରୁ ଅଧିକ ଲୋକଙ୍କ ସ୍ୱାକ୍ଷର ଦାବିପତ୍ର

କରଞ୍ଜିଆ,୨୭ (ସମିସ): କରଞ୍ଜିଆ ଉପଖଣ୍ଡ ଅନ୍ତର୍ଗତ କେଆରସି ବିଦ୍ୟାଳୟ ନିକଟରେ ଦୀର୍ଘଦିନ ଧରି ଚାଲିଥିବା କ୍ରସରକୁ ନେଇ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ଦେଖାଦେଇଛି। କ୍ରସରରୁ ନିର୍ଗତ ଧୂଳି, ଶବ୍ଦ ପ୍ରଦୂଷଣ ଓ ପରିବେଶ ଦୂଷଣ ଯୋଗୁଁ ବିଦ୍ୟାଳୟର ଛାତ୍ରଛାତ୍ରୀ, ଶିକ୍ଷକ, ଅଭିଭାବକ ଓ ସ୍ଥାନୀୟ ବାସିନ୍ଦା ନାନା ସମସ୍ୟାର ସମ୍ମୁଖୀନ ହେଉଥିବା ଅଭିଯୋଗ କରିଛନ୍ତି। ଏହି ସମସ୍ୟାର ସ୍ଥାୟୀ ସମାଧାନ ଦାବିରେ ସ୍ଥାନୀୟ ଜନସାଧାରଣ ବ୍ୟାପକ ସ୍ୱାକ୍ଷର ଅଭିଯାନ ଚଳାଇଥିଲେ। ପ୍ରାୟ ୧୦ ହଜାରରୁ ଅଧିକ ଲୋକଙ୍କ ସ୍ୱାକ୍ଷର ସଂଗ୍ରହ କରାଯାଇ କ୍ରସର ମାଲିକଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ଦାବିପତ୍ରରେ ଶୀଘ୍ର କ୍ରସର ବନ୍ଦ



କରିବା ସହ ପରିବେଶ ଆଇନର କଡ଼ାକଡ଼ି ପାଳନ କରିବାକୁ ଦାବି କରାଯାଇଛି। ସ୍ଥାନୀୟ ଲୋକଙ୍କ କହିବା ଅନୁସାରେ, କ୍ରସରରୁ ଉଡୁଥିବା ଧୂଳି ବିଦ୍ୟାଳୟ ପରିସରରେ ପହଞ୍ଚୁଥିବାରୁ ଛାତ୍ରଛାତ୍ରୀଙ୍କ ସ୍ୱାସ୍ଥ୍ୟ ଉପରେ କୁପ୍ରଭାବ ପଡୁଛି। ଏଥିସହିତ ଆଖପାଖ ଗ୍ରାମରେ ବସବାସ କରୁଥିବା ଲୋକମାନେ ଶ୍ୱାସକ୍ରିୟା ଜନିତ ସମସ୍ୟା, ଧୂଳି ପ୍ରଦୂଷଣ ଓ ଶବ୍ଦ ପ୍ରଦୂଷଣରେ ଅତିଷ୍ଠ ହୋଇପଡ଼ିଛନ୍ତି ବୋଲି ସୂଚନା ମିଳିଛି। ଚାଷଜମି ଓ ପରିବେଶ ମଧ୍ୟ ପ୍ରଭାବିତ ହେଉଥିବା ଅଭିଯୋଗ ଉଠିଛି। ପୂର୍ବରୁ ମଧ୍ୟ ସମ୍ପୃକ୍ତ ପ୍ରଶାସନଙ୍କ ନିକଟରେ ଏହି ସମସ୍ୟା ନେଇ ଅଭିଯୋଗ କରାଯାଇଥିଲେ ମଧ୍ୟ ସ୍ଥାୟୀ ସମାଧାନ ହୋଇନାହିଁ। ତେଣୁ ଏଥର ବ୍ୟାପକ ଜନସମର୍ଥନ ସହ ସ୍ୱାକ୍ଷର ଅଭିଯାନ କରାଯାଇ ମାଲିକଙ୍କୁ ଦାବିପତ୍ର ଦିଆଯାଇଛି। ସମସ୍ୟାର ସମାଧାନ ନ ହେଲେ ଆଗାମୀ ଦିନରେ ଗଣଧାରଣା, ବିକ୍ଷୋଭ ଓ ଅନ୍ୟାନ୍ୟ ଗଣତାନ୍ତ୍ରିକ ଆନ୍ଦୋଳନ କରାଯିବ ବୋଲି ଆନ୍ଦୋଳନକାରୀ ଚେତାବନୀ ଦେଇଛନ୍ତି। ଏହି ଆନ୍ଦୋଳନରେ ସ୍ଥାନୀୟ ବୁଦ୍ଧିଜୀବୀ, ସମାଜସେବୀ, ଅଭିଭାବକ, ବହୁ ସଂଖ୍ୟକ ଗ୍ରାମବାସୀ ଯୋଗଦେଇ ଶୀଘ୍ର ପଦକ୍ଷେପ ନେବାକୁ ପ୍ରଶାସନଙ୍କୁ ଅନୁରୋଧ କରିଛନ୍ତି।

### ■ ବ୍ରିଜଛକ ଗୋଲେଇରୁ ବିଦେଶୀ ମଦ ଦୋକାନ ସ୍ଥାନାନ୍ତର ଦାବି

## ଉପଜିଲ୍ଲାପାଳଙ୍କୁ ଭେଟିଲେ ପୌରାଧ୍ୟକ୍ଷା ଓ କାଉନ୍ସିଲର

ଆନନ୍ଦପୁର, ୨୭(ସମିସ): ଆନନ୍ଦପୁର ବ୍ରିଜଛକ ଗୋଲେଇ ରାସ୍ତା ରାସ୍ତା ପାର୍ଶ୍ୱସ୍ଥ ବିଦେଶୀ ମଦ ଦୋକାନ ଅନ୍ୟତ୍ର ସ୍ଥାନାନ୍ତର ଦାବିରେ ଆନନ୍ଦପୁର ପୌରାଧ୍ୟକ୍ଷା ସମେତ ୧୦ ଜଣ କାଉନସିଲର ଆନନ୍ଦପୁର ଉପଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରିଥିବା ଜଣାଯାଇଛି। ଏନେଇ ସ୍ଥାନୀୟ ଜନସାଧାରଣ ବାରମ୍ବାର ଦାବି କରୁଥିଲେ ମଧ୍ୟ ପ୍ରଶାସନିକ ନିରବତା ଯୋଗୁଁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଏହାକୁ ଜନଗହଳିଠାରୁ ଅନ୍ୟତ୍ର ସ୍ଥାନାନ୍ତର କରାଯାଉ ବୋଲି ଦାବି ଜୋର୍ ଧରିଛି। ଏହି ମଦ ଦୋକାନଠାରୁ ମାତ୍ର ୫୦ ମି. ଦୂରରେ ବ୍ରଜବନ୍ଧୁ ବିଦ୍ୟାପୀଠ ରହିଛି। ମଦ ଦୋକାନ ସଂଲଗ୍ନ ଆନନ୍ଦପୁର ପୌର ପରିଷଦର ଦୁଇଟି କଲ୍ୟାଣ ମଣ୍ଡପ ରହିଛି। ଏହି ମଦ ଦୋକାନ ସଂଲଗ୍ନ ରାସ୍ତା ଦେଇ ଶ୍ରଦ୍ଧାଳୁମାନେ ଉତ୍ତରେଶ୍ୱର ଶୈବ ପୀଠକୁ



ଯାତାୟାତ କରିଥାନ୍ତି। ଏପରିକି ବ୍ରିଜଛକ ଏକ ଗୁରୁତ୍ୱପୂର୍ଣ୍ଣ ଛକ ଭାବେ ରହିଆସିଛି। ରାଜପଥ ପାର୍ଶ୍ୱରେ ଲାଗିକରି ରହିଥିବା ଏହି ବିଦେଶୀ ମଦ ଦୋକାନ ସବୁ ସମୟରେ ଆଇନଶୃଙ୍ଖଳା ପରିସ୍ଥିତି ସୃଷ୍ଟି କରିଆସୁଛି। ଛାତ୍ରଛାତ୍ରୀମାନଙ୍କ ପ୍ରତି ବିପଦ ସୃଷ୍ଟି କରୁଥିବାବେ ବଳେ ମହିଳାମାନେ ସୁରକ୍ଷିତ ଯାତାୟାତ କରିବାରେ ସମସ୍ୟା ଭୋଗୁଛନ୍ତି। କଲ୍ୟାଣ ମଣ୍ଡପରେ ବିବାହ, ବ୍ରତଠାରୁ ଆରମ୍ଭ କରି ବିଭିନ୍ନ ସାମାଜିକ କାର୍ଯ୍ୟକ୍ରମରେ ଲୋକଙ୍କ ଭିଡ଼ ଲାଗି ରହୁଥିବାରୁ ବିଦେଶୀ ମଦ ଦୋକାନ ପାଇଁ ଅସାମାଜିକଙ୍କ ଦୌରାମ୍ୟ, ବିଶୃଙ୍ଖଳା ଆଦି ନାନା ସମସ୍ୟା ସୃଷ୍ଟି କରୁଛି। ଏହାସହିତ ମଦ ଦୋକାନ ସଂଲଗ୍ନ ଅନେକ ଦୋକାନ ଗଢି ଉଠିବା ଫଳରେ ମଦ୍ୟପ ଦୌରାମ୍ୟ ଦିନକୁ ଦିନ ଅସହ୍ୟ ହେବାରେ ଲାଗିଛି। ଏଭଳି ଏକ ସମ୍ବେଦନଶୀଳ ପ୍ରସଙ୍ଗ ଉପରେ ଗୁରୁତର ସହିତ ବିଚାର କରି ଏହାକୁ ସହରର ଖୋଲାମେଲା ସ୍ଥାନକୁ ସ୍ଥାନ ସ୍ଥାନାନ୍ତର କରାଇବାର ବ୍ୟବସ୍ଥା ଗ୍ରହଣ କରାଇବାକୁ ଦାବି କରିଛନ୍ତି।

### ● ଦେଓ ନଦୀ ପୋଲ ଉପରେ ଦୁର୍ଘଟଣା

## ବଳଦ ବୋଝେଇ ବୋଲେରୋ-ଅଟୋ ମୁହାଁମୁହିଁ

ତୁରୁମୁଙ୍ଗା, ୨୭(ସମିସ): ବଳଦ ଚୋରା ଚାଲାଣ ସମୟରେ ଦୁର୍ଘଟଣା। କେନ୍ଦୁଝର ଜିଲ୍ଲା ସାହାରପଡା ଦେଇ ଯାଇଥିବା ୨୨୦ ଜାତୀୟ ରାଜପଥର ସାହାରପଡା ଦେଓ ନଦୀ ଉପରେ ଗୁରୁବାର ସନ୍ଧ୍ୟାରେ ଘଟିଛି ଏହି ଦୁର୍ଘଟଣା। ଏକ ବୋଲେରୋ ଭିତରେ ଅତି ଦୟନୀୟ ଭାବରେ ବଳଦଙ୍କୁ ବୋଝେଇ କରି ଦ୍ରୁତଗତିରେ ଯାଇଥିବା ସମୟରେ ସାହାରପଡା ଦେଓ ନଦୀ ଉପରେ ଏକ ଅଟୋକୁ ଧକ୍କା ଦେଇଥିଲା। ଦୁର୍ଘଟଣା ପରେ ଉଭୟ ଗାଡି ପୋଲ ଉପରେ ଓଲଟି ପଡିଥିଲା। ଫଳରେ ଅଟୋରେ ଥିବା ଯାତ୍ରୀ ଗୁରୁତର ହୋଇଥିଲେ ତାଙ୍କୁ ଉଦ୍ଧାର କରି କରଞ୍ଜିଆ ଉପଖଣ୍ଡ ଚିକିତ୍ସାଳୟ କୁ ସ୍ଥାନନ୍ତର କରାଯାଇଛି। ବୋଲେରୋରେ ଚୋରାଚାଲାଣ କାରାଯାଉଥିବା ୮ଟି ବଳଦ ମଧ୍ୟରୁ ଗୋଟିଏ ବଳଦର ମୃତ୍ୟୁ ହୋଇଥିବା ବେଳେ ଅନ୍ୟ ବଳଦ ଆହତ ହୋଇଛନ୍ତି। ଦୁର୍ଘଟଣା ପରେ ଉତ୍ତେଜନା ଦେଖା ଦେବା ସହ ମାଫିଆ ଫେରାର ହୋଇଯାଇଛନ୍ତି। ପୋଲ ଉପରେ ଉଭୟ ଗାଡି ଓଲଟି ପଡିଥିବାରୁ ରାସ୍ତାରେ ଗାଡି ଚଳାଚଳ ବ୍ୟାହତ ହୋଇଛି। ସାହାରପଡା ଫାଣ୍ଡି ପୁଲିସ ପହଞ୍ଚି ତଦନ୍ତ ଜାରି ରଖିଛି।

### ■ ବଡ଼ସାହି ଜେଏମଏଫସି କୋର୍ଟ ଖୋଲିବା ପ୍ରସଙ୍ଗ

## ପ୍ରତିଶ୍ରୁତି ରଖିଲେନି ବିଡିଓ, ରାଜନୈତିକ ଚାପ ଅଭିଯୋଗ

ବଡ଼ସାହି,୨।୭(ସମିସ): ବଡ଼ସାହି ବ୍ଲକରେ ଜେଏମଏଫସି କୋର୍ଟ ଖୋଲିବା ନିମନ୍ତେ ୨୦୨୩ରେ ସରକାରୀ ଘୋଷଣା ହୋଇଥିଲା। ପ୍ରଶାସନିକ ଅବହେଳା ସହିତ ନିର୍ବାଚିତ ଜନପ୍ରତିନିଧିଙ୍କ ଉଦାସୀନତା ଯୋଗୁଁ ଏହା ଅଦ୍ୟାବଧି ପ୍ରତିଷ୍ଠା ହୋଇପାରୁ ନ ଥିବା ପରିଲକ୍ଷିତ ହେଉଛି। ଏହାକୁ କିପରି ଖୁବ୍ ଶୀଘ୍ର ଅସ୍ଥାୟୀ ଭାବେ ଖୋଲାଯାଇ ପାରିବ ସେଥିପାଇଁ ବଡ଼ସାହି ବ୍ଲକ୍ ପ୍ରେସ କ୍ଲବ୍ ମୟୂରଭଞ୍ଜ ଜିଲ୍ଲାପାଳଙ୍କୁ ଗତ ମଇ ୧୩ରେ ସାକ୍ଷାତ କରି ଆଲୋଚନା କରିଥିଲା। ସେ ଏକ ମାସ ମଧ୍ୟରେ ବଡ଼ସାହି ବ୍ଲକ୍ ପରିସରରେ ଖାଲିଥିବା ତଥା ବ୍ୟବହାର ଉପଯୋଗୀ ଗୃହରେ ଖୋଲାଯିବାର ବ୍ୟବସ୍ଥା କରିବାର ପ୍ରତିଶ୍ରୁତି ଦେଇଥିଲେ। ଏ ନେଇ ସାମ୍ବାଦିକ ତଥା ବ୍ଲକ ଉପାଧ୍ୟକ୍ଷ କାଞ୍ଚନ ପ୍ରଧାନଙ୍କ ନେତୃତ୍ୱରେ ପ୍ରେସ କ୍ଲବ୍ ବିଡିଓ ବନଜା ଦାସଙ୍କୁ ଗତ ମଇ ୨୦ରେ ସାକ୍ଷାତ କରି ଘର ଯୋଗାଇଦେବାକୁ ଅନୁରୋଧ କରିଥିଲେ।ବିଡିଓ ମଧ୍ୟ ସହକାରୀ ନିର୍ବାହୀ ଯନ୍ତ୍ରୀ,କନିଷ୍ଠ ଯନ୍ତ୍ରୀଙ୍କୁ ଡାକି ଗୃହ ମରାମତି ପାଇଁ ନିର୍ଦ୍ଦେଶ ଦେବା ସହ ଖୁବ୍ ଶୀଘ୍ର ଘର ଯୋଗାଇ ଦେବେ ବୋଲି କହିଥିଲେ। ଇତି ମଧ୍ୟରେ ବିଡ଼ିଓଙ୍କୁ ସାକ୍ଷାତ କରିବାର ୪୫ ଦିନ ବିତିଯାଇଥିଲେ ମଧ୍ୟ ଗୃହ ମରାମତି ଦିଗରେ ସେ କୌଣସି ପଦକ୍ଷେପ ନେଇ ନଥିବାରୁ ଆଜି ପୁଣି ତାଙ୍କୁ ସାକ୍ଷାତ କରାଯାଇଥିଲା।ମାତ୍ର ସେ ଘର ବେଶୀ ନାହିଁ, ଦେଖିବା,ମରାମତି ପାଇଁ ଫଣ୍ଡସ ନାହିଁ ଆଦି କହି ନିଜେ ଦେଇଥିବା ପ୍ରତିଶ୍ରୁତି ରକ୍ଷା ନ କରି ସ୍ଥାନୀୟ ସାମ୍ବାଦିକ ବନ୍ଧୁଙ୍କୁ ଘର ଯୋଗାଇବା ବାହାନାରେ ଲଲିପପ୍ ଧରାଇ ଦେଇଥିବା ନେଇ ପ୍ରେସ କ୍ଲବ୍ କ୍ଷୋଭ ପ୍ରକାଶ କରିଛି। ଏହା ବିଡିଓ ରାଜନୈତିକ ଚାପରେ ବଶବର୍ତ୍ତୀ ହୋଇ ଏପରି କରିଥିବା ସ୍ପଷ୍ଟ ବାରି ହୋଇପଡୁଛି। ବିଡ଼ିଓଙ୍କ ଏଭଳି ମନ୍ତବ୍ୟରେ କ୍ଷୁବ୍ଧ ହୋଇ ପ୍ରେସ କ୍ଲବ୍ ପକ୍ଷରୁ ଉପସ୍ଥାପିତ ଦାବି ପୂରଣର ସମୟ ସୀମା ଅତିକ୍ରାନ୍ତ ହୋଇ ଯାଇଥିବାରୁ ଧାରଣା ଦିଆଯିବା ନିମନ୍ତେ ପ୍ରସ୍ତୁତି ଆରମ୍ଭ ହେଲାଣି।

## ମା' କିଚକେଶ୍ୱରୀ ହାଇସ୍କୁଲରେ ବିଦ୍ୟୁତ୍ ସୁରକ୍ଷା ସପ୍ତାହ

ଖିଚିଂ, ୨୭(ସମିସ): ଅଗ୍ରଣୀ ଶିକ୍ଷାନୁଷ୍ଠାନ ମା' କିଚକେଶ୍ୱରୀ ଉଚ୍ଚ ବିଦ୍ୟାଳୟରେ ଜାତୀୟ ବିଦ୍ୟୁତ୍ ସୁରକ୍ଷା ସପ୍ତାହ ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ ସୁଧାକାନ୍ତ ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ମା' କିଚକେଶ୍ୱରୀ ମହାବିଦ୍ୟାର ପ୍ରାକ୍ତନ ଅଧ୍ୟକ୍ଷ ପ୍ରଫେସର ବଳଭଦ୍ର ଘଡାଇ, ମୁଖ୍ୟବକ୍ତା ଭାବେ ଶିକ୍ଷାବିତ୍ ଦେବମିତ୍ର ପାଣିଗ୍ରାହୀ, ସମ୍ମାନିତ ଅତିଥି ଭାବେ ପରିଚାଳନା କମିଟି ସଭାପତି ଚାରୁଚନ୍ଦ୍ର ନାଏକ, ପ୍ରାକ୍ତନ ଇଂ ସୁଶାନ୍ତ ନାଏକ, ପ୍ରାକ୍ତନ ପ୍ରଧାନ ଶିକ୍ଷକ ଅଶୋକ କୁମାର



ବାରିକ, ପ୍ରାକ୍ତନ ପ୍ରଧାନ ଶିକ୍ଷକ କୀର୍ତ୍ତନ ନାଏକ, ସମାଜସେବୀ ଦିଲ୍ଲୀପ କୁମାର ପାଣିଗ୍ରାହୀ ଓ ବିଶିଷ୍ଟ ବକ୍ତା ଭାବେ ସୌରଶକ୍ତି ପରିଚାଳନା ବିଭାଗୀୟ ଅଧିକାରୀ ଚନ୍ଦ୍ର ଶେଖର ସାହୁ ପ୍ରମୁଖ ଯୋଗଦେଇ ଅକ୍ଷୟ ଶକ୍ତିର ବ୍ୟବହାର, ଶକ୍ତି ଅପଚୟ ରୋକିବା, ଜୀବନ ଶୈଳୀର ଥଲେ। ଏ ଅବସରରେ ସ୍କୁଲର ଛାତ୍ରଛାତ୍ରୀ ଏକ ସଚେତନତା ଶୋଭାଯାତ୍ରାରେ ବାହାରି ବିଭିନ୍ନ ଗ୍ରାମ ପରିକ୍ରମା କରିବା ସହିତ ସ୍ଲୋଗାନ ଦେଇ ଜନସାଧାରଣଙ୍କୁ ବିଦ୍ୟୁତ୍ ସଚେତନତା ଓ ଶକ୍ତି ସଂରକ୍ଷଣ ସଚତେତନା ଆଧାରିତ ଲିଫଲେଟ୍ ବଣ୍ଟନ କରିଥିଲେ। ବିଦ୍ୟୁତ୍ ସୁରକ୍ଷା ଉପରେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାର ସୋନାଲୀ ସି, ରାନୀ ନାଏକ, ଲିପା ସି, ମଧୁସ୍ମିତା ପାତ୍ର, ଡୋଲି ସି, ଦେବଯାନୀ ମହାନ୍ତ, ଭାଗ୍ୟସେନୀ ସି, ବର୍ଷାରାଣୀ ନାଏକ, ରେଶ୍ମା ନାଏକ ପ୍ରମୁଖ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଅନନ୍ତ ମହାକୁଡ଼, ଅଜୟ ସି, ରାଧୁ ମହାକୁଡ଼, ଶୈଳେଶ ଭୋଇ, ମହେନ୍ଦ୍ରନାଏକ, ଚିତ୍ତରଞ୍ଜନ ସି, ଅଜୟ ବାରିକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଜାତୀୟ ବିଦ୍ୟୁତ୍ ସୁରକ୍ଷା ସପ୍ତାହ ପାଳିତ

ଝୁମ୍ପୁରା, ୨୭(ସମିସ): ଝୁମ୍ପୁରା ବ୍ଲକର ରସବନ୍ତଳା ସରକାରୀ ଉଚ୍ଚବିଦ୍ୟାଳୟରେ ଜାତୀୟ ବିଦ୍ୟୁତ୍ ସୁରକ୍ଷା ସପ୍ତାହ ପାଳିତ ହୋଇଯାଇଛି। ବିଦ୍ୟାଳୟ କମିଟିର ସଭାପତି ବ୍ରହ୍ମେଶ୍ୱର ନାଏକ ସଭାପତିତ୍ୱ କରିଥିଲେ। ବିଦ୍ୟୁତ୍ ବିଭାଗ ନିରୀକ୍ଷକ ଯନ୍ତ୍ରୀ ସନ୍ଦୀପନ୍ ପତି ଏବଂ ବିନାୟକ ବେହେରା ବିଦ୍ୟୁତ୍ ସୁରକ୍ଷା ଦିଗରେ ପିଲାଙ୍କୁ ସଚେତନ କରାଇଥିଲେ। ଶିକ୍ଷାବିତ୍ ମୋହନ ଚରଣ ମହାନ୍ତ ବିଦ୍ୟୁତ୍ ସୁରକ୍ଷା ଜୀବନ ରକ୍ଷା ସମ୍ବନ୍ଧରେ ପିଲାଙ୍କୁ ସଚେତନ କରାଇଥିଲେ। ପ୍ରଧାନଶିକ୍ଷୟିତ୍ରୀ କୁସ୍ମିତା ନାୟକ ପିଲାମାନଙ୍କୁ ସଚେତନ କରାଇଥିଲେ। ବିଦ୍ୟାଳୟର ସଂସ୍କୃତ ଶିକ୍ଷକ ପବିତ୍ର ସାହୁ ମଞ୍ଚ ସଂଚାଳନ କରିଥିଲେ। ଶିକ୍ଷୟିତ୍ରୀ ମନୋରମା ବେହେରା, ରଶ୍ମିରେଖା ନାଏକ, ଜ୍ୟୋସ୍ନାରାଣୀ ନାଏକ, ମନୋହର ମହାନ୍ତ, ଦୀପ୍ତି ସେଠୀ, ସୁରଜିତ୍ ମାଝୀ, ଅନୁପମା ମହାନ୍ତ ସହଯୋଗ କରିଥିଲେ।

## କପ୍ତିପଦା ଠିକାଦାର ସଂଘର ବୈଠକ



କପ୍ତିପଦା/ଉଦଳା,୨୭(ସମିସ):ଆଜି କପ୍ତିପଦା ଠିକାଦାର ସଂଘ ପକ୍ଷରୁ ଏକ ବୈଠକ ଅନୁଷ୍ଠିତ ହୋଇଛି। କପ୍ତିପଦା କଲ୍ୟାଣ ମଣ୍ଡପଠାରେ ଦ୍ୱିତୀୟ ବୈଠକ ଅନୁଷ୍ଠିତ ହୋଇଥିଲା। ଉକ୍ତ ବୈଠକରେ ପୂର୍ବରୁ ଅନୁପସ୍ଥିତ ଥିବା ସଂଘର ସଭାପତି ଅନୁପ ରାଉତ ଉପସ୍ଥିତ ରହି ସଭାପତିତ୍ୱ କରିଥିଲେ। ସଭାପତିଙ୍କ ପରାମର୍ଶ କ୍ରମେ ପୂର୍ବ ବୈଠକର ଆଲୋଚନା ଆଗତ ପାଠ କରିବା ପରେ ବୈଠକ ଆରମ୍ଭ ହୋଇଥିଲା। ଧାର୍ଯ୍ୟ ହୋଇଥିବା ୦.୧ ଲେସକୁ ଅନୁପାଳନ କରି ନ ଥିବା ଠିକାଦାରଙ୍କ ମନମାନି ଉପରେ ଉପସ୍ଥିତ ଥିବା ସମସ୍ତ ଠିକାଦାର ଭାଇମାନେ ନିନ୍ଦା କରିଥିଲେ। ଉକ୍ତ ବୈଠକରେ ସଂଘ କମିଟି ଓ ବରିଷ୍ଠ ଉପଦେଷ୍ଟା କମିଟି ଗଠନ ହୋଇଥିଲା। ପରେ ଗ୍ରାମ୍ୟ ଉନ୍ନୟନ ବିଭାଗର ଏସଇ ସାର୍ ଉଦଳା କାର୍ଯ୍ୟାଳୟକୁ ସମସ୍ତ ଠିକାଦାର ଭାଇ ମାନେ ଯାଇ ସାର୍ ଙ୍କ ସହିତ ଆଲୋଚନା କରିଥିଲେ। ଆଗାମୀ ଦିନରେ ଯେଉଁ ଠିକାଦାର ଭାଇ ସଂଘର ନିଷ୍ପତିକୁ ଅବମାନନା କରିବ ଓ ନିଜର ମନମାନି କରେ ତାହା ବରଦାସ୍ତ କରାଯିବ ନାହିଁ ବୋଲି ଆଲୋଚନା ହୋଇଥିଲା।

## ସାପ କାମୁଡ଼ାରେ ବ୍ୟବସାୟୀଙ୍କ ମୃତ୍ୟୁ

କୁଆମରା,୨୭(ସମିସ): ଗୋପବନ୍ଧୁନଗର ବ୍ଲକ କୁଆମରା ପଞ୍ଚାୟତର ଭୋଲପୋଖରୀ ଛକରେ ମୋବାଇଲ ଦୋକାନ କରିଥିବା ଯୁବ ବ୍ୟବସାୟୀ ବିମଳ ପ୍ରଧାନ (୩୫)ଙ୍କ ଗତକାଲି ରାତିରେ ମୃତ୍ୟୁ ଘଟିଛି। ବିମଳଙ୍କ ଘର ରେମୁଣା ବ୍ଲକ କଲ୍ୟାଣପୁର ପଞ୍ଚାୟତର ଗୁଣ୍ଡୁଦା ଗ୍ରାମରେ। ମଙ୍ଗଳବାର ରାତିରେ ତାଙ୍କୁ ଏକ ସାପ କାମୁଡ଼ି ଦେବାରୁ ଅସୁସ୍ଥ ହୋଇ ପଡ଼ିଥିଲେ। ତାଙ୍କୁ ପ୍ରଥମେ ବାଲେଶ୍ୱର ମେଡିକାଲ କଲେଜ ଓ ପରେ ଗୁରୁତର ଅବସ୍ଥାରେ ଭୁବନେଶ୍ୱରର ଏକ ଘରୋଇ ଡାକ୍ତରଖାନାକୁ ନିଆ ଯାଇଥିଲା। ମାତ୍ର ଚିକିତ୍ସାଧୀନ ଅବସ୍ଥାରେ ବୁଧବାର ରାତିରେ ମୃତ୍ୟୁ ଘଟିଛି। ତାଙ୍କର ସ୍ତ୍ରୀ ଓ ଗୋଟିଏ ଛୋଟ ଝିଅ ଅଛି। ଆଜି ଅପରାହ୍ନରେ ତାଙ୍କ ମୃତଦେହ ଭୋଲପୋଖରୀଛକରେ ପହଞ୍ଚିବା ପରେ ଶୋକର ଛାୟା ଖେଳିଯାଇଥିଲା।ବ୍ୟବସାୟୀ ସଂଗଠନ ତରଫରୁ ଶୋକ ପାଳନ କରିବା ସହ ବଜାର ବନ୍ଦ ରଖାଯାଇଥିଲା।

## କେଶନା ଛକରେ ବିରାଟ ଖାଲ, ପ୍ରତିକାର ଦାବି

ଖିଚିଂ,୨୭(ସମିସ): ଶୁକୁଳି ବ୍ଲକ ଅନ୍ତର୍ଗତ କେଶନା ଗ୍ରାମ ଛକରେ ଏକ ବିରାଟ ଖାଲ ସୃଷ୍ଟି ହୋଇ ଦୁର୍ଘଟଣାକୁ ଆମନ୍ତ୍ରଣ କରୁଛି। ଦୁଇବର୍ଷ ପୂର୍ବେ ରାଜ୍ୟ ସରକାରଙ୍କ ଅନୁଦାନକ୍ରମେ କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାକୁ ସଂଯୋଗୀକରଣ ନିମନ୍ତେ ବୈତରଣୀ ନଦୀ ଉପରେ ଏକ ପୋଲ ନିର୍ମାଣ ହେବା ପରଠାରୁ ପ୍ରତିଦିନ କେଶନା ଛକ ଦେଇ ଶହ ଶହ ଯାନବାହନ ଯାତାୟାତ କରୁଥିବାରୁ ରାସ୍ତାରେ ଅନେକ ଖାଲଖମାରେ ପରିପୂର୍ଣ୍ଣ



ହୋଇଥିବା ବେଳେ ଛକ ମଧ୍ୟଭାଗରେ ପ୍ରାୟ ଏକ ଫୁଟ ଗଭୀର ଖାଲ ସୃଷ୍ଟି ହୋଇ ବର୍ଷା ପାଣି ଜମିରହୁଛି। ଏହି ରାସ୍ତା ଉପରେ ପ୍ରତିଦିନ ହାରାହାରି ୧୦୦୦ରୁ ଊର୍ଦ୍ଧ୍ୱ ଗ୍ରାମବାସୀ, ସ୍କୁଲ କଲେଜ ଛାତ୍ରଛାତ୍ରୀ ଓ ସ୍ୱାସ୍ଥ୍ୟକେନ୍ଦ୍ରକୁ ଯାଉଥିବା ରୋଗୀ ନିର୍ଭରଶୀଳ। ତେଣୁ ବିଭାଗୀୟ ଅଧିକାରୀ ଏହି ସମସ୍ୟା ପ୍ରତି ତୁରନ୍ତ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ବରିଷ୍ଠ ନାଗରିକ ମଞ୍ଚର ବନ ମହୋତ୍ସବ

ବାରିପଦା,୨।୭(ସମିସ): ମୟୂରଭଞ୍ଜ ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ବାରିପଦା ଏକଲବ୍ୟ ବିଦ୍ୟାଳୟ ପରିସରରେ ସାଧାରଣ ସମ୍ପାଦକ ଡ ଶ୍ୟାମସୁନ୍ଦର ଦାସଙ୍କ ସଭାପତିତ୍ୱରେ ୭୮ତମ ବନ ମହୋତ୍ସବ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ପୂର୍ବତନ ପିସିସିଏଫ ଡ ଦେବବ୍ରତ ସ୍ୱାଇଁ, ସମ୍ମାନିତ ଅତିଥି ବାରିପଦା ବନଖଣ୍ଡ ଅଧିକାରୀ ଗୋବିନ୍ଦଚନ୍ଦ୍ର ବିଶ୍ୱାଳ, ବିଶିଷ୍ଟ ଅତିଥି ଆମେ ମୟୂରଭଞ୍ଜିଆର ସଭାପତି ସଞ୍ଜୟ କୁମାର ଚୌଧୁରୀଙ୍କ ଉପସ୍ଥିତିରେ ଏଲିଫେଣ୍ଟ ଫାଉଣ୍ଡେସନର ଚେୟାରମ୍ୟାନ ରଜନୀକାନ୍ତ ବିଶ୍ୱାଳ, ବିଦ୍ୟାଳୟ ଅଧ୍ୟକ୍ଷ ଗୌରୀଶଙ୍କର ଓ ଶିକ୍ଷକ ଶିକ୍ଷୟତ୍ରୀ ଛାତ୍ରଛାତ୍ରୀଙ୍କ ଦ୍ୱାରା ଏକଶତ ଚାରା ରୋପଣ ପୂର୍ବକ ବନମହୋତ୍ସବ ପାଳିତ ହୋଇଥିଲା। ଅତିଥିମାନେ ବନମହୋତ୍ସବର ତାତ୍ପର୍ଯ୍ୟ ସହିତ ଜଙ୍ଗଲ ସୁରକ୍ଷା ଓ ପଶୁପକ୍ଷୀଙ୍କ ବଞ୍ଚିବାର ଅଧିକାର, ପରିବେଶ ସନ୍ତୁଳନର ପରିପୂରକ ବୋଲି ଗୁରୁତ୍ୱ ଦେଇ ଆଗାମୀ ପିଢ଼ିଙ୍କୁ ଆହ୍ୱାନ ଦେଇଥିଲେ। ଅଧ୍ୟକ୍ଷ ଏବର୍ଷ ବର୍ଷା ଋତୁରେ ଅନ୍ତେବାସୀଙ୍କ ଦ୍ୱାରା ଚାରାରୋପଣ କାର୍ଯ୍ୟ ଚାଲୁ ରଖିବାକୁ ସୂଚନା ଦେଇଥିଲେ। ସଭ୍ୟ କୁମାର ରଞ୍ଜନ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

## ଦୁଇଟି ଦୋକାନରୁ ଚୋରି

ବିଶୋଇ,୨।୭(ସମିସ): ବିଶୋଇ ଥାନା ଅନ୍ତର୍ଗତ କୁନ୍ଦୁଳିଆ ଛକ ନିକଟରେ ବୁଧବାର ରାତିରେ ଦୁଇଟି ଦୋକାନରୁ ଚୋରି ହୋଇଛି। କୁନ୍ଦୁଳିଆ ଛକସ୍ଥ ୫୦ନଂ ରାଜ୍ୟ ରାଜପଥ କଡ଼ରେ ଥିବା ତାରାଶଙ୍କର ସାମନ୍ତଙ୍କ ଜନସେବା କେନ୍ଦ୍ର ତାଲା ଭାଙ୍ଗି ଦୁର୍ବୃର୍ତ୍ତ କେନ୍ଦ୍ରର ସାମଗ୍ରୀ ଚୋରି କରିନେଇଥିଲେ। ସେହିପରି ଉକ୍ତ ଦୋକାନ କଡ଼ରେ ଥିବା ସୁବାସ ବେହେରାଙ୍କ ଗ୍ରୋସରୀ ଦୋକାନରେ ମଧ୍ୟ ଅନୁରୂପ ଭାବେ ଦୁର୍ବୃତ୍ତମାନେ ଦୋକାନ ଗୃହର ମୁଖ୍ୟ ଫାଟକ ତାଲା ଭାଙ୍ଗି ଦୋକାନ ଗୃହରୁ ବିଭିନ୍ନ ସାମଗ୍ରୀ ଚୋରି କରି ନେଇଥିଲେ। ଏ ଘଟଣାକୁ ନେଇ ଦୁଇ ଦୋକାନ ମାଲିକ ଆଜି ବିଶୋଇ ଥାନାରେ ଲିଖିତ ଅଭିଯୋଗ କରିବା ପରେ ଥାନାରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଚାଲିଛି।



କେନ୍ଦୁଝର: ଓମ୍ସା ଡକରାରେ ଗୁରୁବାର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଡାକ୍ତରଙ୍କ କାର୍ଯ୍ୟବନ୍ଦ ଜାରି

## ନିମ୍ନମାନର ପେଭର୍ ରାସ୍ତାର ତଦନ୍ତ କେବେ ?

ତେଲକୋଇ, ୨୭(ସମିସ): ତେଲକୋଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ସରକାରୀ ଅର୍ଥରେ ନିର୍ମାଣ ହେଉଥିବା ପେଭର ବ୍ଲକ୍ ରାସ୍ତା ଅତ୍ୟନ୍ତ ନିମ୍ନମାନର ହେଉଥିବା ନେଇ ଅଭିଯୋଗ ହେବା ପରେ ତେଲକୋଇ ପ୍ରେସ କ୍ଲବ୍ ଏହାର ଉଚ୍ଚସ୍ତରୀୟ ତଦନ୍ତ ପାଇଁ ଦାବି କରିଛି। ପ୍ରେସ କ୍ଲବ୍ ସଭାପତି କୈଳାସଚନ୍ଦ୍ର ପ୍ରଧାନ, ସମ୍ପାଦକ ଅକ୍ଷୟ ପ୍ରଧାନଙ୍କ ନେତୃତ୍ୱରେ ପ୍ରେସ କ୍ଲବ ସଦସ୍ୟ ବ୍ଲକ ପ୍ରଶାସନକୁ କାର୍ଯ୍ୟକୁ ତୁରନ୍ତ ବନ୍ଦ କରାଯିବା ଓ ଏହାର ସରଜମିନ ତଦନ୍ତ କରି ଦୋଷୀ ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ପାଇଁ ଦାବି କରିଛନ୍ତି। ଏପରିକି କାର୍ଯ୍ୟରେ ବ୍ୟବହାର ହୋଇଥିବା ସାମଗ୍ରୀର ନମୁନା ସଂଗ୍ରହ କରାଯାଇ ପରୀକ୍ଷା ନିମନ୍ତେ ବିଭାଗୀୟ ଲ୍ୟାବକୁ ପଠାଇବାକୁ ଦାବି ହୋଇଛି। ତେବେ, ଏନେଇ ବହୁବାର ଅଭିଯୋଗ ହେଉଥିଲେ ସୁଦ୍ଧା ପ୍ରଶାସନ ତଦନ୍ତ ଦିଗରେ କୌଣସି ପଦକ୍ଷେପ ଗ୍ରହଣ କରୁନାହିଁ। ସ୍ଥାନୀୟ ବିଡିଓ ଓ ବିଭାଗୀୟ ସହକାରୀ ଯନ୍ତ୍ରୀ କାହିଁକି ନିରବ ସାଜିଛନ୍ତି ତାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ମୋଟା ଅଙ୍କର ପିସି କାରବାର ହୋଇଥିବାରୁ ପ୍ରଶାସନ ଏଥିପ୍ରତି ଆଖି ବୁଜି ଦେଇଥିବା ସାଧାରଣରେ ଚର୍ଚ୍ଚା ଜୋର ଧରିଛି। ତେବେ ସ୍ୱାସ୍ଥ୍ୟକେନ୍ଦ୍ରରେ ଉନ୍ନୟନ କାର୍ଯ୍ୟ ନାଁରେ ନିମ୍ନମାନର କାର୍ଯ୍ୟ କରି ବିଭାଗୀୟ ଅଧିକାରୀ ଓ ଯନ୍ତ୍ରୀ ମୋଟା ଅଙ୍କର ଅର୍ଥ ପକେଟରେ ପୁରାଇବାକୁ ମସୁଧା ଚଳାଇଥିବା ଅଭିଯୋଗ ହୋଇଛି। ମୁଖ୍ୟମନ୍ତ୍ରୀଙ୍କ ଜିଲ୍ଲାରେ ଏଭଳି ନିମ୍ନମାନର କାର୍ଯ୍ୟକୁ ନେଇ ଅଞ୍ଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଜିଲ୍ଲାପାଳ ଓ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଅଞ୍ଚଳବାସୀଙ୍କ ଅଭିଯୋଗକୁ ଗୁରୁତ୍ୱ ଦେଇ ବିଭାଗୀୟ ଉଚ୍ଚସ୍ତରୀୟ ତଦନ୍ତ କରିବାକୁ ଦାବି ହୋଇଛି।

### କାର୍ତ୍ତିକେଶ୍ୱର ଉଚ୍ଚପ୍ରାଥମିକ ବିଦ୍ୟାଳୟ

## ନାହାନ୍ତି ଶିକ୍ଷକ, ବିଦ୍ୟାଳୟ ଛାଡୁଛନ୍ତି ଛାତ୍ରଛାତ୍ରୀ

ମାଣତ୍ରୀ,୨।୭(ସମିସ): ବଡ଼ସାହି ବ୍ଲକ୍ ମାନଗୋବିନ୍ଦପୁର ପଞ୍ଚାୟତର ନୁଣକୁଆ ଏପରି ଏକ ଗାଁ, ଯାହା ବର୍ଷାଦିନେ ବାରମ୍ବାର ଗଙ୍ଗା ହାର ନଦୀ ବନ୍ୟା ପାଣି ଦ୍ୱାରା ରାସ୍ତା ବୁଡ଼ିଯାଏ । ବର୍ଷାଦିନେ ଗାଁ ଲୋକଙ୍କୁ ବାହାରକୁ ଯିବା ମୁସ୍କିଲ ହୋଇପଡ଼େ। କୋମଳମତୀ ଶିଶୁ କିପରି ବନ୍ୟା ପ୍ଲାବିତ ଅଞ୍ଚଳ ଦେଇ ବାହାରକୁ ନ ପଢିବାକୁ ଯିବେ, ସେଥିପାଇଁ ଗ୍ରାମର କେତେକ ମୁଖିଆ ସ୍କୁଲ ପ୍ରତିଷ୍ଠା କରି କାର୍ତ୍ତିକେଶ୍ୱର ବିଦ୍ୟାଳୟ ନାମ ରଖିଥିଲେ। ପର୍ଯ୍ୟାୟକ୍ରମେ ଏହି କାର୍ତ୍ତିକେଶ୍ୱର ବିଦ୍ୟାଳୟ ସରକାରୀ ସ୍ୱୀକୃତି ପ୍ରାପ୍ତ ହୋଇଥିଲା। ଏଥିପାଇଁ ଗ୍ରାମବାସୀ ଖୁସି ଥିଲେ। ଦୁଃଖ ଓ ପରିତାପର ବିଷୟ ହେଲା,



କାର୍ତ୍ତିକେଶ୍ୱର ବିଦ୍ୟାଳୟରେ ଦୁଇଜଣ ଶିକ୍ଷକ ଥିଲେ। ଦୁଇଜଣ ଶିକ୍ଷକ ଗ୍ରୀଷ୍ମ ଛୁଟି ପୂର୍ବରୁ ଅବସର ନେଇଥିବାବେଳେ ବର୍ତ୍ତମାନ ସୁଦ୍ଧା ସରକାରଙ୍କ ତରଫରୁ କୌଣସି ଶିକ୍ଷକ ନିଯୁକ୍ତି ଦିଆଯାଇନାହିଁ। ଗ୍ରାମବାସୀ ଏ ସମ୍ପର୍କରେ ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିରରେ ଶିକ୍ଷକ ନିଯୁକ୍ତ କରିବାକୁ ନିବେଦନ କରିଥିଲେ ହେଁ ବର୍ତ୍ତମାନ ସୁଦ୍ଧା କୌଣସି ଶିକ୍ଷକ ନିଯୁକ୍ତି ଦିଆଯାଇନାହିଁ। ଫଳରେ କେତେକ ଅଭିଭାବକ ନିଜ ପିଲାର ଟିସି ନେଇଯିବା ପରିଲକ୍ଷିତ ହେଉଛି।

କାର୍ତ୍ତିକେଶ୍ୱର ବିଦ୍ୟାଳୟ ନିକଟରେ ଥିବା ନୁଣକୁଆ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କୁ କାର୍ତ୍ତିକେଶ୍ୱର ଉଚ୍ଚପ୍ରାଥମିକ ବିଦ୍ୟାଳୟ ଦାୟିତ୍ୱ ବହନ କରିବାକୁ କୁହାଯାଇଇଛି। ଏଠି ପ୍ରଶ୍ନ ଉଠୁଛି ପ୍ରାଥମିକ ବିଦ୍ୟାଳୟରେ ଶିଶୁ ବାଟିକାରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ପାଞ୍ଚଟି ଶ୍ରେଣୀ ଥିବାବେଳେ ଶିକ୍ଷକଙ୍କୁ କାର୍ତ୍ତିକେଶ୍ୱର ଉଚ୍ଚପ୍ରାଥମିକ ବିଦ୍ୟାଳୟ ବିଦ୍ୟାଳୟରେ ୨ଟି ଶ୍ରେଣୀକୁ ମିଶାଇ ମୋଟ ୮ଟି ଶ୍ରେଣୀରେ ୪୦ ପିଲା ଥିବାବେଳେ ଦୁଇଜଣ ଶିକ୍ଷକ ଅଛନ୍ତି। ବଡସାହି ବ୍ଲକରେ ସ୍ଥାୟୀ ଶିକ୍ଷାଧିକାରୀ ନ ଥିବା ସ୍ଥଳେ ଦାୟିତ୍ୱରେ ଥିବା ଶିକ୍ଷା ଅଧିକାରୀଙ୍କୁ ବାରମ୍ବାର ଯୋଗାଯୋଗ କରିଥିଲେ ମଧ୍ୟ କୋଣସି ଉତ୍ତର ମିଳୁନାହିଁ। ଅତିରିକ୍ତ ଶିକ୍ଷାଧିକାରୀ ଅଭିରାମ ନାୟକଙ୍କୁ ପଚାରିବାରୁ ସେ ତାଙ୍କ ମୁଣ୍ଡକୁ ଅଧିକ ଚାପ ହୋଇଯାଉଛି, ବୁଝିପାରିବେନାହିଁ ବୋଲି କହିଥିଲେ। ତେବେ କ'ଣ ଅଫିସରେ ରହି କେବଳ ମଧ୍ୟାହ୍ନଭୋଜନ କଥା ବୁଝିବେ। ଏଣୁ ଗ୍ରାମବାସୀଙ୍କ ପକ୍ଷରୁ ସାତଦିନ ମଧ୍ୟରେ ଶିକ୍ଷକ ନିଯୁକ୍ତି ନ କଲେ ସେମାନେ ବଡସାହି ଶିକ୍ଷା ଅଧିକାରୀଙ୍କୁ ଘେରିବେ ଓ ରାସ୍ତାରୋକ କରିବାକୁ ଚେତାବନୀ ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ଯୋଜନା ମୁତାବକ କାମ କରିବେ। କ୍ୟାରିୟରକୁ ନେଇ ଆଗକୁ ବଢ଼ିବେ। ବୈବାହିକ ଜୀବନ ସୁଖମୟ ହେବ। ଆର୍ଥିକ ଦୃଷ୍ଟିରୁ ଦିନଟି ଭଲରେ କଟିବ। ଅଫିସ୍ କାର୍ଯ୍ୟ ପାଇଁ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି।

**ବୃଷ:** ସମାଜରେ ମାନସମ୍ମାନ ବୃଦ୍ଧି ପାଇବ। ଦୀର୍ଘ ଦିନର ଆଶା ପୂରଣ ହେବ। ପରିବାରର ଦାୟିତ୍ୱ ସୁଚାରୁରୂପେ ତୁଲାଇବେ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ରାଜନେତାଙ୍କ ପାଇଁ ଦିନଟି ଭଲ।

**ମିଥୁନ:** କାର୍ଯ୍ୟକ୍ଷେତ୍ରରେ ଅଧିକ କାମ କରିବାକୁ ପଡ଼ିପାରେ। ବ୍ୟବସାୟରେ ଲାଭ ମିଳିବ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି। ଆଶା ପୂରଣ ହେବ।

**କର୍କଟ:** କୌଣସି କଥାକୁ ନେଇ ଚିନ୍ତିତ ରହିପାରନ୍ତି। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ପ୍ରତିଯୋଗିତାମୂଳକ ପରୀକ୍ଷା ପ୍ରସ୍ତୁତି ଲାଗି ବିଦ୍ୟାର୍ଥୀଙ୍କୁ ଅଧିକ ପରିଶ୍ରମ କରିବାକୁ ପଡ଼ିପାରେ।

**ସିଂହ:** କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। କାର୍ଯ୍ୟରେ ସଫଳତା ମିଳିବ। ଦିନଟି ବ୍ୟସ୍ତତା ଭିତରେ କଟିପାରେ। ସାମାଜିକ କାର୍ଯ୍ୟରେ ସହଯୋଗ କରିବେ। ପରିବାର ସହିତ ହସ ଖୁସିର ସମୟ ବିତାଇବେ।

**କନ୍ୟା:** ସହକର୍ମୀଙ୍କ ସହ ଉତ୍ତମ ବୁଝାମଣା ରହିବ। ଉଧାର ଦେଇଥିବା ଟଙ୍କା ଫେରି ପାଇବେ। ପରିବାର ସଦସ୍ୟଙ୍କ ସହ ଧାର୍ମିକ ସ୍ଥାନକୁ ଯାତ୍ରା କରିପାରନ୍ତି। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**ତୁଳା:** ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କଠାରୁ ପ୍ରଶଂସା ପାଇବେ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ଧନ ଲାଭର ଯୋଗ ଅଛି। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହୋଇପାରେ। ଲୋକ ସମ୍ପର୍କ ବୃଦ୍ଧି ପାଇବ।

**ବିଛା:** କୋର୍ଟ କଚେରୀ ମାମଲାର ଶୁଣାଣି ହେବ। ଅଧିକ ଖର୍ଚ୍ଚାନ୍ତ ହେବାକୁ ପଡ଼ିପାରେ। ମହିଳାମାନେ ଘରକାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି। ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି।

**ଧନୁ:** ଜୀବନସାଥୀଙ୍କଠାରୁ ଉପହାର ମିଳିବ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ପିଲାମାନେ ଖେଳକୁଦରେ ସମୟ ଅତିବାହିତ କରିବେ।

**ମକର:** ଆଜି ଦିନଟି ମିଶ୍ରିତ ଫଳ ପ୍ରଦାନ କରିବ। ବ୍ୟବସାୟକୁ ଆଗକୁ ନେବା ଲାଗି ନୂଆ ଯୋଜନା କରିବେ। କଣ୍ଠଶିଳ୍ପୀଙ୍କ ପାଇଁ ଦିନଟି ଭଲ। ବ୍ୟକ୍ତିଗତ କଥା ଅନ୍ୟମାନଙ୍କ ସହ ସେୟାର କରନ୍ତୁନି।

**କୁମ୍ଭ:** ଖୁସି ଖବର ମିଳିପାରେ। ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ବ୍ୟବସାୟରୁ ଲାଭ ମିଳିବ। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ।

**ମୀନ:** ଚାକିରିରେ ନୂଆ ସୁଯୋଗ ଜୁଟିପାରେ। ଆଣ୍ଠୁଗଣ୍ଠି ସମସ୍ୟା ହୋଇପାରେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଧାର୍ମିକ କାର୍ଯ୍ୟରେ ସାମିଲ ରହିବେ। ସକାରାତ୍ମକ ଚିନ୍ତାଧାରା ନେଇ ଆଗକୁ ବଢ଼ିବେ।

## ଆଜିର ଇତିହାସ

- ୧୭୬୦- ମରାଠା ସେନା ଦିଲ୍ଲୀ ଉପରେ କବ୍‌ଜା କଲେ।
- ୧୭୭୮ - ଆର୍ଜେଣ୍ଟିନା ବିରୋଧରେ ପର୍ସିଆର ଯୁଦ୍ଧ ଘୋଷଣା।
- ୧୯୦୮ - ବ୍ରିଟିଶ ସରକାର ବାଲ ଗଙ୍ଗାଧର ତିଲକଙ୍କୁ ଗିରଫ କଲେ।
- ୧୯୨୮ - ଲଣ୍ଡନରେ ପ୍ରଥମ ଥର ରଙ୍ଗୀନ୍ ଟେଲିଭିଜନ କାର୍ଯ୍ୟକ୍ରମ ପ୍ରସାରଣ କରାଗଲା।
- ୧୯୭୨- ଭାରତ ଓ ପାକିସ୍ତାନ ମଧ୍ୟରେ କଶ୍ମୀର ସମ୍ବନ୍ଧୀୟ ନିରସ୍ତ୍ର ଚୁକ୍ତି ସ୍ୱାକ୍ଷର।

# 'ଆଲ୍‌ଫା' ଆଲିଆ ନେଇଛନ୍ତି ୨୫ କୋଟି



ଯଶରାଜ୍ ଫିଲ୍ମସ୍‌ର ସ୍ପାଇ ୟୁନିଭର୍ସର ସପ୍ତମ ଫିଲ୍ମ 'ଆଲ୍‌ଫା' ଖୁବ୍ ଶୀଘ୍ର ସିନେମା ହଲ୍‌ରେ ମୁକ୍ତିଲାଭ କରିବ। ଫିଲ୍ମରେ ଆଲିଆ ଭଟ୍ଟ ଏବଂ ଶର୍ବରୀ ୱାଘ୍ ଲିଡ୍ ରୋଲରେ ଦେଖାଯିବେ। ଯଶ ରାଜ ଫିଲ୍ମସ୍‌ର ସ୍ପାଏ ୟୁନିଭର୍ସ ପ୍ରଥମ ଥର ପାଇଁ ଏକ ମହିଳା ଲିଡ୍ ଫିଲ୍ମ ନିର୍ମାଣ କରୁଛି । ଏଥିରେ ଆଲିଆ ଓ ଶର୍ବରୀଙ୍କ ବ୍ୟତୀତ ଅନୀଲ କପୁର, ବବି ଦେଓ୍ବଲ ପ୍ରମୁଖ ଲିଡ୍ ରୋଲରେ ନଜର ଆସିବେ। ଶିବ ରାୱୈଲ ଏହାର ନିର୍ଦ୍ଦେଶନା ଦେଇଛନ୍ତି। ଏବେ ଏହି ଫିଲ୍ମର କଳାକାରମାନଙ୍କର ପାରିଶ୍ରମିକକୁ ନେଇ ସୋସିଆଲ ମିଡିଆରେ ଚର୍ଚ୍ଚା ଆରମ୍ଭ ହୋଇଛି। ଏଥିରେ ଆଲିଆ 'ସୁପର୍ ଏଜେଣ୍ଟ' ସୀତା ଭୂମିକାରେ ଅଭିନୟ କରୁଛନ୍ତି। ଏହି ଭୂମିକା ପାଇଁ ସେ ୨୫ କୋଟି ନେଇଛନ୍ତି। ସେହିପରି ଆଲିଆଙ୍କ ସହ ସୁପର୍ ଏଜେଣ୍ଟ ଭୂମିକାରେ ଅଭିନୟ କରୁଥିବା ଶର୍ବରୀ ୩ କୋଟି ନେଇଛନ୍ତି। ବବି ଦେଓ୍ବଲ ଏଥିରେ ଖଳନାୟକ ଭାବେ ଦେଖାଯିବେ। ସେ ଏହି ଫିଲ୍ମ ପାଇଁ ପାରିଶ୍ରମିକ ବାବଦରେ ୬ କୋଟି ନେଇଛନ୍ତି। ଅନୀଲ କପୁର ମଧ୍ୟ ୬ କୋଟି ନେଇଛନ୍ତି। ହ୍ରିତିକ୍ ରୋଶନ ଏଥିରେ ଅତିଥି କଳାକାର ଭାବେ ଦେଖାଯିବେ। ହେଲେ ସେ ଏହି ଭୂମିକା ପାଇଁ କେତେଟଙ୍କା ନେଇଛନ୍ତି ତାହା ଜଣାପଡ଼ିନାହିଁ। ଏହି ଚଳଚ୍ଚିତ୍ରଟି ପ୍ରଥମ ଦିନରେ ଅତି କମ୍‌ରେ ୪.୫୦ରୁ ୭.୫୦ କୋଟି ଟଙ୍କା ରୋଜଗାର କରିବ ବୋଲି ଆଶା କରାଯାଉଛି।

# ଚିଡ଼ିଆଖାନାର ଚାଲାକି ଜେବ୍ରା ନୁହେଁ ଗଧ

ଚୀନ୍‌ରୁ ବେଳେବେଳେ ଏମିତି ଖବର ସବୁ ଆସିଥାଏ ଯାହାକୁ ଶୁଣି ସାରା ଦୁନିଆ ଆଶ୍ଚର୍ଯ୍ୟ ପ୍ରକାଶ କରିଥାଏ। ଏଥର ଏଠାକାର ଏକ ଚିଡ଼ିଆଖାନା ଚାଲାକିର ସବୁ ସୀମା ପାର୍ କରି ଚର୍ଚ୍ଚାକୁ ଆସିଛି। ଚିଡ଼ିଆଖାନା ପକ୍ଷରୁ ଏକ ଗଧ ଶରୀରରେ କଳା ରଙ୍ଗ ପେଣ୍ଟ କରାଯାଇ ତାକୁ ଜେବ୍ରାର ରୂପ ଦେଇ ପିଞ୍ଜରାରେ ରଖାଯାଇଥିଲା। ଅବଶ୍ୟ ଚିଡ଼ିଆଖାନା ପ୍ରଶାସନର ଏହି ଚାଲାକିକୁ ସେଠାକୁ ଆସିଥିବା ପର୍ଯ୍ୟଟକମାନେ ଧରି ଦେଇଥିଲେ। ଲୋକେ ତୁରନ୍ତ ଏହି ନକଲି ଜେବ୍ରାର ରହସ୍ୟ ପଦାରେ ପକାଇଦେଲେ। ଏହାର ଭିଡିଓ ସୋସିଆଲ ମିଡିଆରେ ବେଶ୍ ଭାଇରାଲ ହେଉଛି। ଇଣ୍ଟରନେଟ୍‌ରେ ଏହାକୁ 'ଅଲ୍ଟ୍ରା ପ୍ରୋ ମ୍ୟାକ୍ସ' ଜୁଗାଡ଼ କହି ପରିହାସ କରାଯାଉଛି । ଘଟଣାଟି ଚୀନ୍‌ର ୱେଇଫାଙ୍ଗ୍ ସହରର ଆନକିୟୁ ୱାଇଲ୍ଡଲାଇଫ୍ ପାର୍କର ଅଟେ । ଭାଇରାଲ୍ ଭିଡିଓରେ ସ୍ପଷ୍ଟ ଦେଖାଯାଉଛି ଯେ, ଏକ ଗଧର ଶରୀରରେ କଳା ରଙ୍ଗର ଗାର ସବୁ ପେଣ୍ଟ କରାଯାଇଛି, ଯେମିତି କି ସେ ଦୂରରୁ ଜେବ୍ରା ଭଳି ଦେଖାଯିବ । ତେବେ, ଧରାପଡ଼ିବା ପରେ ଚିଡ଼ିଆଖାନା କର୍ତ୍ତୃପକ୍ଷ ଯେଉଁ ସଫେଇ ଦେଇଛନ୍ତି, ତାହା ଲୋକଙ୍କୁ ଆହୁରି ଆଶ୍ଚର୍ଯ୍ୟ କରିଛି। ଯେତେବେଳେ ଇଣ୍ଟରନେଟ୍‌ରେ ଚିଡ଼ିଆଖାନାର ବଦନାମ ହେବାକୁ ଲାଗିଲା, ସେତେବେଳେ ସେଠାକାର ଜଣେ କର୍ମଚାରୀ ସୋସିଆଲ ମିଡିଆରେ ସଫେଇ ଦେଇ ଲେଖିଲେ ଯେ, "ଆମେ ତ କେବଳ ପଶୁମାନଙ୍କର ବେଶ ବଦଳାଇବା କାମ କରୁଥିଲୁ। ଆମେ କେବେ ବି ଦାବି କରିନୁ ଯେ, ଏହା ପ୍ରକୃତ ଜେବ୍ରା। ଆମେ ପିଞ୍ଜରା ବାହାରେ ଏମିତି କୌଣସି ବୋର୍ଡ ମଧ୍ୟ ଲଗାଇ ନ ଥିଲୁ । ଏହା କେବଳ ଏକ ମଜାକ୍ ଥିଲା, ଯେମିତି ଏଠାକୁ ଆସୁଥିବା ଲୋକେ ଟିକେ ହସିପାରିବେ ଏବଂ ସେମାନଙ୍କର ମନୋରଞ୍ଜନ ହୋଇପାରିବ ।" ଏଠାରେ ପ୍ରକାଶ ଥାଉ କି, ଚୀନ୍‌ର ଚିଡ଼ିଆଖାନାରେ ପଶୁମାନଙ୍କର ଏଭଳି ଅଦଳବଦଳ ପ୍ରଥମ ଘଟଣା ନୁହେଁ । ଗତ ବର୍ଷ ମଧ୍ୟ ଶାନଡୋଙ୍ଗ୍‌ର ଜିବୋ ସିଟି ଆମ୍ୟୁଜମେଣ୍ଟ ପାର୍କ ଏକ ଗଧକୁ ଜେବ୍ରା ବନାଇ ଲୋକଙ୍କ ସାମ୍ନାକୁ ଆଣିଥିଲା, ଯାହାକୁ ବେଶ୍ ସମାଲୋଚନା କରାଯାଇଥିଲା। ଏହା ବ୍ୟତୀତ, ଗତ ବର୍ଷ ତାଇଝୋଉ ଚିଡ଼ିଆଖାନା ଦୁଇଟି ସୁନ୍ଦର ଧଳା ରଙ୍ଗର 'ଚାଉ-ଚାଉ' ପ୍ରଜାତିର କୁକୁରକୁ କଳା ଏବଂ କମଳା ରଙ୍ଗରେ ରଙ୍ଗେଇ 'ବାଘ'ର ରୂପ ଦେଇ ଚର୍ଚ୍ଚାକୁ ଆସିଥିଲା। ସେହି ସମୟରେ ଲୋକେ ଚିଡ଼ିଆଖାନା କର୍ତ୍ତୃପକ୍ଷଙ୍କ ଉପରେ ପଶୁମାନଙ୍କ ପ୍ରତି କ୍ରୂରତା ହେଉଥିବା ଅଭିଯୋଗ ଆଣିଥିଲେ। ତେବେ ଭାଇରାଲ ଭିଡିଓକୁ ଦେଖି ସୋସିଆଲ ମିଡିଆରେ ଲୋକେ ଚୀନ୍‌ର ଶସ୍ତା ପ୍ରଯୁକ୍ତିବିଦ୍ୟାର ଖୁବ୍ ମଜା ନେଉଛନ୍ତି । ଚୀନ୍ ନକଲି ଜିନିଷ ପାଇଁ ପ୍ରସିଦ୍ଧ ବୋଲି ଏଘଟଣା ପୁଣି ଥରେ ପ୍ରମାଣିତ କରିଛି ବୋଲି ଅନେକେ ମତ ଦେଇଛନ୍ତି।



# ପଥର ଦ୍ୱାରା ନ୍ୟାୟ ପ୍ରଦାନ

ଲୋକେ ନିଜର ଅଧିକାର ଓ ନ୍ୟାୟ ପାଇଁ ମୁଖ୍ୟତଃ କୋର୍ଟର ଦ୍ୱାରସ୍ଥ ହୋଇଥାନ୍ତି। ହେଲେ ତେଲଙ୍ଗାନାର ଗ୍ରାମାଞ୍ଚଳରେ ନ୍ୟାୟ ପାଇଁ ଏକ ସ୍ୱତନ୍ତ୍ର ପରମ୍ପରା ଅନୁଷ୍ଠିତ ହୋଇଥାଏ। ଏଠାରେ ଏକ ସ୍ୱତନ୍ତ୍ର ପଥର ମାଧ୍ୟମରେ ଲୋକଙ୍କୁ ନ୍ୟାୟ ପ୍ରଦାନ କରାଯାଏ। ସ୍ଥାନୀୟ ଭାଷାରେ ଏହାକୁ ବୋଡ୍‌ଡୁ ରାୟ କୁହାଯାଏ। ତେଲୁଗୁରେ ବୋଡ୍ଡୁର ଅର୍ଥ ନାଭି ଏବଂ ରାୟୀର ଅର୍ଥ ପଥରକୁ ବୁଝାଏ। ଯେପରି ମାଆ ଶରୀର ସହ ଶିଶୁର ନାଭି ଯୋଡ଼ି ହୋଇଥାଏ, ସେହିପରି ଏହି ପଥର ଗ୍ରାମର ଜନ୍ମ ଓ କେନ୍ଦ୍ରବିନ୍ଦୁକୁ ସୂଚିତ କରେ। ପ୍ରାଚୀନ କାଳରେ ଦକ୍ଷିଣ ଭାରତ (ବିଶେଷ କରି ତେଲଙ୍ଗାନା ଏବଂ ଆନ୍ଧ୍ରପ୍ରଦେଶ)ରେ ଯେତେବେଳେ ଏକ ନୂଆ ଗ୍ରାମ ବସତି ସ୍ଥାପନ କରାଯାଉଥିଲା, ସେତେବେଳେ ସର୍ବପ୍ରଥମେ ଏହି ପଥରଟିକୁ ସ୍ଥାପନା କରାଯାଉଥିଲା। ଏହା ଗ୍ରାମର ପ୍ରତିଷ୍ଠାକୁ ସୂଚିତ କରେ ଏବଂ ଏହାକୁ ମଝି ଭାଗରେ ପୋତାଯାଏ। ଗ୍ରାମବାସୀମାନେ ବୋଡ୍ଡୁ ରାୟକୁ ଦେବୀ ଶକ୍ତିଙ୍କର ଏକ ସ୍ୱରୂପ ଭାବେ ପୂଜା କରନ୍ତି। ବିଶ୍ୱାସ ରହିଛି ଯେ, ଏହି ପଥର ଗ୍ରାମକୁ ମହାମାରୀ, ପ୍ରାକୃତିକ ବିପର୍ଯ୍ୟୟ ଏବଂ ଖରାପ ଶକ୍ତିରୁ ରକ୍ଷା କରି ଗ୍ରାମରେ ସୁଖ-ସମୃଦ୍ଧି ଆଣିଥାଏ। ଗ୍ରାମକୁ ନୂଆ ବୋହୂଟିଏ ଆସିଲେ କିମ୍ବା ଝିଅ ବିବାହ କରି ଶାଶୁଘରକୁ ଯିବା ସମୟରେ ଏହି ପଥର ପାଖରେ ପୂଜା କରି ଗ୍ରାମରେ ପ୍ରବେଶ କରିଥାନ୍ତି। ଅନେକ ଗ୍ରାମରେ ଆଜି ବି କୌଣସି ବଡ଼ ବିବାଦର ସମାଧାନ ପାଇଁ ଗ୍ରାମର ମୁଖିଆମାନେ ଏହି ପଥର ପାଖରେ ବସି ନିଷ୍ପତ୍ତି ନିଅନ୍ତି। ବିଶ୍ୱାସ ରହିଛି ଯେ, ଏହି ପବିତ୍ର ପଥର ସମ୍ମୁଖରେ କେହି ମିଛ କୁହନ୍ତି ନାହିଁ। ଆଶ୍ଚର୍ଯ୍ୟର କଥା ଏହା ଯେ, ଆଜି ମଧ୍ୟ କୌଣସି ବଡ଼ ସାମାଜିକ ବିବାଦ କିମ୍ବା ଆପୋଷ ଲଢ଼େଇର ସମାଧାନ ପାଇଁ ଗାଁର ବୟୋଜ୍ୟେଷ୍ଠମାନେ ଏହି ପଥର ପାଖରେ ସଭା କରନ୍ତି। ଗ୍ରାମବାସୀଙ୍କର ଦୃଢ଼ ବିଶ୍ୱାସ ରହିଛି ଯେ, ଏହି ପବିତ୍ର ସ୍ଥାନରେ ଠିଆ ହୋଇ କୌଣସି ବି ବ୍ୟକ୍ତି ମିଛ କହିବାକୁ ସାହସ କରିପାରିବେ ନାହିଁ, ଯାହାଫଳରେ ଏଠାରେ ନିଆଯାଉଥିବା ନିଷ୍ପତ୍ତି ସମସ୍ତଙ୍କ ପାଇଁ ଗ୍ରହଣୀୟ ହୋଇଥାଏ। ଆଧୁନିକ ଅଦାଲତ ଏବଂ ଥାନା ଚକ୍କର କାଟିବା ବଦଳରେ ଗ୍ରାମବାସୀ ଆଜି ମଧ୍ୟ ନିଜର ପାରମ୍ପରିକ ନ୍ୟାୟ ବ୍ୟବସ୍ଥା ଉପରେ ଭରସା କରନ୍ତି। ଏହି ପଥର ଶତାବ୍ଦୀ ଶତାବ୍ଦୀ ଧରି କୌଣସି ଭେଦଭାବ ବିନା ଗାଁରେ ଶାନ୍ତି ଏବଂ ସଦ୍‌ଭାବନା ବଜାୟ ରଖିବାର ମାଧ୍ୟମ ହୋଇ ରହିଛି। ବାହାଘର ହେଉ କିମ୍ବା ପିଲା ଜନ୍ମ, ଲୋକମାନେ ଏଠାରେ ମୁଣ୍ଡିଆ ମାରିବାକୁ ଭୁଲନ୍ତି ନାହିଁ। ଦୀର୍ଘ ବର୍ଷ ପରେ କିମ୍ବା ଦଶ ବର୍ଷରେ ଥରେ ଯେତେବେଳେ ନୂଆ ବୋଡ୍ଡୁ ରାୟର ସ୍ଥାପନା କରାଯାଏ, ସେତେବେଳେ ଏହାକୁ 'ବୋଡ୍ରଇ ପ୍ରତିଷ୍ଠା' କୁହାଯାଏ। ସହର କିମ୍ବା ବିଦେଶରେ ବସବାସ କରୁଥିବା ଲୋକମାନେ ମଧ୍ୟ ଏହି ସମୟରେ ନିଜ ଗାଁକୁ ଫେରିଆସନ୍ତି। ଏହି ଉତ୍ସବ ଗ୍ରାମବାସୀଙ୍କୁ ଆପୋଷ ଭେଦଭାବ ଭୁଲି ଏକଜୁଟ ହେବାର ବାର୍ତ୍ତା ଦିଏ। ଏହି ପରମ୍ପରାରୁ ବୁଝାପଡ଼େ, ପରିବର୍ତ୍ତିତ ପରିସ୍ଥିତିରେ ମଧ୍ୟ ତେଲଙ୍ଗାନାର ଯୁବପିଢ଼ି ନିଜର ସଂସ୍କୃତି ଏବଂ ବିଶ୍ୱାସକୁ ବଜାୟ ରଖିଛନ୍ତି।

# ଟିକାକରଣ



ପୋଲିଓକୁ ପରାସ୍ତ କରି ଭାରତ ବିଶ୍ୱ ସ୍ୱାସ୍ଥ୍ୟ କ୍ଷେତ୍ରରେ ଏକ ଐତିହାସିକ ସଫଳତା ହାସଲ କରିଛି। ଅଧୁନାତମ ଜାତୀୟ ପରିବାର ସ୍ୱାସ୍ଥ୍ୟ ସର୍ବେକ୍ଷଣ (୨୦୨୩-୨୪) ଅନୁସାରେ ଦେଶରେ ୧୨ରୁ ୨୩ ମାସର ପିଲାଙ୍କ କ୍ଷେତ୍ରରେ ପୂର୍ଣ୍ଣାଙ୍ଗ ଟିକାକରଣ ହାର ୮୭% ରହିଛି। ଏହି ସଫଳତା ଅଗଣିତ ବାଲ୍ୟାବସ୍ଥା ଅସୁସ୍ଥତା ଏବଂ ମୃତ୍ୟୁକୁ ରୋକିପାରିଛି। ତେବେ ପୋଲିଓକୁ ହରାଇବା ଏକ ବଡ଼ ସଫଳତା ହୋଇଥିଲେ ମଧ୍ୟ ସହର ବସ୍ତି, ପ୍ରବାସୀ ପରିବାର ଓ ଦୁର୍ଗମ ଅଞ୍ଚଳରେ କିଛି ଶିଶୁ ଏପର୍ଯ୍ୟନ୍ତ ଟିକାକରଣରୁ ବଞ୍ଚିତ ରହୁଛନ୍ତି। ତେଣୁ ପୋଲିଓମୁକ୍ତ ରହିବାର ସଫଳତାକୁ ଦୀର୍ଘସ୍ଥାୟୀ କରିବା ପାଇଁ ସମାନ ଭାବେ ନିରନ୍ତର ପ୍ରୟାସ ଆବଶ୍ୟକ ବୋଲି ଇଣ୍ଟରନ୍ୟାସନାଲ ପେଡିଏଟ୍ରିକ ଆସୋସିଏସନର ଏକ୍‌ଜିକ୍ୟୁଟିଭ ଡାଇରେକ୍ଟର ଡା. ନବୀନ ଥାକର କହିଛନ୍ତି।


ସମ୍ପ୍ରତି କିଛି ସ୍ୱାସ୍ଥ୍ୟ କର୍ତ୍ତୃପକ୍ଷ ଉତ୍ତର ପ୍ରଦେଶ ଗାଜିଆବାଦରେ ଦୁଣ୍ଡାହେରା ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟରୁ ନର୍ଦ୍ଦମାଜଳ( ସିୱେଜ) ନମୁନାରେ ଟିକାରୁ ପ୍ରାପ୍ତ ପୋଲିଓ ଭୂତାଣୁ ଠାବ କରିଥିଲେ। ପାଟିରେ ଦିଆଯାଉଥିବା ପୋଲିଓ ଟିକାରେ ଏକ ଦୁର୍ବଳ କରାଯାଇଥିବା ଜୀବନ୍ତ ଭୂତାଣୁ ଥାଏ। ଟିକାକରଣ କଭ୍‌ରେଜ ଅତ୍ୟନ୍ତ ନିମ୍ନକୁ ଖସିଲେ ଦୁର୍ବଳ କରାଯାଇଥିବା ଭୂତାଣୁ ଟିକାକରଣ ହୋଇନଥିବା ପିଲାଙ୍କ ମଧ୍ୟରେ ବ୍ୟାପିପାରେ। ଏହା ଭବିଷ୍ୟତରେ ବିପଦ ସୃଷ୍ଟି କରିପାରେ। ପୂର୍ଣ୍ଣାଙ୍ଗ ଟିକାକରଣ ହୋଇନଥିବା ପିଲାଙ୍କ କ୍ଷେତ୍ରରେ ଏହି ଭୂତାଣୁ ବ୍ୟାପିବା ଘଟଣା ହୁଏତ ଠାବ କରାଯାଇ ନପାରେ। ପୋଲିଓ କ୍ଷେତ୍ରରେ ଛୋଟ ରୋଗ ପ୍ରତିରୋଧ ଶୂନ୍ୟସ୍ଥାନ ମଧ୍ୟ ଗୁରୁତ୍ୱ ରଖୁଛି।

ଅନେକ ସମୟରେ ସହରର ବସ୍ତି ଅଞ୍ଚଳ ଓ ଦୁର୍ଗମ ଗ୍ରାମାଞ୍ଚଳରେ ସ୍ୱାସ୍ଥ୍ୟ କର୍ମୀମାନେ ପହଞ୍ଚିବାରେ ସମସ୍ୟା ସୃଷ୍ଟି ହୋଇଥାଏ। ଭୁଲ୍ ସୂଚନା ଅଥବା ସ୍ଥାନୀୟ କୌଣସି ପ୍ରସଙ୍ଗକୁ ନେଇ ଟିକାକରଣ ନିମନ୍ତେ କୁଣ୍ଠାବୋଧ ଏହି ଶୂନ୍ୟସ୍ଥାନକୁ ପୁନଃ ବୃଦ୍ଧି କରିପାରେ। ତେଣୁ ସିୱେଜରୁ ପୋଲିଓ ଭୂତାଣୁ ଠାବ ଯେତିକି ପୁନଃଭରସା ପ୍ରଦାନକାରୀ ସେତିକି ସତର୍କ ସୂଚନାକାରୀ। ଏହା ଦର୍ଶାଉଛି ଯେ ପ୍ରଭାବିତ ଅଞ୍ଚଳରେ ବ୍ୟାପକ ଟିକାକରଣ ଏବଂ କିଛି ପିଲା କାହିଁକି ଏପର୍ଯ୍ୟନ୍ତ ପୂର୍ଣ୍ଣାଙ୍ଗ ଟିକାକରଣ ହେଉନାହାନ୍ତି ତାହା ଆକଳନ କରିବା ଆବଶ୍ୟକ। ଏନେଇ ଡା. ଥାକର କହିଛନ୍ତି, "ପୋଲିଓ ଟିକାକରଣ ଭିତ୍ତିଭୂମି ମାତୃତ୍ୱ ଏବଂ ନବଜାତ ଟିଟାନସ୍ ନିରାକରଣରେ ସହାୟକ ହୋଇଛି। ମିଳିମିଳା ଜନିତ ମୃତ୍ୟୁରେ ତୀବ୍ର ହ୍ରାସ ଘଟାଇଛି ।"

ସେହିପରି ଯେଉଁଠାରେ ଟିକାକରଣ ହ୍ରାସପାଇଛି ସେଠାରେ ମିଳିମିଳା ସଂକ୍ରମଣ ପୁନଃ ଦେଖାଦେଇଛି, ଅନ୍ୟପକ୍ଷରେ ମେନିଞ୍ଜାଇଟିସ, ୟେଲୋ ଫିଭର୍ ଏବଂ ଡିପଥେରିଆ ଆଦି ନିୟମିତ ଟିକାକରଣ କାରଣରୁ ସେଗୁଡ଼ିକର ସଂକ୍ରମଣରେ ରୋକ୍ ଲାଗିଛି। ସତର୍କ ନ ରହିଲେ ଟିକା ପ୍ରତିଷେଧଯୋଗ୍ୟ ରୋଗଗୁଡ଼ିକ ପୁଣି ଶୀଘ୍ର ପ୍ରତ୍ୟାବର୍ତ୍ତନ କରିଥାଏ। ସେଥିପାଇଁ ପୋଲିଓମୁକ୍ତ ସ୍ଥିତି ବଜାୟ ରଖିବା ପାଇଁ ନିରନ୍ତର ଟିକାକରଣ, ସତର୍କ ନିରୀକ୍ଷଣ ଓ ପ୍ରତ୍ୟେକ ଶିଶୁଙ୍କ ପାଖରେ ସ୍ୱାସ୍ଥ୍ୟସେବା ପହଞ୍ଚାଯିବା ଅପରିହାର୍ଯ୍ୟ। କାରଣ ରୋଗକୁ ହରାଇବା ଯେତିକି କଷ୍ଟକର, ରୋଗମୁକ୍ତ ରହିବା ମଧ୍ୟ ସେତିକି କଠିନ।

## ସଞ୍ଜୀବନୀ

### 'ସକାଳ'ର ସ୍ୱାସ୍ଥ୍ୟ: ଡିଜିଟାଲ୍ ଆଇ ଷ୍ଟ୍ରେନ୍



ଆଜିକାଲି ମୋବାଇଲ୍, ଲାପଟପ୍ ଦୈନନ୍ଦିନ ଜୀବନର ଏକ ଅଙ୍ଗ ପାଲଟି ଗଲାଣି। ଘଣ୍ଟା ଘଣ୍ଟା ସ୍କ୍ରିନ୍ ବ୍ୟବହାର ଯୋଗୁଁ ଏବେ ନାନା ସ୍ୱାସ୍ଥ୍ୟ ସମସ୍ୟା ଦେଖାଯାଉଛି। ତନ୍ମଧ୍ୟରୁ 'ଡିଜିଟାଲ ଆଇ ଷ୍ଟ୍ରେନ୍' ଏକ ସାଧାରଣ ସ୍ୱାସ୍ଥ୍ୟ ସମସ୍ୟା। ଏହା ଦୀର୍ଘ ସମୟ ଧରି ସ୍କ୍ରିନ୍ ଦେଖିବା ଦ୍ୱାରା ଦୃଷ୍ଟିଶକ୍ତି ଉପରେ ଚାପ ସୃଷ୍ଟିକରି ମସ୍ତିଷ୍କ ଉପରେ ପ୍ରଭାବ ପକାଏ। ମୁଣ୍ଡବିନ୍ଧା ସୃଷ୍ଟି କରେ। ଡିଜିଟାଲ୍ ଆଇଷ୍ଟ୍ରେନ୍‌ରେ ପୀଡ଼ିତଙ୍କ ଚକ୍ଷୁ ଶୁଷ୍କ ଲାଗିବା, କୁଣ୍ଡାଇ ହେବା, ଝାପ୍‌ସା ଦେଖାଯିବା, ଆଖି ଜଳାପୋଡ଼ା ଓ ଯନ୍ତ୍ରଣା ଆଦି ଲକ୍ଷଣ ଦେଖାଯାଏ। ଏହି ସମସ୍ୟା ଦୂର କରିବାକୁ ଲଗାତାର ସ୍କ୍ରିନ୍ ବ୍ୟବହାର କରିବା ପରିବର୍ତ୍ତେ ପ୍ରତି ୨୦ ମିନିଟ୍‌ରେ ବ୍ରେକ୍ ନେଇ ୨୦ ଫୁଟ ଦୂରରୁ କୌଣସି ବସ୍ତୁକୁ ୨୦ ସେକେଣ୍ଡ ଚାହିଁବା ଆବଶ୍ୟକ। କମ୍ପ୍ୟୁଟର ଗ୍ଲାସ୍ ବ୍ୟବହାର କରି ପାରିବେ। ନୀଳ ଆଲୋକ ଫିଲ୍‌ଟର ଚଷମା, ଅଧିକ ସମୟ ପାଇଁ ସ୍କ୍ରିନ୍ ଦେଖିବା ଦ୍ୱାରା ହେଉଥିବା ଅସୁବିଧାକୁ କମ୍ କରିବାରେ ସାହାଯ୍ୟ କରେ। ନିୟମିତ ଆଖିର ବ୍ୟାୟାମ କରିବା ସହ ଦୈନିକ ୭ରୁ ୮ ଘଣ୍ଟା ଶୋଇବା ଆବଶ୍ୟକ।

# ମଧୁମେହ ରୋଗୀଙ୍କ ପାଇଁ ଫଳ କେତେ ଉପଯୋଗୀ

**ବିଶୃଙ୍ଖଳିତ ଜୀବନଶୈଳୀ, ମେଦବହୁଳତା, ଚିନ୍ତା, ବଂଶାନୁଗତ ରୋଗ, ଅନିଦ୍ରା ଆଦି କାରଣରୁ ମଧୁମେହ ହୋଇଥାଏ। ମଧୁମେହରେ ରକ୍ତ ଶର୍କରାକୁ ନିୟନ୍ତ୍ରଣରେ ରଖିବାକୁ ପଡ଼ିଥାଏ। ଏଥିପାଇଁ ମଧୁମେହ ପୀଡ଼ିତ ନିଜ ଡାଏଟ୍‌ରେ ନିମ୍ନ ଲିଖିତ ଫଳକୁ ସାମିଲ କରି ପାରିବେ।**

- ମଧୁମେହରେ ଫଳ ଖାଇବା ଅନୁଚିତ ବୋଲି ଅନେକଙ୍କର ଧାରଣା ଥାଏ। ହେଲେ ଫଳର ଗ୍ଲାଇସେମିକ୍ ଇଣ୍ଡେକ୍ସ, ଗ୍ଲାଇସେମିକ୍ ଲୋଡ, ଫାଇବରର ମାତ୍ରା, ଫ୍ରୁକଟୋଜ୍‌ସ୍ତର ଏବଂ ସେବନର ମାତ୍ରା ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରେ। ତେଣୁ ଆମ୍ବ, ଅଙ୍ଗୁର, ଲିଚୁ, ସପେଟା, ସୀତାଫଳ, ପଣସ ଆଦିରେ ଶର୍କରା ପରିମାଣ ଅଧିକ ଥିବାରୁ ଏହାକୁ କେବେ କେବେ ଅଳ୍ପ ପରିମାଣରେ ଖାଇପାରିବେ। ନ ଖାଇବା ମଧ୍ୟ ଭଲ।
- ପିଜୁଳି, ଜାମୁକୋଳି, ସେଓ, ନାସପାତି, କମଳା, ଅମୃତଭଣ୍ଡା ଫାଇବରରେ ଭରପୂର। ଏହା ଶରୀରରେ ଗ୍ଲୁକୋଜକୁ ଧୀରେ ଧୀରେ କ୍ଷରଣ କରିଥାଏ। ଏହି ଫଳକୁ ଅଳ୍ପ ପରିମାଣରେ ଖାଇ ପାରିବେ। ସେହିପରି ବାହାରେ ପ୍ରସ୍ତୁତ ଜୁସ୍‌କୁ ମଧୁମେହ ପୀଡ଼ିତ ପିଇବା ଅନୁଚିତ। ଫଳ ରସକୁ ଛାଣି ପିଇବା ବଦଳରେ ଏହାର ଖଦଡ଼ା ଅଂଶକୁ ପିଇବା ଆବଶ୍ୟକ। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଜଣେ ବ୍ୟକ୍ତିର ଶାରୀରିକ ସ୍ଥିତି, ରୋଗର ତୀବ୍ରତା ଅନୁସାରେ ଫଳ ସେବନ କରିବା ଉଚିତ। ମଧୁମେହ ରୋଗ ସହ ଅନ୍ୟାନ୍ୟ ରୋଗ ଯଥା କିଡ୍‌ନୀ ରୋଗ ଥିଲେ ଡାକ୍ତରଙ୍କ ପରାମର୍ଶ ଅନୁଯାୟୀ ଫଳ ସେବନ କରିବା ଆବଶ୍ୟକ।




## ଘର ବଇଦ

### ଚର୍ମ ରୋଗର ଉପଚାର

- ଅଗରା ଗଛ ଚେରର ଚୋପା ଅଧତୋଳାଠାରୁ ଏକ ତୋଳା ପାଣିରେ ବାଟି ମିଶ୍ରି ସହିତ ଖାଇଲେ ସବୁପ୍ରକାର ଚର୍ମରୋଗ, ରକ୍ତଦୋଷ ଏପରିକି ସିଫିଲିସ୍ ରୋଗ ମଧ୍ୟ ଦୂର ହୁଏ। ଏହି ଔଷଧ ଖାଇବା ପୂର୍ବରୁ ଝାଡ଼ା ସଫା କରାଇ ଔଷଧ ଖାଇବେ। ଯେଉଁଦିନ ଝାଡ଼ା ସଫା ହେବ, ତା ପରଦିନ ଔଷଧ ଖାଇବେ। ରୋଗମୁକ୍ତ ହେବା ପର୍ଯ୍ୟନ୍ତ ଔଷଧ ଖାଇବେ।
- ଅଗରା ଚେର ଚୋପାକୁ ବାଟି ଦୁଇ ଅଣି ଓଜନ ବଟିକା କରି ଶୁଖାଇ ରଖିବେ। ଏହି ବଟିକାରୁ ଦିନକୁ ୪ଟି ବଟିକା ଖାଇବେ। ପ୍ରତି ୪ଘଣ୍ଟାରେ ଗୋଟିଏ ବଟିକା ହିସାବରେ ୧୫ ଦିନ ଖାଇଲେ ଚର୍ମରୋଗ ଦୂର ହୁଏ।
- ଅଗସ୍ତି ଫୁଲର ଚୂର୍ଣ୍ଣ ମଇଁଷି କ୍ଷୀରରେ ମିଶାଇ ଦହି କରି ଲହୁଣୀ ବାହାର କରି ମର୍ଦ୍ଦନ କଲେ ବାତରକ୍ତ ରୋଗୀର ଚମ ଫାଟିବା ଭଲ ହୁଏ।

(ଲକ୍ଷ୍ମଣ ମିଶ୍ରଙ୍କ ଦ୍ୱାରା ଲିଖିତ ପୁସ୍ତକରୁ ଉଦ୍ଧୃତ)

# ରେଡିଏସନ୍ ଥେରାପିର ପାର୍ଶ୍ୱପ୍ରତିକ୍ରିୟା



କର୍କଟ ଆରୋଗ୍ୟ ପାଇଁ କେମୋଥେରାପି, ରେଡିଏସନ୍ ଥେରାପି ଆଦି ଦିଆଯାଏ। ରେଡିଏସନ୍ ଥେରାପି ଦ୍ୱାରା ଶରୀରରେ ଭିନ୍ନ ଭିନ୍ନ ପାର୍ଶ୍ୱ ପ୍ରତିକ୍ରିୟା ଦେଖାଯାଇଥାଏ।

- ମୁଣ୍ଡ, ବେକ, ସ୍ତନ, ଗର୍ଭାଶୟ ଗ୍ରୀବା, ପ୍ରୋଷ୍ଟେଟ୍ କର୍କଟର ଉପଶମ ପାଇଁ ରେଡିଓଥେରାପି ଦିଆଯାଏ। ଏ କ୍ଷେତ୍ରରେ ବିକିରଣ ଦିଆଯାଇଥିଲେ, ଚର୍ମରେ କିଛି ପାର୍ଶ୍ୱପ୍ରତିକ୍ରିୟା ଦେଖାଯାଏ। ତେଣୁ ଖରାରେ ବାହାରିବା ଅନୁଚିତ। ଚର୍ମରେ କସ୍‌ମେଟିକ୍, କ୍ରିମ୍, ଲୋଶନ ବ୍ୟବହାର ଅନୁଚିତ। ଅତି ଗରମ ପାଣି ଓ ଅତି ଥଣ୍ଡା ପାଣି ବ୍ୟବହାର କରିବା ମଧ୍ୟ ଅନୁଚିତ।
- ବେକ ଓ ମୁହଁରେ ରେଡିଏସନ୍ ଦିଆଗଲେ, ଦ୍ୱିତୀୟ ସପ୍ତାହ ରେଡିଏସନ୍ ପରେ ପାଟି ଏବଂ ତଣ୍ଟିରେ ଘା' ହୁଏ। ଖାଇବା ପିଇବାରେ କଷ୍ଟ, ପାଟି ଶୁଖିବା ଆଦି ପ୍ରତିକ୍ରିୟା ଦେଖାଯାଏ। ଏଥିପାଇଁ ପର୍ଯ୍ୟାପ୍ତ ମାତ୍ରାର କ୍ୟାଲୋରୀ ଏବଂ ପ୍ରୋଟିନ୍ ଖାଇ ପାରିବେ।
- ରେଡିଏସନ୍ ପୂର୍ବରୁ ଦୁର୍ବଳ ଦାନ୍ତକୁ ଉପାଡ଼ି ଦେବା, ତିନି ମାସ ପର୍ଯ୍ୟନ୍ତ ଦାନ୍ତରେ ଫ୍ଲୋରାଇଡ୍ ଜେଲ୍ ଲଗାଇବା, ଦିନକୁ ଚାରିପାଞ୍ଚ ଥର କୁଳି କରିବା ଆବଶ୍ୟକ। ରେଡିଏସନ୍ ଦିଆଯିବାର ଦୁଇବର୍ଷ ପର୍ଯ୍ୟନ୍ତ ଦାନ୍ତ ଉପାଡ଼ିବା ଅନୁଚିତ। ସ୍ତନ କର୍କଟ ରୋଗୀଙ୍କୁ ରେଡିଏସନ୍ ଦେବା ପରେ ଫିଜିଓଥେରାପି ଶୀଘ୍ର ଆରମ୍ଭ କରିବା ଆବଶ୍ୟକ।
- ପେଟରେ ରେଡିଏସନ୍ ଦେବା ବେଳେ ଭୋକ ନ ଲାଗିବା, ଦୁର୍ବଳ ଲାଗିବା, ଓଜନ କମିବା, ପେଟ ଦରଜ ଆଦି ପ୍ରତିକ୍ରିୟା ଦେଖାଯାଏ। ଏହି ସମୟରେ ସନ୍ତୁଳିତ ଖାଦ୍ୟ ଖାଇବା ଆବଶ୍ୟକ। ମସଲା ଜାତୀୟ ଖାଦ୍ୟ ଓ ମଦ୍ୟପାନରୁ ଦୂରେଇ ରହି ଦିନକୁ ସଠିକ ମାତ୍ରାର ପାଣି ପିଇ ପାରିବେ।






# ପରାଜୟରୁ ବର୍ତ୍ତି ପ୍ରି-କ୍ୱାର୍ଟରରେ ବେଲ୍‌ଜିୟମ୍

**ସିଆଟଲ,୨୭ (ଏଜେନ୍ସି):**

ସେନେଗାଲର ଉତ୍ସାହୀ ଆକ୍ରମଣରୁ ବର୍ତ୍ତିଯାଇ ବେଲଜିୟମ ଏଠାରେ ଚାଲିଥିବା ଫିଫା ବିଶ୍ୱକପ୍ ଫୁଟବଲ ପ୍ରତିଯୋଗିତାର ରାଉଣ୍ଡ ଅଫ୍ ୧୬ ବା ପ୍ରି-କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ବୁଧବାର ରାତିରେ ଖେଳାଯାଇଥିବା ମ୍ୟାଚ୍‌ରେ ୨-୦ ଗୋଲରେ ପଛୁଆଥାଇ ମଧ୍ୟ ଅତିରିକ୍ତ ସମୟ ଗୋଲରେ ବେଲଜିୟମ ୩-୨ ଗୋଲରେ ସେନେଗାଲକୁ ପରାସ୍ତ କରିଥିଲା। ବିଜୟୀ ଦଳ ପକ୍ଷରୁ ଦୁଇ ବଦଳ ଖେଳାଳି ୟୁରୀ ଟିଏଲମାନ୍ସ ୨ଟି ଓ ରୋମେଲୁ ଲୁକାକୁ ଗୋଟିଏ ଗୋଲଦେଇ ଦଳକୁ ଅପ୍ରତ୍ୟାଶିତ ବିଜୟ ପ୍ରଦାନ କରିଥିଲେ। ଭାରତୀୟ ସମୟ ଅନୁଯାୟୀ ବୁଧବାର ସକାଳେ ଏଠାରେ ଖେଳାଯିବାକୁ ଥିବା ପ୍ରି-କ୍ୱାର୍ଟର ଫାଇନାଲରେ ବେଲଜିୟମ ସହ ଯୁଗ୍ମ ଆୟୋଜକ ଯୁକ୍ତରାଷ୍ଟ୍ର ଆମେରିକାର ମୁକାବିଲା ହେବ। ଅନ୍ୟ ଏକ ରାଉଣ୍ଡ-୩୨ ମୁକାବିଲାରେ ୧୦ଜଣ ଖେଳାଳିଙ୍କୁ ନେଇ ଖେଳିଥିବା ଆମେରିକା ୨-୦ ଗୋଲରେ ବୋସ୍‌ନିଆ ହର୍ଜଗୋଭିନାକୁ ପରାସ୍ତ କରିଛି। ଆମେରିକା ପକ୍ଷରୁ ଫ୍ଲୋରିଆନ୍ ବାଲୋଗୁନ୍ ଓ ମଲିକ ଟିଲମାନ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ।

ସିଆଟଲ ଷ୍ଟାଡିୟମ୍‌ରେ ଖେଳାଯାଇଥିବା ମ୍ୟାଚ୍‌ରେ ଆରମ୍ଭରୁ ଦମ୍‌ର ସହ ଖେଳିଥିବା ସେନେଗାଲ ଡବଲ ଗୋଲ ଦେଇ ବେଲଜିୟମକୁ ବ୍ୟାକ୍‌ଫୁଟ୍‌କୁ ଠେଲିଦେଇଥିଲା। ଫଳରେ ସମଗ୍ର ମ୍ୟାଚ୍‌ଟି ଦଳର ନିୟନ୍ତ୍ରଣରେ ରହିଥିଲା। ଖେଳର ୨୫ତମ ମିନିଟ୍‌ରେ ହବିବ ଦିଆରା ଓ ଦ୍ୱିତୀୟାର୍ଦ୍ଧ ଖେଳ ଆରମ୍ଭରୁ ୬ଷ୍ଠ ମିନିଟ୍‌ରେ ଚଳିତ ବିଶ୍ୱକପ୍‌ର ଅନ୍ୟତମ ଶ୍ରେଷ୍ଠ ଗୋଲ ଦେଇ ଇସ୍‌ମାଇଲା ସର୍ ସେନେଗାଲ୍‌କୁ ୨-୦ରେ ଅଗ୍ରଣୀ ଦେଇଥିଲେ। ବେଲଜିୟମର ଭେଟେରାନ ଗୋଲରକ୍ଷକ ଥିବାଉଟ୍ କୋର୍ଟୋଇସ୍ ଗୋଲ ସେଭ୍ କରିବାରେ ଅସଫଳ ହୋଇଥିଲେ। କିନ୍ତୁ ସେ ସେନେଗାଲର ଏକାଧିକ ଆକ୍ରମଣକୁ ପ୍ରତିହତ କରି ଦଳକୁ ଅଧିକ ଗୋଲ ବରଣ କରିବାକୁ ଦେଇ ନ ଥିଲେ।



ଖେଳ ହାତଛଡ଼ା ହେଉଥିବା ଦେଖି ବେଲଜିୟମ୍ ହେଡ୍ କୋଚ୍ ଭେଟେରାନ ଖେଳାଳି ରୋମେଲୁ ଲୁକାକୁଙ୍କୁ ଖେଳିବାକୁ ସୁଯୋଗ ଦେଇଥିଲେ। ପରାଜୟ ଆଶଙ୍କାରେ ନିରାଶ ହୋଇପଡ଼ିଥିବା ବେଲଜିୟମ ଟିମ୍ ହଠାତ୍ ଲୁକାକୁଙ୍କ ଉପସ୍ଥିତିରେ ବଳଶାଳୀ ହୋଇପଡ଼ିଥିଲା। ଆକ୍ରମଣ ଓ ପ୍ରତ୍ୟାକ୍ରମଣ ମଧ୍ୟରେ ଖେଳର ୮୬ତମ ମିନିଟ୍‌ରେ ଲୁକାକୁ ଗୋଲ ସ୍କୋର କରି ବେଲଜିୟମ୍ ଖେଳାଳିଙ୍କ ମନରେ ମ୍ୟାଚ୍‌କୁ ଫେରିବାର ଆଶା ସଞ୍ଚାର କରିଥିଲେ। ଏହି ସମୟରେ ସେନେଗାଲ ଡିଫେନ୍‌ସର ତ୍ରୁଟିରୁ ଫାଇଦା ଉଠାଇ ମାତ୍ର ୩ ମିନିଟ୍ ମଧ୍ୟରେ ୟୁରି ଟିଏଲେମାନ୍ସ ଚମତ୍କାର ଗୋଲ ଦେଇ ଖେଳକୁ ସମାନସ୍ତରକୁ ନେଇଆସିଥିଲେ। ଫଳରେ ଖେଳ ଅତିରିକ୍ତ ସମୟକୁ ଯାଇଥିଲା। ଅତିରିକ୍ତି ସମୟରେ ଉଭୟ ଦଳ କ୍ଲାନ୍ତ ହୋଇପଡ଼ିଥିବା ପ୍ରମୁଖ ଖେଳାଳିଙ୍କୁ ବାଦ୍ ଦେଇ ଖେଳିଥିଲା। ଖେଳ ସମାନସ୍ତରରେ ଶେଷ ହେବାକୁ ଯାଉଥିଲାବେଳେ ଗୋଟିଏ ଭୁଲ ଚାଲ ସେନେଗାଲ୍‌କୁ ପରାଜୟର ରାସ୍ତା ଦେଖାଇଥିଲା। ଖେଳର ୧୧୭ତମ ମିନିଟ୍‌ରେ ବେଲଜିୟମର ଟିଏଲେମାନ୍ସଙ୍କୁ ସେନେଗାଲ ପେନାଲ୍ଟି ବକ୍ସ ମଧ୍ୟରେ ଲାମିନେ କାମାରା ଫାଉଲ ମାରିଥିବା ଭିଏଆର୍ (ଭିଡିଓ ଆସିଷ୍ଟାଣ୍ଟ ରେଫରି)ଙ୍କ ନିଷ୍ପତ୍ତିରୁ ଜଣାଯାଇଥିଲା। ଫଳରେ ବେଲଜିୟମକୁ ପେନାଲ୍ଟି ମିଳିଥିଲା ଓ ମିଡଫିଲ୍ଡର ଟିଏଲେମାନ୍ସ ଅତ୍ୟନ୍ତ ଥଣ୍ଡା ମିଜାଜରେ ଏହି ଗୋଲ ସ୍କୋର କରି ସେନେଗାଲର ଆଶାକୁ ଧୂଳିସାତ କରିଦେଇଥିଲେ। ନକ୍‌ଆଉଟ ମୁକାବିଲାରେ ୨ଟି ଗୋଲ ପଛରେ ଥାଇ ମ୍ୟାଚ୍ ଜିତିବାରେ ବିଶ୍ୱକପ୍‌ରେ ଏହା ଦ୍ୱିତୀୟ ଘଟଣା। ପ୍ରଥମଥର ବେଲଜିୟମ ମଧ୍ୟ ଏହା କରିଥିଲା। ୨୦୧୮ ବିଶ୍ୱକପ୍‌ରେ ଜାପାନ ୨-୦ରେ ଆଗୁଆ ଥିଲେ ମଧ୍ୟ ୩-୨ ଗୋଲରେ ବେଲଜିୟମ ବିଜୟୀ ହୋଇଥିଲା।

## ଗୋଟିଏ ମ୍ୟାଚ୍‌ରେ ଗୋଲ୍ ଓ ରେଡ୍ କାର୍ଡ

**ସାନ୍‌ଫ୍ରାନ୍‌ସିସ୍କୋ, ୨୭ (ଏଜେନ୍ସି):** ଏଠାରେ ଆଜି ସକାଳେ ଖେଳାଯାଇଥିବା ବୋସନିଆ ହର୍ଜଗୋଭିନା ବିପକ୍ଷ ମ୍ୟାଚ୍‌ରେ ଆମେରିକାର ଫରୱାର୍ଡ ଖେଳାଳି ଫୋଲାରିନ୍ ବାଲୋଗାନ୍ ଗୋଟିଏ ଗୋଲ ସ୍କୋର କରିବା ପରେ ରେଡ୍‌କାର୍ଡ ପାଇଛନ୍ତି।

**ବାଲୋଗୁନ୍ ଦ୍ୱିତୀୟ ଖେଳାଳି**

ଫିଫା ବିଶ୍ୱକପ୍ ଇତିହାସରେ ଏପରି ଘଟଣା ଦ୍ୱିତୀୟଥର ଦେଖିବାକୁ ମିଳିଛି। ପୂର୍ବରୁ ୨୦୦୬ ଫିଫା ବିଶ୍ୱକପ୍‌ର ଇଟାଲୀ ବିପକ୍ଷ ଫାଇନାଲ ମୁକାବିଲାରେ ଫ୍ରାନ୍ସର ଜିନେଡାଇନ୍ ଜିଡାନ୍ ପ୍ରଥମ ଖେଳାଳି ଭାବେ ଗୋଲ ଦେବା ପରେ ରେଡ୍‌କାର୍ଡ ପାଇଥିଲେ। ଜିଡାନ ପ୍ରତିପକ୍ଷ ଇଟାଲୀର ଡିଫେଣ୍ଡର ମାର୍କୋ ମାଟେରାଜିଙ୍କ ପେଟରେ ମୁଣ୍ଡିଆ ମାରି ରେଡ୍‌କାର୍ଡ ପାଇଥିଲେ। କିନ୍ତୁ ବୋସ୍‌ନିଆ ବିପକ୍ଷ ମ୍ୟାଚ୍‌ରେ ବାଲୋଗୁନ୍ ଫାଉଲ ମାରିଛନ୍ତି କି ନାହିଁ ଜାଣିବା ଲାଗି ଭିଏଆରର ସହାୟତା ନିଆଯାଇଥିଲା। ଏହା ପରେ ଯାଇ ତାଙ୍କୁ ରେଡ୍‌କାର୍ଡ ମିଳିଥିଲା। ରେଡ୍‌କାର୍ଡ ପାଇଥିଲେ ମଧ୍ୟ ତାଙ୍କ ଦଳ ଆମେରିକା ଏହି ମ୍ୟାଚ୍‌ରେ ବିଜୟୀ ହୋଇଥିଲା। କିନ୍ତୁ ୨୦୦୬ ଫାଇନାଲରେ ଇଟାଲୀ ନିକଟରୁ ଫ୍ରାନ୍ସ ୫-୩ ପେନାଲ୍ଟି ସୁଟ୍‌ଆଉଟରେ ହାରିଥିଲା।

## କେନ୍‌ଙ୍କ ଆଉ ଏକ ରେକର୍ଡ

**ଆଟଲାଣ୍ଟା, ୨୭ (ଏଜେନ୍ସି):** ହ୍ୟାରୀ କେନ୍‌ଙ୍କ ଡବଲ ଗୋଲ ବଳରେ ଏଠାରେ ବୁଧବାର ରାତିରେ ଖେଳାଯାଇଥିବା ଫିଫା ବିଶ୍ୱକପ୍ ରାଉଣ୍ଡ-୩୨ର ଏକ ମୁକାବିଲାରେ ଇଂଲଣ୍ଡ ୨-୧ ଗୋଲରେ କଙ୍ଗୋକୁ ପରାସ୍ତ କରିଛି। ଏହା ଫଳରେ ମେକ୍ସିକୋ ସହ ପ୍ରି-କ୍ୱାର୍ଟର ଫାଇନାଲ ଖେଳିବାକୁ ଇଂଲଣ୍ଡ ଯୋଗ୍ୟତା ଅର୍ଜନ କରିଛି। ଏହି ମ୍ୟାଚ୍‌ରେ ଡବଲ ଗୋଲ ଦେଇଥିବା ହ୍ୟାରୀ କେନ୍ ଉଭୟ ବିଶ୍ୱକପ୍ ଓ ୟୁରୋକପ୍‌ରେ ୨୦ଟି ଗୋଲ ଦେଇ ଏହି ତାଲିକାରେ ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛନ୍ତି। ତାଙ୍କଠାରୁ ଅଧିକ ୨୪ଟି ଗୋଲ କେବଳ ପର୍ତ୍ତୁଗାଲ ସୁପରଷ୍ଟାର କ୍ରିଷ୍ଟିଆନୋ ରୋନାଲ୍ଡୋ ସ୍କୋର କରିଛନ୍ତି। ଏହି ଡବଲ ଗୋଲକୁ ମିଶାଇଲେ କେନ୍ ଫିଫା ବିଶ୍ୱକପ୍‌ରେ ୧୩ଟି ଓ ୟୁରୋକପ୍‌ରେ ୭ଟି ଗୋଲ ଦେଇଛନ୍ତି। ଉଭୟ ଟୁର୍ଣ୍ଣାମେଣ୍ଟର ନକ୍‌ଆଉଟ୍‌ରେ କେନ୍‌ଙ୍କ ଗୋଲସଂଖ୍ୟା ୧୦ରେ ପହଞ୍ଚିଛି। ରୋନାଲ୍ଡୋ ବିଶ୍ୱକପ୍‌ରେ ୧୦ଟି ଓ ୟୁରୋକପ୍‌ରେ ୧୪ଟି ଗୋଲ ସ୍କୋର କରିଛନ୍ତି। ବିଶ୍ୱକପ୍‌ରେ ୧୩ଟି ଗୋଲ ଦେଇ କେନ୍ ବ୍ରାଜିଲର ସୁପରଷ୍ଟାର ପେଲେଙ୍କୁ ଅତିକ୍ରମ କରିଛନ୍ତି।

## ଆମେରିକା ବିଜୟୀ



**ସାନ୍‌ଫ୍ରାନସିସ୍କୋ, ୨୭ (ଏଜେନ୍ସି):** ଖେଳର ଶେଷ ୨୬ ମିନିଟ୍ ୧୦ଜଣ ଖେଳାଳିଙ୍କୁ ନେଇ ଖେଳିଥିବା ଯୁକ୍ତରାଷ୍ଟ୍ର ଆମେରିକା ୨-୦ ଗୋଲରେ ବୋସ୍‌ନିଆ ହର୍ଜଗୋଭିନାଙ୍କୁ ପରାସ୍ତ କରି ପ୍ରି-କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଏହାର ଅର୍ଥ ଆମେରିକା ଫିଫା ବିଶ୍ୱକପ୍‌ରେ ଦ୍ୱିତୀୟଥର ନକ୍‌ଆଉଟ୍ ରାଉଣ୍ଡରେ ବିଜୟୀ ହୋଇଛି। ସାନ୍‌ଫ୍ରାନ୍‌ସିସ୍କୋ ବେ ଏରିଆ ଷ୍ଟାଡିୟମ୍‌ରେ ଗୁରୁବାର ସକାଳେ ଖେଳାଯାଇଥିବା ଏହି ମୁକାବିଲାରେ ଆମେରିକା ପକ୍ଷରୁ ଫୋଲାରିନ୍ ବାଲୋଗାନ୍ ଓ ମଲିକ୍ ଟିଲିମାନ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ଦ୍ୱିତୀୟାର୍ଦ୍ଧ ଖେଳର ୮୪ତମ ମିନିଟ୍‌ରେ ବିବାଦୀୟ ଫାଉଲ ଯୋଗୁଁ ବାଲୋଗୁନ୍‌ଙ୍କୁ ରେଡ୍‌କାର୍ଡ ମିଳିଥିଲା। ୧-୦ ଗୋଲରେ ଆଗୁଆ ରହି ଏବଂ ୧୦ଜଣ ଖେଳାଳିଙ୍କୁ ନେଇ ଖେଳୁଥିବା ଆମେରିକା ପକ୍ଷରୁ ୮୨ତମ ମିନିଟ୍‌ରେ ମଲିକ୍ ଟିଲ୍‌ମାନ ଫ୍ରି-କିକ୍‌ରୁ ଏକ ଚମତ୍କାର ଗୋଲ ଦେଇ ଦଳକୁ ବିଜୟୀ କରାଇଥିଲେ। କିନ୍ତୁ ବାଲୋଗୁନ୍‌ଙ୍କ ରେଡ୍‌କାର୍ଡ ମିଳିବା ଫଳରେ ଦଳ ବେଲଜିୟମ ସହ ରାଉଣ୍ଡ ଅଫ୍ ୧୬ ମୁକାବିଲାରେ ତାଙ୍କୁ ବାଦ୍ ଦେଇ ଖେଳିବ। ବାଲୋଗୁନ୍ ଏହି ଟୁର୍ଣ୍ଣାମେଣ୍ଟରେ ୩ଟି ଗୋଲ ଦେଇସାରିଲେଣି। ବେଲଜିୟମ ସେ ଖେଳିପାରିବେ ନାହିଁ। ଏହି ମ୍ୟାଚ୍‌ରେ ଆମେରିକା ବିଜୟୀ ହେଲେ ପରବର୍ତ୍ତୀ ମ୍ୟାଚ୍ ବା କ୍ୱାର୍ଟର ଫାଇନାଲରେ ବାଲୋଗୁନ୍‌ଙ୍କୁ ଖେଳିବାର ସୁଯୋଗ ମିଳିବ।

୨୦୦୨ରେ ଦ୍ୱିତୀୟ ରାଉଣ୍ଡରେ ପର୍ତ୍ତୁଗାଲ୍‌କୁ ପରାସ୍ତ କରିବା ପରେ ଏଯାଏ ୟୁରୋପୀୟ ଦେଶ ବିପକ୍ଷରେ ୧୩ଟି ବିଶ୍ୱକପ୍ ମ୍ୟାଚ୍ ଖେଳିଥିଲେ ମଧ୍ୟ ଆମେରିକା ବିଜୟୀ ହୋଇ ପାରି ନ ଥିଲା। କିନ୍ତୁ ଘରୋଇ ମାଟିରେ ଖେଳି ଆମେରିକା ଏହି ଧାରାକୁ ଭାଙ୍ଗିଥିଲା। ଏହା ସହ ଆମେରିକା ମାତ୍ର ଦ୍ୱିତୀୟଥର ସକାଶେ ନକ୍‌ଆଉଟ ମୁକାବିଲାରେ ବିଜୟୀ ହୋଇଥିଲା। ୨୦୦୨ରେ ପର୍ତ୍ତୁଗାଲ୍‌କୁ ହରାଇ ପ୍ରଥମଥର ଜିତିଥିଲାବେଳେ ରାଉଣ୍ଡ ରବିନ ଲିଗ୍ ଫର୍ମାଟରେ ଖେଳାଯାଇଥିବା ୧୯୩୦ ବିଶ୍ୱକପ୍‌ରେ ଆମେରିକା ସେମିଫାଇନାଲରେ ପ୍ରବେଶ କରିଥିଲା।

ଅନ୍ୟପକ୍ଷରେ ବୋସନିଆ ଓ ହର୍ଜଗୋଭିନା ପରାଜିତ ହୋଇଥିଲେ ମଧ୍ୟ ସମ୍ମାନର ସହ ବିଦାୟ ନେଇଛି। ଦଳ ଦ୍ୱିତୀୟ ବିଶ୍ୱକପ୍ ପଦାର୍ପଣରେ ପ୍ରଥମଥର ନକ୍‌ଆଉଟରେ ପ୍ରବେଶ କରିଥିଲା। ଏହି ଦଳ ଗୋଟିଏ ପରାଜୟ ପରେ କାନାଡା ସହ ମ୍ୟାଚ୍ ଡ୍ର' କରିବା ଏବଂ କତାରକୁ ଗ୍ରୁପ୍‌ରେ ପରାସ୍ତ କରିଥିଲା।



**ଫିଫା ବିଶ୍ୱକପ୍ 26**

**ରାଉଣ୍ଡ ଅଫ୍ ୩୨ ମୁକାବିଲା**

**ଶୁକ୍ରବାର ରାତି**

ଅଷ୍ଟ୍ରେଲିଆ-ଇଜିପ୍ଟ
ଡଲାସ୍, ରାତି ୧୧.୩୦

ଆର୍ଜେଣ୍ଟିନା-କେପ୍ ଭର୍ଡ
ମିଆମି, ରାତି ୩.୩୦

**ଶନିବାର ସକାଳ**


କଲମ୍ବିଆ-ଘାନା
କାନ୍‌ସାସ୍ ସିଟି, ସକାଳ ୭ଟା

ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫

**■ ଶାହରୁଖ ଖାନ୍‌ଙ୍କ ସ୍ୱପ୍ନ ପୂରଣ**

## ଆମେରିକାରେ ନାଇଟ ରାଇଡର୍ସ ଷ୍ଟାଡିୟମ

**ନୂଆଦିଲ୍ଲୀ, ୨୭ (ଏଜେନ୍ସି):** ଶାହାରୁଖ ଖାନ ଆମେରିକାରେ ତାଙ୍କ ଦଳ ପାଇଁ ଏକ ପାଇଁ ଷ୍ଟାଡିୟମ୍ ଏବେ ସମ୍ପୂର୍ଣ୍ଣ ହୋଇଛି। ଲସ୍ ଆଞ୍ଜେଲସ୍‌ର ପୋମୋନାରେ ଏହି କ୍ରିକେଟ୍ ଷ୍ଟାଡିୟମ ଅବସ୍ଥିତ। ଯାହା ମାତ୍ର ୧୦୦ ଦିନରେ ସମ୍ପୂର୍ଣ୍ଣ ହୋଇଛି। ସ୍ୱତନ୍ତ୍ର ପୂଜା ବିଧି ସହ ଏହି ଷ୍ଟାଡିୟମକୁ ଉଦ୍‌ଘାଟନ କରାଯାଇଥିଲା। ଏହାକୁ ଆମେରିକୀୟ କ୍ରିକେଟ୍ ପାଇଁ ଏକ ପ୍ରମୁଖ ଏବଂ ସକାରାତ୍ମକ ପଦକ୍ଷେପ ଭାବରେ ବିବେଚନା କରାଯାଉଛି।



କ୍ରିକେଟ୍ ଷ୍ଟାଡିୟମ ନିର୍ମାଣ କରିବା ଲାଗି ଯେଉଁ ସ୍ୱପ୍ନ ଦେଖିଥିଲେ ତାହା ଏବେ ପୂରଣ ହୋଇଛି। ଆମେରିକାର ମେଜର ଲିଗ କ୍ରିକେଟ୍ (ଏମସିଏଲ)ରେ ଖେଳୁଥିବା ଶାହରୁଖଙ୍କ ଦଳ ଲସ୍ ଆଞ୍ଜେଲସ୍ ନାଇଟ୍ ରାଇଡର୍ସ ଏହି ଷ୍ଟାଡିୟମରେ ୨୦୨୮ ଅଲିମ୍ପିକ୍ ମ୍ୟାଚ୍ ମଧ୍ୟ ଖେଳାଯିବ ବୋଲି ଜଣାପଡ଼ିଛି। 'ସ୍ୱପ୍ନକୁ ବାସ୍ତବତାରେ ପରିଣତ କରିବାରେ ସହାୟତା କରିଥିବାରୁ ଆଇସିସି ଅଧ୍ୟକ୍ଷ ଜୟ ଶାହଙ୍କୁ ଶାହରୁଖ ଧନ୍ୟବାଦ ଜଣାଇଛନ୍ତି।



୧୦ ବର୍ଷରୁ କମ୍ ଚେସ୍ ବିଶ୍ୱକପ୍‌ରେ କାଂସ୍ୟ ପଦକ ଜିତିଥିବା ଓଡ଼ିଶାର ସାତ୍ୱିକ ସ୍ୱାଇଁଙ୍କୁ ରାଜ୍ୟ କ୍ରୀଡ଼ା ସଚିବ ଭୂପେନ୍ଦ୍ର ସିଂ ପୁନିଆ ସମ୍ବର୍ଦ୍ଧିତ କରୁଛନ୍ତି

**ଏୟାର ଇଣ୍ଡିଆର ବଡ଼ ନିଷ୍ପତ୍ତି**

## କ୍ରୀଡ଼ା ଉପକରଣ ଉପରୁ ହଟାଇଲା ଫି'

**ନୂଆଦିଲ୍ଲୀ, ୨୭ (ଏଜେନ୍ସି):** ଏୟାର ଇଣ୍ଡିଆ ବିମାନ ପକ୍ଷରୁ ଏକ ବଡ଼ ନିଷ୍ପତ୍ତି ନିଆଯାଇଛି। କିଛି ଘରୋଇ ଏବଂ ଅନ୍ତର୍ଜାତୀୟ ବିମାନରେ କ୍ରୀଡା ଉପକରଣ ପାଇଁ ହ୍ୟାଣ୍ଡଲିଂ ଚାର୍ଜ ଛାଡ଼ କରିବାକୁ ଏୟାର ଇଣ୍ଡିଆ ଘୋଷଣା କରିଛି। ଏହି ଛାଡ଼ ଘରୋଇ ଏବଂ ଅନ୍ତର୍ଜାତୀୟ ରୁଟ୍ ଉଭୟରେ ଯୋଗ୍ୟ ଭଡ଼ା ବର୍ଗରେ ପରିବହନ କରାଯାଉଥିବା କ୍ରୀଡା ଉପକରଣ ପାଇଁ ପ୍ରଯୁଜ୍ୟ। ଯେଉଁଥିରେ ଖେଳାଳି ଓ କ୍ରୀଡା ପ୍ରେମୀମାନେ ୨,୦୦୦ ରୁ ୭,୦୦୦ ଟଙ୍କା ପର୍ଯ୍ୟନ୍ତ ସଞ୍ଚୟ ପ୍ରଦାନ କରିବେ। ଏୟାର ଇଣ୍ଡିଆର ଏହି ପଦକ୍ଷେପ ସ୍ୱତନ୍ତ୍ର କ୍ରୀଡା ଉପକରଣ ସହିତ ଯାତ୍ରା କରୁଥିବା ଯାତ୍ରୀମାନଙ୍କ ପାଇଁ ବିମାନ ଯାତ୍ରାକୁ ଅଧିକ ସୁବିଧାଜନକ ଏବଂ ସୁଲଭ କରିବା ପାଇଁ ଉଦ୍ଦିଷ୍ଟ। ଇକୋନୋମି ଫ୍ଲେକ୍ସ, ପ୍ରିମିୟମ୍ ଇକୋନୋମି ଫ୍ଲେକ୍ସ ଏବଂ ସମସ୍ତ ବ୍ୟବସାୟିକ ଶ୍ରେଣୀ ଭଡ଼ାରେ ଏହି ସୁବିଧା ଉପଲବ୍ଧ। ଉଲ୍ଲେଖଯୋଗ୍ୟ, ଅଧିକାଂଶ ଭାରତୀୟ ବିମାନ କମ୍ପାନୀ ବର୍ତ୍ତମାନ କ୍ରୀଡ଼ା ଉପକରଣ ପାଇଁ ପୃଥକ ହ୍ୟାଣ୍ଡଲିଂ ଚାର୍ଜ ଆଦାୟ କରୁଛନ୍ତି। ଏଭଳି ସମୟରେ ଏୟାର ଇଣ୍ଡିଆର ଏହି ନିଷ୍ପତ୍ତିକୁ ସମସ୍ତେ ସ୍ୱାଗତ କରିଛନ୍ତି।

## ବିଡବ୍ଲ୍ୟୁଏଫର ନୂତନ ୩ ଗୁଣା ୧୫ ସ୍କୋରିଂ ପଦ୍ଧତିକୁ ଗ୍ରହଣ କଲା ଭାରତ

**ନୂଆଦିଲ୍ଲୀ, ୨୭ (ଏଜେନ୍ସି):** ଭାରତୀୟ ବ୍ୟାଡମିଣ୍ଟନ ସଂଘ (ବାଇ) ଏକ ବଡ଼ ନିଷ୍ପତ୍ତି ନେଇଛି। ଚଳିତ ଜୁଲାଇରୁ ବାଇ ଏହାର ସମସ୍ତ ଘରୋଇ ପ୍ରତିଯୋଗିତାରେ ବ୍ୟାଡମିଣ୍ଟନ ବିଶ୍ୱ ଫେଡେରେସନ (ବିଡବ୍ଲ୍ୟୁଏଫ୍)ର ନୂତନ ୩ ଗୁଣା ୧୫ ସ୍କୋରିଂ ସିଷ୍ଟମକୁ ପ୍ରଚଳନ କରିବ। ଫଳରେ ଜୁଲାଇ ୭ରୁ ଏର୍ନାକୁଲମରେ ଅନୁଷ୍ଠିତ ଅଲ୍ ଇଣ୍ଡିଆ ସିନିୟର ର୍‌ୟାଙ୍କିଂ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟରୁ ଏହା ଲାଗୁ ହେବ। ନୂତନ ସିଷ୍ଟମ ଅନୁଯାୟୀ, ବ୍ୟାଡମିଣ୍ଟନ ମ୍ୟାଚ୍ ରାଲି-ପଏଣ୍ଟ ସ୍କୋରିଂ ଅଧୀନରେ ତିନୋଟି ଖେଳର ଶ୍ରେଷ୍ଠ ଭାବରେ ଖେଳାଯିବ। ତଥାପି, ପ୍ରତ୍ୟେକ ଖେଳ ଏବେ ୨୧ ପଏଣ୍ଟ ପରିବର୍ତ୍ତେ ୧୫ ପଏଣ୍ଟରେ ଖେଳାଯିବ। ବାଇ ପକ୍ଷରୁ କୁହାଯାଇଛି ଯେ ଜାନୁଆରୀ ୨୦୨୭ରୁ ବିଡବ୍ଲ୍ୟୁଏଫ୍ ବିଶ୍ୱ ସ୍ତରରେ ଏହାକୁ କାର୍ଯ୍ୟକାରୀ କରିବାକୁ ଯୋଜନା କରିଛି। ଏହା ପୂର୍ବରୁ ଭାରତୀୟ ବ୍ୟାଡମିଣ୍ଟନ ଖେଳାଳି, ପ୍ରଶିକ୍ଷକ ଏବଂ ବୈଷୟିକ ଅଧିକାରୀମାନଙ୍କୁ ଛୋଟ ଫର୍ମାଟର କୌଶଳଗତ ଏବଂ ଶାରୀରିକ ଚାହିଦା ସହିତ ଖାପ ଖୁଆଇବାରେ ଏହା ସାହାଯ୍ୟ କରିବ।

## କ୍ରୀଡ଼ାବିତ୍ ଓ କ୍ରୀଡ଼ା ସାମ୍ବାଦିକ ଗୋଟିଏ ମୁଦ୍ରାର ଦୁଇଟି ପାର୍ଶ୍ୱ

**ଭୁବନେଶ୍ୱର, ୨୭ (ସମିସ):**




ଓଡ଼ିଶା କ୍ରୀଡ଼ା ସାମ୍ବାଦିକ ସଂଘ (ଓସ୍‌ଜା) ଆନୁକୂଲ୍ୟରେ କଳିଙ୍ଗ ଷ୍ଟାଡିୟମ୍ ଟେନିସ୍ କେନ୍ଦ୍ର ସମ୍ମିଳନୀ କକ୍ଷରେ ଗୁରୁବାର ବିଶ୍ୱ କ୍ରୀଡ଼ା ସାମ୍ବାଦିକ ଦିବସ ପାଳନ ହୋଇଯାଇଛି। ରାଜ୍ୟ କ୍ରୀଡ଼ା ଓ

**ଓସ୍‌ଜା ପକ୍ଷରୁ ବିଶ୍ୱ କ୍ରୀଡ଼ା ସାମ୍ବାଦିକ ଦିବସ ପାଳିତ**

ଯୁବସେବା ସଚିବ ଭୂପେନ୍ଦ୍ର ସିଂ ପୁନିଆ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଏହି ଅବସରରେ ମୁଖ୍ୟ ଅତିଥି କହିଥିଲେ ଯେ ମାନବିକ ଉତ୍କର୍ଷତା ପାଇଁ କ୍ରୀଡ଼ା ଯେତିକି ଜରୁରୀ କ୍ରୀଡ଼ା ଓ କ୍ରୀଡ଼ାବିତ୍ ବିକାଶରେ କ୍ରୀଡ଼ା ସାମ୍ବାଦିକଙ୍କ ଭୂମିକା ସେତିକି ଗୁରୁତ୍ୱପୂର୍ଣ୍ଣ। କ୍ରୀଡ଼ାବିତ୍ ଓ କ୍ରୀଡ଼ା ସାମ୍ବାଦିକ ପରସ୍ପର ଓତଃପ୍ରୋତ ଭାବେ ଜଡ଼ିତ। ଉଭୟ ଗୋଟିଏ ମୁଦ୍ରାର ଦୁଇଟି ପାଶ୍ୱର୍। 'ଓଡ଼ିଶାରେ ଫୁଟ୍‌ବଲ୍‌ର ସ୍ଥିତି' ସଂପର୍କିତ ଆଲୋଚନାରେ ସାମିଲ ହୋଇ ସମ୍ମାନିତ ଅତିଥି ବିଶିଷ୍ଟ ଫୁଟ୍‌ବଲ୍ ପ୍ରଶିକ୍ଷକ ଶୁଭେନ୍ଦୁ ପଣ୍ଡା କହିଥିଲେ, 'କ୍ରୀଡ଼ା ସାମ୍ବାଦିକତାକୁ ଛାଡ଼ି କ୍ରୀଡ଼ାର ଅସ୍ତିତ୍ୱ ବିବେଚନା କରାଯାଇ ନପାରେ। ସେହିଭଳି ସାମ୍ପ୍ରତିକ ଓଡ଼ିଶା ଫୁଟ୍‌ବଲ୍‌ର ସ୍ଥିତି ବେଶ ଭଲ ରହିଛି। କିନ୍ତୁ ଆମକୁ ଆହୁରି କଠିନ ପରିଶ୍ରମ କରିବାକୁ ହେବ।' ଅନ୍ୟତମ ସମ୍ମାନିତ ଅତିଥି ତଥା ଭାରତୀୟ ଫୁଟ୍‌ବଲ୍ ଦଳର ପୂର୍ବତନ ଅଧିନାୟିକା ଶ୍ରଦ୍ଧାଞ୍ଜଳି ସାମନ୍ତରାୟ ଓ ଅନ୍ତର୍ଜାତୀୟ ଫୁଟ୍‌ବଲ୍ ତାରକା ପ୍ୟାରୀ ଖାଖା ରାଜ୍ୟରେ ମହିଳା ଫୁଟ୍‌ବଲ୍‌ର ବିକାଶ ଉପରେ ସେମାନଙ୍କ ବକ୍ତବ୍ୟ ରଖିଥିଲେ।

ଏହି ଅବସରରେ ଓସ୍‌ଜାର ବାର୍ଷିକ ପତ୍ରିକାକୁ ଅତିଥିମାନେ ଉନ୍ମୋଚନ କରିଥିଲେ। ରାଜ୍ୟ ସୂଚନା କମିଶନର ତଥା ଓସ୍‌ଜାର ପ୍ରତିଷ୍ଠାତା ସମ୍ପାଦକ ସୁଶାନ୍ତ ମହାନ୍ତିଙ୍କୁ କ୍ରୀଡ଼ା ସାମ୍ବାଦିକତା ପ୍ରତି ଉଲ୍ଲେଖନୀୟ ଅବଦାନ ପାଇଁ ସମ୍ବର୍ଦ୍ଧିତ କରାଯାଇଥିଲା। ଓସ୍‌ଜା ସଭାପତି ସନ୍ଦୀପ ମିଶ୍ର, କାର୍ଯ୍ୟକାରୀ ସଭାପତି ସମୀକ୍ଷା ପଟ୍ଟନାୟକ ଓ ସମ୍ପାଦକ ତପନ କୁମାର ସ୍ୱାଇଁ ମଞ୍ଚ ମଣ୍ଡନ କରିଥିଲେ। କୋଷାଧ୍ୟକ୍ଷ ସୁରେଶ ସ୍ୱାଇଁ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅଲିମ୍ପିଆନ୍ ଦୂତୀ ଚାନ୍ଦ, ଅଲିମ୍ପିଆନ ଅନୁରାଧା ବିଶ୍ୱାଳ, ପାରା କ୍ରୀଡ଼ାବିତ୍ ରାଖାଲ ସେଠୀ, ସୁଚିତ୍ରା ପରିଡ଼ା, ଏଭରେଷ୍ଟ ଆରୋହୀ ଗଣେଶ ଜେନା, ପୂର୍ବତନ ରଣଜୀ ଖେଳାଳି ରଶ୍ମିରଞ୍ଜନ ପରିଡ଼ା, ପାରା ଫେନସର ପୂଜାସ୍ୱିନୀ ନାୟକ ଓ କ୍ରିକେଟ୍ ପ୍ରଶିକ୍ଷକ କ୍ଷୀରୋଦ ବେହେରା ପ୍ରମୁଖ ଯୋଗଦେଇଥିଲେ।

## ଦ୍ୱିତୀୟ ରାଉଣ୍ଡରୁ ଫ୍ରେଞ୍ଚ ଓପନ୍ ଚାମ୍ପିଅନ ଆନ୍ଦ୍ରିଭା ବିଦା

**ଲଣ୍ଡନ, ୨୭ (ଏଜେନ୍ସି):** ଚଳିତ ବର୍ଷର ତୃତୀୟ ଗ୍ରାଣ୍ଡସ୍ଲାମ ୱିମ୍ବଲଡନର ମହିଳା ସିଙ୍ଗଲ୍ସରେ ଏକ ବଡ଼ ବିପର୍ଯ୍ୟୟ ଦେଖିବାକୁ ମିଳିଛି। ଗତ ମାସରେ ଫ୍ରେଞ୍ଚ ଓପନ୍‌ରେ ଚାମ୍ପିଅନ ହୋଇଥିବା ରୁଷୀୟ ଟେନିସ ତାରକା ମିରା ଆନ୍ଦ୍ରିଭା ଏଠାରେ ଦ୍ୱିତୀୟ ରାଉଣ୍ଡରୁ ବିଦାୟ ନେଇଛନ୍ତି। ଗତକାଲି ରାତିରେ ଅନୁଷ୍ଠିତ ମ୍ୟାଚରେ ପୂର୍ବତନ ଚାମ୍ପିଅନ ଚେକ ଗଣରାଜ୍ୟର ବାରବୋରା କ୍ରେଜିକୋଭା ୪-୬, ୭-୫, ୬-୪ ସେଟରେ ୫ମ ସିଡ୍ ଆନ୍ଦ୍ରିଭାଙ୍କୁ ହରାଇଛନ୍ତି। ୧୯ ବର୍ଷୀୟା ଆନ୍ଦ୍ରିଭା ପ୍ରଥମ ସେଟକୁ ଜିତିଥିଲେ। ତେବେ କ୍ରେଜିକୋଭା ଦମଦାର ପ୍ରତ୍ୟାବର୍ତ୍ତନ କରି ପରବର୍ତ୍ତୀ ଦୁଇ ସେଟରେ ବିଜୟୀ ହେବା ସହ ମ୍ୟାଚକୁ ହାତେଇ ନେଇଥିଲେ। ଗୁରୁବାର ମହିଳା ବିଭାଗରେ ଖେଳାଯାଇଥିବା ଅନ୍ୟ ମ୍ୟାଚ୍‌ଗୁଡ଼ିକରେ ତୃତୀୟ ସିଡ୍ ଇଗା ସ୍ୱିଆଟେକ, ୧୫ତମ ସିଡ୍ ମାରିଏ ବୌଜକୋଭା, ୨୬ତମ ସିଡ୍ ମାଡିସନ କିଜ୍ ପ୍ରମୁଖ ବିଜୟୀ ହୋଇ ତୃତୀୟ ରାଉଣ୍ଡକୁ ଉନ୍ନୀତ ହୋଇଛନ୍ତି।

**ୱିମ୍ବଲଡନରେ ବଡ଼ ବିପର୍ଯ୍ୟୟ**



### ଜୋକୋଭିଚ୍, ସିନ୍ନରଙ୍କ ସହଜ ବିଜୟ

ଅପରପକ୍ଷରେ ପୁରୁଷ ବିଭାଗରେ ଡିଫେଣ୍ଡିଂ ଚାମ୍ପିଅନ ଜାନିକ ସିନ୍ନର, ୮ମ ସିଡ୍ ଡାନିଲ ମେଡେଭେଡେଭ, ୭ମ ସିଡ୍ ନୋଭାକ ଜୋକୋଭି. ଷଷ୍ଠ ସିଡ୍ ଟେଲର ଫ୍ରିଜ ପ୍ରମୁଖ ଷ୍ଟାର୍ ଖେଳାଳି ଦ୍ୱିତୀୟ ରାଉଣ୍ଡରେ ସହଜ ବିଜୟ ଲାଭ କରିଛନ୍ତି। ଜୋକୋଭିଚ୍ ୬-୩, ୬-୪, ୬-୨ ସିଧାସଳଖ ସେଟରେ ଗ୍ରୀକର ଷ୍ଟିଫାନୋସ ସିତ୍‌ସିପାସଙ୍କୁ, ସିନର ୭-୬ (୭/୪), ୭-୬ (୭/୨), ୬-୪ ସେଟରେ ପର୍ତ୍ତୁଗାଲର ନୁନୋ ବର୍ଗେସଙ୍କୁ ହରାଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS